commonwealth sport
ଅହମ୍ମଦାବାଦରେ
୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା
ପୃଷ୍ଠା ୧୬ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-110 ◆THURSDAY ◆16 OCTOBER 2025 ◆PAGE-16 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୧୧୦ ◆ଗୁରୁବାର ◆୧୬ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୬ ◆ଟ.୬.୦୦


॥ ମାନସ ମଙ୍ଗରାଜ ॥

# ବ୍ୟତିକ୍ରମ

**କର୍ଦ୍ଦମାକ୍ତ ରାଜନୀତି ତାଙ୍କ ବ୍ୟକ୍ତିତ୍ୱକୁ ଛୁଇଁ ପାରିନାହିଁ; ବ୍ୟକ୍ତିଗତ ବିଦ୍ୱେଷ, ପାରସ୍ପରିକ ଆକ୍ଷେପ, କୁତ୍ସାରଟନା ତାଙ୍କ ବ୍ୟକ୍ତିଗତ ଜୀବନକୁ ପ୍ରଭାବିତ କରିବାକୁ ସକ୍ଷମ ହୋଇନାହିଁ। ତାଙ୍କ ମତରେ ରାଜନୀତି ଓ ନୀତି ପରସ୍ପର ଅଙ୍ଗାଙ୍ଗୀ ଜଡ଼ିତ। ନୀତିହୀନ ରାଜନୀତି ସମାଜ ପାଇଁ କ୍ଷତିକାରକ ଓ ବିନା ନୀତିରେ ରାଜନୀତି ମୂଲ୍ୟହୀନ।**

ସେ ରାସ୍ତାକୁ ଓହ୍ଲାଇଲେ ଲୋକଙ୍କ ଥାଟପଟାଳି ଭାଙ୍ଗେ, ହାତ ହଲାଇଦେଲେ ଅୟୁତ ହୃଦୟରେ ଆନନ୍ଦର ପ୍ଲାବନ ଖେଳିଯାଏ। ଆଉ ହସିଦେଲେ ଚିର ସୁଗନ୍ଧିତ ଫୁଲର ବାସ୍ନାରେ ମହକି ଯାଏ କୋଟିକୋଟି ଲୋକଙ୍କ ମନ। ଓଡ଼ିଶା ହେଉଛି ତାଙ୍କର ଜୀବନ, ଓଡ଼ିଶାବାସୀ ହେଉଛନ୍ତି ତାଙ୍କର ପରିବାର, ପ୍ରତ୍ୟେକ ଜୀବନ ତାଙ୍କ ପାଇଁ ମୂଲ୍ୟବାନ। କୋଟିକୋଟି ଓଡ଼ିଆ ପରିବାରର ସେ ଅଘୋଷିତ ମୁରବୀ। କ୍ଷମତାରେ ଥାଆନ୍ତୁ ବା ନ ଥାଆନ୍ତୁ, ଓଡ଼ିଶା ପାଇଁ ତାଙ୍କ ଜୀବନ ଉତ୍ସର୍ଗୀକୃତ ଓ ପ୍ରତି ଓଡ଼ିଆର ବ୍ୟଥା ତାଙ୍କ ପାଇଁ ମର୍ମାନ୍ତିକ। ଦୀର୍ଘ ୨୪ ବର୍ଷ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବରେ ନବୀନ ପଟ୍ଟନାୟକ କେବଳ ଶାସନରେ ରେକର୍ଡ କରି ନାହାନ୍ତି; ଓଡ଼ିଶାକୁ ବିକାଶର ନଭଶ୍ଚୁମ୍ବୀ ଶିଖରରେ ପହଞ୍ଚାଇବାକୁ ସକ୍ଷମ ହୋଇଛନ୍ତି। ତାଙ୍କର ନୀତି ଦେଶରେ 'ନବୀନ ନୀତି' ରୂପେ ପରିଚିତି ପାଇଛି, ତାଙ୍କର ଆଦର୍ଶ ସାରା ଦେଶରେ ପ୍ରଶଂସିତ ହୋଇଛି, ତାଙ୍କର ପ୍ରତ୍ୟେକ କାର୍ଯ୍ୟକ୍ରମ ଅନ୍ୟ ରାଜ୍ୟ ପାଇଁ ଅନୁକରଣୀୟ ହୋଇଛି। ତାଙ୍କର ଯୋଜନା 'ନିତି' ବୈଠକରୁ ଆରମ୍ଭ କରି ଜାତିସଂଘ ପର୍ଯ୍ୟନ୍ତ ଗ୍ରହଣୀୟ ହୋଇଛି। କର୍ଦ୍ଦମାକ୍ତ ରାଜନୀତି ତାଙ୍କ ବ୍ୟକ୍ତିତ୍ୱକୁ ଛୁଇଁ ପାରିନାହିଁ; ବ୍ୟକ୍ତିଗତ ବିଦ୍ୱେଷ, ପାରସ୍ପରିକ ଆକ୍ଷେପ, କୁତ୍ସାରଟନା ତାଙ୍କ ବ୍ୟକ୍ତିଗତ ଜୀବନକୁ ପ୍ରଭାବିତ କରିବାକୁ ସକ୍ଷମ ହୋଇନାହିଁ। ତାଙ୍କ ମତରେ ରାଜନୀତି ଓ ନୀତି ପରସ୍ପର ଅଙ୍ଗାଙ୍ଗୀ ଜଡ଼ିତ। ନୀତିହୀନ ରାଜନୀତି ସମାଜ ପାଇଁ କ୍ଷତିକାରକ ଓ ବିନା ନୀତିରେ ରାଜନୀତି ମୂଲ୍ୟହୀନ। କ୍ଷମତା ହାସଲ ରାଜନୀତିର ଉଦ୍ଦେଶ୍ୟ ନୁହେଁ; ଉଚ୍ଚ ରାଜନୈତିକ ମୂଲ୍ୟବୋଧ ଦ୍ୱାରା ଲୋକଙ୍କ କଲ୍ୟାଣ କରିବା ଏହାର ପ୍ରମୁଖ ଲକ୍ଷ୍ୟ। ମହାତ୍ମା ଗାନ୍ଧୀଙ୍କ ଅହିଂସା, ଗୌତମବୁଦ୍ଧଙ୍କ ଅଷ୍ଟାଙ୍ଗ ମାର୍ଗ, ମହାବୀର ଜୈନଙ୍କ ନିଷ୍କାମ ସାଧନା ଓ ଭୀମଭୋଇଙ୍କ ଜୀବନ ଦର୍ଶନର ଏକ ମିଳିତ ସମ୍ମିଶ୍ରଣ ହେଉଛି ନବୀନଙ୍କ ଜୀବନ। ସେହି ଦୃଷ୍ଟିରୁ ନବୀନ ହେଉଛନ୍ତି ଜଣେ ବ୍ୟତିକ୍ରମ ମୁଖ୍ୟମନ୍ତ୍ରୀ, ଭିନ୍ନ ରାଜନେତା।

ନିରାସକ୍ତି ହେଉଛି ମଣିଷର ସର୍ବୋଚ୍ଚ ଗୁଣ ଓ ଏହା ମଣିଷକୁ ଏକ ମଣିରେ ପରିଣତ କରିପାରେ। ରାଜପଦ ତ୍ୟାଗ କରି ଲୁମ୍ବିନୀ ଓ ବର୍ଦ୍ଧମାନର ଯୁବରାଜ ଯେଉଁ ପଥକୁ ବାଛିଥିଲେ, ତାହା ଥିଲା ସାଧାରଣ ମାନବିକ ପ୍ରକୃତିର ସମ୍ପୂର୍ଣ୍ଣ ବିପରୀତ। ଯୁବରାଜ ଗୌତମ ଉଭୟ ଆସକ୍ତି ତ୍ୟାଗ କରି ନିରାସକ୍ତ ହୋଇଥିଲେ। ଅନୁରୂପ ଭାବରେ ବୁଦ୍ଧ ଓ ମହାବୀରଙ୍କ ପଦାଙ୍କ ଅନୁସରଣ କରି ଏକ ସୁସ୍ଥ, ସ୍ୱଚ୍ଛନ୍ଦ, ସାବଲୀଳ ଜୀବନ ଛାଡ଼ି ଏକ ଆର୍ଥିକ ରୁଗ୍ଣ, ବାତ୍ୟା ବିଧ୍ୱସ୍ତ ରାଜ୍ୟର ଶାସନ ଭାର ନେବାକୁ ଆଗେଇ ଆସିଥିଲେ ନବୀନ ପଟ୍ଟନାୟକ। ସମ୍ଭ୍ରାନ୍ତ ବନ୍ଧୁଙ୍କ ସାନ୍ନିଧ ଛାଡ଼ି ଓଡ଼ିଶାର ଚାଷୀ, ମହିଳା, ଆଦିବାସୀଙ୍କ ସେବା କରିବା ଲାଗି ପଣ କରିଥିଲେ। ଏହାର ଫଳଶ୍ରୁତି ଥିଲା ଅତ୍ୟନ୍ତ ଚମକପ୍ରଦ। ବଦଳି ଯାଇଥିଲା ଦେଶର ସବୁଠୁ ଦୁର୍ବଳ, ଆର୍ଥିକ ରୁଗ୍ଣ, ମହାବାତ୍ୟା ଓ ମହାମାରୀ ପ୍ରବଣ ଓଡ଼ିଶାର କାୟାକଳ୍ପ। ତାଙ୍କ ହାତର କାଉଁରୀ ଛୁଆଁ ଓଡ଼ିଶାର ସଫଳତା ଓ ସୁନାମକୁ ଅନ୍ତର୍ଜାତୀୟସ୍ତରରେ ପହଞ୍ଚାଇବାକୁ ସକ୍ଷମ ହୋଇଥିଲା।



ଓଡ଼ିଆଙ୍କ ବିକାଶ, ସମୃଦ୍ଧ ଓଡ଼ିଶା ଗଠନ ନିମନ୍ତେ ସ୍ୱପ୍ନ ଦେଖୁଥିବା ପ୍ରବାଦପୁରୁଷ ବିଜୁବାବୁଙ୍କ ପଦାଙ୍କ ଅନୁସରଣ କରି ନବୀନ ଆଙ୍କିଥିଲେ ବିକାଶ ନକ୍ସା। ତାଙ୍କର ଦାରିଦ୍ର୍ୟ ଦୂରୀକରଣ, ସାମାଜିକ ସୁରକ୍ଷା, ମହିଳା ଓ କୃଷକଙ୍କ ସଶକ୍ତିକରଣ, ଶିଳ୍ପ ସ୍ଥାପନ, ସ୍ଥାନୀୟ ନିଯୁକ୍ତି କାର୍ଯ୍ୟକ୍ରମ ବଦଳାଇ ଦେଇଥିଲା ଓଡ଼ିଶାର ରୂପରେଖ। ସାଧାରଣ ଗରିବ ରୋଗୀର ଘରୋଇ ଡାକ୍ତରଖାନାରେ ଚିକିତ୍ସା ସ୍ୱପ୍ନକୁ ପୂରଣ କରିଥିଲା 'ବିଏସ୍‌କେୱାଇ'। ରାଜ୍ୟର ୮୦ଲକ୍ଷ ମହିଳାଙ୍କୁ ଆର୍ଥିକ ଓ ସାମାଜିକସ୍ତରରେ ସ୍ୱାବଲମ୍ବୀ କରିଥିବା 'ମିଶନ ଶକ୍ତି' ଦେଶର ଶ୍ରେଷ୍ଠ ମଡେଲ ଭାବରେ ବିବେଚିତ ହୋଇଥିଲା। ଚାଷୀଙ୍କ ଆର୍ଥିକ ମେରୁଦଣ୍ଡକୁ ସୁଦୃଢ଼ କରିଥିଲା 'କାଳିଆ' ଓ 'ବଳରାମ' ପରି ଯୋଜନା।


ପଞ୍ଚାୟତିରାଜ ବ୍ୟବସ୍ଥାରେ ମହିଳାଙ୍କୁ ପ୍ରାଧାନ୍ୟ ଓଡ଼ିଶାକୁ ସାରା ଦେଶରେ ଦେଇଥିଲା ନୂଆ ପରିଚୟ। ସରକାରୀ ସ୍କୁଲ ଛାତ୍ରଛାତ୍ରୀଙ୍କ ପାଇଁ ମେଡିକାଲ ଓ ଇଞ୍ଜିନିୟରିଂ ପାଠ୍ୟକ୍ରମରେ ୧୫% ସଂରକ୍ଷଣ, 'ନୂଆ-ଓ' ଯୋଜନାରେ କଲେଜ ଛାତ୍ରଛାତ୍ରୀଙ୍କୁ ବାର୍ଷିକ ୧୨ ହଜାର ଟଙ୍କା ପର୍ଯ୍ୟନ୍ତ ବୃତ୍ତି ଥିଲା ସମ୍ପୂର୍ଣ୍ଣ ନୂତନ ପଦକ୍ଷେପ। ରୂପାନ୍ତରଣ ଯୋଜନାରେ ରାଜ୍ୟର ଶିକ୍ଷାନୁଷ୍ଠାନ ନୂତନ ରୂପ। ପରିକ୍ରମା ପ୍ରକଳ୍ପ ଶ୍ରୀକ୍ଷେତ୍ର ପୁରୀର ଛବିକୁ ବଦଳାଇ ଦେଇଥିଲା। ରୂପାନ୍ତରଣ ଢାଞ୍ଚାରେ ବଦଳିଥିଲା ମହାପ୍ରଭୁ ଲିଙ୍ଗରାଜ, ତାରାତାରିଣୀ, ସମଲେଶ୍ୱରୀ ସହ ରାଜ୍ୟର ପ୍ରମୁଖ ଧାର୍ମିକ ପୀଠର କାୟାକଳ୍ପ। ସରକାରରେ ସ୍ୱଚ୍ଛତା ସହ ପ୍ରଶାସନକୁ ଦକ୍ଷ କରାଯିବା ନିମନ୍ତେ ଆରମ୍ଭ ହୋଇଥିଲା 'ମୋ ସରକାର'। ସରକାରୀ କାର୍ଯ୍ୟାନ୍ୱୟନ ପଦ୍ଧତିକୁ ସ୍ୱଚ୍ଛ ଓ ଶୃଙ୍ଖଳିତ କରିବା ନିମନ୍ତେ କାର୍ଯ୍ୟକାରୀ ହୋଇଥିଲା '୫-ଟି' ବ୍ୟବସ୍ଥା। ନବୀନଙ୍କ ପଦକ୍ଷେପର ଫଳଶ୍ରୁତି ସ୍ୱରୂପ ଖାଦ୍ୟ ସୁରକ୍ଷା ଯୋଜନାରେ ଓଡ଼ିଶାକୁ ମିଳିଥିଲା ଅନ୍ତର୍ଜାତୀୟ ସମ୍ମାନ। ବିପର୍ଯ୍ୟୟ ପରିଚାଳନାରେ ବିପୁଳ ସଫଳତା ପାଇଁ ମିଳିତ ଜାତିସଂଘ ଦେଇଥିଲା ସ୍ୱୀକୃତି। କ୍ରୀଡ଼ା କ୍ଷେତ୍ରର ରୂପାନ୍ତରଣ ଓ କ୍ରୀଡ଼ା ଆୟୋଜନରେ ସଫଳତା ପାଇଁ ଦେଶର କ୍ରୀଡ଼ା ହବ୍‌ରେ ପରିଣତ ହୋଇଥିଲା ଓଡ଼ିଶା। ଭୋକର ଭୂଗୋଳ ଓଡ଼ିଶା ଦେଶର ୪ର୍ଥ ଶ୍ରେଷ୍ଠ ଚାଉଳ ଯୋଗାଣକାରୀ ଓ ନିଅଣ୍ଟିଆରୁ ରାଜସ୍ୱ ବଳକା ରାଜ୍ୟରେ ପରିଣତ ହୋଇ ପାରିଥିଲା। ଜଳସେଚନ, ଜଳ ଯୋଗାଣ, ସ୍ୱାସ୍ଥ୍ୟସେବାଠାରୁ ଆରମ୍ଭ କରି ସାମାଜିକ କଲ୍ୟାଣ କ୍ଷେତ୍ରରେ ଓଡ଼ିଶା ବିକାଶର ଅଗ୍ରଦୂତ ସାଜିଥିଲା, ସରକାରୀ ସେବା ହୋଇଥିଲା ଲୋକାଭିମୁଖୀ।

ସମାନତା ହେଉଛି ଏକ ରାଜନୈତିକ ମୂଲ୍ୟବୋଧ, ଯାହା ସୁନିଶ୍ଚିତ କରିବା ଶାସନ ମୁଖ୍ୟଙ୍କ ଦାୟିତ୍ୱ। ଜ୍ୟାମିତିକ ସମାନତା ରାଜନୈତିକ ନ୍ୟାୟ ପ୍ରତିଷ୍ଠା କରିବାରେ ସକ୍ଷମ ହୋଇଥାଏ ଓ ସାଧାରଣ ଲୋକଙ୍କ କଲ୍ୟାଣକୁ ସୁନିଶ୍ଚିତ କରିଥାଏ। ଶାସ୍ତ୍ରରେ କୁହାଯାଇଛି, ଯେଉଁଠି ଆଇନ ନ୍ୟାୟସଙ୍ଗତ ନୁହେଁ, ତେବେ ତାହା ଅଦରକାରୀ ଓ ସାଧାରଣ ଲୋକଙ୍କ ପାଇଁ ଅହିତକର। ନବୀନ ଏହାକୁ ବୁଝିଥିଲେ ଓ କାର୍ଯ୍ୟରେ ବି ପରିଣତ କରିଥିଲେ। ସେଇଥିପାଇଁ ନବୀନ ଭିନ୍ନ, ଅନନ୍ୟ ଓ ସ୍ୱତନ୍ତ୍ର। ରାଜନୀତିର ସମୟ ଚକ୍ର ତାଙ୍କୁ ମୁଖ୍ୟମନ୍ତ୍ରୀ ପଦରୁ ପଦଚ୍ୟୁତ କରିଛି ସିନା; ଏବେ ବି ସେ ରାଜ୍ୟର କୋଟିକୋଟି ଲୋକଙ୍କ ହୃଦୟର ମୁଖ୍ୟମନ୍ତ୍ରୀ।

ଆଜି ତାଙ୍କ ଜନ୍ମ ଦିନ। ଏହି ଅବସରରେ ତାଙ୍କୁ ଅୟୁତ ଅୟୁତ ଶୁଭ କାମନା ଜଣାଉଛୁ ଓ ଦୀର୍ଘ ନିରାମୟ ଜୀବନ କାମନା କରୁଛୁ।

**ସାଂସଦ, ରାଜ୍ୟସଭା**



## ଫାଶୀ ବଦଳରେ ବିଷ ଇଞ୍ଜେକ୍ସନ ଦେବାକୁ କେନ୍ଦ୍ରର ନା

ନୂଆଦିଲ୍ଲୀ, ୧୫।୧୦ (ଏଜେନ୍ସି): ମୃତ୍ୟୁଦଣ୍ଡର ଦେବାର ଉପାୟ ବଦଳାଇବାକୁ ନେଇ କେନ୍ଦ୍ର ଦେଇଥିବା ଉତ୍ତର ଉପରେ ସୁପ୍ରିମକୋର୍ଟ ଅସନ୍ତୋଷ ପ୍ରକାଶ କରିଛନ୍ତି। ସମୟ ସହିତ ବହୁତ କିଛି ବଦଳି ଯାଇଛି, କିନ୍ତୁ ସରକାର ଚିନ୍ତାଧାରା ବଦଳାଇବାକୁ ପ୍ରସ୍ତୁତ ନ ଥିବାରୁ ସମସ୍ୟା ହେଉଛି ବୋଲି ଜଷ୍ଟିସ ବିକ୍ରମ ନାଥ ଏବଂ ସନ୍ଦୀପ ମେହେଟାଙ୍କ ଖଣ୍ଡପୀଠ କହିଛନ୍ତି। ଏହା ପୂର୍ବରୁ ମୃତ୍ୟୁଦଣ୍ଡ ପାଇଥିବା ଦୋଷୀଙ୍କୁ ଫାଶୀ ବଦଳରେ ଘାତକ ବିଷ ଇଞ୍ଜେକ୍ସନ ଦେବାକୁ କେନ୍ଦ୍ର ମନା କରିଦେଇଥିଲା। ଏଭଳି ବିକଳ୍ପ ଦେବା ବ୍ୟବହାରିକ ଦୃଷ୍ଟିରୁ ସମ୍ଭବ ନୁହେଁ ବୋଲି ସତ୍ୟପାଠରେ କୁହାଯାଇଥିଲା। ଏକ ଜନସ୍ୱାର୍ଥ ଆବେଦନରେ ଓକିଲ ଋଷି ମଲ୍‌ହୋତ୍ରା ଏହି ବିକଳ୍ପ ଦାବି କରିଥିଲେ। ଦୋଷୀଙ୍କୁ ଫାଶୀ କିମ୍ବା ବିଷ ଇଞ୍ଜେକ୍ସନର ଚୟନ କରିବାର ସୁଯୋଗ ଦେବାକୁ କହିଥିଲେ। ଇଞ୍ଜେକ୍ସନକୁ ସେ ଦ୍ରୁତ, ମାନବୀୟ ଏବଂ ସମ୍ମାନଜନକ କହିଥିଲେ। ଏହା ଉପରେ ଖଣ୍ଡପୀଠ କହିଥିଲେ ଯେ ଫାଶୀ ବହୁତ ପୁରୁଣା ପ୍ରକ୍ରିୟା। ସମୟ ସହିତ ବହୁତ କିଛି ବଦଳି ଯାଇଛି। କିନ୍ତୁ ସରକାର ଏହା ଚାହୁଁନାହାନ୍ତି।

### ପ୍ରଧାନମନ୍ତ୍ରୀଙ୍କୁ ଭେଟିଲେ ମଙ୍ଗୋଲିଆ ରାଷ୍ଟ୍ରପତି

## ଦୁଇ ଦେଶ ମଧ୍ୟରେ ୧୦ ଚୁକ୍ତି ସ୍ୱାକ୍ଷରିତ

ନୂଆଦିଲ୍ଲୀ, ୧୫ ।୧୦(ଏଜେନ୍ସି): ମଙ୍ଗୋଲିଆର ରାଷ୍ଟ୍ରପତି ଖୁରେଲସୁଖ ଉଖନା ମଙ୍ଗଳବାର ନୂଆଦିଲ୍ଲୀରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଭେଟିଛନ୍ତି। ଦୁଇ ଦେଶ ମଧ୍ୟରେ ୟୁରାଇନିୟମ ସପ୍ଲାଇ ସମେତ ୧୫ ହଜାର କୋଟି ଟଙ୍କାର ଅଏଲ ରିଫାଇନାରୀ ଓ ପ୍ରତିରକ୍ଷା ସହଯୋଗ ବୃଦ୍ଧି ନେଇ ବୁଝାମଣା ସ୍ୱାକ୍ଷରିତ ହୋଇଛି। ଏଥିସହ ତମ୍ବା, ୟୁରାନିୟମ, କୁକିଂ କୋଇଲା ଭଳି ଧାତୁର ସପ୍ଲାଇ ଚେନ୍‌କୁ ଆହୁରି ଦୃଢ଼ କରିବାକୁ ଦୁଇ ନେତାଙ୍କ ମଧ୍ୟରେ ଆଲୋଚନା ହୋଇଛି। ଦୁଇ ଦେଶ ମଧ୍ୟରେ ୧୦ଟି ଚୁକ୍ତି ସ୍ୱାକ୍ଷରିତ ହୋଇଛି। ଭାରତ ୨୦୨୬ରେ ଗୌତମ ବୁଦ୍ଧଙ୍କ ଦୁଇଜଣ ଶିଷ୍ୟ ଅରାହତ ସାରିପୁତ ଓ ଅରାହତ ମହା ମୋଗାଲାନାଙ୍କ ପବିତ୍ର ଅବଶେଷ ମଙ୍ଗୋଲିଆ ପଠାଇବ। ଭାରତ ଓ ମଙ୍ଗୋଲିଆ ୧୦ ବର୍ଷ ତଳେ ରାଣନୈତିକ ବନ୍ଧୁତ୍ୱ ସ୍ଥାପନ କରିଥିଲେ। ଏବେ ଦୁଇ ଦେଶ ମଧ୍ୟରେ ପ୍ରତିରକ୍ଷା ଓ ସୁରକ୍ଷା ନେଇ ସହଯୋଗ ବୃଦ୍ଧି ପାଇଛି। ମଙ୍ଗୋଲିଆର ଗାନଦାନ ମଠକୁ ଭାରତ ଜଣେ ସଂସ୍କୃତ ଶିକ୍ଷକଙ୍କୁ ମଧ୍ୟ ପଠାଇବ। ମଙ୍ଗୋଲିଆର ବିକାଶରେ ଭାରତ ଜଣେ ଦୃଢ଼ ଓ ବିଶ୍ୱସନୀୟ ବନ୍ଧୁର ଦାୟିତ୍ୱ ବହନ କରିବ ବୋଲି ମୋଦୀ କହିଛନ୍ତି। ଆମର ପଡୋଶୀ ହୋଇ ନଥିଲେ ମଧ୍ୟ ମଙ୍ଗୋଲିଆକୁ ଆମେ ନିକଟତମ ବନ୍ଧୁ ବୋଲି ବିବେଚନା କରୁ। ଦୁଇ ଦେଶ ସାଥି ହୋଇ ଗ୍ଲୋବାଲ୍ ସାଉଥ୍‌ର ସ୍ୱରକୁ ଆହୁରି ମଜବୁତ କରିବୁ ବୋଲି ସେ କହିଛନ୍ତି।

## ଦିଲ୍ଲୀରେ ସବୁଜ ବାଣକୁ ସୁପ୍ରିମକୋର୍ଟଙ୍କ ଅନୁମତି

ନୂଆଦିଲ୍ଲୀ, ୧୫ ।୧୦(ଏଜେନ୍ସି): ସୁପ୍ରିମକୋର୍ଟ ବୁଧବାର ଦିଲ୍ଲୀ-ଏନସିଆରରେ ସବୁଜ ବାଣ ବିକ୍ରି କରିବା ଓ ଫୁଟାଇବାକୁ ଅନୁମତି ଦେଇଛନ୍ତି। ତେବେ ଏହି ଅନୁମତି ଅକ୍ଟୋବର ୧୮ରୁ ୨୧ ତାରିଖ ପର୍ଯ୍ୟନ୍ତ ଲାଗୁ ହେବ ବୋଲି କୋର୍ଟ ସ୍ପଷ୍ଟ କରିଛନ୍ତି। ଲୋକ ସକାଳ ୬ରୁ ୭ଟା ଓ ସନ୍ଧ୍ୟା। ୮ରୁ ୧୦ଟା ମଧ୍ୟରେ ଅର୍ଥାତ ମୋଟ ଉପରେ ୩ ଘଣ୍ଟା ଏହି ସବୁଜ ବାଣ ଫୁଟାଇପାରିବେ ବୋଲି ମୁଖ୍ୟ ବିଚାରପତି (ସିଜେଆଇ) ବିଆର ଗଭାଇ ଓ ଜଷ୍ଟିସ ବିନୋଦ ଚନ୍ଦ୍ରଙ୍କ ଖଣ୍ଡପୀଠ କେତୋଟି ସର୍ତ୍ତ ସହ ଏହି ନିର୍ଦ୍ଦେଶ ଦେଇଛନ୍ତି। ଏହି କ୍ରମରେ ସୁପ୍ରିମକୋର୍ଟ ୫ଟି ସର୍ତ୍ତ ରଖିଛନ୍ତି। ଆମକୁ ସନ୍ତୁଳନ ରକ୍ଷା କରିବାକୁ ହେବ, କିନ୍ତୁ ପର୍ଯ୍ୟାବରଣକୁ ନେଇ କୌଣସି ପ୍ରକାର ବୁଝାମଣା କରାଯିବ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି। ଦୀପାବଳି, ଗୁରୁପର୍ବ ଓ ଖ୍ରୀଷ୍ଟମାସ ଭଳି କେତୋଟି ପର୍ବରେ ଦିଲ୍ଲୀ-ଏନ୍‌ସିଆରର ରାଜ୍ୟ ଓ କେନ୍ଦ୍ର ତରଫରୁ ସିଲିସିଟର ଜେନେରାଲ ତୁଷାର ମେହେଟା ସୁପ୍ରିମକୋର୍ଟଙ୍କଠାରୁ ବାଣ ଫୁଟାଇବା ପାଇଁ ଅନୁମତି ମାଗିଥିଲେ। ସୁପ୍ରିମକୋର୍ଟ ଅକ୍ଟୋବର ୧୦ରେ ସବୁଜ ବାଣର ତିଆରି ଓ ବିକ୍ରି ପାଇଁ ଅନୁମତିର ଆବେଦନ ନେଇ ନିଜର ରାୟ ସୁରକ୍ଷିତ ରଖିଥିଲେ। ସବୁଜ ବାଣ ଫୁଟାଇବାକୁ ଅନୁମତି ଦେଇଥିବାରୁ ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତ ସୁପ୍ରିମକୋର୍ଟଙ୍କୁ କୃତଜ୍ଞତା ଜଣାଇଛନ୍ତି।

## ପତ୍ନୀ ହତ୍ୟାକାରୀ ଡାକ୍ତର ୬ ମାସ ପରେ ଗିରଫ

ବେଙ୍ଗାଲୁରୁ, ୧୫ ।୧୦(ଏଜେନ୍ସି): ଡାକ୍ତରାଣୀ ପତ୍ନୀଙ୍କୁ ହତ୍ୟା କରିବାର ୬ ମାସ ପରେ ଗିରଫ ହୋଇଛନ୍ତି ବେଙ୍ଗାଲୁରୁର ଜଣେ ଡାକ୍ତର। ଜେନେରାଲ ସର୍ଜନ ଭାବେ ଏକ ହସ୍ପିଟାଲରେ କାର୍ଯ୍ୟ କରୁଥିବା ମହେନ୍ଦ୍ର ରେଡ୍ଡୀ ପୂର୍ବ ବେଙ୍ଗାଲୁରୁସ୍ଥିତ ନିଜ ଘରେ ପତ୍ନୀ କୃତିକା ରେଡ୍ଡୀଙ୍କୁ ଆନାସଥେସିଆ ଔଷଧ ଓଭରଡୋଜ ଦେଇ ଏହି କାଣ୍ଡ ଘଟାଇଛନ୍ତି। ଗତ ଏପ୍ରିଲ ୨୧ରେ ଏହି ଘଟଣା ଘଟିଥିଲା। କୃତିକା ଡର୍ମିଟୋଲିଜଷ୍ଟ ଭାବେ କାର୍ଯ୍ୟ କରିଛନ୍ତି। ଦୁହେଁ ଭିକ୍ଟୋରିଆ ହସ୍ପିଟାଲରେ ନିୟୋଜିତ ରହିଥିଲେ। ଓଭରଡୋଜ ନେବା ପରେ ସେ ଅସୁସ୍ଥ ଅନୁଭବ କରିଥିଲେ। ମହେନ୍ଦ୍ର ତାଙ୍କୁ ହସ୍ପିଟାଲ ନେଇଥିଲେ ମଧ୍ୟ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏହା ଅସ୍ୱାଭିକ ମୃତ୍ୟୁ ଥିଲା ବୋଲି ମରାଠହାଲି ଥାନାରେ ମାମଲା ରୁଜୁ ହୋଇଥିଲା। ଗତବର୍ଷ ମେ ୨୬ରେ ଦୁହେଁ ବିବାହ କରିଥିଲେ। ମହେନ୍ଦ୍ରଙ୍କ ଘରେ ତଲାସ କରାଯାଉଥିବା ବେଳେ କାନୁଲାଟ ସେଟ୍, ଇଞ୍ଜେକସନ ଟ୍ୟୁବ ଓ ଅନ୍ୟ ମେଡିକାଲ ଉପକରଣ ଜବତ କରାଯାଇଥିଲା। ଫରେନସିକ ଆନାଲିସିସ ପାଇଁ ଏହି ମେଡିକାଲ ଉପକରଣଗୁଡିକୁ ତଦନ୍ତକାରୀ ଦଳକୁ ଦିଆଯାଇଥିଲା। ଏଥିରୁ ପ୍ରେପୋଫୋଲ ନାମକ ଏକ ଆନାସ୍ଥାସିଆ ଔଷଧ ମିଳିଥିଲା। ଫଳରେ ତଦନ୍ତକାରୀ ଦଳର ସନ୍ଦେହ ସୃଷ୍ଟି ହୋଇଥିଲା। ଏହାକୁ ଭିତ୍ତିକରି ପୀଡିତାଙ୍କ ପିତା ଅକ୍ଟୋବର ୧୩ରେ ଅଭିଯୋଗ କରିଥିଲେ। ଏହି ଔଷଧ ବ୍ୟବହାର କରି ଜ୍ୱାଇଁ ଝିଅକୁ ହତ୍ୟା କରିଛନ୍ତି ବୋଲି ସେ ଉଲ୍ଲେଖ କରିଥିଲେ। ଏହାପରେ ମରାଠାହାଲି ପୁଲିସ ମହେନ୍ଦ୍ରଙ୍କୁ ଗିରଫ କରିଛି।

## ଗୁଇନ୍ଦାଗିରି ଅଭିଯୋଗରେ ୮ ଜଣଙ୍କୁ ହତ୍ୟାକଲା ହମାସ୍

ତେଲ ଅଭିଭ୍/ ଗାଜା, ୧୫ ।୧୦(ଏଜେନ୍ସି): ଗାଜାରେ ହମାସ ୮ ଜଣ ଲୋକଙ୍କୁ ସଡ଼କରେ ହିଁ ସ୍ପଷ୍ଟ ଦିବାଲୋକରେ ଗୁଳିମାରି ହତ୍ୟା କରିଛି। ହାମାସ ଏମାନଙ୍କୁ ଇସ୍ରାଏଲର ଗୁପ୍ତଚର ବୋଲି ଅଭିହିତ କରିଥିଲା। ଏହାର ଭିଡିଓ ଭାଇରାଲ ହୋଇଛି। ଏଥିରେ ୮ ଜଣ ଲୋକଙ୍କ ଆଖିରେ ପଟି ବାନ୍ଧି ସଡ଼କ ଉପରେ ବସାଇ ହାମାସର ଯୋଦ୍ଧାମାନେ ଏମାନଙ୍କୁ ଗୁଳି ମାରିଥିଲେ। ଏତିକି ବେଳେ କିଛି ଲୋକ 'ଅଲ୍ଲା ହୁ ଆକବର' ଉଚ୍ଚାରଣ କରୁଥିବାର ଦେଖାଯାଇଛି। ଅସ୍ତ୍ରବିରତି ପରେ ଇସ୍ରାଏଲ ସେନା ଗାଜାରୁ ପଛକୁ ହଟିବା ପରେ ହମାସ ତାର ଶକ୍ତିବୃଦ୍ଧି କରିବାକୁ ପ୍ରୟାସ ଜାରି ରଖିଛି। ଇସ୍ରାଏଲ ଅଧିକୃତ ଅଞ୍ଚଳରେ ଯେଉଁ ଲୋକ ଓ ଗୋଷ୍ଠୀ ଶକ୍ତିଶଳୀ ହୋଇ ଉଠିଥିଲେ, ସେମାନଙ୍କୁ ହମାସ ଟାର୍ଗେଟ କରି ଆକ୍ରମଣ କରୁଛି। ଏହି ଗୋଷ୍ଠୀର ଲୋକମାନେ ରିଲିଫ ସାମଗ୍ରୀ ଲୁଟ୍ କରିବା ସହ ବିକ୍ରି କରୁଥିଲେ ଓ ଏହା ଦ୍ୱାରା ଗାଜାରେ ଦୁର୍ଭିକ୍ଷ ତଥା ଖାଦ୍ୟାଭାବ କାରଣରୁ ବହୁ ଲୋକ ମୃତ୍ୟୁବରଣ କରିଥିଲେ। ତେବେ ଏହି ହତ୍ୟା ଘଟଣାକୁ ପାଲେଷ୍ଟାଇନ୍ ରାଷ୍ଟ୍ରପତି ମହମ୍ମଦ ଆବାସ ଭୁଲ ବୋଲି କହିଛନ୍ତି। ପୂର୍ବରୁ ମଙ୍ଗଳବାର ହମାସ ୪ ଜଣ ଇସ୍ରାଏଲ ପଣବନ୍ଦୀଙ୍କ ମୃତଦେହ ଇସ୍ରାଲେ ଡିଫେନ୍ସ ଫୋର୍ସ (ଆଇଡିଏଫ୍)କୁ ହସ୍ତାନ୍ତର କରିଥିଲା। ପ୍ରଥମେ ଏହି ମୃତଦେହଗୁଡିକୁ ହମାସ ରେଡକ୍ରସ୍‌କୁ ଦେଇଥିଲା। ଏହାପରେ ରେଡକ୍ରସ ଏଗୁଡିକୁ ଆଇଡିଏଫ୍‌କୁ ହସ୍ତାନ୍ତର କରିଥିଲା।

## ତାଜମହଲ ବୁଲିଲେ ୩୨ ଦେଶର ସେନାମୁଖ୍ୟ

ଆଗ୍ରା, ୧୫ ।୧୦(ଏଜେନ୍ସି): ୩୨ଟି ଦେଶର ସେନାମୁଖ୍ୟ ବୁଧବାର ତାଜମହଲ ପରିଦର୍ଶନ କରିଛନ୍ତି। ସେନାମୁଖ୍ୟ ମାନେ ଏକ ବିମାନରେ ଆଗ୍ରାରେ ପହଞ୍ଚିବା ପରେ ତାଜମହଲ ଦେଖିବାକୁ ଯାଇଥିଲେ। ପାଖାପାଖି ଏକ ଘଣ୍ଟା ସେମାନେ ତାଜମହଲକୁ ମନଭରି ଦେଖିବାର ସୁଯୋଗ ପାଇଥିଲେ। ତାଜମହଲକୁ ସେମାନେ ପ୍ରଶଂସା କରିବା ସହ ସେଠାରେ ନିଜ ପରିବାର ସଦସ୍ୟଙ୍କ ସହ ଫଟୋ ଉଠାଇଥିଲେ। ସେନାମୁଖ୍ୟଙ୍କ ସହ ୨୫୦ ଜଣ ସଦସ୍ୟ ବିଶିଷ୍ଟ ଏକ ପ୍ରତିନିଧିମଣ୍ଡଳୀ ମଧ୍ୟ ଆସିଥିଲା। ନୂଆଦିଲ୍ଲୀରେ ଏକ ୩ ଦିନିଆ ଏସ୍‌ସିଓ ସମ୍ମିଳନୀ ଚାଲୁଛି। ଏଥିରେ ସମସ୍ତେ ସାମିଲ ହେବାକୁ ଭାରତ ଆସିଥିଲେ। ଅକ୍ଟୋବର ୧୪ରୁ ୧୬ ତାରିଖ ପର୍ଯ୍ୟନ୍ତ ନୂଆଦିଲ୍ଲୀରେ ୟୁନାଇଟେଡ ନେସନ୍ସ ଟ୍ରୁପ୍ କଣ୍ଟ୍ରିବ୍ୟୁଟିଂ କଣ୍ଟ୍ରିଜ (ୟୁଏନଟିସିସି) ସମ୍ମିଳନୀ ଚାଲିଛି। ଏଥିରେ ୩୦ରୁ ଅଧିକ ଦେଶର ସେନାମୁଖ୍ୟ ଭାବେ ଯୋଗ ଦେଇଛନ୍ତି। ଏହି ସମ୍ମିଳନୀକୁ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଉଦ୍‌ଘାଟନ କରିଥିଲେ। ଏହି ସମ୍ମିଳନୀ ସ୍ୱଦେଶୀ ବୈଷୟିକ ଜ୍ଞାନକୌଶଳର ଉପଯୋଗ ନେଇ ଆୟୋଜିତ ହୋଇଛି।

# ରକ୍ତାକ୍ତ ସଂଘର୍ଷ ପରେ ଅସ୍ତ୍ରବିରତି

ପାକିସ୍ତାନ-ଆଫଗାନ ମଧ୍ୟରେ ଘମାଘୋଟ ସଂଘର୍ଷ

କାବୁଲରେ ବୋମାମାଡ଼; ପେଶାୱରରେ ଡ୍ରୋନ ଆକ୍ରମଣ

୫୦ରୁ ଅଧିକ ମୃତ୍ୟୁ ହୋଇଥିବା ଦାବି

ତାଲିବାନର ଚତୁର୍ଥ ବାଟାଲିୟନ, ଷଷ୍ଠ ବ୍ରିଗେଡ ଧ୍ୱଂସ: ପାକ୍

୪୮ ଘଣ୍ଟିଆ ଅସ୍ତ୍ରବିରତି ପାଇଁ ଦୁଇଦେଶ ରାଜି



କାବୁଲ/ଇସଲାମାବାଦ, ୧୫।୧୦ (ଏଜେନ୍ସି): ପୁରୁଣା ବନ୍ଧୁତା ଏବେ ଶତ୍ରୁତାରେ ପରିଣତ ହୋଇଯାଇଛି। ଆଫଗାନିସ୍ତାନର ତାଲିବାନ ସରକାର ଏବଂ ପାକିସ୍ତାନ ମଧ୍ୟରେ ଚରମ ଉତ୍ତେଜନା ସୃଷ୍ଟି ହୋଇଛି। ଦୁଇ ଦେଶ ଘମାଘୋଟ ସଂଘର୍ଷରେ ଲିପ୍ତ ରହିଛନ୍ତି। ସପ୍ତାହ ଭିତରେ ଏହି ଉଭୟ ପଡୋଶୀ ରାଷ୍ଟ୍ର ତିନି ଥର ମୁହାଁମୁହିଁ ହେଲେଣି। ବୁଧବାର ସନ୍ଧ୍ୟାରେ ଆଫଗାନିସ୍ତାନର ରାଜଧାନୀ କାବୁଲରେ ପାକିସ୍ତାନ ଆକାଶ ମାର୍ଗରୁ ଆକ୍ରମଣ କରିଛି। କାବୁଲ ଏବଂ ସ୍ପିନ ବୋଲ୍ଦକ ଅଞ୍ଚଳରେ ବୋମାମାଡ଼ କରାଯାଇଛି। ଏଥିରେ ତାଲିବାନ ସଦସ୍ୟଙ୍କ ସମେତ ୨୪ରୁ ଊର୍ଦ୍ଧ୍ୱ ଲୋକ ପ୍ରାଣ ହରାଇଥିବା ସୂଚନା ମିଳିଛି। ଅନେକ କୋଠା ଜଳୁଥିବା ଦେଖାଯାଉଛି। ପାକିସ୍ତାନ ଗଣମାଧ୍ୟମ ଅନୁଯାୟୀ, ତାଲିବାନ ଆକ୍ରମଣକୁ ଜବାବ ଦିଆଯାଇଛି। ଏହି ଆକ୍ରମଣରେ କାନ୍ଦାହାର ପ୍ରଦେଶରେ ଥିବା ତାଲିବାନର ମୁଖ୍ୟ ଠିକଣାକୁ ଧ୍ୱଂସ କରିଦିଆଯାଇଛି। ଚତୁର୍ଥ ବାଟାଲିୟନ ଏବଂ ଷଷ୍ଠ ବ୍ରିଗେଡ଼ ଏଥିରେ ସମ୍ପୂର୍ଣ୍ଣ ଧ୍ୱସ୍ତ ହୋଇଯାଇଛି। ଅନେକ ତାଲିବାନ ସଦସ୍ୟ ଏବଂ ବିଦେଶୀ ନାଗରିକ ମଧ୍ୟ ପ୍ରାଣ ହରାଇଛନ୍ତି। ତେବେ ଆଫଗାନିସ୍ତାନ ଏହି ଦାବିକୁ ଖାରଜ କରିଦେଇଛି। ତାଲିବାନ ମଧ୍ୟ ଚୁପ୍ ହୋଇ ବସି ନାହିଁ। ଏହାର ଜବାବରେ ପେଶାୱରରେ ଡ୍ରୋନ ଆକ୍ରମଣ କରିଛି। ଏଥିରେ ଏକ ପ୍ଲାଜାର ପ୍ରକୋଷ୍ଠକୁ ନିଶାଣ କରାଯାଇଛି। ଗୁଇନ୍ଦା କାର୍ଯ୍ୟକଳାପ ପାଇଁ ଏହାକୁ ଗୁପ୍ତ ଅଫିସ ଭାବେ ବ୍ୟବହାର କରାଯାଇଥିବା ଦାବି କରାଯାଇଛି। ଏହା ସହିତ ପାକିସ୍ତାନ ସୀମାକୁ ତାଲିବାନ ଟ୍ୟାଙ୍କ ପଠାଇଛି।

ଏହି ଆକ୍ରମଣ ପରେ ଦୁଇ ଦେଶ ଶାନ୍ତି ପ୍ରୟାସ କରିଛନ୍ତି। ୪୮ ଘଣ୍ଟିଆ ଅସ୍ତ୍ରବିରତି ପାଇଁ ରାଜି ହୋଇଛନ୍ତି। ଏହା ସନ୍ଧ୍ୟା ୬ଟା୩୦ରୁ ଆରମ୍ଭ ହୋଇଛି। ଆଲୋଚନା ମାଧ୍ୟମରେ ଉଭୟ ଦେଶ ବିବାଦର ସମାଧାନ ପାଇଁ ପ୍ରୟାସ କରିବେ ବୋଲି ପାକିସ୍ତାନ ବୈଦେଶିକ ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି। ଏହା ପୂର୍ବରୁ ମଙ୍ଗଳବାର ରାତିରେ ପାକିସ୍ତାନ ସୁରକ୍ଷାବାହିନୀ ଏବଂ ଆଫଗାନ ତାଲିବାନ ମଧ୍ୟରେ ସଂଘର୍ଷ ହୋଇଥିଲା। ଆଫଗାନିସ୍ତାନ ପ୍ରବକ୍ତା ଜବିହୁଲ୍ଲାହ ମୁଜାହିଦ କହିଛନ୍ତି ଯେ ବୁଧବାର ସକାଳେ ପାକିସ୍ତାନ ସେନା କାନ୍ଦାହାରର ସ୍ପିନ ବୋଲ୍ଦକ ଅଞ୍ଚଳରେ ଆକ୍ରମଣ କରିଥିଲା। ଏଥିରେ ୧୨ ଜଣ ସାଧାରଣ ନାଗରିକ ପ୍ରାଣ ହରାଇଥିବାବେଳେ ୧୦୦ରୁ ଅଧିକ ଆହତ ହୋଇଥିଲେ। ଜବାବରେ ପାକିସ୍ତାନର ୭ ସୈନିକ ମଧ୍ୟ ନିହତ ହୋଇଥିଲେ। ଏହା ପରେ ପାକିସ୍ତାନ ସୀମାକୁ ଟ୍ୟାଙ୍କ ପଠା ଯାଇଥିଲା। ପାକିସ୍ତାନ ସେନାର ଗଣମାଧ୍ୟମ ଶାଖା (ଆଇଏସପିଆର) ପକ୍ଷରୁ କୁହାଯାଇଥିଲା ଯେ ବଲୁଚିସ୍ତାନ ସୀମାରେ ଆଫଗାନ ତାଲିବାନର ଆକ୍ରମଣକୁ ସୁରକ୍ଷାବାହିନୀ ବିଫଳ କରିଦେଇଛି। ଏଥିରେ ତାଲିବାନର ୧୫ରୁ ୨୦ ସଦସ୍ୟ ପ୍ରାଣ ହରାଇଛନ୍ତି।

ଆଫଗାନିସ୍ତନ ଏବଂ ପାକିସ୍ତାନ ଉଭୟେ ପରସ୍ପରର ସେନା ପୋଷ୍ଟକୁ କବ୍‌ଜା କରିଥିବା ଦାବି କରିଛନ୍ତି। ଏହା ସହିତ ଟ୍ୟାଙ୍କକୁ ଧ୍ୱଂସ କରିଦିଆଯାଇଛି। ସୀମାରେ ତାଲିବାନ ପ୍ରଥମେ ଗୁଳିମାଡ଼ କରିଥିବା ପାକିସ୍ତାନ ଅଭିଯୋଗ କରିଛି। ସେହିପରି ଆଫଗାନ ପକ୍ଷରୁ କୁହାଯାଇଛି ଯେ ଦେଶ ପ୍ରତି ବିପଦ ସୃଷ୍ଟି ହେଉଥିବା ସ୍ଥାନକୁ ନିଶାଣ କରି ସେନା ଆକ୍ରମଣ କରିଥିଲା।

## ଟପ୍-୧୦ରୁ ବାଦ୍ ପଡ଼ିଲା ଆମେରିକା ପାସପୋର୍ଟ

୭୭ତମ ସ୍ଥାନକୁ ଉଠିଲା ଭାରତ

ୱାଶିଂଟନ, ୧୫ ।୧୦(ଏଜେନ୍ସି): ହେନଲୀ ପାସପୋର୍ଟ ଇଣ୍ଡେକ୍ସ-୨୦୨୫ ପ୍ରକାଶିତ ହୋଇଛି। ବିଶ୍ୱର ବିଭିନ୍ନ ଦେଶର ଶକ୍ତିଶାଳୀ ପାସପୋର୍ଟକୁ ନେଇ ଏହି ସଂସ୍ଥା ତାଲିକା ପ୍ରକାଶିତ କରିଥାଏ। ଆମେରିକା ପାସ୍‌ପୋର୍ଟ ପ୍ରଥମଥର ପାଇଁ ଶ୍ରେଷ୍ଠ-୧୦ରୁ ବାଦ୍ ପଡ଼ିଛି। ଗତ ୨୦ ବର୍ଷ ଅର୍ଥାତ ଦୁଇ ଦସନ୍ଧି ମଧ୍ୟରେ ପ୍ରଥମଥର ପାଇଁ ଆମେରିକାର ପାସ୍‌ପୋର୍ଟ ଶ୍ରେଷ୍ଠ-୧୦ ତାଲିକାରୁ ବାଦ୍ ପଡ଼ିଛି। ଆମେରିକା ଏଥିରେ ମାଲେସିଆ ସହିତ ଯୁଗ୍ମଭାବେ ଦ୍ୱାଦଶ ସ୍ଥାନରେ ରହିଛି। ୨୨୭ଟି ଦେଶ ମଧ୍ୟରୁ ମାଲେସିଆ ପାସପୋର୍ଟ ସହିତ ଜଣେ ବ୍ୟକ୍ତି ବିନା ଭିସାରେ ୧୮୦ଟି ଦେଶକୁ ଭ୍ରମଣ କରିପାରିବେ। ଅନ୍ୟପଟେ ସିଙ୍ଗାପୁର ପାସ୍‌ପୋର୍ଟ ସବୁଠାରୁ ଶକ୍ତିଶାଳୀ ସାବ୍ୟସ୍ତ ହୋଇଛି ଓ ଏହା ତାଲିକାର ଶୀର୍ଷରେ ରହିଛି। ସିଙ୍ଗାପୁର ପାସ୍‌ପୋର୍ଟ ସହ ଜଣେ ବ୍ୟକ୍ତି ୧୯୩ଟି ଦେଶକୁ ବିନା ଭିସାରେ ଯାଇପାରିବେ। ତାଲିକାର ଦ୍ୱିତୀୟ ସ୍ଥାନରେ ଦକ୍ଷିଣ କୋରିଆ ଓ ତୃତୀୟ ସ୍ଥାନରେ ଜାପାନ ରହିଛି। ଏହି ଦୁଇଟି ଦେଶର ପାସପୋର୍ଟଧାରୀ ବିନା ଭିସାରେ ଯଥାକ୍ରମେ ୧୯୦ ଓ ୧୮୯ଟି ଦେଶକୁ ଯାତ୍ରା କରିପାରିବେ। ସେହିପରି ତାଲିକାରେ ଚତୁର୍ଥ ସ୍ଥାନରେ ଜର୍ମାନୀ, ଇଟାଲୀ, ଲକ୍ସମବର୍ଗ, ସ୍ପେନ୍, ସ୍ୱିଜରଲାଣ୍ଡ ମିଳିତ ଭାବେ ସ୍ଥାନୀତ ହୋଇଛନ୍ତି ଓ ଏହି ଦେଶର ପାସ୍‌ପୋର୍ଟଧାରୀ ୧୮୮ଟି ଦେଶକୁ ଯାତ୍ରା କରିପାରିବେ। ସେହିପରି ଅଷ୍ଟ୍ରିଆ, ବେଲଜିୟମ, ଡେନ୍‌ମାର୍କ, ଫିନ୍‌ଲାଣ୍ଡ, ଫ୍ରାନ୍ସ, ଆୟର୍ଲାଣ୍ଡ ଓ ନେଦରଲାଣ୍ଡସ ମିଳିତ ଭାବେ ୫ମ ସ୍ଥାନରେ ରହିଥିବା ବେଳେ ଏହି ଦେଶଗୁଡିକର ପାସପୋର୍ଟଧାରୀ ୧୮୭ଟି ଦେଶକୁ ବିନା ଭିସାରେ ଯାଇପାରିବ। ଏହି କ୍ରମରେ ଦେଖିବାକୁ ଗଲେ ଭାରତ ୭୭ତମ ସ୍ଥାନରେ ରହିଛି। ୨୦୨୫ରେ ପ୍ରଥମ କ୍ୱାର୍ଟର ତୁଳନାରେ ଭାରତ ତାଲିକାରେ ୮ଟି ସ୍ଥାନ ଉପରକୁ ଉଠିଛି। ଭାରତୀୟ ପାସପୋର୍ଟ ସହ ଜଣେ ବ୍ୟକ୍ତି ବିଶ୍ୱର ୫୯ଟି ଦେଶକୁ ବିନା ଭିସାରେ ବା ଭିସା ଅନ୍ ଏରାଇଭାଲରେ ଯାତ୍ରା କରିପାରିବେ। ଅନ୍ୟପଟେ ବ୍ରିଟେନ ପାସ୍‌ପୋର୍ଟ ଦୁଇଟି ସ୍ଥାନ ତଳକୁ ଖସି ୮ମ ସ୍ଥାନରେ ରହିଛି। ୨୦୧୫ରେ ବ୍ରିଟେନ ପାସ୍‌ପୋର୍ଟ ଶୀର୍ଷ ସ୍ଥାନରେ ରହିଥିଲା। ସେହିପରି କ୍ରମାଗତ ୫ ବର୍ଷ ପାଇଁ ପାକିସ୍ତାନ ପାସପୋର୍ଟ ୧୦୩ତମ ସ୍ଥାନରେ ରହିଛି।

### ହରିୟାଣା ଏଏସ୍‌ଆଇଙ୍କ ଆତ୍ମହତ୍ୟା ଘଟଣା

## ପୁରନଙ୍କ ସ୍ତ୍ରୀଙ୍କ ବିରୋଧରେ ମାମଲା

ଚଣ୍ଡିଗଡ଼, ୧୫।୧୦ (ଏଜେନ୍ସି): ଶେଷରେ ହରିୟାଣା ସରକାର ଏବଂ ଆତ୍ମହତ୍ୟା କରିଥିବା ବରିଷ୍ଠ ଆଇପିଏସ ଅଧିକାରୀ ପୁରନ କୁମାରଙ୍କ ପରିବାର ମଧ୍ୟରେ ଚାଲିଥିବା ଟଣାଓଟରାର ଅନ୍ତ ହୋଇଛି। ଆଇଏଏସ ପତ୍ନୀ ଅମନୀତ ପି. କୁମାର ରାଜି ହେବା ପରେ ବୁଧବାର ପୁରନଙ୍କ ମୃତଦେହର ବ୍ୟବଚ୍ଛେଦ ହୋଇଛି। ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ଚଣ୍ଡିଗଡ଼ ପିଜିଆଇରେ ସମ୍ପୂର୍ଣ୍ଣ ପ୍ରକ୍ରିୟାର ଭିଡିଓଗ୍ରାଫି କରାଯାଇଛି। ଏଥିପାଇଁ ପ୍ରାୟ ୪ ଘଣ୍ଟା ସମୟ ଲାଗିଥିଲା। ପରେ ଉପରବେଳା ସେକ୍ଟର-୨୫ ସ୍ଥିତ ଶ୍ମଶାନ ଘାଟରେ ଅନ୍ତିମ ସଂସ୍କାର କରାଯାଇଛି। ଏଠାରେ ତାଙ୍କୁ ପୁଲିସ ବାହିନୀ ସଲାମୀ ଦେଇଛି। ଅନେକ ପୁଲିସ, ପ୍ରାଶାସନିକ ଏବଂ ସରକାରୀ ପ୍ରତିନିଧି ଶ୍ମଶାନରେ ପହଞ୍ଚି ପୁରନଙ୍କୁ ଶ୍ରଦ୍ଧାଞ୍ଜଳି ଦେଇଛନ୍ତି। ଏହା ପରେ ଆଇପିଏସଙ୍କ ଦୁଇ ଝିଅ ତାଙ୍କୁ ମୁଖାଗ୍ନି ଦେଇଥିଲେ। ଘଟଣାସ୍ଥଳରେ ଆଇପିଏସଙ୍କ ପତ୍ନୀ, କ୍ୟାବିନେଟ ମନ୍ତ୍ରୀ କୃଷ୍ଣଲାଲ ପନୱାର, ଶ୍ୟାମ ସିଂହ ରାଣା, ନୂଆ ଡିଜିପି ଓପି ସିଂହ ପ୍ରମୁଖ ଉପସ୍ଥିତ ଥିଲେ। ଅନ୍ୟପକ୍ଷରେ ଏଏସଆଇ ସନ୍ଦୀପ କୁମାରଙ୍କ ଆତ୍ମହତ୍ୟା ମାମଲା ନୂଆ ମୋଡ ନେଇଛି। ପୁରନଙ୍କ ଗନମ୍ୟାନଙ୍କୁ ଗିରଫ କରିଥିବା ଟିମ୍‌ରେ ସେ ସାମିଲ ଥିଲେ। ଏହି ମାମଲାରେ ତାଙ୍କୁ ଜେରା ପାଇଁ ନୋଟିସ ପଠା ଯାଇଥିଲା ବୋଲି ଜଣାପଡ଼ିଛି। ଏବେ ଏହି ଆତ୍ମହତ୍ୟାକୁ ନେଇ ପୁରନ୍‌ଙ୍କ ସ୍ତ୍ରୀଙ୍କ ବିରୋଧରେ ମାମଲା ରୁଜୁ ହୋଇଛି।

## ଆମେରିକାର ଭାରତୀୟ ବଂଶୋଦ୍ଭବ ଅଧିକାରୀ ଗିରଫ



ୱାଶିଂଟନ, ୧୫ ।୧୦(ଏଜେନ୍ସି): ଆମେରିକାର ଜଣେ ଭାରତୀୟ ବଂଶୋଦ୍ଭବ ଅଧିକାରୀ ଆସ୍‌ଲେ ଟେଲିସ ଗିରଫ ହୋଇଛନ୍ତି। ଆମେରିକାର ବୈଦେଶିକ ବିଭାଗରେ ଜଣେ ବରିଷ୍ଠ ଉପଦେଷ୍ଟା ଭାବେ ସେ କାର୍ଯ୍ୟ କରୁଥିଲେ। ତାଙ୍କୁ ଅକ୍ଟୋବର ୧୨ରେ ଗିରଫ କରାଯାଇଛି। ତାଙ୍କ ବିରୋଧରେ ଆମେରିକାର ନିରାପତ୍ତା ତଥା ସୁରକ୍ଷା ସହିତ ଜଡ଼ିତ କେତେକ ଗୋପନୀୟ କାଗଜପତ୍ର ନିଜ ପାଖରେ ରଖିବା ଓ ଚୀନ୍‌ର ଅଧିକାରୀଙ୍କ ଗୁପ୍ତରେ ଭେଟିଥିବାର ଅଭିଯୋଗ ହୋଇଛି। ୬୪ ବର୍ଷୀୟ ଟେଲିସ ଭିର୍ଜିନିଆସ୍ଥିତ ତାଙ୍କ ବାସଭବନରେ ଆମେରିକୀୟ ଗୁଇନ୍ଦା ସଂସ୍ଥା ଏଫ୍‌ବିଆଇର ୧, ୦୦୦ରୁ ଅଧିକ ପୃଷ୍ଠାର ଗୋପନୀୟ କାଗଜପତ୍ର ଜବତ କରାଯାଇଛି। ଯଦି ତାଙ୍କ ବିରୋଧରେ ଏହି ଅଭିଯୋଗ ପ୍ରମାଣିତ ହୁଏ, ତେବେ ତାଙ୍କୁ ୧୦ ବର୍ଷ ଜେଲ ଦଣ୍ଡ ସହ ୨.୫ ଲକ୍ଷ ଡଲାର ଅର୍ଥାତ ୨ କୋଟି ଟଙ୍କାର ଜରିମାନ ଧାର୍ଯ୍ୟ କରାଯାଇପାରେ। ଭିର୍ଜିନିଆ କୋର୍ଟରେ ଟେଲିସଙ୍କ ଶୁଣାଣି ହେବ। ମାମଲା ରାଷ୍ଟ୍ରୀୟ ସୁରକ୍ଷା ସହିତ ଜଡିତ ଥିବାରୁ ଏଥିରେ ତାଙ୍କୁ ଜାମିନ ମିଳିବାର ଆଶା କ୍ଷୀଣ ରହିଛି କୁହଯାଇଛି। ରାଷ୍ଟ୍ରପତି ଟ୍ରମ୍ପଙ୍କ ପ୍ରଥମ କାର୍ଯ୍ୟକାଳରେ ଟେଲିସଙ୍କୁ ଭାରତରେ ଆମେରିକାର ରାଷ୍ଟ୍ରଦୂତ ଭାବେ ଚୟନ କରାଯାଇଥିଲା। କିନ୍ତୁ ତାଙ୍କୁ ଏହି ଦାୟିତ୍ୱ ପ୍ରଦାନ କରାଯାଇ ନଥିଲା। ଟେଲିସ୍ ଗତ ସେପ୍ଟେମ୍ବର- ଅକ୍ଟୋବରରେ ବୈଦେଶିକ ବିଭାଗ ଓ ପ୍ରତିରକ୍ଷା ମନ୍ତ୍ରଣାଳୟର ଗୋପନୀୟ କାଗଜପତ୍ର ବାହର କରିଥିବା ଅଭିଯୋଗ ଏଫ୍‌ବିଆଇ ଆଣିଛି। ଏଥିରେ ବାୟୁସେନାର ଯୋଜନା, ନୂଆ ଟେକନିକ୍ ଓ ମିଲେଟ୍ରି ବିମାନ ସଂକ୍ରାନ୍ତରେ ବିଭିନ୍ନ ସୂଚନା ଓ ତଥ୍ୟ ଥିଲା। ଅକ୍ଟୋବର ୧୨ରେ ଟେଲିସ୍‌ଙ୍କ ବାସଭବନରେ ଏଫ୍‌ବିଆଇ ଚଢ଼ାଉ କରିବା ସହ ତଲାସି ନେଇଥିଲା। ଟେଲିସ ୨୦୦୧ରୁ ଆମେରିକା ବୈଦେଶିକ ବିଭାଗରେ ଉପଦେଷ୍ଟା ଭାବେ ଦାୟିତ୍ୱ ନିର୍ବାହ କରିଆସୁଥିଲେ।

## ପ୍ରାର୍ଥୀ ତାଲିକା ଜାରିକଲେ ଜେଡିୟୁ, ବିଜେପି

ବିହାର ନିର୍ବାଚନ

ପାଟନା, ୧୫।୧୦ (ଏଜେନ୍ସି): ବିହାର ବିଧାନସଭା ପାଇଁ ରାଜନୀତି ସରଗରମ ହୋଇ ଉଠିଛି। ବିରୋଧୀ ଇଣ୍ଡିଆ ମେଣ୍ଟରେ ଆସନ ଚୂଡ଼ାନ୍ତ ହୋଇପାରି ନ ଥିବାବେଳେ କ୍ଷମତାସୀନ ଏନ୍‌ଡିଏ ମେଣ୍ଟରେ ବୁଝାମଣାକୁ ନେଇ କେଁ ସୃଷ୍ଟି ହୋଇଛି। ଏହା ସତ୍ତ୍ୱେ ବୁଧବାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ଜେଡିୟୁ ନିଜର ପ୍ରଥମ ଏବଂ ବିଜେପି ଦ୍ୱିତୀୟ ପ୍ରାର୍ଥୀ ତାଲିକା ଜାରି କରିଛି। ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀଙ୍କ ପାଇଁ ନୀତୀଶ ନିଜ ତାରାପୁର ଆସନ ଛାଡ଼ି ଦେଇଛନ୍ତି। ୫୭ ଜଣିଆ ପ୍ରଥମ ତାଲିକାରେ ୪ ମହିଳା, ୧୦ ଅନୁସୂଚିତ ଜାତି, ୩ ବାହୁବଳୀ, ୬ ମନ୍ତ୍ରୀ ଏବଂ ୧୮ ବିଧାୟକଙ୍କୁ ପୁନର୍ବାର ଟିକେଟ ଦେଇଛନ୍ତି। ତେବେ ଚିରାଗ ପାଶ୍ୱାନ ଚାହୁଁଥିବା ୫ ସିଟ୍ ସୋନବରସା, ଅଲୌଲି, ରାଜଗୀର, ଏକମା, ମୋରବାରେ ପ୍ରାର୍ଥୀ ଦେଇ ବିବାଦ ସୃଷ୍ଟି କରିଛନ୍ତି। ସେହିପରି ୧୨ ଜଣିଆ ଦ୍ୱିତୀୟ ତାଲିକାରେ ବିଜେପି ଗାୟିକା ମୈଥିଳି ଠାକୁରଙ୍କୁ ଅଲିନଗରରୁ ପ୍ରାର୍ଥୀ କରିଛି।

ଅନ୍ୟପଟେ ଏଲଜେପିକୁ ମହୁଆ ଆସନ ଦେବାକୁ ନେଇ କ୍ଷୁବ୍ଧ ଥିବା ଆରଏଲଏମ ମୁଖ୍ୟ ଉପେନ୍ଦ୍ର କୁଶ୍ୱାହ ଦିଲ୍ଲୀରେ ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହାଙ୍କୁ ଭେଟିବା ପରେ ଶାନ୍ତ ହୋଇଛନ୍ତି। ପୂର୍ବରୁ କୁଶ୍ୱାହ ମେଣ୍ଟରେ କିଛି ଭଲ ନ ଥିବା କହିଥିଲେ। ମାତ୍ର ୪୫ ମିନିଟର ବୈଠକ ପରେ ସବୁ କିଛି ବଦଳି ଯାଇଥିଲା। କୁଶ୍ୱାହଙ୍କୁ ରାଜ୍ୟସଭା ପଠାଇବାକୁ ଏବଂ ଗୋଟିଏ ଏମଏଲସି ଆସନ ଦେବାକୁ ପ୍ରତିଶ୍ରୁତି ଦିଆଯାଇଥିବା ସୂଚନା ମିଳିଛି। ଏହା ମଧ୍ୟରେ ଶୁକ୍ରବାର ସନ୍ଧ୍ୟାରେ ପ୍ରଦେଶ କଂଗ୍ରେସ ଅଧ୍ୟକ୍ଷ ରାଜେଶ ରାମ, ପ୍ରଭାରୀ କୃଷ୍ଣ ଅଲ୍ଲାବରୁ ଏବଂ ନେତା ସକିଲ ଅହମ୍ମଦଙ୍କ ଉପସ୍ଥିତିରେ କଂଗ୍ରେସ କର୍ମୀ ପପୁ ଯାଦବଙ୍କ ସମର୍ଥକଙ୍କୁ ମାଡ଼ ମାରିଛନ୍ତି। କଂଗ୍ରେସ ଟିକଟ ବିକ୍ରି କରୁଥିବା ଅଭିଯୋଗ କରିଥିଲେ।

### ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟର ତିନି ପ୍ରାଧ୍ୟାପକଙ୍କ ଗବେଷଣା

## କୁଣ୍ଡଳୀ ମେଳକ ନ ହେବାରୁ ୩୭% ବିବାହ ବିଚ୍ଛେଦ

ବନାରସ, ୧୫।୧୦ (ଏଜେନ୍ସି): ଆଧୁନିକ ଯୁଗରେ ଅଧିକାଂଶ ଲୋକ କୁଣ୍ଡଳୀ ମେଳକ ନ କରି ବିବାହ କରୁଛନ୍ତି। କିଏ ପ୍ରେମ ବିବାହ କରୁଛି ତ ଆଉ କିଏ ପରିବାରର ଇଚ୍ଛାରେ ଜୀବନ ସଙ୍ଗିନୀ ବାଛୁଛନ୍ତି। ମାତ୍ର ପରବର୍ତ୍ତୀ ସମୟରେ ବିବାଦ ହେଉ ଅବା ଅନ୍ୟ କୌଣସି କାରଣ ସେହି ପ୍ରେମ ନ ରହି ବିବାହ ବିଚ୍ଛେଦ ଘଟୁଛି। ପ୍ରେମ ବ୍ୟାପାର, ଲିଭ୍-ଇନ ଏବଂ ଘରୋଇ ହିଂସା ଆଦି ଯୋଗୁଁ ହେଉଥିବା ବିବାହ ବିଚ୍ଛେଦ ଉପରେ ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟ (ବିଏଚ୍‌ୟୁ)ର ତିନି ପ୍ରାଧ୍ୟାପକ ଏକ ଗବେଷଣା କରିଛନ୍ତି। ଏଥିରୁ ଚାଞ୍ଚଲ୍ୟକର ତଥ୍ୟ ସାମ୍ନାକୁ ଆସିଛି। ବିବାହ ପୂର୍ବରୁ ବର-କନ୍ୟାଙ୍କ କୁଣ୍ଡଳୀ ମେଳକ କରାଯାଇ ନ ଥିବାରୁ ୩୭ ପ୍ରତିଶତ ଛାଡ଼ପତ୍ର ହୋଇଥିଲା ଜଣାପଡ଼ିଛି। ଗ୍ରହଦୋଷ ଥିବା ସତ୍ତ୍ୱେ ବିବାହ କରାଯାଉଛି। ଏଭଳି ବରକନ୍ୟା ବିବାହ ପରେ ପ୍ରେମରେ ପଡ଼ି ପରସ୍ପରର ହତ୍ୟା କରୁଛନ୍ତି କିମ୍ବା ସମ୍ପର୍କରେ ଫାଟ ଆସିବା ପରେ ନୂଆ ଜୀବନସାଥି ଖୋଜୁଛନ୍ତି।

ବିଏଚ୍‌ୟୁର ୩ ପ୍ରାଧ୍ୟାପକ ଏବଂ ୨ ଜଣ ଗବେଷକ ୬ ମାସରେ ଏହି ଗବେଷଣା ଶେଷ କରିଥିଲେ। ବିଶ୍ୱବିଦ୍ୟାଳୟରେ ସୋମବାର ଆୟୋଜିତ ସେମିନାରରେ ଏହାର ସୂଚନା ଦିଆଯାଇଥିଲା। ଏଥିରେ ଇନ୍ଦୋରର 'ମାଆ ଶାରଦା ଜ୍ୟୋତିଷଧାମ ଅନୁସନ୍ଧାନ ପ୍ରତିଷ୍ଠାନ' ନେତୃତ୍ୱ ନେଇଥିଲା। ଭାରତର ୧୫ ରାଜ୍ୟ ସମେତ ନେପାଳ, ସିଙ୍ଗାପୁର, ଦୁବାଇର ଗବେଷକ ମଧ୍ୟ ଏହି ଗବେଷଣାରେ ସାମିଲ ଥିଲେ। ଗବେଷଣାର ସୂଚନା ଦେଇ ପ୍ରାଧ୍ୟାପକ ବିନୟ ପାଣ୍ଡେୟ କହିଥିଲେ ଯେ ଯୁବକ ଏବଂ ଯୁବତୀଙ୍କ କୁଣ୍ଡଳୀରେ ୩୬ରୁ ୩୨ ଗୁଣ ମିଶିବା ପରେ ବି ଗ୍ରହ ମେଳକ ଜରୁରୀ ହୋଇଥାଏ। କିନ୍ତୁ ଲୋକେ ଏବେ ନିଜକୁ ଆଧୁନିକ ଦେଖାଇବା ପାଇଁ ସନାତନ ଧର୍ମର ପରମ୍ପରା ପାଳନ କରୁନାହାନ୍ତି। ଅଧିକାଂଶ ବିବାହ ଫଟୋସୁଟ୍‌ରେ ବ୍ୟସ୍ତ ଥାଆନ୍ତି। ମନ୍ତ୍ରୋଚାରଣର ଆବଶ୍ୟକତା ବୁଝୁ ନାହାନ୍ତି। ଫଳରେ ବିବାହ ଭାଙ୍ଗି ଯାଉଛି ଏବଂ ବରକନ୍ୟା ପରସ୍ପରକୁ ହତ୍ୟା କରୁଛନ୍ତି। ଯାହାର କୁଣ୍ଡଳୀ ଏବଂ ଗ୍ରହ ମେଳକ କରାଯାଇଥାଏ, ତାଙ୍କ ବିବାହ ଶତ ପ୍ରତିଶତ ଠିକ୍ ଚାଲିଥାଏ। ଏହା ବୈଜ୍ଞାନିକ ତଥ୍ୟ। ଜ୍ୟୋତିଷଶାସ୍ତ୍ର ଏକ ପ୍ରକାରର ଗଣିତ ହିଁ।


ପ୍ରାଧ୍ୟାପକଙ୍କ ଅନୁଯାୟୀ, ଏହି ଗବେଷଣାରେ ବିଏଚୟୁ ଓପିଡିକୁ ଆସୁଥିବା ସାରା ଦେଶର ତଥ୍ୟ ଏବଂ ୩ ବର୍ଷ ଭିତରେ ଉତ୍ତର ପ୍ରଦେଶର ୧୨ ଜିଲ୍ଲାରେ ବିବାହ ବିଚ୍ଛେଦ ହୋଇଥିବା ଦମ୍ପତିଙ୍କ ତଥ୍ୟ ସଂଗ୍ରହ କରାଯାଇଥିଲା। ଏଭଳି ୨୫୦ ମାମଲାରେ ଦମ୍ପତିଙ୍କ ପରିବାର ବର୍ଗଙ୍କୁ ତିନୋଟି ପ୍ରଶ୍ନ ପଚରା ଯାଇଥିଲା। ଏହି ତଥ୍ୟରୁ ଜଣାପଡ଼ିଥିଲା ଯେ ଯେଉଁ ବର-ବଧୁଙ୍କ କୁଣ୍ଡଳୀ ଠିକ୍ ସେ ମେଳକ କରାଯାଇ ନ ଥିଲା ସେମାନଙ୍କ ବିବାହ ବର୍ଷେରୁ ଦୁଇ ବର୍ଷ ଭିତରେ ଭାଙ୍ଗି ଯାଇଥିଲା। ଅନ୍ୟ ୬୩ ପ୍ରତିଶତ ମାମଲାରେ ସନାତନ ରୀତିନୀତି ଅନୁଯାୟୀ ବିବାହ କରାଯାଇ ନ ଥିଲା। ହୋଟେଲ ବୁକିଂକୁ ଦେଖି ବିବାହ ସମୟ ଧାର୍ଯ୍ୟ କରାଯାଇଥିଲା। ବିବାହ ସମୟରେ ମନ୍ତ୍ରୋଚାରଣ ମଧ୍ୟ ଠିକ୍‌ରେ କରାଯାଇ ନ ଥିଲା। ଦେଶରେ ଛାଡ଼ପତ୍ର ମାମଲା ବଢୁଥିବାକୁ ଦେଖି ଏହାର କାରଣ ଜାଣିବା ପାଇଁ ଏପରି ଗବେଷଣା କରାଯାଇଥିଲା।

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-110 ♦THURSDAY ♦16 OCTOBER 2025 ♦PAGE-16 ♦₹ 6.00

♦ବର୍ଷ-୪୩ ♦ସଂଖ୍ୟା-୧୧୦ ♦ଗୁରୁବାର ♦୧୬ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୬ ♦ଟ.୬.୦୦

# ‘ମହାଭାରତ’ର କର୍ଣ୍ଣ ପଙ୍କଜ ଧୀର୍‌ଙ୍କ ପରଲୋକ



**ନୂଆଦିଲ୍ଲୀ,୧୫ ।୧୦(ଏଜେନ୍ସି):** ବର୍ଷୀଆନ ଅଭିନେତା ପଙ୍କଜ ଧୀର ୬୮ ବର୍ଷ ବୟସରେ ପରଲୋକଗମନ କରିଛନ୍ତି । ୧୯୮୮ରେ ଦୂରଦର୍ଶନରେ ପ୍ରସାରିତ ବିଆର୍ ଚୋପ୍ରାଙ୍କ ମେଗା ସିରିଏଲ ‘ମହାଭାରତ’ରେ ସେ କର୍ଣ୍ଣ ଭୂମିକା ଅବତୀର୍ଣ୍ଣ ହୋଇ ଲୋକପ୍ରିୟତା ହାସଲ କରିଥିଲେ ଓ ଘରେ ଘରେ ପରିଚିତ ହୋଇଥିଲେ । ସେ କର୍କଟ ରୋଗରେ ପୀଡିତ ଥିଲେ ଓ ଦୀର୍ଘଦିନ ଧରି ଚିକିତ୍ସିତ ହୋଇଆସୁଥିଲେ । ତାଙ୍କର ଏକ ବଡ଼ ଅସ୍ତ୍ରୋପଚାର ମଧ୍ୟ କରାଯାଇଥିଲା । ତାଙ୍କ ଦେହାନ୍ତରେ ଭାରତୀୟ ଟେଲିଭିଜନ ଜଗତରେ ଶୋକର ଛାୟା ଖେଳିଯାଇଛି । ମୃତ୍ୟୁବେଳକୁ ତାଙ୍କ ନିକଟରେ ପୁଅ ନିତିନ ଓ ପତ୍ନୀ ଅନୀତା ଉପସ୍ଥିତ ଥିଲେ । ସେ ସୋଲଜର, ଆନ୍ଦାଜ, ବାଦଶାହା ଓ ତୁମ୍ କୋ ନା ଭୁଲ ପାଏଙ୍ଗେ ଭଳି ହିନ୍ଦୀ ଚଳଚିତ୍ରରେ ଅଭିନୟ କରି ସଫଳତା ହାସଲ କରିଥିଲେ । ଚନ୍ଦ୍ରକାନ୍ତା, ବଡ଼େ ବହୁ, ଜି ହରର ଶୋ, କାନୁନ୍ ‘ସସୁରାଲ ସିମୋର କା’ ଭଳି ସିରିୟଲରେ ମଧ୍ୟ ଅଭିନୟ କରିଥିଲେ ।

## ପୁଲିସ୍ ଚାକିରି ବେପାର

# ଟ୍ରେନ୍‌ରେ ଯାଇଥିଲେ ଆଉ ୧୮୬

## ଦଲାଲ୍‌ଙ୍କଠାରୁ ସୂଚନା ମିଳିବା ପରେ ଘାଣ୍ଟୁଛି କ୍ରାଇମ୍‌ବ୍ରାଞ୍ଚ

■ **ଭୁବନେଶ୍ୱର, ୧୫ ।୧୦ (ସମିସ):** ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ରାକେଟ୍ ଧରାପଡ଼ିବା ପରେ ନୂଆନୂଆ ତଥ୍ୟ ସାମ୍ନାକୁ ଆସୁଛି । ପୂର୍ବରୁ ୧୧୪ଜଣ ପରୀକ୍ଷାର୍ଥୀ ଓ ୩ଜଣ ଦଲାଲ୍‌ଙ୍କ ସମେତ ମୋଟ୍ ୧୧୭ଜଣ ଧରାପଡ଼ିଥିବାବେଳେ ଆଉ ୧୮୬ ଜଣ ପରୀକ୍ଷାର୍ଥୀ ଟ୍ରେନ୍ ଯୋଗେ ଆନ୍ଧ୍ରପ୍ରଦେଶ ଯାଇଥିବା ତଥ୍ୟ କ୍ରାଇମ୍‌ବ୍ରାଞ୍ଚ ହାତରେ ଲାଗିଛି । ଟ୍ରେନ୍‌ରେ ଯାଇଥିବା ପରୀକ୍ଷାର୍ଥୀଙ୍କ ତାଲିକା କରିବା ସହ ସେମାନଙ୍କୁ ଧରିବା ପାଇଁ କସରତ ଆରମ୍ଭ ହୋଇଛି । ସେହିପରି ବହୁ ପୁଲିସ୍ କନେଷ୍ଟବଳ ମଧ୍ୟ ଏସ୍‌ଆଇ ଚାକିରି ଆଶାରେ ଟଙ୍କା ଦେଇଥିବାର ପ୍ରମାଣ କ୍ରାଇମ୍‌ବ୍ରାଞ୍ଚ ପାଖରେ ପହଞ୍ଚିଛି । ଘଟଣାକୁ ୧୬ଦିନ ବିତିଥିଲେ ମଧ୍ୟ ମାଷ୍ଟରମାଇଣ୍ଡ କୁହାଯାଉଥିବା ଶଙ୍କର ପୃଷ୍ଟି ଓ ମୁନା ମହାନ୍ତିଙ୍କୁ ଗିରଫ କରିବାରେ କ୍ରାଇମ୍‌ବ୍ରାଞ୍ଚ ବିଫଳ ହୋଇଥିବାବେଳେ ଏକାବେଳେ ୩ଶହ ପଦ ବିକ୍ରି ପାଇଁ ବଡ଼ ଡିଲ୍ ସରିଥିବା ତଥ୍ୟ ମେଧାବୀଙ୍କ ମଧ୍ୟରେ ଆଲୋଡ଼ନ ସୃଷ୍ଟି କରିଛି ।

କ୍ରାଇମ୍‌ବ୍ରାଞ୍ଚ ସୂତ୍ରରୁ ମିଳିଥିବା ତଥ୍ୟ ଅନୁଯାୟୀ ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍‌ରୁ ୩ଟି ବସ୍ ଧରାପଡ଼ିବା ପୂର୍ବରୁ ଦୁଇଟି ପର୍ଯ୍ୟାୟରେ ପ୍ରାୟ ୧୮୬ ଜଣ ପରୀକ୍ଷାର୍ଥୀ ଆନ୍ଧ୍ରପ୍ରଦେଶ ଅଭିମୁଖେ ଯାଇଥିଲେ । ସେଠାରେ ସେମାନଙ୍କୁ ଦୁଇଟି ଗ୍ରୁପ୍ କରି ଭିନ୍ନ ଭିନ୍ନ ସ୍ଥାନକୁ ନିଆଯିବାର ଯୋଜନା

### କ୍ରାଇମ୍‌ବ୍ରାଞ୍ଚ ସ୍କାନର୍‌ରେ କନେଷ୍ଟବଲ; ବସ୍ ନ ପାଇ ବର୍ତ୍ତିଗଲେ ୧୩

ହୋଇଥିଲା । ହେଲେ ୩ଟି ବସ୍‌ରୁ ୧୧୭ ଜଣ ଗିରଫ ହେବା ଖବର ପାଇବା ପରେ ସମସ୍ତେ ଫେରାର୍ ହୋଇଯାଇଛନ୍ତି । କିଛି ପରୀକ୍ଷାର୍ଥୀ ତତ୍କାଳ ଓଡ଼ିଶା ଫେରିବା ପରିବର୍ତ୍ତେ ବିଭିନ୍ନ ପର୍ଯ୍ୟଟନସ୍ଥଳୀ ବୁଲିବାକୁ ପଳାଇଥିଲେ । ଆଉ କିଛି ପୃଥକ୍ ଭାବେ ଟ୍ରେନ୍‌ରେ ହିଁ ଓଡ଼ିଶା ଫେରିଛନ୍ତି । ହେଲେ ସେମାନଙ୍କ ଅରିଜିନାଲ୍ ସାର୍ଟିଫିକେଟ୍ ଦଲାଲ୍‌ଙ୍କ ପାଖରେ ରହିଯାଇଛି । ପଚରାଉଚୁରାବେଳେ ଦଲାଲ୍‌ମାନେ ଏହାକୁ ସ୍ୱୀକାର କରିଛନ୍ତି । ସେମାନଙ୍କ ନିକଟରୁ ସେମାନଙ୍କ ତାଲିକା ପାଇବା ସହ ଟଙ୍କା ନେଣଦେଣ ସମ୍ପର୍କରେ ମଧ୍ୟ କ୍ରାଇମ୍‌ବ୍ରାଞ୍ଚ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ହାସଲ କରିଛି । ସେମାନଙ୍କୁ କ୍ରାଇମ୍‌ବ୍ରାଞ୍ଚ ଖୋଜୁଥିବାବେଳେ ଗିରଫଦାରୀ ଭୟ ଥିବାରୁ ଅନେକ ପରୀକ୍ଷାର୍ଥୀ ସେମାନଙ୍କ ଫୋନ୍ ସୁଇଚ୍‌ଅଫ୍ କରି ଫେରାର୍ ହୋଇଯାଇଛନ୍ତି ।

ଅପରପକ୍ଷରେ ଏସ୍‌ଆଇ ଚାକିରି କରିବା ପାଇଁ ଅନେକ କନେଷ୍ଟବଳ ଟଙ୍କା ଦେଇଥିବା ମଧ୍ୟ ଜଣାପଡ଼ିଛି । ସପ୍ତମ ବାଟାଲିଅନ୍‌ରେ କାର୍ଯ୍ୟରତ ଯବାନ ଜିତେନ୍ଦ୍ର ନାଥ ଏବଂ ଯାଜପୁର ଟାଉନ୍ ଥାନାରେ କାର୍ଯ୍ୟରତ ବଳରାମ ବାରିକ ବସ୍‌ରେ ଯାଉଥିବାବେଳେ ଧରାପଡ଼ିଛନ୍ତି । ଢେଙ୍କାନାଳସ୍ଥିତ ଓଏସ୍‌ଓପି ପ୍ରଥମ ବାଟାଲିଅନ୍, ବୌଦ୍ଧସ୍ଥିତ ପଞ୍ଚମ ଆଇଆର୍‌ବିଏନ୍ ଏବଂ ବାଲେଶ୍ୱର ପୁଲିସ୍ ଜିଲ୍ଲାର ପ୍ରାୟ ୧୩ ଜଣ ଯବାନ୍ ବସ୍ ଫେଲ୍ ▶ପୃଷ୍ଠା-୧୧

## ଆଗୁଆ ଜାମିନ ଆବେଦନ କଲେ ୫ ଅଭିଯୁକ୍ତ

■ **ଭୁବନେଶ୍ୱର/କଟକ, ୧୫ ।୧୦ (ସମିସ):** ପୁଲିସ୍ ସବ୍ ଇନ୍ସପେକ୍ଟର ଚାକିରି ବିକ୍ରି ମାମଲାରେ ମୋଟ୍ ୧୧୯ ଜଣ ଗିରଫ ହୋଇଥିବା ବେଳେ ମୁଖ୍ୟ କାର୍ପଟଦାରଙ୍କୁ ଧରିବାରେ କ୍ରାଇମବ୍ରାଞ୍ଚ ବିଫଳ ହୋଇଛି । ଘଟଣାକୁ ୧୬ଦିନ ବିତିଥିଲେ ମଧ୍ୟ ଅଭିଯୁକ୍ତଙ୍କ ଟେର୍ ପାଇପାରୁ ନାହିଁ । ଘଟଣାର ମାଷ୍ଟର ମାଇଣ୍ଡ କୁହାଯାଉଥିବା ପଞ୍ଚସଫ୍ଟ କମ୍ପାନୀର ନିର୍ଦ୍ଦେଶକ ଶଙ୍କର ପୃଷ୍ଟି ସମେତ ୫ ଅଭିଯୁକ୍ତ ହାଇକୋର୍ଟରେ ଆଗୁଆ ଜାମିନ ଆବେଦନ କରିଛନ୍ତି । ଶଙ୍କରଙ୍କ ସହିତ ପଞ୍ଚସଫ୍ଟ କମ୍ପାନୀର ଆଉ ଜଣେ ନିର୍ଦ୍ଦେଶକ ତଥା ଶଙ୍କରର ପତ୍ନୀ ଦୀପ୍ତିମୟୀ ସାହୁ, ଦଲାଲ୍ ମୁନା ମହାନ୍ତି, ଶ୍ରୀକାନ୍ତ ମହାରଣା ଓ ସୁକାନ୍ତ ମହାରଣା ଆଗୁଆ ଜାମିନ୍ ପାଇଁ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି ।

ଅପରପକ୍ଷରେ ମାଷ୍ଟର ମାଇଣ୍ଡ ଶଙ୍କର ଦେଶ ଛାଡ଼ି ପଳାଇ ଯିବାରେ ସକ୍ଷମ ହୋଇଥିବା ପୁଲିସ୍ ସୂତ୍ରରୁ ଜଣାପଡ଼ିଛି । ସେ ପ୍ରଥମେ ଉତ୍ତରପ୍ରଦେଶ ଦେଇ ନେପାଳରେ ▶ପୃଷ୍ଠା-୧୧

### ନୂଆପଡ଼ା ଉପନିର୍ବାଚନ

# ସ୍ନେହାଙ୍ଗିନୀ ପ୍ରାର୍ଥୀ, ନବୀନ ସାରଥୀ



■ **ଭୁବନେଶ୍ୱର, ୧୫।୧୦ (ସମିସ):** ନୂଆପଡ଼ା ଉପନିର୍ବାଚନ ପାଇଁ ପୂର୍ବତନ ମନ୍ତ୍ରୀ, ବିଜୁ ମହିଳା ଜନତା ଦଳ ସଭାନେତ୍ରୀ ତଥା ପଶ୍ଚିମ ଓଡ଼ିଶାର ଟାଣୁଆ ନେତ୍ରୀ ସ୍ନେହାଙ୍ଗିନୀ ଛୁରିଆଙ୍କୁ ପ୍ରାର୍ଥୀ ଘୋଷଣା କରି ସମସ୍ତଙ୍କୁ ଚକିତ କରିଛନ୍ତି ବିଜେଡି ସଭାପତି ନବୀନ ପଟ୍ଟନାୟକ । ଆଜି ନବୀନ ନିବାସରେ ସେ ସ୍ନେହାଙ୍ଗିନୀଙ୍କ ପ୍ରାର୍ଥିତ୍ୱ ସମ୍ପର୍କରେ ଗଣମାଧ୍ୟମକୁ ସୂଚନା ଦେବା ସହ ତାଙ୍କ ପାଇଁ ନିଜେ ପ୍ରଚାର ମଇଦାନକୁ ଓହ୍ଲାଇବେ ବୋଲି ଘୋଷଣା କରିଛନ୍ତି ।

ବୁଧବାର ଦଳୀୟ କାର୍ଯ୍ୟାଳୟରେ ବିଜେଡି ସୁପ୍ରିମୋ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଦଳର ବରିଷ୍ଠ ନେତାମାନଙ୍କ ଉପସ୍ଥିତିରେ ସ୍ନେହାଙ୍ଗିନୀଙ୍କ ନାମ ଘୋଷଣା କରିଛନ୍ତି । ଏହି ଅବସରରେ ନବୀନ ▶ପୃଷ୍ଠା-୧୧

## କୃଷି ଅଧିକାରିଣୀଙ୍କ ଝୁଲନ୍ତା ଶବ ଉଦ୍ଧାର

■ **ଭଦ୍ରକ/ବାସୁଦେବପୁର, ୧୫ ।୧୦(ସମିସ):** ଭଦ୍ରକ ଜିଲ୍ଲା ବାସୁଦେବପୁରର ଏକ ଭଡ଼ା ଘରୁ ଝୁଲନ୍ତା ଅବସ୍ଥାରେ ବ୍ଲକ କୃଷି ଅଧିକାରିଣୀ ନିହାରିକା ଦଳେଇଙ୍କ ଶବ ଉଦ୍ଧାର ହୋଇଛି । ଆତ୍ମହତ୍ୟା ପଛର କାରଣ ଅସ୍ପଷ୍ଟ ଥିବା ବେଳେ ପୁଲିସ ଶବ ବ୍ୟବଚ୍ଛେଦ ପାଇଁ ପଠାଇ ଏକ ଅପମୃତ୍ୟୁ ମାମଲାରେ ତଦନ୍ତ ଜାରି ରଖିଛି । ତାଙ୍କ ଏକ ୬ ବର୍ଷର ଝିଅ ଅଛି । ସକାଳେ ଝିଅକୁ ସ୍କୁଲରେ ଛାଡ଼ି ଆସିଥିଲେ । ବାସୁଦେବପୁର କୃଷି ସୂଚନା ଓ ପରାମର୍ଶ କେନ୍ଦ୍ରର ଅଧିକାରିଣୀ ଭାବେ କାର୍ଯ୍ୟରତ ଥିଲେ ନିହାରିକା । ଅଫିସ ପାଖକୁ ଲାଗି ବାଲିନଗରସ୍ଥିତ ବୁଦ୍ଧିମଣୀ ପଣ୍ଡାଙ୍କ ଘରେ ଭଡ଼ାରେ ରହୁଥିଲେ । ବାସୁଦେବପୁର ମିରାକିଲ ପବ୍ଲିକ ସ୍କୁଲର ଷ୍ଟାଣ୍ଡାର୍ଡ ୨ରେ ଝିଅ ପାଠ ପଢୁଛି । ଚୌଦ୍ୱାର ଅଞ୍ଚଳର ସ୍ୱାମୀ ସତ୍ୟ ସମ୍ବିତ ପାଢ଼ୀଙ୍କ ସହ କଥା ମଧ୍ୟ ହୋଇଥିଲେ । ଝିଅର ସ୍କୁଲରୁ ଆସିବା ସମୟ ▶ପୃଷ୍ଠା-୧୧

## ଜୟ ଢୋଲକିଆ ବିଜେପି ପ୍ରାର୍ଥୀ, ଆଜି କରିବେ ନାମାଙ୍କନ

■ **ଭୁବନେଶ୍ୱର, ୧୫।୧୦ (ସମିସ):** ବିଜେପି ସଂସଦୀୟ ବୋର୍ଡ ପକ୍ଷରୁ ବୁଧବାର ନୂଆପଡା ବିଧାନସଭା ନିର୍ବାଚନ ପାଇଁ ପ୍ରାର୍ଥୀ ଭାବେ ଜୟ ଢୋଲକିଆଙ୍କ ନାମ ଘୋଷଣା କରାଯାଇଛି । ଦଳୀୟ ପ୍ରାର୍ଥୀ ଘୋଷଣା ହେବା ପରେ ଶ୍ରୀ ଢୋଲକିଆ ଗୁରବାର ନାମାଙ୍କନ ପତ୍ର ଦାଖଲ କରିବେ ।

ସୂଚନା ଅନୁଯାୟୀ ଆସନ୍ତାକାଲି ସକାଳ ୧୦.୩୦ ଘଟିକାରେ ନୂଆପଡାସ୍ଥିତ ‘ଗୋତମା’ ଏୟାରଷ୍ଟ୍ରିପଠାରେ ଏକ ମିଶ୍ରଣ ପର୍ବ ଅନୁଷ୍ଠିତ ହେବ ଏବଂ ଏଥିରେ ଅନ୍ୟ ଦଳର ଶତାଧିକ ସରପଞ୍ଚ, ସମିତି ସଭ୍ୟ, ୱାର୍ଡମେମ୍ବରଙ୍କ ସମେତ ପୂର୍ବତନ ଜନପ୍ରତିନିଧି ଓ ସମର୍ଥକମାନେ ସାମିଲ ହେବେ । ଏହା ପରେ ଏକ ବିଶାଳ ଶୋଭାଯାତ୍ରାରେ ଶ୍ରୀ ଢୋଲକିଆ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ଯାଇ ନାମାଙ୍କନ ପତ୍ର ଦାଖଲ କରିବେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ, ଉପମୁଖ୍ୟମନ୍ତ୍ରୀ, ମନ୍ତ୍ରୀମଣ୍ଡଳର ସଦସ୍ୟ, ସାଂସଦ ଓ ବିଧାୟକ ଏବଂ ଦଳୀୟ ପଦାଧିକାରୀ ଓ ନେତୃବୃନ୍ଦ ଉପସ୍ଥିତ ରହିବେ ବୋଲି ଦଳ ପକ୍ଷରୁ ସୂଚନା ମିଳିଛି ।

### ଗୃହ ବିଭାଗରେ ଅସ୍ଥିରତା

## ସପ୍ତାହରେ ଅତିରିକ୍ତ ଏସପିଙ୍କ ବଦଳି ବାତିଲ୍

■ **ଭୁବନେଶ୍ୱର, ୧୫ ।୧୦ (ସମିସ):** ରାଜ୍ୟ ଗୃହ ବିଭାଗରେ ଏବେ ଘଡ଼ିକେ ଘୋଡ଼ା ଛୁଟୁଛି । ନୂଆ ପଦୋନ୍ନତି ପାଇଥିବା ଡିଏସପି ମାନଙ୍କୁ ନିଯୁକ୍ତି ମିଳୁନଥିବାରୁ ପୁଲିସ ମହଲରେ ଅସନ୍ତୋଷ ଲାଗି ରହିଥିବା ବେଳେ ଏବେ ପୁଣି ଏକ ଅଜବ ଘଟଣା ଦେଖିବାକୁ ମିଳିଛି । ମାତ୍ର ୭ ଦିନ ମଧ୍ୟରେ ଜଣେ ଅତିରିକ୍ତ ଏସପିଙ୍କ ବଦଳିକୁ ପରିବର୍ତ୍ତନ କରିଥିବା ବେଳେ ଦୁଇ ଜଣ ଅତିରିକ୍ତ ଏସପିଙ୍କ ବଦଳିକୁ ବାତିଲ କରି ଦିଆଯାଇଛି । ସପ୍ତାହ ମଧ୍ୟରେ ବଦଳି ନିର୍ଦ୍ଦେଶନାମାରେ ଏଭଳି ଅସ୍ଥିରତା ବିଭାଗ ମୁଖିଆଙ୍କ ନିଷ୍ପତ୍ତି ନେବାର କ୍ଷମତାକୁ ପଦାରେ ପକାଇଛି । ରାଜ୍ୟ ଗୃହ ବିଭାଗରେ ଚାଲିଛି କ'ଣ? କାହା ଇଙ୍ଗିତରେ ପରିଚାଳିତ ହେଉଛି ରାଜ୍ୟର ଏହି ଗୁରୁତ୍ୱପୂର୍ଣ୍ଣ ବିଭାଗ? ଏଭଳି ଅନେକ ପ୍ରଶ୍ନ ଏବେ ସମସ୍ତଙ୍କ ମନରେ ଉଙ୍କି ମାରୁଛି । ନିଷ୍ପତି ନେବାରେ ଅପରିପକ୍?ତା ନାଁ ରାଜନୈତିକ ଚାପରେ ଏଭଳି କରାଯାଉଛି, ତାହା ମଧ୍ୟ ଏବେ ବଡ଼ ପ୍ରଶ୍ନ ।

ସୂଚନା ଅନୁସାରେ, ଗତ ୮ ତାରିଖ ଦିନ ରାଜ୍ୟ ଗୃହ ବିଭାଗ ୧୯ ଜଣ ଅତିରିକ୍ତ ଏସପିଙ୍କୁ ବିଭିନ୍ନ ଜିଲ୍ଲା ଓ ୟୁନିଟ୍‌କୁ ବଦଳି କରିଥିଲା । ବ୍ରହ୍ମପୁରର ଅତିରିକ୍ତ ଏସପି ସୀମା ସ୍ୱାଇଁଙ୍କୁ ଉତ୍ତର କେନ୍ଦ୍ରାଞ୍ଚଳ ରେଞ୍ଜ ଆଇଜିଙ୍କ କାର୍ଯ୍ୟାଳୟକୁ ବଦଳି ହୋଇଥିଲା । ସେହିଭଳି କ୍ରାଇମବ୍ରାଞ୍ଚର ଅତିରିକ୍ତ ଏସପି ସତ୍ୟବିକାଶ ଭୂୟାଁଙ୍କୁ ଡିଆଇଜି ଭଦ୍ରକ ଓ ଭଦ୍ରକ ଡିଆଇବିର ଅତିରିକ୍ତ ଏସପି ଅଂଶୁମାନ ଦ୍ୱିବେଦୀଙ୍କୁ ରାୟଗଡ଼ା ଜିଲ୍ଲାକୁ ବଦଳି ହୋଇଥିଲା । ହେଲେ ମାତ୍ର

### ହୋଇପାରୁନି ଡିଏସପି ନିଯୁକ୍ତି

୭ ଦିନ ମଧ୍ୟରେ ସବୁ ଓଲଟପାଲଟ ହୋଇ ଯାଇଥିଲା । ଗତକାଲି ଅର୍ଥାତ୍ ୧୪ ତାରିଖ ଦିନ ଗୃହ ବିଭାଗ ପକ୍ଷରୁ ଆଉ ଏକ ନିର୍ଦ୍ଦେଶନାମା ପ୍ରକାଶ ପାଇଥିଲା । ବ୍ରହ୍ମପୁରର ଅତିରିକ୍ତ ଏସପି ସୀମା ସ୍ୱାଇଁଙ୍କୁ ଉତ୍ତର କେନ୍ଦ୍ରାଞ୍ଚଳ ରେଞ୍ଜ ଆଇଜିଙ୍କ କାର୍ଯ୍ୟାଳୟ ପରିବର୍ତ୍ତେ ଅତିରିକ୍ତ ଏସପି ଗଞ୍ଜାମ ଭାବେ ବଦଳି କରାଯାଇଛି । ଗଞ୍ଜାମର ଅତିରିକ୍ତ ଏସପି ରଞ୍ଜିତ କୁମାର ପୃଷ୍ଟିଙ୍କୁ କମିସନରେଟ ପୁଲିସକୁ ବଦଳି ହୋଇଛି । ସେହିଭଳି ଡିଆଇବି ଭଦ୍ରକର ଅତିରିକ୍ତ ଏସପି ▶ପୃଷ୍ଠା-୧୧

# ଏଫସିଆଇ ଉଠାଉନି ବଳକା ଚାଉଳ

## ହିତାଧିକାରୀଙ୍କୁ ଅଧିକ ୫ କେଜି ଚାଉଳ ଦେବେ ସରକାର

■ **ଭୁବନେଶ୍ୱର, ୧୫।୧୦ (ସମିସ):** ରାଜ୍ୟରେ ରାସନକାର୍ଡ ହିତାଧିକାରୀଙ୍କୁ ଅତିରିକ୍ତ ୫ କେଜି ଅର୍ଥାତ୍ ମାସିକ ୧୦ କେଜି ଚାଉଳ ଯୋଗାଇ ଦେବାକୁ ସରକାର ଯୋଜନା କରୁଛନ୍ତି । ବୁଧବାର ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ନିଜେ ଗଣମାଧ୍ୟମକୁ ଏହି ସୂଚନା ଦେଇଛନ୍ତି । ମାତ୍ର ରାଜ୍ୟ ସରକାରଙ୍କ ଏହି ଯୋଜନା ପଛରେ କୌଣସି ମହତ୍ ଉଦ୍ଦେଶ୍ୟ ନୁହେଁ, ବରଂ ବାଧ୍ୟବାଧକତା ଥିବା ନେଇ ସାଧାରଣରେ ସନ୍ଦେହ ପ୍ରକାଶ ପାଇଛି । ଏକାଧିକବାର ଅନୁରୋଧ ସତ୍ତ୍ୱେ ଏଫସିଆଇ(ଭାରତୀୟ ଖାଦ୍ୟ ନିଗମ) ଓଡ଼ିଶାର ବଳକା ଚାଉଳ ଉଠାଉ ନାହିଁ । ମୁଖ୍ୟମନ୍ତ୍ରୀଙ୍କଠାରୁ ଆରମ୍ଭ କରି ବିଭାଗୀୟ ମନ୍ତ୍ରୀ, କୃଷିମନ୍ତ୍ରୀ ଦିଲ୍ଲୀକୁ ବାରମ୍ବାର ଦୌଡ଼ି ଏନେଇ ଦାବି କରି ନୟାନ୍ତ ହେଲେଣି । ମାତ୍ର କେନ୍ଦ୍ର ସରକାର ଓଡ଼ିଶାର ଏହି ଦାବିପ୍ରତି ତିଳେହେଲେ ଆଗ୍ରହ ଦେଖାଉ ନାହାନ୍ତି । ଫଳରେ ରାଜ୍ୟରେ ମହଜୁଦ୍ ଥିବା ଲକ୍ଷ ଲକ୍ଷ କୁଇଣ୍ଟାଲ ଚାଉଳ ନଷ୍ଟ ହୋଇଯିବାକୁ ବସିଛି । ତେଣୁ ରାଜ୍ୟ ସରକାର ବାଧ୍ୟ ହୋଇ ଏହି ଚାଉଳକୁ

### ନଷ୍ଟ ହେବା ପୂର୍ବରୁ ଚାଉଳ ବାଣ୍ଟି ଦେବାକୁ ଚାହୁଁଛନ୍ତି ସରକାର

### ବାରମ୍ବାର ଦିଲ୍ଲୀରେ ଗୁହାରି କରି ନୟାନ୍ତ ହେଲାଣି ଓଡ଼ିଶା



ପିଡିଏସ ମାଧ୍ୟମରେ ହିତାଧିକାରୀଙ୍କୁ ବାଣ୍ଟିବା ନେଇ ଯୋଜନା କରିଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି ।

ଗତ ମୌସୁମୀ ଅଧିବେଶନରେ ନିଜେ ଖାଦ୍ୟ ଯୋଗାଣ ମନ୍ତ୍ରୀ ଏଫସିଆର ଗୁମର ବିଧାନସଭାରେ ଖୋଲିଥିଲେ । ଶ୍ରୀ ପାତ୍ର କହିଥିଲେ ଯେ ୨୦୨୪-୨୫ ବର୍ଷରେ ୬୩ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ଉତ୍ପାଦନ ହୋଇଛି । ଏଫସିଆଇ ଏବଂ ପିଡିଏସ ବ୍ୟବସ୍ଥା ମାଧ୍ୟମରେ ୫୦ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ଖର୍ଚ୍ଚ ହୋଇଛି । ଆଉ ୧୩ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ବଳକା ରହିଛି । ଏହାକୁ ଉଠାଇବା ନେଇ ଆମେ କେନ୍ଦ୍ରକୁ ଅନୁରୋଧ କରିଛୁ । ରାଜ୍ୟ ସରକାରଙ୍କ ଆବେଦନ କେନ୍ଦ୍ର ନିକଟରେ ବିଚାରାଧିନ ରହିଛି । ଯଦି ଏଥିରେ ବିଳମ୍ବ ହୁଏ, ତାହେଲେ ଆମେ ରାଜ୍ୟର ଚାଉଳ ନଷ୍ଟ ହେବାକୁ ଦେବୁ ନାହିଁ । ବଳକା ଚାଉଳକୁ ଆମେ ▶ପୃଷ୍ଠା-୧୧

# ପୀତବାସଙ୍କ ହତ୍ୟା ଅଭିଯୁକ୍ତ ଚିହ୍ନଟ !


## ପୁଲିସ ପଞ୍ଝାରେ ସାର୍ପସୁଟର, ମାଷ୍ଟରମାଇଣ୍ଡର ନିକଟତର ପୁଲିସ

**ପଡୋଶୀ ପଶ୍ଚିମବଙ୍ଗ ସମେତ ବିହାର ଓ ଦିଲ୍ଲୀରେ ଖୋଳତାଡ଼**

**ବାଲାଜୀଙ୍କୁ ୫ମ ଥର ଓ ଜଣେ ମଦ ବ୍ୟବସାୟୀଙ୍କୁ ମାରାଥନ୍ ଜେରା**

**ଅନିଶ୍ଚିତତାରେ ମୁଖ୍ୟମନ୍ତ୍ରୀଙ୍କ ସମ୍ଭାବ୍ୟ ଗଞ୍ଜାମ ଗସ୍ତ; ଦ୍ୱାଦଶାହରେ ହୋଇଥାନ୍ତେ ସାମିଲ**

■ **ବ୍ରହ୍ମପୁର,୧୫ ।୧୦(ସମିସ):** ବିଜେପି ନେତା ପୀତବାସ ପଣ୍ଡାଙ୍କ ହତ୍ୟାକାଣ୍ଡକୁ ବିତି ଯାଇଛି ୧୦ଦିନ । ପରିବାର ପକ୍ଷରୁ ସମ୍ପନ୍ନ ହୋଇଛି ଦଶାହ କାର୍ଯ୍ୟ । ହତ୍ୟାକାରୀଙ୍କୁ ଧରିବାରେ ଓ ରହସ୍ୟ ଉନ୍ମୋଚନରେ ବିଳମ୍ବ ଘଟୁଥିବାରୁ ଓକିଲଙ୍କ ମହଲରେ ଅସନ୍ତୋଷ କୁହୁଳିବାରେ ଲାଗିଛି । ଅଭିଯୁକ୍ତଙ୍କ ଗିରଫଦାରୀ ସମ୍ପର୍କରେ ପୁଲିସ କୌଣସି ସୂଚନା ଦେଉନଥିବା ବେଳେ ଗୁଳିକାଣ୍ଡ ଘଟଣାରେ ବ୍ରହ୍ମପୁର ପୁଲିସକୁ ବଡ଼ ସଫଳତା ମିଳିଥିବା ସୂଚନା ମିଳିଛି । ହତ୍ୟାକାଣ୍ଡରେ ନିୟୋଜିତ ଅଭିଯୁକ୍ତଙ୍କୁ ଚିହ୍ନଟ କରାଯାଇଥିବା ବେଳେ ପୁଲିସ ପଞ୍ଝାରେ ସୁପାରିକିଲର ଥିବା ସୂଚନା ମିଳିଛି । ଫଳରେ ପୁଲିସ ମାଷ୍ଟର ମାଇଣ୍ଡର ନିକଟତର ହୋଇଥିବା ନିର୍ଭରଯୋଗ୍ୟ ସୂତ୍ରରୁ ଜଣାପଡିଛି । ଗଠିତ ଟିମ୍ ପଡ଼ୋଶୀ ପଶ୍ଚିମବଙ୍ଗ ସମେତ ବିହାର ଓ ଦିଲ୍ଲୀରେ ଖୋଳତାଡ଼ କରୁଛି । ପୀତବାସଙ୍କ ହତ୍ୟାରେ ବିହାରୀ ସାର୍ପସୁଟରଙ୍କୁ ▶ପୃଷ୍ଠା-୧୧




# ତୁଟୁନି ଦୀପାବଳି ତାରିଖ ଦ୍ୱନ୍ଦ୍ୱ

■ **ପୁରୀ, ୧୫।୧୦ (ସମିସ):** ପାଞ୍ଜିକୁ ନେଇ ଅନେକ ସମୟରେ ଦ୍ୱନ୍ଦ୍ୱ ଦେଖାଦେଉଛି । ବିଭିନ୍ନ ପାଞ୍ଜିରେ ବିଭିନ୍ନ ମତ, ତିଥିରେ ପାର୍ଥକ୍ୟ ରହୁଛି । ଚଳିତବର୍ଷ ଏକାଧିକ ପର୍ବପର୍ବାଣୀରେ ଦ୍ୱନ୍ଦ୍ୱ ଉପୁଜିଲାଣି । ଏବେ ଦୀପାବଳିର ପାଳି । କେଉଁ ତାରିଖରେ ଦୀପାବଳି ଓ ପୟା ଶ୍ରାଦ୍ଧ କରାଯିବ ତାକୁ ନେଇ ଲୋକଙ୍କ ମନରେ ଦ୍ୱନ୍ଦ୍ୱ ସୃଷ୍ଟି ହୋଇଛି । ଚଳିତ ବର୍ଷ ଦୀପଦାନ, ପୟାଶ୍ରାଦ୍ଧ ଓ କାଉଁରିଆ ଜାଳିବା ବିଧି ଆସନ୍ତା ୨୦ ତାରିଖରେ କରିବା ପାଇଁ ମୁକ୍ତି ମଣ୍ଡପ ପଣ୍ଡିତମାନେ ମତ ରଖିଛନ୍ତି । ଧର୍ମଶାସ୍ତ୍ର ଅନୁସାରେ ଗଣନା କରାଯାଇଥିବାବେଳେ ୨୧ ତାରିଖ ଦିନ ପୟା ଶ୍ରାଦ୍ଧ କରିବା ଠିକ୍ ନୁହେଁ ବୋଲି ମୁକ୍ତିମଣ୍ଡପ ପଣ୍ଡିତଙ୍କ ମତକୁ ପାଞ୍ଜି ସମୀକ୍ଷକ ଖଣ୍ଡନ କରିଥିବାବେଳେ ବିବାଦ ଦେଖାଦେଇଛି । ୨୧ ତାରିଖରେ ପୟାଶ୍ରାଦ୍ଧ ଓ କାଉଁରିଆ ଜାଳିବାରେ କୌଣସି ଅସୁବିଧା ନ ଥିବା ନେଇ ଯୁକ୍ତି ଆସିଥିବାବେଳେ ଶ୍ରୀମନ୍ଦିରରେ ୨୧ ତାରିଖରେ ଅମାବାସ୍ୟା

### ୨୦ରେ ଦୀପଦାନ ଶ୍ରାଦ୍ଧ ଶାସ୍ତ୍ରସମ୍ମତ: ମୁକ୍ତିମଣ୍ଡପ ପଣ୍ଡିତ ସଭା

### ୨୧ରେ ପାଳନ କରିବା ପାଇଁ ଯୁକ୍ତି ବାଢ଼ିଲେ ପାଞ୍ଜି ସମୀକ୍ଷକ

ନୀତି ସହ ମହାପ୍ରଭୁଙ୍କର ସାଗର ବିଜେ ନୀତି କରାଯିବ ବୋଲି ଜଣାପଡ଼ିଛି ।

ଏହି ବିବାଦକୁ ନେଇ ବୁଧବାର ଭକ୍ତ ସାଲବେଗ ପୀଠରେ ମୁକ୍ତିମଣ୍ଡପ ପଣ୍ଡିତ ସଭା ପକ୍ଷରୁ ସାମ୍ବାଦିକ ସମ୍ମିଳନୀ ଆୟୋଜନ କରାଯାଇଥିଲା । ଏଥିରେ ଉପସ୍ଥିତ ମୁକ୍ତିମଣ୍ଡପ ପଣ୍ଡିତ କହିଥିଲେ, ଆସନ୍ତା ୨୦ ତାରିଖରେ ଦୀପଦାନ ଶ୍ରାଦ୍ଧ କରାଯିବା ଶାସ୍ତ୍ରସମ୍ମତ । କାରଣ ୨୧ ତାରିଖ ପ୍ରଦୋଷକୁ ଏକ ଦଣ୍ଡ (୨୪ ମିନିଟ୍) ଅମାବାସ୍ୟା ତିଥି ନାହିଁ । ତେଣୁ ୨୧ ତାରିଖ ଦିନ ଦୀପଦାନ ଶ୍ରାଦ୍ଧ କରାଯାଇ ପାରିବ ନାହିଁ । ଗତବର୍ଷ ଭଳି ଏଥର ମଧ୍ୟ ବିଭିନ୍ନ ପଞ୍ଜିକାରେ ଦୁଇଦିନ ଦୀପାବଳି, ଦୀପଦାନ ପୟାଶ୍ରାଦ୍ଧ ରହିଛି । ଶ୍ରୀମନ୍ଦିର ସ୍ୱୀକୃତିପ୍ରାପ୍ତ ୫ଟି ପଞ୍ଜିକାରେ ୨୦ ତାରିଖରେ ଶ୍ୟାମାପୂଜା, ଦୀପଦାନ ଓ ପୟାଶ୍ରାଦ୍ଧ ଲେଖାଯାଇଛି ଅର୍ଥ ସେହିଦିନଠାରୁ ରାତି ପର୍ଯ୍ୟନ୍ତ ତା’ ପରଦିନ ସନ୍ଧ୍ୟା ପର୍ଯ୍ୟନ୍ତ ଅମାବାସ୍ୟା ତିଥି ରହୁଥିବାରୁ ଦୀପଦାନ ଓ ପୟାଶ୍ରାଦ୍ଧ କରିବା ନେଇ ମୁକ୍ତିମଣ୍ଡପ ପଣ୍ଡିତ କହିଛନ୍ତି । ତେଣୁ ସରକାର ୨୧ ତାରିଖର ଛୁଟିକୁ ପରିବର୍ତ୍ତନ କରି ୨୦ ତାରିଖ କରିବାକୁ ଦାବି କରିଥିଲେ । ଯେଉଁମାନେ ସ୍ୱୀକୃତିପ୍ରାପ୍ତ ପଞ୍ଜିକାକୁ ବିରୋଧ କରୁଛନ୍ତି ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରିଥିଲେ ମୁକ୍ତିମଣ୍ଡପ ପଣ୍ଡିତ ସଭାର କାର୍ଯ୍ୟକାରୀ ସଭାପତି ଆଦିତ୍ୟ ହୃଦୟ ମିଶ୍ର, ସମ୍ପାଦକ ପ୍ରଫୁଲ୍ଲ କୁମାର ମିଶ୍ର, ▶ପୃଷ୍ଠା-୧୧


# କାଳୀପୂଜା ପାଇଁ ମିଳିତ ଚଢ଼ଉ



ଯାଜପୁର,୧୫ ।୧୦(ସମିସ) : ଯାଜପୁରର ଗଣପର୍ବ କାଳୀପୂଜା ପାଇଁ ଦୁଇଚକିଆ ଓ ଚାରିଚକିଆ ଯାନବାହନକୁ ଯାଞ୍ଚ କରାଯାଇଥିଲା । ଯାଜପୁରର ପରିବହନ ବିଭାଗ ଏବଂ ଯାଜପୁର ଟାଉନ୍ ପୁଲିସ ବିଭାଗ ପକ୍ଷରୁ ମିଳିତ ଯାଞ୍ଚ କରୁଥିବା ସମୟରେ ଯାଜପୁର ସହରର ବୈଦ୍ୟରାଜପୁର ଛକ ଠାରେ ସମୁଦାୟ ୬୭ଟି ଗାଡିକୁ ଯାଞ୍ଚ କରାଯାଇଥିଲା । ଏଥି ମଧ୍ୟରୁ ୨ଗୋଟି ଗାଡି ଚାଳକ ମଦ୍ୟପାନ କରି ଗାଡ଼ି ଚଳାଉଥିବା ବେଳେ ଯାଜପୁର ପୁଲିସ ୨ଟି ପୃଥକ ପୃଥକ ମାମଲା ରୁଜୁ କରି ଗାଡିଟିକୁ ଜବତ କରି ଯାଜପୁର ଥାନାରେ ଅଟକ ରଖିଛି । ଏହି ଚଢ଼ଉ ସମୟରେ ଯାଜପୁର ଏମ୍‌ଭିଆଇ ପ୍ରଶାନ୍ତ ବେହେରା ଓ ଟ୍ରାଫିକ ପୁଲିସଙ୍କ ସହ ଯାଜପୁର ଥାନା ଏଏସ୍‌ଆଇ ମହେନ୍ଦ୍ର ସେଠୀ ଏବଂ ଅନ୍ୟ ପୁଲିସ କର୍ମଚାରୀମାନେ ଉପସ୍ଥିତ ଥିଲେ ।

■ ଦୁର୍ଘଟଣାରେ ସୁକିନ୍ଦା ବ୍ଲକ କର୍ମଚାରୀଙ୍କ ମୃତ୍ୟୁ

# ବାଇକ୍‌ରେ ବୁହାହେଲା ମୃତଦେହ





ସୁକିନ୍ଦା, ୧୫।୧୦(ସମିସ): ୫୩ନଂ ଜାତୀୟ ରାଜପଥ ସୁକିନ୍ଦା-ଭୁବନ ରାସ୍ତାର ଅନନ୍ତପୁର ଛକ ନିକଟରେ ଏକ ଦ୍ରୁତଗାମୀ ଗାଡ଼ି ଦୁର୍ଘଟଣାରେ ସୁକିନ୍ଦା ବ୍ଲକ ବିଏସ୍‌ଏସ୍‌ଓ ବୁଲୁ ବେହେରାଙ୍କ ମୃତ୍ୟୁ ଘଟିଥିବା ଜଣାପଡିଛି । ସୁକିନ୍ଦା ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲେ ମଧ୍ୟ ଦୀର୍ଘ ସମୟ ଧରି ଆହତଙ୍କୁ ନ ନେବାରୁ ମୃତକଙ୍କ ପରିବାର ଲୋକେ ବାଇକ୍‌ରେ ନେଇଥିବା ଘଟଣା ସାଧାରଣରେ ଚର୍ଚ୍ଚାର ବିଷୟ ହୋଇଛି । ବୁଧବାର ସନ୍ଧ୍ୟାରେ ସୁକିନ୍ଦା ବ୍ଲକର ବିଏସ୍‌ଏସଓ ବୁଲୁ ବେହେରା କର୍ଯ୍ୟସାରି ବାଇକ୍ ଚଳାଇ ନିଜ ଘର ଭୁବନ ଥାନା ଅନ୍ତର୍ଗତ ଚଣ୍ଡିପାଳ ଫେରୁଥିବା ସମୟରେ ଅନନ୍ତପୁର ଛକ ନିକଟରେ ଏକ ଦ୍ରୁତଗାମୀ ଗାଡ଼ି ତାଙ୍କୁ ଦୁର୍ଘଟଣା ଘଟାଇ ଫେରାର ହୋଇଯାଇଥିଲା । ବୁଲୁ ଚେତାଶୂନ୍ୟ ଅବସ୍ଥାରେ ପଡ଼ିରହିଥିଲେ । ସେହି ନିକଟରେ ଥିବା ଲୋକେ ସୁକିନ୍ଦା ପୁଲିସକୁ ସୂଚନା ଦେଇଥିଲେ । ପୁଲିସ ଘଟଣାସ୍ଥଳରେ ପହଞ୍ଚି ଦୁର୍ଘଟଣା ଗ୍ରସ୍ତ ବୁଲୁକୁ ଉଦ୍ଧାର କରିବା ପରିବର୍ତ୍ତେ ପ୍ରଥମେ ରାସ୍ତା କ୍ଲିୟର କରୁଥିବା ଦେଖାଦେଇଥିଲା । ଦୀର୍ଘ ସମୟ ଧରି ବୁଲୁ ଚେତାଶୂନ୍ୟ ଅବସ୍ଥାରେ ରାସ୍ତାରେ ପଡ଼ିଥିବା ସୂଚନା ପାଇ ବୁଲୁର ପରିବାର ଲୋକେ ଘଟଣାସ୍ଥଳରେ ପହଞ୍ଚି ବାଇକ୍ ଯୋଗେ ନେଇ ଯାଉଥିବା ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଉତ୍ତେଜନା ପ୍ରକାଶ ପାଇଥିଲା । ଉତ୍ତେଜନା ପ୍ରକାଶ ପାଇବା ପରେ ପୁଲିସ ବୁଲୁକୁ ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ । ସେଠାରେ ଡାକ୍ତର ବୁଲୁକୁ ମୃତ ଘୋଷଣା କରିଥିଲେ । ପୁଲିସର ଏଭଳି କାର୍ଯ୍ୟକୁ ନେଇ ଅସନ୍ତୋଷ ପ୍ରକାଶ ପାଇଛି ।

# 'ରକ୍ତଦାତାଙ୍କ ଲାଗି ଲୋକଙ୍କ ଜୀବନ ବଞ୍ଚୁଛି'



ଭଦ୍ରକ,୧୫ ।୧୦(ସମିସ) : ଭଦ୍ରକ ଜିଲ୍ଲାରେ ବହୁ ରୋଗୀଙ୍କ ଜୀବନ ବଞ୍ଚାଉଛନ୍ତି ରକ୍ତଦାତା-ସମାଜସେବୀ । ସେମାନଙ୍କୁ ଧନ୍ୟବାଦ ଦେଇ ଆହୁରି ଏଭଳି ମହତ କାର୍ଯ୍ୟ କରି ଚାଲନ୍ତୁ ବୋଲି ଆଜି ଭଦ୍ରକ ଜିଲ୍ଲା ରକ୍ତଦାନ ଦିବସ ପାଳନ ଅବସରରେ ମୁଖ୍ୟଅତିଥି ଭାବେ ଯୋଗ ଦେଇ ଅତିରିକ୍ତ ଜିଲ୍ଲାପାଳ ରବି ନାରାୟଣ ସାହୁ ବକ୍ତବ୍ୟ ରଖିଥିଲେ । ଭଦ୍ରକ ଶହୀଦ ସ୍ମୃତି ଭବନଠାରେ ବ୍ଲଡ ବ୍ୟାଙ୍କ ସଂଯୋଜକ ରତିକାନ୍ତ ବଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ଅନ୍ୟ ସମ୍ମାନିତ ଅତିଥି ଭାବେ ଦୁର୍ଗାଶଙ୍କର ଦାସ, ଡାକ୍ତର ମିନତୀଲତା ଦାସ, ଡାକ୍ତର ସଂଗୀତା ବଳ, ଡାକ୍ତର ବିମଳା ମିଶ୍ର, ଅମରେନ୍ଦ୍ର ଦାସ, ପ୍ରଧାନ ଶିକ୍ଷକ ବିଜୟ ମିଶ୍ର, ସାମ୍ବାଦିକ ଜ୍ଞାନପ୍ରକାଶ ପାଣି, ଅପୂର୍ବ ବେହେରା ପ୍ରମୁଖ ଯୋଗ ଦେଇଥିଲେ । ସେହିପରି ଭଦ୍ରକ ଜିଲ୍ଲାରେ ସମସ୍ତ ରକ୍ତଦାନ କରୁଥିବା ୨ ଶହରୁ ଅଧିକ ସ୍ୱେଚ୍ଛାକୃତ ରକ୍ତଦାନ କରୁଥିବା ଅନୁଷ୍ଠାନର କର୍ମକର୍ତ୍ତାଙ୍କୁ ଉପଢୌକନ ପ୍ରଦାନ ଓ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା ।

# ବେଆଇନ କରତକଳ ଜବତ

ଭଣ୍ଡାରିପୋଖରୀ, ୧୫।୧୦(ସମିସ): ଭଣ୍ଡାରିପୋଖରୀ ଥାନା ମୁଡ଼ାପଦା ବୈଦ୍ୟନାଥ ମନ୍ଦିର ନିକଟରେ ଚାଲୁଥିବା ବେଆଇନ କରତକଳ ଧାମନଗର ବନବିଭାଗ ବୁଧବାର ଜବତ କରିଛି । ଧାମନଗର ରେଞ୍ଜ ଅଧିକାରୀ ବାବୁଲ ମଲ୍ଲିକଙ୍କ ନେତୃତ୍ୱରେ ବନବିଭାଗ ଅଧିକାରୀ ପ୍ରୀତିରାଣୀ ଦାସ, ବସନ୍ତ ମାଝୀ, କୃଷ୍ଣଚନ୍ଦ୍ର ବାସ୍କେ, ଭଦ୍ରକ ବନବିଭାଗ ଅଧିକାରୀ ଓ ଭଣ୍ଡାରିପୋଖରୀ



ପୁଲିସ ସହାୟତାରେ ବେଆଇନ କରତ କଳ ଉପରେ ଚଢାଉ କରିଥିଲେ । ଆମ୍ବ, ଆକାଶି, ପୁଟିଂଆ, ଫାସି ଆଦି କିସମ ୪୯ ଘନଫୁଟ କାଠଗଣ୍ଡି ଓ ପଟା ସହ ଭ୍ରାମ୍ୟମାଣ କରତକଳ ଯନ୍ତ୍ରାଂଶ ଜବତ ହୋଇଥିଲା । ଜବତ କାଠ ଓ ଯନ୍ତ୍ରାଂଶର ମୂଲ୍ୟ ଆନୁମାନିକ ୪ଲକ୍ଷ ହେବ । ଏଥିନେଇ ୪ଡି/୨୫-୨୬ନଂ ମାମଲା ରୁଜୁ ହୋଇଛି । କରତକଳ ମାଲିକ ଫେରାର ହୋଇଯାଇଥିଲା ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

ପାଖେଇ ଆସୁଛି ଯାଜପୁରର ଗଣପର୍ବ କାଳୀପୂଜା

# ପୂଜା କମିଟି ମଧ୍ୟରେ ଚାଲିଛି ପ୍ରସ୍ତୁତି ପ୍ରତିଯୋଗିତା

ଯାଜପୁର,୧୫ ।୧୦(ସମିସ):

ଆଉ ଦିନ କେଇଟାର ଅପେକ୍ଷା । ଯାଜପୁରର ଗଣପର୍ବ କାଳୀପୂଜା ପାଇଁ ସବୁଠି ଚାଲିଛି ପ୍ରସ୍ତୁତି । ବିଶେଷ କରି ପୂଜା ମଣ୍ଡପ ଗୁଡିକ ଜୋରସୋରରେ ଚଳାଇଛନ୍ତି ପ୍ରସ୍ତୁତି । ବର୍ଷକର ଏହି ଦିନକୁ ସମସ୍ତଙ୍କର ଅପେକ୍ଷା ରହିଥାଏ । ଚଳିତ ବର୍ଷ ଯାଜପୁର ସହରରେ ୪୦ରୁ ଊର୍ଦ୍ଧ୍ୱ କାଳୀ ଓ ଲକ୍ଷ୍ମୀନାରାୟଣ ମେଢ଼ ପୂଜା ପାଇବେ । ଏଥିପାଇଁ ପ୍ରତ୍ୟେକ ପୂଜା ମଣ୍ଡପକୁ ଆକର୍ଷଣୀୟ ଭାବେ ସଜ୍ଜା ଯାଉଛି । ତେବେ ପ୍ରତ୍ୟେକ ପୂଜା ମଣ୍ଡପର କିଛି ନା କିଛି ସ୍ୱତନ୍ତ୍ରତା ରହିଛି । ଚଳିତ ବର୍ଷ ସମୁଦାୟ ୪୨ଟି ପୂଜା ମଣ୍ଡପ ମଧ୍ୟରୁ ନାରାୟଣ ଛକ ପୂଜା କମିଟି ତାର ସୁବର୍ଣ୍ଣ ଜୟନ୍ତୀ ପାଳନ କରିବାକୁ ଯାଉଛି । ଏଥିପାଇଁ ଚାଲିଛି ଜୋରଦାର ପ୍ରସ୍ତୁତି । ଏହି ମଣ୍ଡପରେ ମା' ଶ୍ୟାମାକାଳୀ ଓ ଲକ୍ଷ୍ମୀନାରାୟଣଙ୍କର ମୃଣ୍ମୟ ପ୍ରତିମା ନିର୍ମାଣ କାର୍ଯ୍ୟ ଜୋରଦାର ଚାଲିଛି । ମାଟି ମୂର୍ତ୍ତି କାରିଗରମାନେ ଦିନ ରାତି ଏକ କରି ମୂର୍ତ୍ତି ଗଢ଼ିବାରେ ବ୍ୟସ୍ତ ।

ଯାଜପୁରର ଏହି କାଳୀପୂଜା ବହୁ ପ୍ରାଚୀନ କାଳରୁ ହୋଇ ଆସୁଥିବା ବେଳେ କେତେକ ମଣ୍ଡପ ୪୦ରୁ ୫୦ ବର୍ଷ ମଧ୍ୟରେ ପୂଜା ପାଇ ଆସୁଛନ୍ତି ।





ସେଥିମଧ୍ୟରୁ ଯାଜପୁରର ନାରାୟଣ ଛକ ପୂଜା କମିଟି ଚଳିତ ଥର ୫୦ ବର୍ଷ ପୂର୍ତ୍ତି ପାଳନ କରିବାକୁ ଯାଉଛି । ୧୯୭୫ ମସିହାରେ ଯାଜପୁରର ନେତା

## ସୁବର୍ଣ୍ଣ ଜୟନ୍ତୀ ପାଳନ କରିବ ନାରାୟଣ ଛକ ପୂଜା କମିଟି

ଅଶୋକ ଦାସ "ମିଶା'ରେ ଆରେଷ୍ଟ ହେବା ବେଳେ ସ୍ଥାନୀୟ ଯୁବନେତାମାନେ ପ୍ରଥମଥର କରି ନାରାୟଣ ଛକ ଠାରେ ଶ୍ୟାମାକାଳୀ ପୂଜା ଆରମ୍ଭ କରିଥିଲେ । ପରବର୍ତ୍ତୀ ସମୟରେ ୧୯୭୬ ମସିହାରେ ଦୁର୍ଗା ସିନେମା ହଲ୍‌କୁ ଲାଗି ଗୋଟିଏ ଖୋଲା ମଣ୍ଡପରେ ପୂଜା କରାଯାଉଥିଲା । ଏଠାରେ ବିଶେଷତଃ ଦକ୍ଷିଣେଶ୍ୱର କାଳୀ ମନ୍ଦିରେ ମା' କାଳୀଙ୍କୁ ପୂଜା କରାଯାଉଥିବା ବେଳେ ରାମକୃଷ୍ଣ ପରମହଂସ ଓ ମା' ଶାରଦା ଦେବୀଙ୍କୁ ପୂଜା କରାଯାଇଥାଏ । ଚଳିତ ବର୍ଷ ସୁବର୍ଣ୍ଣ ଜୟନ୍ତୀ ତଥା ୫୦ ବର୍ଷ ପୂର୍ତ୍ତି ପାଳନ କରାଯାଉଥିବା ବେଳେ ମଣ୍ଡପଟିକୁ କୋଲକାତାର ଦକ୍ଷିଣେଶ୍ୱର କାଳୀ ମନ୍ଦିର ଭାବେ ନିର୍ମାଣ କରାଯାଇ ସମ୍ପୂର୍ଣ୍ଣ କରାଯାଇଛି । ଚଳିତ ବର୍ଷ ପୂଜା ପାଇଁ ତୋରଣ ନ କରାଯାଇ ଆଲୋକ ଓ ଫୁଲ ସାଜସଜ୍ଜା କରାଯିବାର ବ୍ୟବସ୍ଥା କରାଯାଇଛି । ଏଠାରେ ସୂଚନାଯୋଗ୍ୟ ଏହି ମଣ୍ଡପର ମୂର୍ତ୍ତି ଏବଂ ସାଜସଜ୍ଜାକୁ ଦେଖିବା ପାଇଁ ଜିଲ୍ଲା ତଥା ଜିଲ୍ଲା ବାହାରୁ ଶ୍ରଦ୍ଧାଳୁ ମାନେ ଆସିଥାନ୍ତି । ୧୯୭୬ ମସିହା ଠାରୁ ଯାଜପୁର ସହରରେ ୨୫/୩୦ଟି ଶ୍ୟାମାକାଳୀ ଓ ଲକ୍ଷ୍ମୀନାରାୟଣ ପୂଜା ପାଇବାକୁ ଲାଗିଥିଲା । ଧିରେ ଧିରେ ଏହି ପୂଜା ଯାଜପୁରର ଗଣପର୍ବ ଭାବେ ରାଜ୍ୟରେ ପରିଗଣିତ ହେବାକୁ ଲାଗିଲା । ନାରାୟଣ ଛକ ପୂଜା କମିଟିର ସଭାପତି କର୍ଣ୍ଣାଟ କେଶରୀ ଦାସଙ୍କ କହିବାନୁଯାୟୀ ଚଳିତ ବର୍ଷ ୬୦ରୁ ୭୦ ଲକ୍ଷ ଟଙ୍କା ବ୍ୟୟ ଅଟକଳରେ ପୂଜା କାର୍ଯ୍ୟ କରାଯିବାର କାର୍ଯ୍ୟକ୍ରମ ରହିଛି । ଦୁଇଦିନ ସାଂସ୍କୃତିକ କାର୍ଯ୍ୟକ୍ରମ ତଥା ମେଲୋଡି କରାଯିବାର ବ୍ୟବସ୍ଥା ରହିଛି ବୋଲି ସଭାପତି କହିଛନ୍ତି । ଏହି ପୂଜାକୁ ସୁରୁଖୁରରେ କରିବା ପାଇଁ ବରିଷ୍ଠ ବିଜେଡି ନେତା ପ୍ରଣବ ପ୍ରକାଶ ଦାସ ନିଜେ ଅନୁଧ୍ୟାନ କରି ଦୁଇ ଦୁଇ ଥର ପ୍ରସ୍ତୁତି କରିଥିବା ଦେଖିବାକୁ ମିଳିଛି ।

# ବ୍ୟାସନଗରରେ ଫୁଟିଲା ଗୁଳି

ବ୍ୟାସନଗର,୧୫ ।୧୦(ସମିସ): ଯାଜପୁର ରୋଡ୍ ଆଦର୍ଶ ଥାନା ଅନ୍ତର୍ଗତ ବ୍ୟାସନଗର ନହକା ଗୋପବନ୍ଧୁ ଛକ ମୁଖ୍ୟ ରାସ୍ତାରେ ବୁଧବାର ସନ୍ଧ୍ୟାରେ ଗୁଳି ଫୁଟିଛି । ତେବେ ଏଥିରେ କେହି ଆହତ କିମ୍ବା ମୃତାହତ ହୋଇନଥିବା ବେଳେ ସହରର ସମ୍ବେଦନଶୀଳ ତଥା ଜନଗହଳିପୂର୍ଣ୍ଣ ଏହି ସ୍ଥାନରେ ଏଭଳି ଘଟଣା ପରେ ସହରରେ ଏକ ପ୍ରକାର ଭୟର ବାତାବରଣ ସୃଷ୍ଟି ହୋଇଛି । ସୂଚନାଯୋଗ୍ୟ ଯେ ଗୋପବନ୍ଧୁ ଛକ ପଟରୁ ଜଣେ ବ୍ୟକ୍ତି ନହକା ଆଡ଼କୁ ପାଦରେ ଚାଲି

■ ଗୁଳି ଜବତ, ଅଭିଯୁକ୍ତ ଫେରାର
■ ଅଳ୍ପକେ ବର୍ତ୍ତିଲେ ଦୋକାନୀ




ଚାଲି ଆସି ଏକ ହୋଟେଲ ନିକଟରେ ଥିବା ଡିଏମ୍ କମ୍ୟୁନିକେସନ ନାମକ ଏକ ଦୋକାନ ଉପରକୁ ଗୁଳି ଚାଳନା କରି ଘଟଣାସ୍ଥଳରୁ ଫେରାର ହେବାରେ ସକ୍ଷମ ହୋଇଛନ୍ତି । ତେବେ ଭାଗ୍ୟବଶତଃ ଦୋକାନ ମାଲିକ ଦେବୀଦତ୍ତ ପଣ୍ଡା ଦୋକାନ ବାହାରେ ଥିବାରୁ ବର୍ତ୍ତି ଯାଇଛନ୍ତି । ତେବେ ଦୋକାନ ମାଲିକଙ୍କ ଏନେଇ ପ୍ରତିକ୍ରିୟା ନେବାରୁ ତାଙ୍କ ସହିତ କାହାର ବ୍ୟକ୍ତିଗତ ଶତ୍ରୁତା ନଥିବା କହିଛନ୍ତି । ତେବେ ଖବରପାଇ ତତକ୍ଷଣାତ୍ ଯାଜପୁର ରୋଡ୍ ଆଦର୍ଶ ଥାନା ଅଧିକାରୀ ଆଶିଷ କୁମାର ସାହୁ ସଦଳବଳେ ଘଟଣାସ୍ଥଳରେ ପହଞ୍ଚି ବିଭିନ୍ନ ପାରିପାର୍ଶ୍ୱିକ ପରିସ୍ଥିତି ଦେଖିବା ପରେ ବିଭିନ୍ନ ଦିଗକୁ ନେଇ ତର୍ଜମା କରି ତଦନ୍ତ ଆରମ୍ଭ କରିଛନ୍ତି । ତେବେ ପ୍ରାରମ୍ଭିକ ଭାବେ ସିସିଟିଭି କ୍ୟାମେରା ଯାଞ୍ଚ କରି ଦୁର୍ବୃତ୍ତ ନିକଟରେ ପହଞ୍ଚିବାକୁ ଚେଷ୍ଟା ଜାରି ରହିଛି । ତେବେ ଘଟଣାସ୍ଥଳରେ ଯାଜପୁର ରୋଡ୍ ଉପଖଣ୍ଡ ଅଧିକାରୀ ଏବଂ ସାଇଣ୍ଟିଫିକ ଟିମ୍ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି । ତେବେ ଗୁଳିମାଡ଼ରେ ସମ୍ପୃକ୍ତ ଦୋକାନ ସାମ୍ନା କାଚ ଫାଟିବା ସହିତ ଗୁଳି କାଚ କଣା କରି ଭିତରକୁ ପଶିଛି । ତେବେ ସ୍ଥାନୀୟ ପ୍ରତ୍ୟକ୍ଷଦର୍ଶୀଙ୍କ ତଥ୍ୟ ମୁତାବକ ଏକ ଧଳା ସାର୍ଟ ପିନ୍ଧି ସମ୍ପୃକ୍ତ ଦୁର୍ବୃତ୍ତ ଗୋପବନ୍ଧୁ ଛକ ଦିଗରୁ ଆସି ଗୁଳି କରି କିଛି ବାଟ ଚାଲି ଚାଲି ଯିବା ପରେ ଜଣେ ବ୍ୟକ୍ତିଙ୍କ ସହିତ ବାଇକ୍‌ରେ ବସି ଘଟଣାସ୍ଥଳରୁ ଫେରାର ହେବାରେ ସକ୍ଷମ ହୋଇଥିଲା । ତେବେ ପୁଲିସ ଘଟଣାସ୍ଥଳକୁ ବ୍ୟାରିକେଡ୍ ଦେଇ ଆବଦ୍ଧ କରିବା ସହିତ ବିଭିନ୍ନ ଦିଗକୁ ନେଇ ତଦନ୍ତ ଆରମ୍ଭ କରିଛନ୍ତି ।

# କୃଷି ବିଭାଗ ପକ୍ଷରୁ ସଚେତନତା ଓ କ୍ଷେତ୍ର ପରିଦର୍ଶନ

ଧାମନଗର, ୧୫ ।୧୦(ସମିସ): ଧାମନଗର ବ୍ଲକ କୃଷି ଅଧିକାରୀଣୀ ଅନୁରାଧା ପଣ୍ଡା, ସହକାରୀ କୃଷି ଅଧିକାରୀ ଦେବାଶିଷ ତ୍ରିପାଠୀ ଏବଂ ଗ୍ରାମ୍ୟ କୃଷି କର୍ମଚାରୀ ଭୀମସେନ ସାମଲ ଓ ଅନ୍ୟ ଯୋଗୀଙ୍କ ସହ ବୟାଙ୍ଗଡିହ ପଞ୍ଚାୟତ ସମେତ ବିଭିନ୍ନ ପଞ୍ଚାୟତର ସମ୍ଭାବ୍ୟ ପ୍ରଭାବିତ ଚାଷ ଜମି ପରିଦର୍ଶନ ଅନୁଧ୍ୟାନ କରିଛନ୍ତି । ଦୀର୍ଘ ୩ ମାସ ଧରି ଲଘୁଚାପ ବର୍ଷା ଓ କାଉଁଳିଆ ପାଗ ପାଇଁ ଚାଷ ଜମିରେ ମାଟିଆଗୁଣ୍ଡି ପୋକ ସମେତ ଚକଡା, ପତ୍ରମୋଡା ଓ ପତ୍ରପୋଡା ଭଳି ରୋଗର ପ୍ରଭାବରେ ଧାମନଗର



ବ୍ଲକ ଅନ୍ତର୍ଗତ ବିଭିନ୍ନ ପଞ୍ଚାୟତର ଚାଷ ଜମି ପ୍ରଭାବିତ ହୋଇପାରେ । ଅନ୍ୟପଟେ କୃଷି ଓ କୃଷକର ଉନ୍ନତି ପାଇଁ ବିଭିନ୍ନ ଯୋଜନା ଥିବା ସରକାର ଘୋଷଣା କରୁଥିଲେ ମଧ୍ୟ ସମ୍ପୃକ୍ତ ବିଭାଗ ସହିତ ଯୋଗାଯୋଗ ଅଭାବରୁ ଚାଷୀ କୌଣସି ଯୋଜନାରୁ ସୁବିଧା ପାଇପାରି ନଥାଏ । ପାଗ ଅନୁକୂଳ ଥିବାରୁ ଧାନ ଫସଲରେ ଦେଖା ଦେଉଥିବା ବିଭିନ୍ନ ରୋଗ ପୋକ ଚିହ୍ନଟ କରି କେଉଁ କୀଟ ନାଶକ ସିଞ୍ଚନ କରାଯିବା ଆବଶ୍ୟକ ସେନେଇ କିଛି ଚାଷୀଙ୍କୁ ପରାମର୍ଶ ଦେଇଥିଲେ । ଆବଶ୍ୟକ ସ୍ଥଳେ ସ୍ଥାନୀୟ ଗ୍ରାମ୍ୟ କୃଷି କର୍ମଚାରୀଙ୍କ ସହ ଯୋଗାଯୋଗ କରିବାକୁ ପରାମର୍ଶ ଦେଇଥିଲେ ।

# ଶିଶୁ ପ୍ରତିଭା ଅନ୍ୱେଷଣ ମହୋତ୍ସବ



ବାରିକପୁର, ୧୫ ।୧୦(ସମିସ): ଭଣ୍ଡାରିପୋଖରୀ ବ୍ଲକ ମହୁରା ସରକାରୀ ଉଚ୍ଚ ବିଦ୍ୟାଳୟଠାରେ କ୍ଲଷ୍ଟରସ୍ତରୀୟ ଶିଶୁ ପ୍ରତିଭା ଅନ୍ୱେଷଣ ସୁରଭି ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି । ପ୍ରଧାନଶିକ୍ଷକ ରବୀନ୍ଦ୍ର ମହାରଣାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିବା କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଶିକ୍ଷାବିତ ଗିରିଶଚନ୍ଦ୍ର ମିଶ୍ର ବକ୍ତବ୍ୟ ପ୍ରଦାନ କରିଥିଲେ । ଏଥିରେ ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ଅଧ୍ୟାପକ ଦିଲ୍ଲୀପ ମହାନ୍ତି, ମୁଖ୍ୟବକ୍ତା ଭାବେ ସ୍ତମ୍ଭକାର କାର୍ତ୍ତିକଚନ୍ଦ୍ର ସ୍ୱାଇଁ, ଶିକ୍ଷକ ନେତା ରଞ୍ଜନ ମହାନ୍ତି, ସଞ୍ଜୟ ପଣ୍ଡା, ପ୍ରଶାନ୍ତ ଜେନା ପ୍ରମୁଖ ସୁରଭି ଶିଶୁ ପ୍ରତିଭାଙ୍କୁ ବିକଶିତ କରୁଛି ବୋଲି ମତବ୍ୟକ୍ତ କରିଥିଲେ । ଶିକ୍ଷୟିତ୍ରୀ ମନସ୍ୱିନୀ ରାଉତ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଶିକ୍ଷକ ସୁନୀଲ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ । ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ସହିତ ଅନ୍ୟାନ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । କୃତୀ ବିଦ୍ୟାର୍ଥୀଙ୍କୁ ଅତିଥିମାନେ ସମ୍ମାନିତ କରିଥିଲେ । ଉତ୍ସବକୁ ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ ପରିଚାଳନା କରିଥିଲେ ।

# ଭଦ୍ରକ ଜିଲ୍ଲା ୮ ମ ଜିଲ୍ଲା ପରିଷଦ ବୈଠକ




ଭଦ୍ରକ,୧୫ ।୧୦(ସମିସ): ଭଦ୍ରକ ଜିଲ୍ଲା ପରିଷଦ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅଷ୍ଟମ ଜିଲ୍ଲା ପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି । ସାଂସଦ ଅଭିମନ୍ୟୁ ସେଠୀ, ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ, ବାସୁଦେବପୁର ବିଧାୟକ ଅଶୋକ କୁମାର ଦାସ, ଭଦ୍ରକ ବିଧାୟକ ସୀତାଂଶୁ ଶେଖର ମହାପାତ୍ର, ଜିଲ୍ଲା ପରିଷଦ ଅଧ୍ୟକ୍ଷ ପ୍ରଫୁଲ୍ଲ ଜେନା, ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ପ୍ରତିନିଧି ଅଶୋକ ପୁହାଣ, ଚାନ୍ଦବାଲି ବିଧାୟକଙ୍କ ପ୍ରତିନିଧି ଅଶୋକ ବଳ, ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ଟୁନିବାଳା ବିଶ୍ୱାଳ, ଜିଲ୍ଲା ପରିଷଦ ସଭ୍ୟ ପ୍ରଦୀପ କୁମାର ମଲ୍ଲିକ, ଜିଲ୍ଲାପାଳ ଦିଲୀପ ରାଉତରାଏ ଓ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଶୁଭେନ୍ଦ୍ର ସାମଲ ପ୍ରମୁଖ ଯୋଗ ଦେଇଥିଲେ । ବୈଠକରେ ଭଣ୍ଡାରିପୋଖରୀ ବିଧାୟକ ସଂଜୀବ ମଲ୍ଲିକ ଭଣ୍ଡାରିପୋଖରୀ ବ୍ଲକ ଓ ବନ୍ତ ବ୍ଲକ୍‌ର ବିଭିନ୍ନ ସମସ୍ୟାକୁ ନେଇ ଆଲୋଚନା କରିଥିବା ବେଳେ ଆଗରପଡା ବରପଦା ରାସ୍ତାର ଉନ୍ନତିକରଣ କାର୍ଯ୍ୟ କାହିଁକି ବନ୍ଦ ହୋଇ ରହିଛି, ନିମ୍ନମାନର କାର୍ଯ୍ୟ ହେଉଥିବା ଅଭିଯୋଗ କରିବା ସହ ବିଭାଗୀୟ ଅଧିକାରୀ ନିରବରେ କି ବୋଲି ପ୍ରଶ୍ନ ଉଠାଇଥିଲେ । ସେହିଭଳି ଐତିହାସିକ ଭଦ୍ରକ କାଳୀପୂଜା ମରଣଯନ୍ତା ପାଲଟିଛି ଆଗରପଡା ବରପଦା ରାସ୍ତା ହନ୍ତସନ୍ତ ହେଉଛନ୍ତି ସାଧାରଣ ଜନତା ବୋଲି କହିବା ସହ ତୀବ୍ର ଅସନ୍ତୋଷ ବ୍ୟକ୍ତ କରିଥିଲେ । ଅନୁରୂପ ଭାବେ ବନ୍ତ ପ୍ରାଥମିକ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଅବ୍ୟବସ୍ଥା, ଡାକ୍ତରଙ୍କ ଅଭାବ, ଭଣ୍ଡାରିପୋଖରୀ ବ୍ଲକରେ ଅଦିନିଆ ବର୍ଷାରେ ଜଳବନ୍ଦୀ ଜୀବନ ସମସ୍ୟା ଉପରେ ଆଲୋଚନା ହୋଇଥିଲା । କୁମ୍ଭକର୍ଣ୍ଣ ନିଦରେ ଅଧିକାରୀ ବୋଲି କହିଥିଲେ ବିଧାୟକ ଶ୍ରୀ ମଲ୍ଲିକ । ବୈଠକରେ ଜିଲ୍ଲାର ୭ଟି ବ୍ଲକର ପଞ୍ଚାୟତସମିତି ଅଧ୍ୟକ୍ଷ, ଅଧ୍ୟକ୍ଷା, ଜିଲ୍ଲା ପରିଷଦ ସଭ୍ୟ ଏବଂ ସମସ୍ତ ବିଭାଗୀୟ ଅଧିକାରୀ ଯୋଗ ଦେଇଥିଲେ ।

# ୨୫ ଦିନ ବିତିଗଲା; ମିଳିଲାନି ଦିବ୍ୟାଙ୍ଗଙ୍କୁ ଭତ୍ତା

ଅସୁରାଳି, ୧୫ ।୧୦(ସମିସ): ଗୋବିନ୍ଦପୁର ପଞ୍ଚାୟତର ୭୫ ବର୍ଷ ବୟସର କୋରୁଆ ଅଧିବାସୀ ବୃଦ୍ଧ ଦିବ୍ୟାଙ୍ଗ ହିତାଧିକାରୀ ଆନନ୍ଦ ସେଠୀଙ୍କୁ ଭତ୍ତା




ପାଇଁ ଦିନ ଭରି ଅପେକ୍ଷା କରିବା ସତ୍ତ୍ୱେ ବିନା ଭତ୍ତା ଦେଇ ଫେରେଇ ଦିଆଯାଇଥିଲା । ସକାଳ ୮ରୁ ସନ୍ଧ୍ୟା ୫ ଯାଏଁ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟରେ ବସି ବସି ଅପେକ୍ଷା କରିଥିବା ଆନନ୍ଦଙ୍କୁ ପିଇଓ ରାକେଶ ସେନାପତି ଭତ୍ତା ଦେବା ପାଇଁ ଦିବ୍ୟାଙ୍ଗ ପ୍ରମାଣପତ୍ର ଆଣିବାକୁ କହିଥିଲେ । ତାଙ୍କ କହିବାନୁଯାୟୀ, ବିଡିଓଙ୍କ ନିର୍ଦ୍ଦେଶ ଅନୁସାରେ ବିନା ପ୍ରମାଣପତ୍ର ଭତ୍ତା ଦେବା ଅସମ୍ଭବ । ଯାହା ନିମନ୍ତେ ଆନନ୍ଦଙ୍କୁ ନିରାଶ ହୋଇ କାନ୍ଦି କାନ୍ଦି ଘରକୁ ଫେରିବାକୁ ବାଧ ହେବା ପଡ଼ିଲା । ଏ ଘଟଣାକୁ ୨୫ ଦିନ ପୂରି ଗଲାଣି । ମାତ୍ର ନା ପିଇଓ ନା ପ୍ରଶାସନିକ ଅଧିକାରୀ ତାଙ୍କ ଦୁଃଖ ବୁଝିଲେ । ସେ ଜଣେ ଦିବ୍ୟାଙ୍ଗ । ଜନ୍ମରୁ ଅନ୍ଧ । ଭତ୍ତା ପଇସାରେ ନିଜର ଗୁଜୁରାଣ ମେଣ୍ଟାଉଥିଲେ କିନ୍ତୁ ଚଳିତ ମାସର ଭତ୍ତାରୁ ବଞ୍ଚିତ ହୋଇଛନ୍ତି ସେ । ତାଙ୍କର କେହି ନାହାନ୍ତି । କାହାକୁ କହିବେ କିଏ ଶୁଣିବ ଦୁଃଖ? ଯେଉଁଠି ପ୍ରଶାସନ କର୍ଣ୍ଣପାତ କରୁନାହିଁ କାହାକୁ କହିବେ ମନର ଦୁଃଖ? ଏ ବିଷୟରେ ପିଇଓ ରାକେଶ ସେନାପତିଙ୍କୁ ପଚାରିବାରୁ ସେ କହିଲେ, ବିଡିଓଙ୍କ ପରାମର୍ଶ ଅନୁଯାୟୀ, ଦିବ୍ୟାଙ୍ଗ ପ୍ରମାଣପତ୍ର ନ ଦେବା ଯାଏଁ ଭତ୍ତା ମିଳିପାରିବ ନାହିଁ । ଅନ୍ୟପଟେ, ଆଗାମୀ ଦିନରେ ଭତ୍ତା ନ ମିଳିଲେ ପଞ୍ଚାୟତ କାର୍ଯ୍ୟାଳୟ ଆଗରେ ଆତ୍ମାହୁତି ଦେବେ ବୋଲି ଚେତାବନୀ ଦେଇଛନ୍ତି ।



## ଏପଟେ ଚାରାରୋପଣ; ସେପଟେ ଗଛକଟା

# ଗ୍ୟାସ୍ ଷ୍ଟକ୍‌ୟାର୍ଡ ଯୋଗୁଁ କଟୁଛି ମୂଲ୍ୟବାନ ଗଛ

ଯଖପୁରା, ୧୫।୧୦(ସମିସ)



ସରକାରଙ୍କ ଜଙ୍ଗଲ ବିଭାଗ ପକ୍ଷରୁ ଗଛ ପାଇଁ ଅନେକ ଗୁଡ଼ିଏ ସ୍ଲୋଗାନ ଦିଆଯାଉଥିବା ବେଳେ ଏହାକୁ ପ୍ରକୃତ ପକ୍ଷରେ କାର୍ଯ୍ୟକାରୀ କରାଯାଉନାହିଁ। ସରକାରଙ୍କ ତରଫରୁ ପ୍ରଚୁର ଅର୍ଥ ବ୍ୟୟ ବରାଦ କରାଯାଇ ରାସ୍ତା କଡ଼ରେ ହେଉ ଅବା ଅନ୍ୟ ସ୍ଥାନମାନଙ୍କରେ ଗଛ ଲଗାଯାଇଥାଏ। ଗଛର ଆବଶ୍ୟକତାକୁ ଦୃଷ୍ଟିରେ ରଖି ବନବିଭାଗକୁ ଏଥିପ୍ରତି ସଚେତନ ଅଛି ବୋଲି କହୁଥିବା ବେଳେ ବଡ଼ ବଡ଼ ଗଛ ସବୁ କଟାଯାଉଛି। ସେମିତି ଏକ ଦୃଶ୍ୟ ଦେଖିବାକୁ ମିଳିଛି ଦାନଗଦି ବ୍ଲକ ମାନତିରା ପଞ୍ଚାୟତର ମାନତିରା ଥିବା ଗ୍ୟାସ୍ ଷ୍ଟକୟାଡରେ। ବନବିଭାଗ ପକ୍ଷରୁ ଗଛ କାଟିବା ପାଇଁ କମ୍ପାନୀକୁ ଅନୁମତି ମିଳିଛି କି ନାହିଁ ବନ ବିଭାଗ ଜାଣିନଥିବା କହିଛନ୍ତି। ଗ୍ୟାସ୍ ଷ୍ଟକୟାର୍ଡ ପାଇଁ ନିର୍ମିତ ପାଚେରି ଭିତରେ ଓ ବାହାରେ ଅନେକ ଗୁଡ଼ିଏ ବଡ଼ ବଡ଼ ଗଛ କାଟି ଦିଆଯାଇଛି। ଏହା ପରେ ମଧ୍ୟ ରାସ୍ତା କଡ଼ରେ ଗ୍ୟାସ୍ ପାଇପ୍ ଲାଇନ୍ ବିଛାଇବା ନାଁରେ ବହୁ ଗଛ କଟାଯାଉଛି। ଗ୍ୟାସ ପାଇପ ଲାଇନ ବିଛାଇବା ନାଁରେ ଗଛ କାଟା ଓ ରାସ୍ତା ତାଡ଼ି ମନଇଚ୍ଛା ଖୋଲା ମେଲା ଭାବେ ଛାଡି କାର୍ଯ୍ୟ କରୁଛି ଗେଲ ଇଣ୍ଡିଆ କମ୍ପାନୀ। ଜିଲ୍ଲା ପ୍ରଶାସନ ଓ ବନ ବିଭାଗର ବିନା ଅନୁମତିରେ ଗ୍ରାମାଞ୍ଚଳରେ ଥିବା ବଡ଼ ବଡ଼ ଗଛ କାଟି ସଫା କରିଦିଆଯାଉଛି। ରାସ୍ତା କଡ଼ରେ ୧୦ ରୁ ୨୦ ଫୁଟ ଗଭୀର ଗାଡ଼ କରିଥିବାରୁ ଗାଁରେ ଗୋରୁ, ଗାଇ, ଛେଳି, ମେଣ୍ଢା ଖସି ପଡୁଥିବାର ଅଭିଯୋଗ ହୋଇଛି। ଏହି ରାସ୍ତା ଦେଇ ପ୍ରତିଦିନ କାରଖାନାକୁ ଶ୍ରମିକ ଓ ଛାତ୍ରଛାତ୍ରୀ ଯିବା ଆସିବା କରୁଥିବାରୁ ଏହି ରାସ୍ତା ଏବେ ସମସ୍ତଙ୍କ ପାଇଁ ବିପଜ୍ଜନକ ହୋଇରହିଛି। ସୁରକ୍ଷା ନଥିବାରୁ କୌଣସି ମୁହୂର୍ତ୍ତରେ ବଡ଼ ଦୁର୍ଘଟଣା ଘଟିବାର ଆଶାଙ୍କା ରହିଛି।

ଗ୍ୟାସ୍ ଷ୍ଟକୟାର୍ଡ କାର୍ଯ୍ୟ ଉପରେ ବନ ବିଭାଗ ତଥ୍ୟ ଅନୁଯାୟୀ କୌଣସି ଗଛ କଟା ପାଇଁ ଅନୁମତି ଦିଆଯାଇନାହିଁ। ପ୍ରଶାସନ ପକ୍ଷରୁ ସୂଚିତ ଥିଲା କି ଯଦି ଆବଶ୍ୟକ ହୁଏ, ତେବେ ବନବିଭାଗ ଓ ଭୂଅର୍ଜନ ବିଭାଗର ମିଳିତ ଅନୁମୋଦନ ପରେ ଆବଶ୍ୟକ ଥିବା ଗଛ କଟାଯାଇ ପାରିବ। ଯାହାକି ଏ ପର୍ଯ୍ୟନ୍ତ ଭୂଅର୍ଜନ ବିଭାଗରୁ ଗଛ କଟା ପାଇଁ ଅନୁମତି ମିଳିନାହିଁ। ଏହି ଘଟଣା ଉପରେ ଦାନଗଦି ତହସିଲଦାର କହିଛନ୍ତି କି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ତଦନ୍ତ ପାଇଁ ରିପୋର୍ଟ ଆସିଛି। ମାନତିରା ରେଭିନ୍ୟୁ ଇନ୍ସପେକ୍ଟରଙ୍କୁ ତଦନ୍ତ ଭାର ଦିଆଯାଇଛି ଏବଂ ରିପୋର୍ଟ ପରେ ଗେଲ୍ ଇଣ୍ଡିଆ କମ୍ପାନୀ ଉପରେ ଆବଶ୍ୟକ କାର୍ଯ୍ୟାନୁଷ୍ଠାନ ନିଆଯିବ। ଯେଉଁ ସ୍ଥାନରେ ଏବେ ଗ୍ୟାସ ଷ୍ଟକ୍‌ୟାର୍ଡ ନିର୍ମାଣ କାର୍ଯ୍ୟ ଚାଲୁଛି; ସେହି ସ୍ଥାନରେ ବନବିଭାଗ ପକ୍ଷରୁ ବହୁ ବର୍ଷ ପୂର୍ବେ ବୃକ୍ଷରୋପଣ କରାଯାଇଥିଲା। ମାତ୍ର ଏବେ ସେହି ଗଛ କଟା ଯାଉଥିବା ବେଳେ ବନବିଭାଗ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଯିବାରୁ ସାଧାରଣରେ ଅସନ୍ତୋଷ ଦେଖାଯାଇଛି।

## ଦଶରଥପୁରରେ ବିଜେଡିର ପଦଯାତ୍ରା



ଦଶରଥପୁର, ୧୫।୧୦(ସମିସ): ଦଶରଥପୁର ବ୍ଲକ ଅଧୀନ ଚିଡ଼ାଳ ପଞ୍ଚାୟତରେ ବିଜେଡି ପକ୍ଷରୁ ପଞ୍ଚାୟତସ୍ତରୀୟ ପଦଯାତ୍ରା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ପଞ୍ଚାୟତ ଅନ୍ତର୍ଗତ ଝାଡ଼ଙ୍ଗା ସ୍ଥିତ ରକ୍ଷାକାଳୀ ମନ୍ଦିର ପ୍ରାଙ୍ଗଣରେ ଅନୁଷ୍ଠିତ ସ୍ୱତନ୍ତ୍ର ସଭାରେ ସ୍ଥାନୀୟ ସରପଞ୍ଚ ବିଜୟଲକ୍ଷ୍ମୀ ଶତପଥୀ ସଭାପତିତ୍ୱ କରିଥିଲେ। ଅତିଥି ଭାବେ ଯାଜପୁର ବିଧାୟିକା ସୁଜାତା ସାହୁ, ବରିଷ୍ଠ ବିଜେଡି ନେତା କର୍ଣ୍ଣାଟ କେଶରୀ ଦାସ, ପଞ୍ଚାୟତ ସମିତି ଅଧ୍ୟକ୍ଷ ଦିଗାମ୍ବର ମଲ୍ଲିକ, ବ୍ଲକ ବିଜେଡି ସଭାପତି ଅଜୟ ମହାନ୍ତି, ସ୍ଥାନୀୟ ସମିତିସଭ୍ୟ ବିଶ୍ୱଜିତ ରାୟ, ଯୁବନେତା ମନୋଜ ରାଉତ ପ୍ରମୁଖ ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ସରପଞ୍ଚ ସୀତାକାନ୍ତ ଶତପଥୀ, ସୁରେଶ ରାଉତ, ଉତ୍ତମ ପରିଡ଼ା, ଅରୁଣ ସାମଲ, ଶରତ ଚନ୍ଦ୍ର ରାୟ, ଅଜୟ ରାଉତ, ଜନାର୍ଦ୍ଦନ ସାହୁ, ଅଭିମନ୍ୟୁ ମହାନ୍ତି, ରାଜକିଶୋର ମିଶ୍ର, ଚନ୍ଦ୍ରଶେଖର ମହାନ୍ତି, ସୁଦର୍ଶନ ମଲ୍ଲିକ, ଅନନ୍ତ ମଲ୍ଲିକ ପ୍ରମୁଖ ବିଜେଡି କାର୍ଯ୍ୟକର୍ତ୍ତା ନିକଟସ୍ଥ ଝାଡ଼ଙ୍ଗା, ରତନପାଳ, ସ୍ୱାଇଁ ସାହିରେ ପଦଯାତ୍ରା କରିଥିଲେ।

## ଦୁର୍ଘଟଣାରେ କଲେଜ ଛାତ୍ରୀ ଗୁରୁତର

କବାଟବନ୍ଧ, ୧୫।୧୦(ସମିସ): ଚଣ୍ଡିଖୋଲ-ଡୁବୁରୀ ୫୩ ନମ୍ବର ଜାତୀୟ ରାଜପଥ ଚଢ଼େଇଧରା ନିକଟରେ ଏକ ଦୁର୍ଘଟଣାରେ କଲେଜ ଛାତ୍ରୀ ଗୁରୁତର ଆହତ ହୋଇଥିବା ଜଣାପଡ଼ିଛି। ଗୁରୁତର ଆହତ ଛାତ୍ରୀ ଜଣଙ୍କ ସ୍ଥାନୀୟ ଜେନାପୁର ଥାନା ଅନ୍ତର୍ଗତ ସାହାଣୀଡ଼ିହ ପଞ୍ଚାୟତ ଅଧୀନ ରାମଚନ୍ଦ୍ରପୁର ଗ୍ରାମର ଲକ୍ଷ୍ମଣ ଦଳାଇଙ୍କ ଝିଅ ବୈଶାଖୀ ଦଳାଇ ବୋଲି ଜଣାପଡ଼ିଛି। ଖବର ମୁତାବକ ବୈଶାଖୀ ଚଣ୍ଡିଖୋଲ କଲେଜରେ ଯୁକ୍ତ ୨ରେ ପାଠ ପଢ଼ନ୍ତି। ବୁଧବାର ବୈଶାଖୀ ଏବଂ ତାଙ୍କର ଜଣେ ସାଙ୍ଗ ସୋନାଲି ଉଭୟ ଲିଫ୍ଟ ସାହାଯ୍ୟରେ ଏକ ମୋଟର ସାଇକଲରେ ଘରକୁ ଫେରୁଥିଲେ। ଫେରିବା ସମୟରେ ଚଢ଼େଇଧରା ଛକ ନିକଟରେ ଭାରସାମ୍ୟ ହରାଇ ଏକ ତେଲ ଟ୍ୟାଙ୍କର ସହିତ ଧକ୍କା ଲାଗିଥିଲା। ଫଳରେ ବାଇକ୍‌ଟି ରାସ୍ତାରେ କିଛି ବାଟ ଘୋଷାଡ଼ି ହୋଇ ଯାଇଥିଲା। ଏଥିରେ ବୈଶାଖୀଙ୍କ ବାମ ପଟ ହାତରେ ଗଭୀର କ୍ଷତ ହୋଇଛି। ଖବର ପାଇ ଚଢ଼େଇଧରା ଅଗ୍ନିଶମ ବାହିନୀ ପହଞ୍ଚି ତାଙ୍କୁ ଉଦ୍ଧାର କରି ବଡ଼ଚଣା ମେଡିକାଲକୁ ନେଇଥିଲେ। ସ୍ୱାସ୍ଥ୍ୟ ଅବସ୍ଥା ଗୁରୁତର ଥିବାରୁ ଡାକ୍ତର ତାଙ୍କୁ କଟକ ସ୍ଥାନାନ୍ତରିତ କରିଥିଲେ।

## ଧାର ଟଙ୍କା ମଗାକୁ କେନ୍ଦ୍ରକରି ଗଣ୍ଡଗୋଳ; ୨ ଗୁରୁତର

ଧର୍ମଶାଳା, ୧୫।୧୦(ସମିସ): ଧର୍ମଶାଳା ଥାନା ଜାଲସୁଖା ଗ୍ରାମରେ ଧାର ଟଙ୍କା ମଗାକୁ କେନ୍ଦ୍ରକରି ଦୁଇ ଜଣଙ୍କ ମଧ୍ୟରେ ମାର୍‌ପିଟ ଘଟି ଉଭୟ ଗୁରୁତର ହୋଇଥିବା ଜଣାପଡ଼ିଛି। ସୂଚନା ମୁତାବକ ଜାଲସୁଖା ଗ୍ରାମରେ ରହୁଥିବା କୁଳମଣି ଦେଉରୀଙ୍କ ପୁଅ ଚିତ୍ତରଞ୍ଜନ ଦେଉରୀ ସେହି ଗ୍ରାମର ନରୀ ଦାସଙ୍କ ପୁଅ ସୁକାନ୍ତ ଦାସକୁ ଧାର ଟଙ୍କା ମାଗିବାରୁ ସୁକାନ୍ତ ତାକୁ ମରଣାନ୍ତକ ଆକ୍ରମଣ କରିଥିଲା। ଫଳରେ ଉଭୟଙ୍କ ମଧ୍ୟରେ ମାରପିଟ ଲାଗିବା ଯୋଗୁଁ ଉଭୟ ଗୁରୁତର ଆହତ ହୋଇଥିଲେ। ଏନେଇ ସ୍ଥାନୀୟ ଅଞ୍ଚଳର ଜଣେ ବ୍ୟକ୍ତି ୧୧୨କୁ ଫୋନ କରିବା ପରେ ପୁଲିସ ସେଠାରେ ପହଞ୍ଚି ଉଭୟଙ୍କୁ ଆଣି ଧର୍ମଶାଳା ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ତେବେ ଡାକ୍ତଖାନାରେ ପ୍ରାଥମିକ ଚିକିତ୍ସା ପରେ ଉଭୟଙ୍କ ଅବସ୍ଥା ଗୁରୁତର ଥିବାରୁ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। ଏସମ୍ପର୍କରେ ଚିତ୍ତରଞ୍ଜନଙ୍କ ସମ୍ପର୍କିୟ ଥାନାରେ ଅଭିଯୋଗ କରିବା ପରେ ପୁଲିସ ନଂ. ୬୪୫ରେ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି ବୋଲି ଥାନା ଅଧିକାରୀ ରଞ୍ଜନ କୁମାର ମାଝୀ ସୂଚନା ଦେଇଛନ୍ତି।

## ମା'ମଙ୍ଗଳା ନାଟ୍ୟ ପରିଷଦର ସମ୍ମିଳନୀ

ବଡ଼ଚଣା, ୧୫।୧୦(ସମିସ): ଚଣ୍ଡିଖୋଲ ସ୍ଥିତ ବିଜୁ କଲ୍ୟାଣ ମଣ୍ଡପ ଠାରେ ମା' ମଙ୍ଗଳା ନାଟ୍ୟ ପରିଷଦର ଏକ ସମ୍ମିଳନୀ ଅନୁଷ୍ଠାନର ସଭାପତି ପ୍ରକାଶ ରାଉତଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ସମ୍ମିଳନୀରେ ନିକଟସ୍ଥ ସୁଙ୍ଗୁଡ଼ା, ନିଶିମଳା, ଖୋସାଲିପୁର, ନୂଆସୁଙ୍ଗୁଡା ଗ୍ରାମର ନାଟ୍ୟ ଅନୁଷ୍ଠାନ ଗୁଡ଼ିକ ଯୋଗଦେଇଥିଲେ। ଅନୁଷ୍ଠାନର ଉପସଭାପତି ସ୍ମୃତିରଞ୍ଜନ ମାହାଲା, ସମ୍ପାଦକ ଦେବଦତ୍ତ ଜେନା, ସହ ସମ୍ପାଦକ ପବିତ୍ର ମୋହନ ଜେନା, କୋଷାଧ୍ୟକ୍ଷ ସଞ୍ଜୀବ ବଳ, ବରିଷ୍ଠ କଳାକାର ଅକ୍ଷୟ କୁମାର ସ୍ୱାଇଁ, ନାଟ୍ୟ ନିର୍ଦ୍ଦେଶକ ହରି ସାମନ୍ତ, ପ୍ରଫୁଲ୍ଲ ମହାରଣା ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ସୁଙ୍ଗୁଡ଼ା କାର୍ତ୍ତିକେୟ ପୁସ୍ତକାଗାର ନାଟ୍ୟ ପରିଷଦର ସଭାପତି ମନୋଜ କୁମାର ସାହୁ, ସମ୍ପାଦକ ଦିଲ୍ଲୀପ କୁମାର ବଳ, ନିଶିମଳା ସତ୍ୟ ନାରାୟଣ ନାଟ୍ୟ ପରିଷଦର ସଭାପତି ତପନ କୁମାର ଜେନା, ସମ୍ପାଦକ ଉତ୍ତମ କୁମାର ଜେନା, ଉପସଭାପତି ଅଟଳ ଜେନା, ମା'ନଳୁଆଶୁଣି ନାଟ୍ୟ ପରିଷଦର ସଭାପତି ସୁକାନ୍ତ କୁମାର ଜେନା, ସମ୍ପାଦକ ବିଶ୍ୱଜିତ ଜେନା, ଲକ୍ଷ୍ମୀ ନାରାୟଣ ନାଟ୍ୟ ପରିଷଦ ନୂଆ ସୁଙ୍ଗୁଡ଼ାର ସଭାପତି ବନମାଳୀ ସେନାପତି ପ୍ରମୁଖ ଯୋଗଦେଇଥିଲେ। ଆସନ୍ତା ଡିସେମ୍ବର ୨୫ତାରିଖରେ ଚଣ୍ଡିଖୋଲ ମହୋତ୍ସବ ଅବସରରେ ଅନୁଷ୍ଠିତ ହେବାକୁ ଥିବା ଏହି ନାଟ୍ୟ ମହୋତ୍ସବରେ ରେ ଲଟେରୀ ମାଧ୍ୟମରେ ନାଟ୍ୟ ପରିଷଦ ସେମାନଙ୍କର ନାଟକ ପରିବେଷଣ କରିବା ସ୍ଥିର ହୋଇଥିଲା। ଏହି ବନ୍ଧୁମିଳନ ଉତ୍ସବରେ ୪ଟି ଗ୍ରାମର ଶତାଧିକ କଳାକାର ଯୋଗ ଦେଇଥିଲେ।

## ବଳଦେବଜିଉ ହାଇସ୍କୁଲରେ 'ସୁରଭି' କାର୍ଯ୍ୟକ୍ରମ

ଧର୍ମଶାଳା, ୧୫।୧୦(ସମିସ): ଧର୍ମଶାଳା ବ୍ଲକ ଦେଓଦା ଗ୍ରାମସ୍ଥିତ ବଳଦେବଜିଉ ସରକାରୀ ହାଇସ୍କୁଲରେ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଶିକ୍ଷକ ଅରୁଣ କୁମାର ସରଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଶିକ୍ଷାବିତ୍ ପ୍ରବୋଧ କୁମାର ମହାନ୍ତି, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ବସନ୍ତ କୁମାର ସାହୁ ଓ ସମ୍ମାନିତ ଅତିଥି ଭାବେ ସିଆର୍‌ସିସି ପରୀକ୍ଷିତ ପ୍ରଧାନ ଯୋଗଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ପ୍ରମାଣପତ୍ର ଓ ପୁରସ୍କୃତ ପ୍ରଦାନ କରିଥିଲେ।



ଶିକ୍ଷକ କୃଷ୍ଣଚନ୍ଦ୍ର ତ୍ରିପାଠୀ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିଲେ। ବାଙ୍କସାହି ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରମେଶ ଚନ୍ଦ୍ର ବାରିକ, ନୀଳକଣ୍ଠପୁର ପ୍ରକଳ୍ପ ଉପ୍ରା ସ୍କୁଲର ପ୍ରଧାନ ଶିକ୍ଷକ ଚିନ୍ମୟ ଦାସ, ମାଝିପାଟଣା ପ୍ରାଥମିକ ସ୍କୁଲର ପ୍ରଧାନ ଶିକ୍ଷକ ଅଶୋକ କୁମାର ପ୍ରଧାନ, ଶିକ୍ଷକ ନାରାୟଣ ଚନ୍ଦ୍ର ସାହୁ, ହୃଷୀକେଶ ନାୟକଙ୍କ ସମେତ ହାଇସ୍କୁଲର ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ ଓ କର୍ମଚାରୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶିକ୍ଷକ ଛବି ମଲିକ ଧନ୍ୟବାଦ ଦେଇଥିଲେ।

## ବିଦ୍ୟାଳୟରେ ହାତଧୁଆ ଦିବସ

ପାଣିକୋଇଲି, ୧୫।୧୦(ସମିସ): କୋରାଇ ଶିକ୍ଷା ମଣ୍ଡଳ ଅଧୀନସ୍ଥ ନୂଆପଦା ସରକାରୀ ଉପ୍ରା ବିଦ୍ୟାଳୟରେ ବିଶ୍ୱ ହାତଧୁଆ ଦିବସ ପାଳନ କରାଯାଇଛି। ପ୍ରଧାନଶିକ୍ଷୟିତ୍ରୀ ସଂଯୁକ୍ତା ମହାରଣାଙ୍କ ସଭାପତିତ୍ୱରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ଅତିଥି ଭାବେ ବ୍ଲକ ଶିକ୍ଷାଧିକାରୀ ସୁଦର୍ଶନ ମଲ୍ଲିକ, ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ବିଜୟ କୁମାର ମଲ୍ଲିକ, ଜଳ ଓ ପରିମଳ ବିଭାଗ ଅଧିକାରୀ ସୁଧାକର ପଣ୍ଡା, ପରିଚାଳନା କମିଟିର ସଭାପତି ଅଶୋକ କୁମାର ଦାସ, ସଦସ୍ୟ ଗୟାଧର ସ୍ୱାଇଁ, ପୂର୍ବତନ ସଭାପତି ରବିନାରାୟଣ ଭୂୟାଁ, ବ୍ଲକ ଜଳ ଓ ପରିମଳ ବିଭାଗ ଆୟୋଜକ ଚନ୍ଦନ କୁମାର ଦାସ ପ୍ରମୁଖ ଯୋଗ ଦେଇ ହାତଧୁଆ ଦିବସ ପାଳନର




ତାତ୍ପର୍ଯ୍ୟ ସମ୍ପର୍କରେ ମତ ଦେଇଥିଲେ। ଛାତ୍ରୀ ସୁଶ୍ରୀ ସ୍ମୃତିରେଖା ଭୂୟାଁ ସ୍ୱାଗତ ନୃତ୍ୟ ମାଧ୍ୟମରେ ସ୍ୱାଗତ ଜଣାଇଥିଲେ। ପୁରାତନ ଛାତ୍ରୀ ସୋହାନୀ ଦାସ ଓ ରଶ୍ମିତା ଦାସ ପିଲାମାନଙ୍କୁ ହାତ ଧୋଇବାର ଉପାୟ ପର୍ଯ୍ୟାୟ କ୍ରମେ ଶିକ୍ଷାଇଥିଲେ। ଶିକ୍ଷକ ତାରିଣୀ ପ୍ରସାଦ ରାୟ, ବଳରାମ ବେହେରା ପରିଚାଳନାରେ ସହଯୋଗ କରିଥିବା ବେଳେ ଶିକ୍ଷୟତ୍ରୀ ସସ୍ମିତା ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ଓଡ଼ିଆ ବିଭାଗ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧନା

ପାଣିକୋଇଲି, ୧୫।୧୦(ସମିସ): ପାଣିକୋଇଲିସ୍ଥିତ ଡିଗ୍ରୀ ମହାବିଦ୍ୟାଳୟର ଓଡ଼ିଆ ବିଭାଗର ପ୍ରଥମ ବର୍ଷ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଇଛି। ଦ୍ୱିତୀୟ ଓ ତୃତୀୟ ବର୍ଷର ଛାତ୍ରଛାତ୍ରୀ ପ୍ରଥମ ବର୍ଷର ପିଲାମାନଙ୍କୁ ସ୍ୱାଗତ କରିଥିଲେ। ଏହି ଅବସରରେ ଆୟୋଜିତ ସଭାରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ଚନ୍ଦ୍ରକାନ୍ତ ମହାନ୍ତି ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଭାବେ ଡ. ପ୍ରତାପ ଚନ୍ଦ୍ର ତ୍ରିପାଠୀ, ମୁଖ୍ୟବକ୍ତା ଭାବେ ଅଧ୍ୟାପକ ମଦନ ମୋହନ ପାତ୍ର, ସମ୍ମାନିତ ଅତିଥିଭାବେ ପାର୍ବତୀ ନାଥ ଯୋଗଦେଇ ପାଠ ପଢ଼ି ଭଲ ମଣିଷ ହେବା ପାଇଁ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଥିଲେ। ମଧୁସ୍ମିତା ମହାରଣା, ଶତାବ୍ଦୀ ସ୍ମରଣିକା ସ୍ୱାଇଁ, ଦେବାଶିଷ ସାହୁ, ସୁଧାଂଶୁ ଶେଖର ସାହୁ, ରାଜଶ୍ରୀ ରାଉତ, ଦିପ୍ତିମୟୀ ଧଳ, ଶୁଭଶ୍ରୀ ଜେନା, ପୂଜାରାଣୀ ରାଉତ, ମମିତା ଓଝା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶେଷରେ ଅଧ୍ୟାପିକା ସାଗରିକା ରଥ ଧନ୍ୟବାଦ ଦେଇଥିଲେ।

## 'ସ୍ମୃତି ଓ ପ୍ରଣତି'ର ବାର୍ଷିକ ଉତ୍ସବ

ଯାଜପୁର, ୧୫।୧୦(ସମିସ): ଯାଜପୁରର ଜଣାଶୁଣା ସାଂସ୍କୃତିକ ଓ ସାମାଜିକ ଅନୁଷ୍ଠାନ 'ସ୍ମୃତି ଓ ପ୍ରଣତି'ର ବାର୍ଷିକ ଉତ୍ସବ ଏବଂ ପ୍ରଦ୍ୟୁମ୍ନ କିଶୋର ବଳଙ୍କ ୯୩ତମ ଜୟନ୍ତୀ ଉତ୍ସବ ପାଳନ ନିମନ୍ତେ ଏକ ପ୍ରସ୍ତୁତି ବୈଠକ ସଭାପତି ଶିଶିର କୁମାର ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଗରିଆପୁରସ୍ଥିତ କାର୍ଯ୍ୟାଳୟରେ ଅନୁଷ୍ଠିତ ବୈଠକରେ ନଭେମ୍ବର ୧୦ ତାରିଖ ଅପରାହ୍ନରେ ଯାଜପୁର ଟାଉନ୍‌ଠାରେ ଉକ୍ତ କାର୍ଯ୍ୟକ୍ରମ ଆୟୋଜିତ ହେବାକୁ ଯାଉଥିବା ସୂଚନା ଦିଆଯାଇଥିଲା। ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ନିମନ୍ତେ ଚଳିତ ବର୍ଷ ତିନି ଜଣଙ୍କୁ ଏଥିରେ ସମ୍ମାନିତ କରାଯିବ। ସାଧାରଣ ସମ୍ପାଦକ କୈଳାଶ ଚନ୍ଦ୍ର ନାୟକ ପ୍ରାକ୍ ସୂଚନା ରଖିଥିଲେ। ସଂଗଠନ ସମ୍ପାଦକ ପ୍ରଫେସର ଡ. ଦାମୋଦର ବେହେରା ଉତ୍ସବର ରୂପରେଖ ସମ୍ପର୍କରେ ସୂଚନା ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅନୁଷ୍ଠାନର କର୍ମକର୍ତ୍ତା ବିଶିଷ୍ଟ ଚିକିତ୍ସକ ଡା. ରାଜକିଶୋର ପଣ୍ଡା, ଶିକ୍ଷା ସଂଗଠକ ଡ. ନିତ୍ୟାନନ୍ଦ ମିଶ୍ର, ଆଡଭୋକେଟ୍ ଶୁଭ୍ରାଂଶୁ କୁମାର ରାୟ, ଶିକ୍ଷାବିତ ସୁବାସ ମହାପାତ୍ର, ସାମ୍ବାଦିକ ଶେଖ୍ ମନିରୁଦ୍ଦିନ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଅନୁଷ୍ଠାନର କର୍ମକର୍ତ୍ତା ସୁବାସ ଚନ୍ଦ୍ର ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ।

## 'ଶିକ୍ଷକମାନଙ୍କ ଦକ୍ଷତା ବିକାଶ' ଆଲୋଚନାଚକ୍ର




ବଡ଼ଚଣା, ୧୫।୧୦(ସମିସ): ବଡ଼ଚଣା ବ୍ଲକ ଅନ୍ତର୍ଗତ ନୂଆହାଟ ସ୍ଥିତ ବିଷ୍ଣୁ ସାମନ୍ତରାୟ ମହାବିଦ୍ୟାଳୟର ଶିକ୍ଷା ବିଭାଗ ପକ୍ଷରୁ ୨୦୨୦ ଜାତୀୟ ଶିକ୍ଷାନୀତି ଅନୁଯାୟୀ ଶିକ୍ଷକମାନଙ୍କ ଦକ୍ଷତା ବିକାଶ ଶୀର୍ଷକ ଏକ ଆଲୋଚନାଚକ୍ର ଶିକ୍ଷା ବିଭାଗର ମୁଖ୍ୟ ଅଧ୍ୟାପିକା ନିରୁପମା ସ୍ୱାଇଁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ପବିତ୍ର ମୋହନ ମାହାଲା ଯୋଗଦେଇଥିଲେ। ମୁଖ୍ୟ ବକ୍ତା ଭାବେ ଡ. ଯୁଧିଷ୍ଠିର ଖଟୁଆ ଜାତୀୟ ଶିକ୍ଷା ନୀତି ଅନୁଯାୟୀ ଛାତ୍ରଛାତ୍ରୀଙ୍କୁ ପୁସ୍ତକର ବୋଝ ନ ଦେଇ ସେମାନଙ୍କ ମନପସନ୍ଦର ବିଷୟ ସ୍ଥିର କରାଇବାକୁ ସୁଯୋଗ ଦେବାକୁ କହିଥବଲେ। ଅଧ୍ୟାପିକା ଶ୍ରାବଣୀକନ୍ୟା ସ୍ୱାଗତିକା ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଅଧ୍ୟାପିକା ହେମଲତା ସାହୁ ଧନ୍ୟବାଦ୍ ଅର୍ପଣ କରିଥିଲେ। ଏହି ଆଲୋଚନାଚକ୍ରରେ ଯୁକ୍ତ ୩ ଦ୍ୱିତୀୟ ବର୍ଷ ଛାତ୍ରୀ ସୃଷ୍ଟି ଶୋଭନା ବାରିକ ଓ ଯୁକ୍ତ ୩ ଶେଷବର୍ଷ ଛାତ୍ରୀ ପ୍ରିୟଙ୍କା ସାହୁ ସନ୍ଦର୍ଭ ପାଠ କରିଥିଲେ।










## ପିକ୍‌ଅପ ଭ୍ୟାନରୁ ଗୋରୁ ଚମଡ଼ା ଉଦ୍ଧାର

ବାଲିଚନ୍ଦ୍ରପୁର/ଧର୍ମଶାଳା, ୧୫।୧୦(ସମିସ): ଗୋରୁ ଚମଡ଼ା ବୋଝେଇ ଏକ ପିକ୍‌ଅପ୍ ଭ୍ୟାନ୍ ଗାଡିକୁ ଆଜି ବାଲିଚନ୍ଦ୍ରପୁର ଥାନା ପୁଲିସ ଜବତ କରିଛି। ତେବେ ଗାଡ଼ି ଜବତ ସମୟରେ କୌଶଳକ୍ରମେ ଚାଳକ ଜଣକ ଫେରାର ହୋଇଯାଇଥିଲା। ପୁଲିସ ସୂଚନା ମୁତାବକ



ଯାଜପୁର ସଦର ଅନ୍ତର୍ଗତ ବ୍ରହ୍ମବରଦା ଅଞ୍ଚଳରୁ ଏହି ଗୋରୁ ଚମଡ଼ା ଭର୍ତ୍ତି ଗାଡ଼ିଟି ବାଲିଚନ୍ଦ୍ରପୁର ଥାନା ଅନ୍ତର୍ଗତ ନଳିପୁର ଅଞ୍ଚଳକୁ ଆସୁଥିବା ବେଳେ କୌଣସି ସୂତ୍ରରୁ ଖବର ପାଇ ବଜରଙ୍ଗ ଦଳର କର୍ମୀମାନେ ବ୍ରହ୍ମବରଦା ଥାନାକୁ ଖବର ଦେବା ସହିତ ସେମାନେ ଗାଡ଼ିଟିକୁ ପିଛା କରିଥିଲେ। ତେବେ ଗାଡ଼ିଟି ଆସି ବାଲିଚନ୍ଦ୍ରପୁର ଥାନା ଅନ୍ତର୍ଗତ ଅରେଇକଣା ଅଞ୍ଚଳରେ ପହଞ୍ଚିବା ପରେ ଖବର ପାଇ ବାଲିଚନ୍ଦ୍ରପୁର ଥାନା ପୁଲିସ ସେଠାରେ ପହଞ୍ଚି ଗାଡିଟିକୁ ଜବତ କରି ଥାନାକୁ ଆଣିଥିଲେ। ପରେ ଥାନା କେଶ ନମ୍ବର ୩୧୨/୨୫ରେ ଏକ ମାମଲା ରୁଜୁ କରାଯାଇ ଏନେଇ ତଦନ୍ତ ଚାଲୁ ରହିଥିବା ନେଇ ଥାନାଧିକାରୀ ସମରଜିତ ନାୟକ ସୂଚନା ଦେଇଛନ୍ତି।

## ସିଜେଆଇ ଉପରେ ଆକ୍ରମଣର ପ୍ରତିବାଦ

ବ୍ୟାସନଗର, ୧୫।୧୦(ସମିସ)


ଚିଫ୍ ଜଷ୍ଟିସ ଅଫ ଇଣ୍ଡିଆ (ସିଜେଆଇ)ଙ୍କ ଉପରେ ହୋଇଥିବା ଆକ୍ରମଣକୁ ପ୍ରତିବାଦ କରାଯାଇଛି। ବୁଧବାର ମଧ୍ୟାହ୍ନରେ ଯାଜପୁରରୋଡ଼ଠାରେ ବିଭିନ୍ନ ଗଣ ସଂଗଠନ ପକ୍ଷରୁ ପଦଯାତ୍ରା କରି ପ୍ରତିବାଦ କରିବା ସହ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଏକ ଦସ୍ତଖତ ସମ୍ବଳିତ ଦାବିପତ୍ର ଏଡିଏମ ସପନ କୁମାର ନନ୍ଦଙ୍କ ଜରିଆରେ ପଠାଯାଇଥିବା ଜଣାପଡ଼ିଛି। ସିଭିଲ ସୋସାଇଟି ଫୋରମ ଯାଜପୁର, ମୂଳ ନିବାସୀ ଯୁବ ଛାତ୍ର ସମ୍ମୁଖ୍ୟ, ସାମାଜିକ ସମତା ଅଭିଯାନ, ଆମ୍ବେଦକର ଫାଉଣ୍ଡେସନ, ଭୀମ ଆର୍ମି ଭଳି ସଂଗଠନର ମିଳିତ ଆହ୍ୱାନ କ୍ରମେ ଉକ୍ତ ପ୍ରତିବାଦ ସଭା ଅନୁଷ୍ଠିତ ହୋଇଥିଲା। ଗଣ ସଂଗଠନର ଆବାହକ ବିଶ୍ୱନାଥ ପାତ୍ର, ରସାନନ୍ଦ ମଲ୍ଲିକ, ହୃଷୀକେଶ ଜେନାଙ୍କ ତତ୍ତ୍ୱାବଧାନରେ ବୁଧବାର ସକାଳୁ ଯାଜପୁରରୋଡ଼ ଆଦର୍ଶ ଥାନା ଆଇଆଇସିଙ୍କୁ ଏକ ଲିଖିତ ଅଭିଯୋଗ କରି ସଂଗଠନ ପକ୍ଷରୁ ଏକ ପଦଯାତ୍ରା କରାଯାଇ ଯାଜପୁରରୋଡ୍‌ର ଗୋପବନ୍ଧୁ ଛକ ଠାରେ ଏକ ପ୍ରତିବାଦ ସଭା ଅନୁଷ୍ଠିତ ହୋଇଥିଲା। ଏଥିରେ ଶ୍ରମିକ ନେତା ପ୍ରଫୁଲ୍ଲ ନାୟକ, ସାମାଜିକ ସମତା ଅଭିଯାନର କାଳନ୍ଦୀ ମଲ୍ଲିକ, ହୃଷୀକେଶ ଜେନା, ରସାନନ୍ଦ ମଲ୍ଲିକ, ଆମ୍ବେଦକର ଫାଉଣ୍ଡେସନର କାର୍ତ୍ତିକ ମଲ୍ଲିକ, ଦୁଷ୍ମନ୍ତ ଜେନା, ସୁରେନ୍ଦ୍ର ମଲ୍ଲିକ, ଭିମ ଆର୍ମିର ସସ୍ମିତା ଜେନା, ରମେଶ ମଲ୍ଲିକ, ରଞ୍ଜିତ ଜାମୁଡ଼ା, ସନ୍ଧ୍ୟାରାଣୀ ମଲ୍ଲିକ, ଏସସି ଏସଟି ଜଏଣ୍ଟ କମିଟିର ଯଶୋବନ୍ତ ଜେନା, ମୂଳ ନିବାସୀ ଯୁବ ଛାତ୍ର ସାମ୍ମୁଖ୍ୟର ରବୀନ୍ଦ୍ର ପାତ୍ର, କ୍ଷେତ୍ରବାସୀ ମଲ୍ଲିକ ପ୍ରମୁଖ ଏଥିରେ ସାମିଲ ହୋଇଥିଲେ।



# ସକାଳ

THE SAKALA

# ସମ୍ପାଦକୀୟ



ଗଣତନ୍ତ୍ରରେ ଏକ ଦୃଢ଼ ବିରୋଧୀ ଦଳ ଅପରିହାର୍ଯ୍ୟ।


-ନବୀନ ପଟ୍ଟନାୟକ

## ରାଜନୀତିରେ 'ନବୀନ-ସିଦ୍ଧାନ୍ତ'

ଆଗାମୀ ଦିନରେ ଯେତେବେଳେ ଏକବିଂଶତାବ୍ଦୀର ରାଜନୈତିକ ଇତିହାସ ଲେଖାଯିବ, ଐତିହାସିକ, ଗବେଷକ ଓ ପାଠକମାନେ ଜାଣି ଆଶ୍ଚର୍ଯ୍ୟ ହେବେ ଯେ ନିରାଡ଼ମ୍ବର ଜୀବନଯାପନ କରୁଥିବା ସଫେଦ୍ କୁର୍ତ୍ତାପାଇଜାମା ଓ ହାୱାଇ ଚପଲ୍ ପରିହିତ ଜଣେ ବ୍ୟକ୍ତିତ୍ୱ କିଭଳି ପ୍ରଥମ ଅଢ଼େଇ ଦଶନ୍ଧି ଧରି ଜାତୀୟ ରାଜନୀତିକୁ ଆଚ୍ଛନ୍ନ କରି ରଖିଥିଲେ। ତେବେ କ'ଣ ଥିଲା ସେ ଶାସନର ଆଧାର ଓ ପ୍ରକାର? ଏ ପ୍ରଶ୍ନର ଉତ୍ତର ଖୋଜିବା ବେଳେ ରାଜନୀତିଜ୍ଞ ଓ ଐତିହାସିକମାନଙ୍କୁ ଆହୁରି ଆଶ୍ଚର୍ଯ୍ୟଚକିତ ହେବାକୁ ପଡ଼ିବ ଯେ ସେହି ଶାସନକାଳ କୌଣସି ନିର୍ଦ୍ଦିଷ୍ଟ ବାଦ(ଇଜିମ୍), ଆଦର୍ଶ(ଆଇଡୋଲଜି), ଦର୍ଶନ(ଫିଲୋସଫି), ବ୍ୟବସ୍ଥା(ଫର୍ମ ଅଫ୍ ଗଭର୍ଣ୍ଣମେଣ୍ଟ) ଆଦିରେ ପରିଚାଳିତ ନଥିଲା, ବରଂ ସେ ସବୁର ଊର୍ଦ୍ଧ୍ୱରେ ଅଥଚ ସାରସଂଗ୍ରହରେ ଜନ୍ମ ନେଇଥିବା 'ନବୀନ ଥିଓରି' ବା 'ନବୀନ ସିଦ୍ଧାନ୍ତ' ଥିଲା ସେ ଶାସନର ମୂଳାଧାର।

ରାଜନୀତିରେ 'ନବୀନ ସିଦ୍ଧାନ୍ତ' ଏଭଳି ଏକ ପ୍ରୟୋଗାତ୍ମକ ତତ୍ତ୍ୱ, ଯେଉଁଥିରେ ସମାହିତ ହୋଇରହିଛି କୃଷି ବିକାଶରୁ ଶିଳ୍ପାୟନ, ଦାରିଦ୍ର୍ୟ ଦୂରୀକରଣରୁ ବୁଭୁକ୍ଷା ନିବାରଣ, ଏନ୍ତୁଡ଼ିଶାଳରୁ ଶ୍ମଶାନ, ବିଦ୍ୟାଳୟରୁ କ୍ରୀଡ଼ାଙ୍ଗନ, ଗ୍ରାମ୍ୟ ବିକାଶରୁ ସଂଯୋଗୀକରଣ, ଜନଜାତି କଲ୍ୟାଣରୁ ନଗର ଉନ୍ନୟନ, କେନ୍ଦୁପତ୍ରରୁ ଶ୍ରୀଅନ୍ନ, ଆର୍ଥିକ ବିକାଶରୁ ସାମାଜିକ ଅନ୍ତର୍ଭୁକ୍ତୀକରଣ, କୁଟୀର ଶିଳ୍ପରୁ ଖାଦ୍ୟ ପ୍ରକ୍ରିୟାକରଣ, ଦିବ୍ୟାଙ୍ଗ ଓ ମହିଳା ସଶକ୍ତୀକରଣ, ସ୍ୱାସ୍ଥ୍ୟ କଲ୍ୟାଣ, ଧର୍ମ ସମ୍ପ୍ରଦାୟ ନିର୍ବିଶେଷରେ ଧର୍ମାନୁଷ୍ଠାନର ଉତ୍ତରଣ। ସମାଜର କୌଣସି ବର୍ଗ 'ନବୀନ ସିଦ୍ଧାନ୍ତ'ରୁ ବଞ୍ଚିତ ନୁହନ୍ତି। ବିଶ୍ୱ ରାଜନୀତିରେ ଏଭଳି ପ୍ରଗତିର ପରିଭାଷା ଓ ବିକାଶର ବ୍ୟାକରଣ ବୋଧହୁଏ ବିରଳ।

'ନବୀନ ସିଦ୍ଧାନ୍ତ'ର ଜନକ ନବୀନ ପଟ୍ଟନାୟକ ୨୪ ବର୍ଷର ମୁଖ୍ୟମନ୍ତ୍ରିତ୍ୱ କାଳରେ ଆର୍ଥିକ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରପୀଡ଼ିତ ଓଡ଼ିଶାକୁ ଯେଉଁଭଳି ପ୍ରଶମନ ପରିଚାଳନା ଓ ବିକାଶର ମଡେଲ୍ କରି ବିଶ୍ୱ ଦରବାରରେ ଉପସ୍ଥାପନା କରିପାରିଛନ୍ତି ତାହା ତ ଅଭୂତପୂର୍ବ ନିଶ୍ଚୟ; ସର୍ବୋପରି ଶାନ୍ତି, ସହାବସ୍ଥାନ ଓ ସର୍ବଧର୍ମସମନ୍ୱୟର ଯେଉଁ ଉଦାହରଣଟିଏ ସୃଷ୍ଟି କରିଛନ୍ତି ତାହା ନୋବେଲ୍ ଆଶାୟୀ ଗବେଷକଙ୍କ ପାଇଁ ଉତ୍କୃଷ୍ଟ ବିକଳ୍ପଟିଏ ସୃଷ୍ଟି କରିସାରିଛି। ଗାନ୍ଧୀ ଦର୍ଶନ ଓ ସର୍ବୋଦୟ ଅର୍ଥନୀତିକୁ ସେ ହିଁ ଠିକ୍ ରୂପେ ବୁଝି ପାରିଛନ୍ତି, ଯିଏ ମନ୍ତ୍ରୀ ଓ ସଚିବମାନଙ୍କ କାର୍ଯ୍ୟାଳୟକୁ 'ଲୋକସେବା ଭବନ' ନାମରେ ନାମିତ କରିପାରନ୍ତି ଏବଂ ସମ୍ବିଧାନର ମୁଖବନ୍ଧରେ 'ଅହିଂସା' ଶବ୍ଦକୁ ଯୋଡ଼ିବାର ପ୍ରସ୍ତାବ ବାରମ୍ବାର ଉପସ୍ଥାପନା କରିପାରନ୍ତି। ଓଡ଼ିଆ ଭାଷା ଓ ଓଡ଼ିଶୀ ସଙ୍ଗୀତର ଶାସ୍ତ୍ରୀୟ ମାନ୍ୟତା ପାଇଁ ସେଭଳି ଜଣେ ଓଡ଼ିଆପ୍ରାଣ ସେବାସାଧକ ହିଁ ସଂଗ୍ରାମ କରିପାରନ୍ତି, ଯିଏ ଶାସନ ପ୍ରଶାସନକୁ ଓଡ଼ିଆ ଅସ୍ମିତାରେ ଅଭିମନ୍ତ୍ରିତ କରିବାର ସଂକଳ୍ପ ନିଅନ୍ତି। ଏ ସବୁ ବୈଶିଷ୍ଟ୍ୟ ନବୀନ ପଟ୍ଟନାୟକଙ୍କ ରାଜନୈତିକ ବ୍ୟକ୍ତିତ୍ୱ, ଚିନ୍ତନ ଓ ଆଦର୍ଶକୁ ଆହୁରି ଋଦ୍ଧିମନ୍ତ କରିଛି ଏବଂ ଉପସ୍ଥାପିତ ହୋଇଛି ତାଙ୍କ ନିରବତାର ଭାଷାରେ। ବୈଷୟିକ ଜ୍ଞାନକୌଶଳ, ସହଯୋଗିତା, ଶୃଙ୍ଖଳା ବିନା ଆଧୁନିକ ବିକାଶର ପ୍ରତିଯୋଗିତା ଜିତା ଯାଇପାରିବ ନାହିଁ। ତେଣୁ ସେ ଶାସନ-ପ୍ରଶାସନକୁ ୫-ଟି ଆଧାରରେ ବିବର୍ତ୍ତନ କରିଛନ୍ତି ଏବଂ ଦକ୍ଷତା ବିକାଶକୁ ପ୍ରାଧାନ୍ୟ ଦେଇଛନ୍ତି, ଯାହା ଏକବିଂଶ ଶତାବ୍ଦୀର ଶାସନ-ପ୍ରଶାସନର ସର୍ବଶ୍ରେଷ୍ଠ ଓ ସର୍ବଗ୍ରାହ୍ୟ ବିକଳ୍ପ ହୋଇସାରିଛି।



ମୁଖ୍ୟମନ୍ତ୍ରୀର ପଦ ଓ ଦାୟିତ୍ୱର ଊର୍ଦ୍ଧ୍ୱରେ ନବୀନ ପଟ୍ଟନାୟକ ଆଧୁନିକ ଓଡ଼ିଶା ରାଜନୀତିର ଏଭଳି ଏକ ସଂଜ୍ଞା ଲେଖିସାରିଛନ୍ତି, ଯାହାର ବ୍ୟୁତ୍ପତ୍ତିରେ ପ୍ରତିଫଳିତ ହୋଇଛି - ସମନ୍ୱୟୀ ସଂଘୀୟ ଭାବନା, ବୈଷମ୍ୟରହିତ ରାଷ୍ଟ୍ରବାଦ, ଆଞ୍ଚଳିକ ସ୍ୱାର୍ଥକୈନ୍ଦ୍ରିକ ସମର୍ଥନ, ସମଦୂରତ୍ୱର ସମୀକରଣ ଓ ସହଯୋଗର ସନ୍ତୁଳନ। ସାମାଜିକ ସୁରକ୍ଷାର ବଳୟ ଭିତରେ ଅର୍ଥନୈତିକ ଉତ୍ଥାନର ଯେଉଁ ନବସୂତ୍ର ସେ ପ୍ରତିଷ୍ଠା କରିଛନ୍ତି, ତାହା ସାମାଜିକ-ଅର୍ଥନୀତିରେ ଏକ ନବଯୁଗ ପ୍ରତିଷ୍ଠା କରିଛି। ସେ କହନ୍ତି ଗଣତନ୍ତ୍ରରେ ଜନତା ହିଁ ନିର୍ଦ୍ଧାରକ, ନିର୍ବାଚନ ଏକ ପ୍ରକ୍ରିୟା ମାତ୍ର। ଶାସକ ଓ ଶାସନ ବ୍ୟବସ୍ଥାରେ କ୍ଷମତା ସଦା ପରିବର୍ତ୍ତନଶୀଳ। ତେଣୁ ଜଣେ ରାଜନେତାର ଆଦର୍ଶ ଜନକୈନ୍ଦ୍ରିକ ହେବା ଆବଶ୍ୟକ। ରାଜନୀତିକୁ ସେ କେବେ ମଧ୍ୟ କ୍ଷମତା ଲିପ୍ସାର ଦୃଷ୍ଟିରେ ଦେଖିନାହାନ୍ତି। ଏଣୁ ତ ସେ ବିରୋଧୀଙ୍କ ପ୍ରତି ବ୍ୟକ୍ତିଗତ ପ୍ରତିକ୍ରିୟାଶୀଳ ନୁହନ୍ତି। ତାଙ୍କ ଉକ୍ତିରେ 'ମୁଁ ବାସ୍ତବରେ କ୍ଷମତା ବିଷୟରେ ଚିନ୍ତା କରେ ନାହିଁ, ବରଂ ରାଜ୍ୟବାସୀଙ୍କ ସେବାକୁ ପ୍ରାଧାନ୍ୟ ଦିଏ।' ...'କ୍ଷମତା ଲିପ୍ସାକୁ ମୁଁ ଭଲ ପାଏ ନାହିଁ।'

ଗଣତନ୍ତ୍ର-ସମାଜବାଦ-ସାମ୍ୟବାଦର ସମ୍ମିଶ୍ରଣରେ ନବୀନ ବାବୁ ଗଣତନ୍ତ୍ରର ଯେଉଁ ଏକ ଭିନ୍ନ ପନ୍ଥା ନିର୍ଦ୍ଧାରଣ କରିଥିଲେ ତାହାର ଆଧାର ଥିଲା 'ଥ୍ରିପି' ସୂତ୍ର - ପ୍ରୋ-ପୋର(ଦରିଦ୍ର କଲ୍ୟାଣ), ପ୍ରୋଗ୍ରେସିଭ୍(ପ୍ରଗତିଶୀଳ), ପିପୁଲ୍ ଓରିଏଣ୍ଟେଡ୍(ଜନକୈନ୍ଦ୍ରିକ)। ଜନତାଙ୍କ ଦ୍ୱାରା ନିର୍ବାଚିତ ସରକାରର ପ୍ରଥମ ଓ ପ୍ରମୁଖ କର୍ତ୍ତବ୍ୟ ଓ ଦାୟିତ୍ୱ ହେଉଛି ଜନକଲ୍ୟାଣ। ଗଣତନ୍ତ୍ରର ଏହି ଗୂଢ଼ସୂତ୍ରକୁ ବୁଝି ସେ ଲୋକସେବା ଭବନରେ ପ୍ରତିଷ୍ଠା କଲେ ମହାତ୍ମା ଗାନ୍ଧୀଙ୍କ ପରିକଳ୍ପିତ 'ଟାଲିସ୍ମ୍ୟାନ', ଯାହା ନୀତି ନିର୍ଦ୍ଧାରକଙ୍କ ପାଇଁ ଆଲୋକବର୍ତ୍ତିକା ସଦୃଶ ସୂଚାଇ ଦିଏ ଯେ ଯୋଜନା କିମ୍ବା ନୀତିନିର୍ଦ୍ଧାରଣ ବେଳେ ପ୍ରଥମେ ଏହି ଭାବନା ଆସିବା ଆବଶ୍ୟକ - 'ତାହା ଦ୍ୱାରା ସମାଜର ସବୁଠାରୁ ଗରିବ ବର୍ଗର ଲୋକଟି କେତେମାତ୍ରାରେ ଉପକୃତ ହେବ।'

ନବୀନ ବାବୁ ଶାସନ କ୍ଷମତାରେ ରୁହନ୍ତୁ କି ବିରୋଧୀ ଦଳରେ, ସବୁବେଳେ ଗୋଟିଏ ଦୃଢ଼ୋକ୍ତି କରନ୍ତି - 'ଓଡ଼ିଶାର ସାଢ଼େ ଚାରିକୋଟି ଅଧିବାସୀ ମୋ ପରିବାରର ସଦସ୍ୟ। ମୁଁ ଓଡ଼ିଶାବାସୀଙ୍କୁ ବିଶ୍ୱାସ କରେ, ମୋ ପ୍ରତି ସେମାନଙ୍କ ଭଲ ପାଇବା ଓ ସ୍ନେହ ମୋତେ ସବୁଦିନ ସେବା ପାଇଁ ପ୍ରେରଣା ଦିଏ। ଜୀବନର ଶେଷନିଃଶ୍ୱାସ ପର୍ଯ୍ୟନ୍ତ ଓଡ଼ିଶାବାସୀଙ୍କ ସେବା ପାଇଁ ମୁଁ ଉତ୍ସର୍ଗୀକୃତ।'

ଗୋଟିଏ ବାକ୍ୟରେ ନବୀନ ପଟ୍ଟନାୟକଙ୍କ ରାଜନୈତିକ ଆଦର୍ଶ ବା 'ନବୀନ ସିଦ୍ଧାନ୍ତ'କୁ ବର୍ଣ୍ଣନା କରିବାକୁ ହେଲେ ଏତିକି କହିଲେ ଯଥେଷ୍ଟ ହେବ ଯେ ସେ ହିଁ ପ୍ରକୃତ ଶାସକ, ଯିଏ ଜନତାଙ୍କୁ ଶାସିତ ଭାବରେ ନୁହେଁ, ବରଂ ପରିବାରର ସଦସ୍ୟ ରୂପେ ବିବେଚନା କରେ। ନବୀନ ପଟ୍ଟନାୟକଙ୍କ ବ୍ୟତୀତ ଏଭଳି ରାଜଯୋଗୀ ଆଜିର ଦିନରେ ତ ବିରଳ, ଆଗାମୀ କିଛି ବର୍ଷ ଭିତରେ ଜନ୍ମ ନେବେ କି ନାହିଁ ସନ୍ଦେହ।

## ଦେଶର ବୌଦ୍ଧିକ ସମ୍ପଦ

ବୈକୁଣ୍ଠନାଥ ମିଶ୍ର

ସଭ୍ୟତାର ଗତି ଯେତେ ପ୍ରଖର, ଆମ ମାନସିକତାର ଗତି ତତୋଧିକ ନିମ୍ନଗାମୀ ହେବାରେ ଲାଗିଛି। ନିଜ ବ୍ୟତୀତ ଅନ୍ୟକଥା ଭାବିବାକୁ ଆଜିର ଯୁବପିଢ଼ି ପାଖରେ ସମୟ ନାହିଁ। ଯୁବବର୍ଗ ଆଜି ସାଜିଛି ଲିଓ ଟଲ୍‌ଷ୍ଟୟଙ୍କ କାହାଣୀର ନାୟକ ପାହୋମ, ଯାହାକୁ କୁହାଯାଇଥିଲା ଯେ ସୂର୍ଯ୍ୟାସ୍ତ ପୂର୍ବରୁ ସେ ଯାତ୍ରା ଆରମ୍ଭ କରିଥିବା ସ୍ଥାନରେ ପହଞ୍ଚିବା ଦ୍ୱାରା ଯେତେ ଜମି ସେ ଅତିକ୍ରମ କରିଥିବ ସେତକ ଜମି ତା'ର ହେବ। କିନ୍ତୁ ଅତ୍ୟଧିକ ଲୋଭର ବଶୀଭୂତ ହୋଇ ଜମି ତ ଦଖଲ କରିପାରିଲା ନାହିଁ, ଅକାଳରେ ତା' ଜୀବନ ସୂର୍ଯ୍ୟ ଅସ୍ତ ହୋଇଗଲା। ଲେଖକଙ୍କ ଗଳ୍ପର ଶେଷକଥା ହେଲା ଅନ୍ତିମକାଳରେ ମଣିଷ ପାଇଁ ମାତ୍ର ଛ'ହାତ ଭୂମି ଦରକାର। ତା'ଠାରୁ ଅଧିକ ନୁହେଁ। ଆଜିର ଯୁବବର୍ଗ ଧନ ପାଇଁ ଯେପରି ଅଣନିଃଶ୍ୱାସୀ ହୋଇ ଧାଉଁଛି ସେଥିରେ ଅନ୍ୟକଥା ଛାଡ଼ନ୍ତୁ ନିଜ ବୃଦ୍ଧ ପିତାମାତାଙ୍କୁ ଧ୍ୟାନ ଦେବାକୁ ତା' ପାଖରେ ସମୟ ନାହିଁ। ଯେଉଁ ବାପା ମା' ଦିନେ ପୁଅଝିଅଙ୍କୁ ମଣିଷ କରିବାକୁ ଗଣ୍ଡେ ଖାଇ ଦଣ୍ଡେ ଜିଇଁ ଦିନରାତି ଏକକରି ଦେଉଥିଲେ ସେମାନେ ଆଜି ଅଲୋଡ଼ା ଅଖୋଜା। ପୁଅ ଆଜି ଉଚ୍ଚପଦସ୍ଥ ଅଧିକାରୀ ହୋଇ ଧନର ପାହାଡ଼ ସୃଷ୍ଟି କରିଥିଲେ ମଧ୍ୟ ବାପାମା' ଆଜି ନିଃସ୍ୱ, କାଙ୍ଗାଳ। କେବଳ ଏତିକି ଆତ୍ମସନ୍ତୋଷ ଯେ ପିଲାମାନଙ୍କୁ ଆଜି ଗଣରେ ଜଣେ କରିପାରିଛନ୍ତି।

୨୦୧୧ ଜନଗଣନା ଓ ବର୍ତ୍ତମାନର ଆକଳନ ଅନୁସାରେ ଭାରତ ଏକ ଯୁବବର୍ଗର ଦେଶ। କିନ୍ତୁ ମିଳିତ ଜାତିସଂଘ ଜନସଂଖ୍ୟା ପାଣ୍ଠି (ପପୁଲେସନଫଣ୍ଡ)ର ସଦ୍ୟ ଆକଳନ ଅନୁଯାୟୀ ୨୦୫୦ ସୁଦ୍ଧା ଭାରତ ଆଉ ଯୁବ କିଶୋରଙ୍କ ଦେଶ ନ ହୋଇ ବୟସ୍କଙ୍କ ଦେଶଭାବେ ବିବେଚିତ ହେବ। ବର୍ତ୍ତମାନ ଭାରତର ୬୦ବର୍ଷରୁ ଊର୍ଦ୍ଧ୍ୱ ବ୍ୟକ୍ତିଙ୍କ ସଂଖ୍ୟା ୧୪.୫ କୋଟି ବା ଏକ-ଦଶମାଂଶ। ୨୦୫୦ ମସିହା ସୁଦ୍ଧା ଏହା ୩୦କୋଟି ଛୁଇଁବ। ସମପରିମାଣରେ ୧୫ ରୁ ୫୯ବର୍ଷ ବୟସ୍କ ବ୍ୟକ୍ତିଙ୍କ ସଂଖ୍ୟା ହ୍ରାସ ପାଇଥିବ। ସେତେବେଳ ଭାରତ ଆଉ ଯୁବବର୍ଗର ଦେଶ ନହୋଇ ବୟସ୍କଙ୍କ ଦେଶରେ ପରିଣତ ହେବ। 'ଏଜ୍ ୱେଲ ଫାଉଣ୍ଡେସନ'ର ଜାତୀୟ ରିପୋର୍ଟ ଅନୁସାରେ ଦେଶର ବୟସ୍କଙ୍କ ଆୟ ଓ ବ୍ୟୟ ଧାରାରେ ପରିବର୍ତ୍ତନ ଆସିଛି। ପ୍ରାୟ ୬୦ ପ୍ରତିଶତ ବୃଦ୍ଧବୃଦ୍ଧାଙ୍କର ଆୟର ଉତ୍ସ ସେମାନଙ୍କ ପେନ୍‌ସନ। ଶତକଡ଼ା ୩୭ ବୟସ୍କ ଆର୍ଥିକ ଦୃଷ୍ଟିରୁ ସ୍ୱଚ୍ଛଳ। ମାସିକ ପେନସନ ବ୍ୟତୀତ ସେମାନଙ୍କ ଭିତରୁ ୧୯.୫ ପ୍ରତିଶତ ଜମିରୁ ଆୟ, ଘରଭଡ଼ା ଓ ଆର୍ଥିକ ନିବେଶରୁ ସୁଧ ପାଉଛନ୍ତି। ୪୮.୫ ପ୍ରତିଶତ ବୟସ୍କଙ୍କ ପାଖରେ ଅନ୍ୟାନ୍ୟ ମୂଲ୍ୟବାନ ସାମଗ୍ରୀ ରହିଛି। କିନ୍ତୁ ସେମାନଙ୍କ ମଧ୍ୟରେ ୭ ୦ପ୍ରତିଶତଙ୍କର ଆଣ୍ଠୁଗଣ୍ଠି ସମସ୍ୟା ଓ ୮୦ ପ୍ରତିଶତଙ୍କର ମଧୁମେହ ଓ ଉଚ୍ଚ ରକ୍ତଚାପ ରୋଗ ରହିଛି। ପ୍ରାୟ ୨୫ ପ୍ରତିଶତ ବୟସ୍କ ବିପତ୍ନୀକ କିମ୍ବା ବିଧବା। ୪୯ ପ୍ରତିଶତ ଜୀବନସାଥୀଙ୍କ ସହ ରହୁଛନ୍ତି। ମାତ୍ର ୨୯.୫ ପ୍ରତିଶତ ସେମାନଙ୍କ ସନ୍ତାନ ସହ ଏକତ୍ର ବାସରେ ଅଛନ୍ତି। ମୋଟାମୋଟି ଭାବେ ୭୫ ଭାଗରୁ ଊର୍ଦ୍ଧ୍ୱ ବୟସ୍କ ନିଜ ସନ୍ତାନଙ୍କ ଦ୍ୱାରା ଅବହେଳିତ। ଦୁଃଖ ଓ ପରିତାପର କଥା ଯେ କିଛି ବୟସ୍କଙ୍କର ସବୁଥାଇ ମଧ୍ୟ ସେମାନେ ଜରାଶ୍ରମରେ ରହୁଛନ୍ତି। ଜଣେ ଖ୍ୟାତନାମା ସନ୍ଥ ନିକଟରେ ଯେଉଁ ବକ୍ତବ୍ୟ ରଖିଛନ୍ତି ତାହା ଅତ୍ୟନ୍ତ ଆଶ୍ଚର୍ଯ୍ୟଜନକ। ତାଙ୍କ କହିବା କଥା ଯେ ଭାରତର ବୃଦ୍ଧାଶ୍ରମରେ ରହୁଥିବା ବ୍ୟକ୍ତିଙ୍କ ମଧ୍ୟରେ କେହି ମୁସଲମାନ ନାହାନ୍ତି। ଏହାର କାରଣ ଦର୍ଶାଇବାକୁ ଯାଇ ସେ କହିଛନ୍ତି ଯେ ମୁସଲମାନ ଶିଶୁମାନେ ତାଙ୍କ ଧର୍ମ ପୁସ୍ତକ ସହ ଓତପ୍ରୋତଃ ଭାବେ ଜଡ଼ିତ। କୌଣସି ଧର୍ମଶାସ୍ତ୍ରରେ ବୃଦ୍ଧ ପିତାମାତାଙ୍କୁ ଅବହେଳା କରବା ଏକ ପାପ ବୋଲି ବିବେଚନା କରାଯାଏ। ବାଲ୍ୟାବସ୍ଥାରୁ ସେମାନେ ଆଧ୍ୟାତ୍ମିକତା ସହ ଜଡ଼ିତ। ଅପରପକ୍ଷେ ହିନ୍ଦୁମାନଙ୍କ ମଧ୍ୟରୁ ପ୍ରାୟ ୯୦ପ୍ରତିଶତ ଗୀତା ଭାଗବତ ଭଳି ନୀତିଶାସ୍ତ୍ର ଅଧ୍ୟୟନ କରନ୍ତି ନାହିଁ। ସୁତରାଂ ସେମାନେ ନୀତି ନୈତିକତାଠାରୁ ଦୂରେଇ ଯାଉଛନ୍ତି। ଦ୍ୱିତୀୟତଃ ମୁସଲମାନ ଦମ୍ପତିଙ୍କର ଏକାଧିକ ସନ୍ତାନ ଥିବାରୁ ଜଣେ ନହେଲେ ଆଉ ଜଣେ ବୃଦ୍ଧ ପିତାମାତାଙ୍କର ଯତ୍ନ ନେଉଛନ୍ତି।

ପିଲାମାନେ ଉଚ୍ଚଶିକ୍ଷିତ ହୋଇ ସହରରେ ଅବସ୍ଥାନ କଲା ପରେ ପିତାମାତାଙ୍କୁ ଦୂରରେ ରଖି ନିଜ ସଂକ୍ଷିପ୍ତ ସଂସାର ମଧ୍ୟରେ ଆବଦ୍ଧ ରହିବାକୁ ପସନ୍ଦ କରନ୍ତି। ସେଥିରେ ପିତାମାତାଙ୍କ ସ୍ଥାନ କାହିଁ ? ଯେଉଁ କେତେ ଜଣ ଅନନ୍ୟୋପାୟ ହୋଇ ପିଲାଙ୍କ ପାଖରେ ରହୁଛନ୍ତି, ସେମାନଙ୍କ ଭିତରୁ ଅଧିକାଂଶଙ୍କର ଦୁଃଖ ଅବର୍ଣ୍ଣନୀୟ। ନା ସେମାନଙ୍କର କୌଣସି ମତାମତ ଦେବାର ଅଧିକାର ଅଛି କିମ୍ବା ନାତିନାତୁଣୀଙ୍କୁ ସ୍ନେହ କରିବାର ଅବସର। ଫକୀର ମୋହନଙ୍କ ଡାକମୁନ୍‌ସୀ ଗଳ୍ପରେ ସିନା ଗୋଟିଏ ଗୋପାଳର ଅବିଚାର କଥା ଆମେ ପଢ଼ିଥିଲୁ ; ହେଲେ ଆଜିର ସମାଜରେ ଗୋପାଳମାନଙ୍କର ଅଭାବ ନାହିଁ। ସହରୀ ସଭ୍ୟତା ସହ ତାଳ ଦେଇ ଚାଲି ପାରୁନଥିବା ଓ ପ୍ରଦୂଷିତ ବାୟୁମଣ୍ଡଳରେ ଅଣନିଃଶ୍ୱାସୀ ହୋଇଥିବା ବୟସ୍କ ଲୋକଟି ଝୁରି ହୁଏ ଗାଁର ସେ ପ୍ରାକୃତିକ ଶୋଭା ସୁଷମାକୁ, ଯେଉଁଠି ଦିନେ ସେ ଛାଡ଼ି ଆସିଥିଲା ଉନ୍ମୁକ୍ତ ବାତାବରଣ, ସୁଶୀତଳ ତରୁଛାୟା, ସୁବିସ୍ତୀର୍ଣ୍ଣ ଶସ୍ୟକ୍ଷେତ୍ର ଏବଂ ଗ୍ରାମ୍ୟ ତଟିନୀର ବାଲୁକା ବେଳାଭୂମି କିମ୍ବା ଆମ୍ବ ନଡ଼ିଆ ପଣସ ବୃକ୍ଷ ସମ୍ଭାର। ଆଜି ସେ ସବୁ ତା' ପାଇଁ ସାଜିଛି ସ୍ୱପ୍ନ।

ଇଂରାଜୀରେ ଏକ ପ୍ରବାଦ ଅଛି - 'ଏ ସେଟିଙ୍ଗ ସନ୍ ଇଜ୍ ନେଭର ଓରସିପଡ୍ ଆଣ୍ଡ ଏ ଡାଇଙ୍ଗ ହର୍ସ ଇଜ୍ ଲିଟିଲ୍ ଫେଡ।' ଅର୍ଥାତ ଅସ୍ତଗାମୀ ସୂର୍ଯ୍ୟଙ୍କୁ କେହି ପୂଜା କରନ୍ତି ନାହିଁ କିମ୍ବା ମୁମୂର୍ଷୁ ଘୋଡ଼ାକୁ କେହି ଦାନାଦିଏ ନାହିଁ। ସତରେ କ'ଣ ବୟସ୍କମାନେ ଅଲୋଡ଼ା? ଇଂଲିଶ ଲେଖକ ଜିନ୍ ଉରେଙ୍କ ଗଳ୍ପର ମର୍ମାଂଶ ଏଠାରେ ପ୍ରଣିଧାନଯୋଗ୍ୟ। ରୁମାନିଆ ନିକଟରେ ଥିବା ଗୋଟିଏ କ୍ଷୁଦ୍ର ଦେଶର ରାଜା ଘୋଷଣା କଲେ ଯେ, ବୃଦ୍ଧ ପିତାମାତାଙ୍କୁ ତାଙ୍କ ପିଲାମାନେ ନିଜ ହାତରେ ହତ୍ୟା କରନ୍ତୁ। କାରଣ ସେମାନେ ଅକର୍ମଣ୍ୟ ଓ ପରାଙ୍ଗପୁଷ୍ଟ। ସେମାନେ ଦେଶ ପ୍ରଗତିର ବାଧକ। ସବୁ ଯୁବକମାନେ ରାଜାଦେଶ ଗ୍ରହଣ କଲେ। ହେଲେ ଜଣେ ଯୁବକ ନିଜ ପିତାଙ୍କୁ ହତ୍ୟା କରି ନପାରି ମାଟିତଳେ କୋଠରିରେ ଲୁଚାଇ ରଖିଲା। ପୂର୍ବ ବର୍ଷ ମରୁଡ଼ି ଯୋଗୁଁ ଶସ୍ୟ ହାନି ଘଟିଥିଲା। ଏବର୍ଷ ବର୍ଷାଋତୁ ଆସିଥିଲେ ମଧ୍ୟ କାହାପାଖରେ ବିହନ ଗଣ୍ଡାଏ ବି ନଥିଲା। ପୁଅଟି ଅତି ବିମର୍ଷ ଓ କାତର ଥିବା ଦେଖି ବୃଦ୍ଧ ଏହାର କାରଣ ପଚାରିଲେ। ସବୁ ଶୁଣି ବୃଦ୍ଧ ନିଜ ଘର ସାମନା କଚାରାସ୍ତାକୁ ହଳ କରିବାକୁ କହିଲେ। ଯୁବକଟି ତାହାହିଁ କରିବାରୁ ଅନେକ ଶସ୍ୟ ଗଛ ଉଠିଲା ଏବଂ ଯୁବକ ତାକୁ ନେଇ କ୍ଷେତରେ ରୋପଣ କଲା। କିଛିଦିନ ପରେ ଯୁବକର କ୍ଷେତ ସବୁଜିମାରେ ଭରିଗଲା। ରାଜା ଯୁବକକୁ ଏହାର କାରଣ ପଚାରିଲେ। ଯୁବକ କିଛି ଉତ୍ତର ଦେବା ପୂର୍ବରୁ ପ୍ରଥମେ କହିଲା, 'ଆଜ୍ଞା ମୁଁ ରାଜାଦେଶ ଅବମାନନା କରି ପିତାଙ୍କୁ ହତ୍ୟା କରି ନଥିବାରୁ ମୋତେ ସମୁଚିତ ଦଣ୍ଡ ମିଳୁ। ପିତାଙ୍କ ପରାମର୍ଶ ଅନୁସାରେ କାମ କରିବାରୁ ଆଜି ଏ ଶସ୍ୟ କ୍ଷେତ୍ର ସମ୍ଭବ ହୋଇଛି।' ରାଜା ଯୁବକକୁ ଦଣ୍ଡ ଦେବେ କ'ଣ ବରଂ ଦେଶର ସମସ୍ତ ବୟସ୍କଙ୍କୁ ହତ୍ୟା କରାଯାଇଥିବା ଆତ୍ମଗ୍ଲାନିରେ ଜର୍ଜରିତ ହୋଇ ଯୁବକକୁ ଆଲିଙ୍ଗନ କରି କହିଲେ, 'ମୁଁ ଏକ ସାଂଘାତିକ ଭୁଲ କରିଛି। ମୁଁ ଅନ୍ଧ ହୋଇଯାଇଥିଲି। ତୁମେ ମୋର ଆଖି ଖୋଲି ଦେଇଛ। ଏବେ ମୁଁ ବୁଝୁଛି ବାସ୍ତବରେ ବୃଦ୍ଧମାନେ କେତେ ଆବଶ୍ୟକ ଏବଂ ତାଙ୍କ ଅଭିଜ୍ଞତା ସମ୍ପନ୍ନ ଉପଦେଶ କେତେ ମୂଲ୍ୟବାନ।'

ବୃଦ୍ଧମାନେ କେବେ ବି ଅଦରକାରୀ ନୁହନ୍ତି। ତାଙ୍କ ପ୍ରଜ୍ଞାଯୁକ୍ତ ଅଭିଜ୍ଞତା ସର୍ବାଦୌ ମୂଲ୍ୟବାନ। ସେମାନେ ଗୋଟିଏ ଦେଶର ବୌଦ୍ଧିକ ସମ୍ପଦ। ଏକଥା ସମସ୍ତ ନାଗରିକ ଓ ସର୍ବୋପରି ସରକାର ବୁଝିବା ଅତ୍ୟନ୍ତ ଜରୁରୀ।


ସିଦ୍ଧଳ(ଜଗତସିଂହପୁର), ମୋ: ୯୯୩୭୪୫୦୫୪୦

## ଲେଖା ଓ ଲେଖକ

ଅଞ୍ଜନ ଚାନ୍ଦ

ଆଗରୁ ପୂଜା ପତ୍ରିକାଗୁଡ଼ିକ ପୂଜା ବେଳରେ ନହେଲେ ପୂଜା ପରେ ବାହାରୁଥିଲା। ଏବେ ସମ୍ପାଦକମାନେ ଅତ୍ୟଧିକ ସଚେତନ ହୋଇ ଦୁର୍ଗା ପୂଜାର ବହୁପୂର୍ବରୁ ପତ୍ରିକାଗୁଡ଼ିକୁ ଛାପି ଦେଉଛନ୍ତି। ଉନ୍ମୋଚନ ଉତ୍ସବ ପାଳନ କରୁଛନ୍ତି। ସାମାଜିକ ଗଣମାଧ୍ୟମରେ ବିଜ୍ଞାପିତ କରୁଛନ୍ତି। କିଛିଦିନ ପରେ କହୁଛନ୍ତି ବଜାରରୁ ଆମ ପତ୍ରିକା ଉଭାନ ହୋଇଯାଇଛି। ଅନ୍ୟମାନେ ଭାବୁଛନ୍ତି ଯେଉଁ ପତ୍ରିକା ଯେତେ ଆଗରୁ ବଜାରକୁ ଆସିବ ସେ ପତ୍ରିକା ସେତେ ପରିମାଣରେ ଅଧିକ ବିକ୍ରି ହେବ। ସେଥିପାଇଁ ସମ୍ପାଦକ/ପ୍ରକାଶକମାନେ ଏବେ ପୂଜା ପତ୍ରିକା କାମ ଶୀଘ୍ର ସାରିବାକୁ ଖୁବ ତରତର।

ଏଥର ପୂଜା ଆଗରୁ ମୁଁ ବନ୍ଧୁ ନଟବରଙ୍କ ଆବାସିକ କାର୍ଯ୍ୟାଳୟକୁ ଯାଇ ଦେଖିଲି ସେ ପୂରା ଦମରେ କାମରେ ଲାଗିଛନ୍ତି। ମୋତେ ଦେଖି କହିଲେ - 'ଭାଇ, ଟିକେ ଦେଖିଲ। ଆଜି ଦୁଇଟି ଲେଖା ଡାକରେ ଆସିଛି।' ମୁଁ ଲଫାପା ଖୋଲି ଦେଖିଲି ଦୁଇଟି ଗପ। ଜଣେ ବହୁ ପରିଚିତ ବରିଷ୍ଠ ଗାଳ୍ପିକ, ଅନ୍ୟ ଜଣେ ଅପରିଚିତ ଯୁବ ଗାଳ୍ପିକ। ଯୁବକଙ୍କ ଗପରେ ନୂତନତ୍ୱ ଓ ପାଠକୀୟତା ରହିଛି। ବରିଷ୍ଠ କେବଳ ଅନେକ ବାକ୍ୟ ସମନ୍ୱୟରେ କିଛି ଅଦ୍ଭୁତ କଥା ଲେଖିଛନ୍ତି, ଯାହା ପଢ଼ିବାକୁ ଭଲ ଲାଗୁନାହିଁ। ଡିଟିପି ଅପରେଟର କହିଲେ- 'ଆଉ ଗୋଟିଏ ଗପ ଯାଇପାରିବ।' ମୁଁ ଯୁବ ଗାଳ୍ପିକଙ୍କ ଗପଟିକୁ ବାଛିଲି। ନଟବର ପଚାରିଲେ - 'ଅନ୍ୟ ଗପଟି କାହାର?' ମୋ ଠାରୁ ବରିଷ୍ଠ ଗାଳ୍ପିକଙ୍କ ନାଁ ଶୁଣି ସେ ଚମକି ପଡ଼ିଲେ। କହିଲେ - 'ହେ ଭଗବାନ, କି ବୁଦ୍ଧି ଯେ ତୁମର! କାହାକୁ ଛାଡ଼ି କାହାକୁ ଦେଉଛ।' ଗପଟିକୁ ନପଢ଼ି ସିଧା ଟାଇପ କରିବା ପାଇଁ ଦେଇଦେଲେ। ଯୁବ ଗାଳ୍ପିକଙ୍କ ଭଲ ଗପ ତାହାର ଉପଯୁକ୍ତ ସ୍ଥାନ ଡଷ୍ଟବିନକୁ ଚାଲିଗଲା।



ନଟବରଙ୍କ ପରି ଅନେକ ସମ୍ପାଦକ ଭାବନ୍ତି ନାହିଁ ଯେ, ସେମାନେ କେବଳ ନିଜ ପତ୍ରିକା ନୁହେଁ, ଓଡ଼ିଆ ସାହିତ୍ୟକୁ ସମ୍ପାଦନା କରୁଛନ୍ତି। ଏଇ ପତ୍ରପତ୍ରିକା ମାଧ୍ୟମରେ ହିଁ ଓଡ଼ିଆ ସାହିତ୍ୟ ନିଜ ପରିଚୟ ସୃଷ୍ଟି କରୁଛି। ଯେକୌଣସି ସାହିତ୍ୟ ତାହାର ରଚନା ବଳରେ ହିଁ ବିଭବଶାଳୀ ହୋଇଥାଏ। ଲେଖକଙ୍କ ନାମ ଯେତେ ବିଖ୍ୟାତ ହୋଇଥିଲେ ବି ଲେଖା ଭଲ ହୋଇ ନଥିଲେ ପାଠକ ତାହାକୁ ନାପସନ୍ଦ କରିଦିଏ। ଅଥଚ ଏବେ ଏଠାରେ ପ୍ରାୟ ପତ୍ରିକାରେ ଲେଖାକୁ ଛାଡ଼ି ଲେଖକଙ୍କୁ ଚୟନ କରିବାର ପ୍ରକ୍ରିୟା ଜାରିରହିଛି। ବରିଷ୍ଠ ଲେଖକ, ବିଶିଷ୍ଟ ଲେଖକ, ପୁରସ୍କୃତ ଲେଖକ, ପଦାଧିକାରୀ ଲେଖକ, ପୁଣି କିଏ ସାହିତ୍ୟ ସଙ୍ଗଠନର ବଡ଼ କର୍ମକର୍ତ୍ତା, ପତ୍ରିକା ସମ୍ପାଦକ, ଅର୍ଥ ସାହାଯ୍ୟ ଅଥବା ବିଜ୍ଞାପନ ଯୋଗାଇ ଦେଉଥିବା ଧନିକ - ଏମାନଙ୍କୁ ପତ୍ରିକାର ପ୍ରମୁଖ ସ୍ଥାନରେ ରଖାଯାଉଛି। ଯେଉଁମାନେ ଲେଖା ବାହାରିଲେ ସୌଜନ୍ୟ କପି ପାଇଁ ଦାବି କରିବେ ନାହିଁ, ବରଂ ନିଜେ ଆଠ ଦଶ କପି କିଣି ଅନ୍ୟମାନଙ୍କୁ ବାଣ୍ଟିବେ, ଡିଟିପି ହୋଇ ଆସିଥିବା ଲେଖା, ଯାହାକୁ ଟାଇପ ନକରି ସିଧାସଳଖ ଛପା ହୋଇ ପାରିବ; ଏମାନଙ୍କ ପ୍ରତି ମଧ୍ୟ ସମ୍ପାଦକମାନଙ୍କ ଦରଦ ରହୁଛି। ଏସବୁ ବାଦ ଯଦି କିଛି ସ୍ଥାନ ବଳିପଡ଼େ ତେବେ ହୁଏତ ଅନ୍ୟ ଲେଖାପ୍ରତି ଦୃଷ୍ଟି ଦିଆଯାଉଛି।

ଦିନେ ଜଣେ ବନ୍ଧୁ ପଚାରିଲେ - 'ମୁଁ ଏତେ ସାହିତ୍ୟସଭା, କବିତା ଆସରକୁ ଯାଉଛି, ସବୁଠାରେ ତ କେବଳ ପ୍ରଶଂସା ଶୁଣିଛି। ଆଲୋଚନା କି ସମାଲୋଚନା କିଛି ବି ନାହିଁ।' ମୁଁ କହିଲି - 'ତା'ର ଗୋଟିଏମାତ୍ର କାରଣ। ଧାଡ଼ିଏ ବି ଲେଖା ନପଢ଼ି ଗୁଡ଼ାଏ ପ୍ରଶଂସା କରିହେବ, କିନ୍ତୁ ଲେଖାଟିକୁ ସମ୍ପୂର୍ଣ୍ଣ ନପଢ଼ି ଧାଡ଼ିଏ ବି ଆଲୋଚନା କରି ହେବନାହିଁ। ସୁତରାଂ ଆଲୋଚନା ଅଥବା ସମାଲୋଚନା ପାଇଁ ନିଷ୍ପାପର ପାଠକୀୟତା ତଥା ସତ୍‌ସାହସ ଅଭାବରୁ ଏବେ ଆମ ସାହିତ୍ୟରେ ଅତ୍ୟଧିକ ପ୍ରଶଂସା ହିଁ ଦେଖାଯାଉଛି।' ଏ ପ୍ରସଙ୍ଗରେ ଛୋଟ କଥାଟିଏ ଖୁବ ପ୍ରଯୁଜ୍ୟ। ଏକଦା ଜଣେ ରାଜା ଘୋଷଣା କଲେ- 'ଆଜି ଦରବାରରେ ସେ ସ୍ୱରଚିତ କବିତାଟିଏ ପଢ଼ି ଶୁଣାଇବେ। ସମସ୍ତେ ଖୁସିରେ ସମ୍ମତି ଜଣାଇଲେ। ରାଜା କବିତା ପଢ଼ିଲେ। ବାଃ, ବାଃ, କି ଚମତ୍କାର କବିତା, ଦରବାରୀମାନେ ପ୍ରଶଂସା କଲେ। କେବଳ ବିଦୂଷକ କିଛି ନକହି ନିରବରେ ବସିଥା'ନ୍ତି। ରାଜା ପଚାରିଲେ - 'ଆପଣ କିଛି କହୁନାହାନ୍ତି?' ବିଦୂଷକ କହିଲେ - 'ମଣିମା! ମୋତେ କବିତାଟି ଭଲ ଲାଗିଲାନାହିଁ।' ରାଜା ରାଗିଯାଇ ଆଦେଶ ଦେଲେ - 'ଏ ଅରସିକକୁ ସାତଦିନ କାରାଗାରରେ ରଖ।' କିଛିଦିନ ପରେ ରାଜା ପୁଣି ଗୋଟିଏ କବିତା ଲେଖିଲେ ଏବଂ ଦରବାରରେ ପଢ଼ିବେ ବୋଲି ଘୋଷଣା କଲେ। ସେଦିନ ବିଦୂଷକ ବିଳମ୍ବରେ ଦରବାରକୁ ଆସିଲେ। ରାଜା କାରଣ ପଚାରିବାରୁ ସେ କହିଲେ - 'ମଣିମା! ଆପଣଙ୍କ ଘୋଷଣା ଶୁଣିବା ପରେ ମୁଁ ବିପଣୀକୁ ଯାଇଥିଲି। ସାତ ଦିନର ସଉଦା କିଣି ଘରେ ରଖିଦେଇ ଆସିଛି।'

ଏବେ ସେପରି ସତ କହିବାର ସାହସ ରଖୁଥିବା ବିଦୂଷକଙ୍କ ଆତ୍ମା ବିଲୁପ୍ତପ୍ରାୟ; ଅଥଚ ସେହି ରାଜକୀୟ କବିଙ୍କ ଆତ୍ମା ବହୁଧା ବିଭକ୍ତ ହୋଇ ଆମ ଭିତରେ ବାଣ୍ଟିଯାଇଛି। ପ୍ରଶଂସାପ୍ରବଣତା ଓଡ଼ିଆ ସାହିତ୍ୟରେ ଲେଖକ ସଂଖ୍ୟା ଅତ୍ୟଧିକ ବଢ଼ାଇ ଦେଇଛି। ପରିଚୟ ସଙ୍କଟରେ ପଡ଼ିଥିବା କିଛିଲୋକ ପରିଚୟ ସୃଷ୍ଟି କରିବାର ସହଜ ବାଟ ଭାବି ସାହିତ୍ୟ ଭିତରକୁ ଧସେଇ ପଶୁଛନ୍ତି। ଅନେକ ପୁସ୍ତକ ରଚନା ହେଉଛି। ପ୍ରକାଶକମାନେ ଲେଖକଙ୍କ ଅର୍ଥରେ ଲାଭବାନ ହେଉଛନ୍ତି ଏବଂ ଆମ ସାହିତ୍ୟ ଦିନକୁ ଦିନ ମେଦବହୁଳ ରୋଗରେ ଆକ୍ରାନ୍ତ ହେଉଛି।

ସାହିତ୍ୟ ସଂରଚନା ଏକ ନୈସର୍ଗିକ ପ୍ରବୃତ୍ତି। ଏଥିରେ ଲେଖକ କେବଳ ମାଧ୍ୟମ। ଏକ ଅଦୃଶ୍ୟ ଶକ୍ତିର ପ୍ରେରଣାରେ କେଉଁ ଅଜ୍ଞାତ ସ୍ଥାନରୁ ଆସୁଥିବା ଭାବକୁ ସେ ଲେଖନୀ ମାଧ୍ୟମରେ ପ୍ରକାଶ କରନ୍ତି। ଏହି ଭାବନାର ସ୍ରୋତ ମଧ୍ୟ ନିୟତ ନୁହେଁ। ଯେଉଁଦିନ ତାହା ଆସିବା ବନ୍ଦ ହୋଇଯାଏ ଲେଖକ ପୁଣି ସାଧାରଣ ଲୋକ ହୋଇଯା'ନ୍ତି। ନିଜେ ଚେଷ୍ଟା କରି ଲେଖାଟିଏ ଲେଖିଲେ ତାହା ପାଠକଙ୍କ ନିକଟରେ ସମାଦୃତ ହୋଇପାରେ ନାହିଁ। ସୁତରାଂ ସାହିତ୍ୟରେ ଲେଖା ହିଁ ଗୁରୁତ୍ୱପୂର୍ଣ୍ଣ, କଦାଚିତ୍ ଲେଖକ ନୁହନ୍ତି।

ବାଲେଶ୍ୱର, ମୋ: ୬୩୭୦୬୬୧୧୪୭

## ଅଗ୍ରଗାମୀ ଚେତନାର ଦ୍ୟୋତନା: କବି ଅନ୍ନପୂର୍ଣ୍ଣା

ପ୍ରଫେସର ମଣୀନ୍ଦ୍ର କୁମାର ମେହେର

ସାହିତ୍ୟ ସରିତ୍

ନାରୀକବି ଅନ୍ନପୂର୍ଣ୍ଣା ନବଚେତନାର ଏକ ତେଜସ୍କ୍ରିୟ କିରଣ। ଉଚ୍ଚଶିକ୍ଷା ଲାଭ ନ କରି ସାଧାରଣ ଗ୍ରାମ୍ୟବଧୂ ଭାବରେ ଜୀବନ ଅତିବାହିତ କରି ମଧ୍ୟ ଜଣେ ନିଜସ୍ୱ ଅନ୍ତର୍ଚେତନାର ଦ୍ୟୁତିରେ ଉଦ୍ଭାସିତ କରି ଦେଇପାରେ ତା'ର ଚତୁର୍ଦ୍ଦିଗକୁ -ଏହାର ଦିବ୍ୟ ଦୃଷ୍ଟାନ୍ତ ଅନ୍ନପୂର୍ଣ୍ଣା। ମହାକାଶ ବକ୍ଷର ଏକ ନୀଳ ନକ୍ଷତ୍ର ସେ। ଧରିତ୍ରୀର ଆହ୍ୱାନରେ ସତେ କି ଅବତରଣ କରିଆସିଥିଲେ ମର୍ତ୍ତ୍ୟମଣ୍ଡଳକୁ। ସେଇ ଶୁଭ ଧରାବତରଣ ନଥିଲା ଆଦୌ ତାତ୍ପର୍ଯ୍ୟବିହୀନ। ଉତ୍କଳ ଭୂମିରେ ମାନବଚେତନାକୁ ଅଭିନ୍ନ ଉପଲବ୍ଧିରେ ଅଭିମନ୍ତ୍ରିତ କରିଦେବା ପାଇଁ ହିଁ ଓହ୍ଲାଇ ଆସିଥିଲେ ସେ ସ୍ୱର୍ଗର ଦେବୀ ଭାବରେ।

ରେନାସାଁ କ'ଣ ତାହା କ'ଣ ଜାଣିଥିଲେ ସେ ପୁସ୍ତକ ଅଧ୍ୟୟନ କରି? ସେ ଯାହା ଜାଣି ନଥିଲେ ତାଙ୍କ ଅନ୍ତରାତ୍ମା ତାହା ଯଥାର୍ଥ ଭାବରେ ଉପଲବ୍ଧି କରିସାରିଥିଲା। ଯେଉଁ ସମୟରେ ନାରୀଜୀବନ ଥିଲା ଗୃହପ୍ରାଚୀର ମଧ୍ୟରେ ସୀମାବଦ୍ଧ, ସେହି ସମୟରେ ଅନ୍ନପୂର୍ଣ୍ଣାଙ୍କ ଲେଖା ବିଭିନ୍ନ ପତ୍ରପତ୍ରିକାରେ ପ୍ରକାଶିତ ହେବା ଯୋଗୁଁ ସମାଜରେ ସୃଷ୍ଟି ହୋଇଥିଲା ଆଲୋଡ଼ନ। ବିଭିନ୍ନ ସଭା ସମିତିରେ ତାଙ୍କ ଯୋଗଦାନ ଓ ଆଧୁନିକ ଯୁଗର କବି ଲେଖକଙ୍କ ସହିତ ତାଙ୍କର ସାରସ୍ୱତ ସମ୍ପର୍କ ହୋଇଥିଲା ବହୁଚର୍ଚ୍ଚିତ ପ୍ରସଙ୍ଗ। ଅନ୍ନପୂର୍ଣ୍ଣା ଜାଣିଥିଲେ ଯେ ତାଙ୍କର ଏହି ସକ୍ରିୟ ସାହିତ୍ୟିକ କାର୍ଯ୍ୟକ୍ରମ ବିଭିନ୍ନ ବ୍ୟକ୍ତି ଭିନ୍ନ ଭିନ୍ନ ଦୃଷ୍ଟିରେ ଆଲୋଚନା କରିବେ। ମାତ୍ର ସେଥିପାଇଁ ସେ ଅଟକି ଯିବାର ପ୍ରଶ୍ନ ଉଠୁନଥିଲା। ତାଙ୍କ ପରମପୂଜ୍ୟ ସ୍ୱାମୀଙ୍କ ନଥିଲା ଏ ବିଷୟରେ କୌଣସି ଆପତ୍ତି। ସେ ହୃଦୟଙ୍ଗମ କରିପାରିଥିଲେ ଯେ ଅନ୍ନପୂର୍ଣ୍ଣା ବିଭୁଆଶିଷରୁ ଉତଥିତା ଏକ ଅସାମାନ୍ୟ ସୃଜନ ସଳିତା। ତାଙ୍କୁ ଲିଭାଇ ଦେବାର ଶକ୍ତି କାହାରି ପାଖରେ ନାହିଁ।

ଅନ୍ନପୂର୍ଣ୍ଣାଙ୍କ ଅବିଚଳିତ ଇଚ୍ଛାଶକ୍ତି ତାଙ୍କ କବିତାରେ ମଧ୍ୟ ପ୍ରତିବିମ୍ବିତ ହୋଇଉଠିଛି ସାର୍ଥକ ଭାବରେ। ସ୍ୱରଚିତ 'ଦୃଢ଼ଶକ୍ତି'ଶୀର୍ଷକ କବିତାରେ ସେ ଲେଖିଛନ୍ତି - 'ସତ୍ୟ ସତ୍ୟ ସର୍ବସତ୍ୟ ନାହିଁ କିଛି ଭୟ, ସତ୍ୟର ସାଧନା ସଂଗେ ସକଳ ବିଜୟ / ସତ୍ୟଜ୍ୟୋତି ବ୍ୟାପୀ ଅଛି କାହିଁ ଅନ୍ଧକାର, ସତ୍ୟପ୍ରେମେ ପୂର୍ଣ୍ଣାକ୍ଷର ନାହିଁ ମୋ ବିଚାର।' ସତ୍ୟ ସହ ଯେଉଁ ଆତ୍ମାର ସମ୍ପର୍କ ଯେତିକି ଘନିଷ୍ଠ, ସିଏ ସେତିକି ନିର୍ଭୟ। ଅନ୍ନପୂର୍ଣ୍ଣା ସତ୍ୟର ଆରାଧନାରେ ଜୀବନ ସମର୍ପିତ କରିଥିବାରୁ ସେ ଥିଲେ ସର୍ବଦା ଭୟଶୂନ୍ୟ। ଜନ୍ମଭୂମି ଉତ୍କଳ ତାଙ୍କ ପାଇଁ ଥିଲା ପ୍ରେରଣାଦାୟିନୀ ଜନନୀ। 'ଉତ୍କଳ ଭୂମି' ନାମକ କବିତାରେ ସେ ଢାଳି ଦେଇଛନ୍ତି ତାଙ୍କ ହୃଦୟର ପରିପୂର୍ଣ୍ଣ ଶ୍ରଦ୍ଧା ଓ ଭକ୍ତି। ପଣ୍ଡିତ ନୀଳମଣି ବିଦ୍ୟାରତ୍ନଙ୍କ ଉତ୍ସାହରେ ପ୍ରକାଶିତ ହୋଇଥିଲା ତାଙ୍କ 'ପଦ୍ୟମାଳା' ପ୍ରଥମ ଓ ଦ୍ୱିତୀୟ ଭାଗ। ପରେ ଆଲୋକ ଦେଖିଲା 'ପକ୍ଷୀଘରା'। 'ସହକାର' ପତ୍ରିକାର ସମ୍ପାଦିକା ଭାବରେ ସେ ସେତେବେଳେ କାର୍ଯ୍ୟନିର୍ବାହ କରିବା କ'ଣ କମ ସାହସିକତାର ପରିଚୟ! 'କଳ୍ପକୁଞ୍ଜ', 'ଆଶାହାଟ', 'ମନଶ୍ରୀ', ବିବିଧ କବିତା ତଥା ଗଦ୍ୟସମ୍ଭାରକୁ ନେଇ ତାଙ୍କର ପ୍ରକାଶିତ ହୋଇଛି 'ନାରୀକବି ଅନ୍ନପୂର୍ଣ୍ଣା ରଚନାଶ୍ରୀ।' ଜୀବନାନୁଭବର ବ୍ୟାପକତା କି ସରଳ, ମଧୁର ଓ କୋମଳ ଭାବରେ ପ୍ରକାଶିତ ହୋଇପାରେ, ତାହା ପ୍ରତିଟି ଅନୁରାଗୀ ପାଠକ ଏଥିରେ ନିଶ୍ଚୟ ଲକ୍ଷ୍ୟ କରିପାରିବେ। 'ନିଜ ହୃଦୟକୁ ଦେଖ, ତା'ପରେ କବିତା ଲେଖ' ବୋଲି ଫିଲିପ ସିଡନୀ ଯାହା କହିଛନ୍ତି, ତାହାର ପ୍ରାଣୋଚ୍ଛଳ ପରିପ୍ରକାଶ ହେଉଛି ଅନ୍ନପୂର୍ଣ୍ଣାଙ୍କ କବିତା ଏବଂ ସାମଗ୍ରିକ ଭାବରେ ତାଙ୍କ ସାହିତ୍ୟର ଆବେଦନ।

କଷ୍ଟ, ଯାତନା ଓ ବେଦନା ସତ୍ତ୍ୱେ ସ୍ୱକୀୟ ସାଧନାରେ ଥିଲେ ସେ ସର୍ବଦା ଅବିଚଳିତ। ସମାଜରେ ବ୍ୟାପ୍ତ ଅଚେତନତା ଦୂର କରିବାରେ ବିରାଜିତା ଏକ ଅଗ୍ନିଶିଖା। ପାଠକ ପ୍ରାଣର ଅହଂକୈନ୍ଦ୍ରିକ ସମସ୍ତ ଆବର୍ଜନାକୁ ଧୋଇ ନେବାରେ ଏକ ନିର୍ମଳ ନିର୍ଝରିଣୀ। ସକଳ ବିରୁଦ୍ଧ ପରିସ୍ଥିତି ସହ ସଂଘର୍ଷ କରି ଆଗକୁ ଅଗ୍ରସର ହୋଇଯିବା ନିମନ୍ତେ ସେ ମେଘାବୃତ୍ତ ଆକାଶ ବକ୍ଷର ଏକ ବିଜୁଳିରେଖା। ଶାନ୍ତି, ଆଶା, ନିରାଶା, ଦୁଃଖ, ମୃତ୍ୟୁ, ଅଶ୍ରୁ, ଗର୍ବ, ବିଚ୍ଛେଦ- ଏପରି ବହୁ ମାନବିକ ଅନୁଭବକୁ ସେ ବ୍ୟକ୍ତ କରିଛନ୍ତି ସହଜ, ସରଳ ଲାଳିତ୍ୟ ସଂଯୋଗ ସହିତ। କବିତାର ସାରଲ୍ୟରେ କିପରି କବି ହୃଦୟର ନମନୀୟତା ପ୍ରସ୍ଫୁଟିତ ହୋଇପାରେ ସୁବାସିତ ପୁଷ୍ପର ମସୃଣତା ନେଇ, ତାହା ଅନୁଭବ କରିବାକୁ ଯିଏ ଆକୁଳ, ତାଙ୍କ ଆତ୍ମାରେ ଏହା ପ୍ରଦାନ କରିପାରିବ ସାନ୍ତ୍ୱନାର ଚନ୍ଦନ ପ୍ରଲେପ।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।



# ଭାରତର ରାଜନୀତିରେ 'ନବୀନ' ସିଦ୍ଧାନ୍ତ

■ ରାମଶଙ୍କର

ମହାତ୍ମା ଗାନ୍ଧୀଙ୍କ ଜନ୍ମ ଶତବାର୍ଷିକୀ ପାଳନ ଅବସରରେ ଭାରତ ସରକାରଙ୍କର ଯୁବ ବ୍ୟାପାର ଓ କ୍ରୀଡ଼ା ମନ୍ତ୍ରଣାଳୟ ଦ୍ୱାରା ୨୪ ସେପ୍ଟେମ୍ବର ୧୯୬୯ ରେ ମହାବିଦ୍ୟାଳୟରେ ଅଧ୍ୟୟନରତ ଛାତ୍ରଛାତ୍ରୀଙ୍କ ନିମନ୍ତେ 'ରାଷ୍ଟ୍ରୀୟ ସେବା ଯୋଜନା' ସ୍ଥାପିତ ହୋଇଛିଫ ସାମାଜିକ ସମସ୍ୟା ସମାଧାନ ଦିଗରେ ଜନସାଧାରଣଙ୍କର ଭାଗିଦାରିତା ସୃଷ୍ଟି କରିବା ନିମନ୍ତେ ଆବଶ୍ୟକ 'ନେତୃତ୍ୱକାରୀ ସାମର୍ଥ୍ୟକୁ' ବିଦ୍ୟାର୍ଥୀମାନଙ୍କ ମଧ୍ୟରେ ପ୍ରୋତ୍ସାହିତ କରିବା ଏହି ଯୋଜନାର ମୁଖ୍ୟ ଉଦ୍ଦେଶ୍ୟ। ଏକ ବେସରକାରୀ ସଂଗଠନ ଜିଲ୍ଲା ସଦର ମହକୁମାରେ ୫୦ଜଣ ବିଦ୍ୟାର୍ଥୀଙ୍କୁ ନେଇ ୫ଦିନିଆ ଶିବିର ଆୟୋଜନ କରିଥା'ନ୍ତି। ଅନ୍ଧବିଶ୍ୱାସ ମୁକ୍ତ ଓ ବୈଜ୍ଞାନିକ ଚିନ୍ତାଧାରାଯୁକ୍ତ ଜୀବନ ସଫଳତାର ପ୍ରଥମ ପାହାଚ ଏବଂ ସମ୍ବିଧାନର ଧାରା -୫୧(କ) ଅନ୍ତର୍ଗତ ନାଗରିକଙ୍କ ଦାୟିତ୍ୱ ଓ କର୍ତ୍ତବ୍ୟ ସମ୍ପର୍କରେ ବିଦ୍ୟାର୍ଥୀମାନଙ୍କୁ ପ୍ରଶିକ୍ଷଣ ଦେବା କାର୍ଯ୍ୟ ମୁଁ କରୁଥାଏ। ତେଣୁ ଉକ୍ତ ବେସରକାରୀ ସଂଗଠନ ମୋତେ ନିମନ୍ତ୍ରଣ କରିଥା'ନ୍ତି। ମହାବିଦ୍ୟାଳୟରେ 'ରାଷ୍ଟ୍ରୀୟ ସେବା ଯୋଜନା' ଦାୟିତ୍ୱରେ ଥିବା ଅଧ୍ୟାପକ ବିଦ୍ୟାର୍ଥୀମାନଙ୍କୁ ନେତୃତ୍ୱ ଦେବାକୁ ଆବଶ୍ୟକ ଦୁଇଟି ଯୋଗ୍ୟତା ସମ୍ପର୍କରେ ବୁଝାଉଥା'ନ୍ତି। ପ୍ରଥମ, ଜନତାଙ୍କ ସହ ବ୍ୟକ୍ତିଗତ ପ୍ରତ୍ୟକ୍ଷ ସମ୍ପର୍କ। ଦ୍ୱିତୀୟରେ ଜନସାଧାରଣଙ୍କ ସହ ଭାବର ଆଦାନ ପ୍ରଦାନ ନିମନ୍ତେ ବାକ୍-ପଟୁତା। ସିଧାସଳଖ ସମ୍ପର୍କ ଓ ଭଲ କହିଲା ବାଲା ନହେଲେ ସଫଳ ନେତା ହୋଇ ପାରିବ ନାହିଁ। ଅଧ୍ୟାପକଙ୍କ ପାଠ ପଢ଼ା ସରିବା ପରେ ମୋ ପାଳି ଆସିଲା। ମାତ୍ର ମୁଁ ମୋ ବିଷୟକୁ ନ ଯାଇ ବିଦ୍ୟାର୍ଥୀ ଓ ଅନ୍ୟ ଅଧ୍ୟାପକଙ୍କ ଉପସ୍ଥିତିରେ ମୋର ଗୋଟିଏ ପ୍ରଶ୍ନ ଥିଲା, ଓଡ଼ିଶାରେ ଜନପ୍ରିୟତାର ଶୀର୍ଷରେ ଥିବା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଜନସମ୍ପର୍କ ଓ ବାକ୍‌ପଟୁତା। ବିଦ୍ୟାର୍ଥୀମାନଙ୍କ ଅପେକ୍ଷା ଅଧ୍ୟାପକବନ୍ଧୁମାନେ ସ୍ତବ୍ଧ। ବିରୋଧୀ ରାଜନୈତିକ ଦଳ ଓ ରାଜନୈତିକ ସମୀକ୍ଷକ ନବୀନ ବାବୁଙ୍କ ବିରୁଦ୍ଧରେ ଅପପ୍ରଚାର କରୁଥିଲେ ଯେ ତାଙ୍କର ଜନସାଧାରଣଙ୍କ ସହିତ ଆଦୌ ସମ୍ପର୍କ ନାହିଁ ଏବଂ ନବୀନ ବାବୁ ଭାଷଣ କଥା ଛାଡ଼ନ୍ତୁ ଅନ୍ୟ ପକ୍ଷରେ ବହୁତ କମ୍ କଥା କହନ୍ତି। ତେବେ କେଉଁ ଆଧାରରେ ସେ ଓଡ଼ିଶାବାସୀଙ୍କ ହୃଦୟ ଜିଣିଥିଲେ? ଯାହାଙ୍କୁ ଦେଖିବା ପାଇଁ ରାସ୍ତାକଡ଼ରେ ହଜାର ହଜାର ଆବାଳ ବୃଦ୍ଧ ବନିତା ଘଣ୍ଟା ଘଣ୍ଟା ଧରି ଅପେକ୍ଷା କରୁଥିଲେ? ଭାରତର ରାଜନୀତିରେ ଏକ ନୂତନ ସିଦ୍ଧାନ୍ତ ସୃଷ୍ଟି କରିଥିଲେ ନବୀନ ବାବୁ। ଜନସାଧାରଣଙ୍କ ସହ ପ୍ରତ୍ୟକ୍ଷ ସମ୍ପର୍କର ସେତୁ ସୃଷ୍ଟି କରିଥିଲେ 'ଜନ କଲ୍ୟାଣ ଯୋଜନା'ର ସୁଫଳ ଜରିଆରେ ଓଡ଼ିଶାବାସୀଙ୍କ ମୁହଁରେ ହସ ଫୁଟାଇ। ମିଥ୍ୟା ପ୍ରତିଶ୍ରୁତି ଓ ଲମ୍ବା ଭାଷଣ ପରିବର୍ତ୍ତେ ତିନୋଟି ଶବ୍ଦ ମାଧ୍ୟମରେ କୋଟିକୋଟି ଓଡ଼ିଶାବାସୀଙ୍କ ହୃଦୟକୁ ଜିତିଥିଲେ - 'ଆପଣମାନେ ଖୁସି ତ' ? ସାଢ଼େ ଚାରିକୋଟି ଓଡ଼ିଶାବାସୀ କେବଳ ନୁହନ୍ତି ଦେଶବାସୀ ଜାଣିଛନ୍ତି ଯେ ଗତ ବିଧାନସଭା ନିର୍ବାଚନରେ ଭାରତର ପ୍ରଧାନମନ୍ତ୍ରୀ, ଗଣ୍ଡା ଗଣ୍ଡା କେନ୍ଦ୍ରମନ୍ତ୍ରୀ, ଭାଜପା ଶାସିତ ରାଜ୍ୟର ମୁଖ୍ୟମନ୍ତ୍ରୀ, ଓଡ଼ିଶାବାସୀଙ୍କୁ ମିଥ୍ୟା ପ୍ରତିଶ୍ରୁତି ଦେଇ ଭୋଟ ନେଇଛନ୍ତି। ମାତ୍ର ଏକ ବର୍ଷ ମଧ୍ୟରେ ତାହା ପ୍ରମାଣ ହୋଇସାରିଛି। ଭାରତର ରାଜନୈତିକ ଇତିହାସରେ ନବୀନବାବୁ ନୂଆ ସିଦ୍ଧାନ୍ତର ପ୍ରତୀକ ପାଲଟିଛନ୍ତି। ■

**ଅଧ୍ୟକ୍ଷ,**
**ବିଶ୍ୱାମିତ୍ର ଜନସେବା ଟ୍ରଷ୍ଟ, ଖୋର୍ଦ୍ଧା,**
**ମୋ: ୯୩୩୭ ୬୨୧୪୫୫**

# ଅନନ୍ୟ ନବୀନ

■ ଡ. ବିମ୍ବାଧର ବେହେରା

ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ସଂପ୍ରତି ଓଡିଶା ବିଧାନସଭାର ବିରୋଧୀଦଳ ନେତା ମାନ୍ୟବର ନବୀନ ପଟ୍ଟନାୟକଙ୍କର ଜନ୍ମ ଜୟନ୍ତୀ ଆକ୍ଟୋବର ୧୬ ତାରିଖ। ଏହି ପରିପ୍ରେକ୍ଷୀରେ କୌଣସି ରାଜନୈତିକ ବାଦ ବିସମ୍ବାଦର ଊର୍ଦ୍ଧ୍ୱରେ ତାଙ୍କ ମହାନ ବ୍ୟକ୍ତିତ୍ୱର ଆକଳନ କରାଯାଇପାରେ। ଓଡ଼ିଶାର ମାଟି କଟକରେ ୧୯୪୬ ମସିହା ଅକ୍ଟୋବର ୧୬ ତାରିଖରେ ସେ ଭୂମିଷ୍ଠ ହୋଇଥିଲେ ଓଡ଼ିଶାର ପ୍ରବାଦପୁରୁଷ ପୂର୍ବତନ ମୁଖ୍ୟମନ୍ତ୍ରୀ, ପୂର୍ବତନ କେନ୍ଦ୍ର ଇସ୍ପାତ ମନ୍ତ୍ରୀ ସ୍ୱର୍ଗତ ବିଜୁ ପଟ୍ଟନାୟକଙ୍କ ପରିବାରରେ। ସମୟ ସ୍ରୋତରେ ଦୀର୍ଘ ୨୪ ବର୍ଷ କାଳ କେବଳ ଓଡ଼ିଶାରେ ନୁହଁ ଜାତୀୟ ରାଜନୀତିରେ ନବୀନବାବୁ ଥିଲେ ଜଣେ ନିଆରା ବ୍ୟକ୍ତିତ୍ୱ। ଓଡ଼ିଶାର ସାମାଜିକ, ଅର୍ଥନୈତିକ ବିକାଶ ସହ ରାଜ୍ୟର ମହିଳାମାନଙ୍କୁ ସ୍ୱାବଲମ୍ବୀ କରିବା ପାଇଁ କେତେକ ସ୍ୱତନ୍ତ୍ର ପଦକ୍ଷେପ ନେଇଥିଲେ ସେ। ଆଜି ମୋର ମନେପଡ଼େ ଜୁଲାଇ ପଚିଶ ୨୦୧୩ ମସିହାର ଏକ ସ୍ମରଣୀୟ ସନ୍ଧ୍ୟା ସ୍ଥାନ ରବୀନ୍ଦ୍ରମଣ୍ଡପ ଭୁବନେଶ୍ୱର, ଓଡ଼ିଶା ସାହିତ୍ୟ ଏକାଡେମୀର ପ୍ରତିଷ୍ଠା ଦିବସ ତଥା ସାରସ୍ୱତ ସମ୍ବର୍ଦ୍ଧନା ଉତ୍ସବ। ମଞ୍ଚ ଉପରେ ବହୁ ଉଚ୍ଚପଦସ୍ଥ କର୍ମକର୍ତ୍ତା, ମନ୍ତ୍ରୀଙ୍କ ସହ ମୁଖ୍ୟଅତିଥି ଥିଲେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ମାନ୍ୟବର ନବୀନ ପଟ୍ଟନାୟକ ମହୋଦୟ, ତାଙ୍କ ସ୍ୱହସ୍ତରୁ ଉତ୍ତରୀୟ ତଥା ତାମ୍ର ଫଳକ ସହ ବରିଷ୍ଠ ସାରସ୍ୱତ ସାଧକ ଭାବେ ସମ୍ବର୍ଦ୍ଧିତ ହେବା ମୋ ପାଇଁ ଜୀବନର ନିଶ୍ଚିତ ଭାବେ ଏକ ଅଭୁଲା ମୁହୂର୍ତ୍ତ। ସେହି ରୋମାଞ୍ଚିତ ସଞ୍ଚୟ ଆଜିବି ସ୍ମୃତି ପେଟିକାରୁ ଭାସି ଆସେ।

ଦ୍ୱିତୀୟଥର ମାର୍ଚ୍ଚ ୫ ତାରିଖ ୨୦୧୭ ମସିହା ପଞ୍ଚାୟତରାଜ ଦିବସ ପାଳିତ ହେଉଥାଏ ଭୁବନେଶ୍ୱରସ୍ଥ ଆଦିବାସୀ ପଡିଆରେ, ସେଦିନ ପ୍ରବାଦପୁରୁଷ ସ୍ୱର୍ଗତ ବିଜୁ ପଟ୍ଟନାୟକଙ୍କର ଜୟନ୍ତୀ ମଧ୍ୟ ଥାଏ, ସାରାଓଡ଼ିଶାର ବିଭିନ୍ନ ଜିଲ୍ଲାରୁ ବରିଷ୍ଠ ନାଗରିକ ତଥା ସାମାଜିକ ସମ୍ପୃକ୍ତି ଥିବା ବ୍ୟକ୍ତିମାନଙ୍କୁ ସମ୍ବର୍ଦ୍ଧିତ କରିବାର କାର୍ଯ୍ୟକ୍ରମ ଥାଏ। ସରକାରଙ୍କ ତରଫରୁ ବସ୍ ଯୋଗେ ସେମାନଙ୍କୁ ନେଇ ଭୁବନେଶ୍ୱରସ୍ଥ ବିଭିନ୍ନ ହୋଟେଲରେ ବିଶ୍ରାମ ସୁଯୋଗ ଦେବା ସହ ସୁନ୍ଦର ଆତିଥେୟତା ପ୍ରଦାନ କରାଯାଇଥିଲା ଏବଂ ସେମାନଙ୍କ ମଧ୍ୟରେ କେନ୍ଦୁଝରରୁ ଆଉ କେତେଜଣଙ୍କ ସହିତ ମୁଁ ମଧ୍ୟ ସେ ସୁଯୋଗ ଲାଭ କରିଥିଲି। ବିରାଟ ସୁସଜ୍ଜିତ ମଞ୍ଚରେ ମୁଖ୍ୟଅତିଥି ଥିଲେ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ମହୋଦୟ, ତାଙ୍କ ଉପସ୍ଥିତିରେ ତତ୍କାଳୀନ ମନ୍ତ୍ରୀ ଅରୁଣ କୁମାର ସାହୁ ଉତ୍ତରୀୟ ସହ ଆମକୁ ସମ୍ବର୍ଦ୍ଧିତ କରିଥିଲେ। ସେଇବେଳର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମହୋଦୟଙ୍କର ଭାବଗମ୍ଭୀର ସଂକ୍ଷିପ୍ତ ବକ୍ତବ୍ୟ ମଧ୍ୟରେ ବରିଷ୍ଠ ନାଗରିକମାନଙ୍କ ପ୍ରତି ତାଙ୍କର ଥିଲା ଶ୍ରଦ୍ଧା ଓ ସମ୍ମାନ, ସେହି ଅପରାହ୍ଣର ମଧୁର ସ୍ମୃତି ଏବେଯାଏ ଜୀବିତ ଅଛି।

ରାଜନୈତିକ ପରିସରରେ ପ୍ରବେଶ କରିବା ପୂର୍ବରୁ ମାନନୀୟ ନବୀନ ପଟ୍ଟନାୟକ ଜଣେ ଲେଖକ ଭାବେ ପ୍ରତିଷ୍ଠା ଅର୍ଜନ କରିଥିଲେ। ଇଂରାଜୀରେ ଅନେକ ଗ୍ରନ୍ଥର ପ୍ରଣେତା ସହ ବିଭିନ୍ନ ରୋଗ ନିରାକରଣ ପାଇଁ ଭାରତରେ ଥିବା ଔଷଧୀୟ ବୃକ୍ଷ ଉପରେ ତାଙ୍କର ସୃଜନୀ ପ୍ରତିଭା ବେଶ ଦୃଷ୍ଟିଆକର୍ଷଣ କରେ, ତାହା ଥିଲା 'ଗାର୍ଡେନ ଅଫ ଲାଇଫ', 'ଆନ ଇଣ୍ଟ୍ରୋଡକ୍ସନ ଟୁ ଦି ହିଲିଙ୍ଗ ପ୍ଲାଣ୍ଟସ ଅଫ ଇଣ୍ଡିଆ', ନିଶ୍ଚିତ ଭାବେ ଆରଣ୍ୟକ ପରିବେଶ ପ୍ରତି ତାଙ୍କ ହୃଦୟରେ ଆବେଗ ଥିଲା, ଯାହା ଏଥିରେ ପ୍ରତିଫଳିତ। ତାଙ୍କର ଭାଷଣଗୁଡ଼ିକ ଖୁବ୍ ସଂକ୍ଷିପ୍ତ ଥିଲେ ମଧ୍ୟ ବିନ୍ଦୁ ଭିତରେ ସିନ୍ଧୁ ଦର୍ଶନର ଅବକାଶ ଥିଲା। ଦୀର୍ଘବର୍ଷ ଧରି ଓଡ଼ିଶାର ଶାସନ ଡୋରିକୁ ନିୟନ୍ତ୍ରିତ କରିଥିବା ଏପରି ମହାଦ୍ରୁମଙ୍କ ବ୍ୟକ୍ତିତ୍ୱର ସାରବତ୍ତା ସଂକ୍ଷିପ୍ତ ପରିସରରେ ଆକଳନ କରିବା ଅନ୍ଧଙ୍କ ହାତୀ ଦେଖା ସହ ସମାନ। ■

**ଜନଜାତି ଗବେଷକ ତଥା ଅବସରପ୍ରାପ୍ତ ପ୍ରାଧ୍ୟାପକ,**
**ଧରଣୀଧର ସ୍ୱୟଂ ଶାଶିତ ମହାବିଦ୍ୟାଳୟ,**
**କେନ୍ଦୁଝର**

ବିଜୁ ଜନତା ଦଳ

୧୬ ଅକ୍ଟୋବର, ୨୦୨୫



ନବ ଉତ୍କଳର ବିଶ୍ୱକର୍ମା,
ସାଢ଼େ ଚାରିକୋଟି ଓଡ଼ିଆଙ୍କ ହୃଦୟର ସ୍ପନ୍ଦନ,
ଆମ ସମସ୍ତଙ୍କ ପ୍ରିୟ ମାନ୍ୟବର ପୂର୍ବତନ ମୁଖ୍ୟମନ୍ତ୍ରୀ
ତଥା ବିଜୁ ଜନତା ଦଳର ରାଜ୍ୟ ସଭାପତି

**ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ**
**ଶୁଭ ଜନ୍ମଦିନ**
ଅବସରରେ
**ହାର୍ଦ୍ଦିକ ଶୁଭେଚ୍ଛା ଓ ଶୁଭକାମନା**

ଏହି ଶୁଭ ଜନ୍ମଦିନରେ
ଜଗତର ନାଥ ଜଗନ୍ନାଥ ମହାପ୍ରଭୁଙ୍କ
ନିକଟରେ ଆପଣଙ୍କର ଦୀର୍ଘ
ଓ ନିରାମୟ ଜୀବନ ପାଇଁ ପ୍ରାର୍ଥନା କରୁଛି।

**ସୁବାସିନୀ ଜେନା**
**ବିଧାୟିକା, ବସ୍ତା ନିର୍ବାଚନ ମଣ୍ଡଳୀ**







ସକାଳ THE SAKALA
www.sakalaepaper.com

# ଯାହାଙ୍କ ପାଇଁ ଓଡ଼ିଶା ଏବେ ଆଦର୍ଶ ରାଜ୍ୟ

■ ମହମ୍ମଦ ହିଫ୍‌ଜୁର ରହେମାନ୍

ନବୀନ ପଟ୍ଟନାୟକ। ରାଜନୀତି ତାଙ୍କ ପାଇଁ କ୍ଷମତା ଆହରଣ ନୁହେଁ, ଲୋକଙ୍କ ସେବା ଓ ରାଜ୍ୟର ବିକାଶ ହିଁ ଏକମାତ୍ର ବ୍ରତ। କ୍ଷମତାରେ ଥାଆନ୍ତୁ କି ନ ଥାଆନ୍ତୁ, ନିଷ୍ଠା ଓ ଆନ୍ତରିକତା ସହ ସାଢେ ଚାରି କୋଟି ଓଡ଼ିଶାବାସୀଙ୍କ ସେବାରେ ନିଜକୁ ନିୟୋଜିତ କରିଛନ୍ତି। ୧୯୯୭ରେ ପ୍ରଥମ ଥର ପାଇଁ ଆସିକା ଲୋକସଭା ଆସନରୁ ସାଂସଦ ଭାବେ ନିର୍ବାଚିତ ହେବା ଠାରୁ ଆଜି ପର୍ଯ୍ୟନ୍ତ ସେ ନିଜର ଜୀବନକୁ ସମ୍ପୂର୍ଣ୍ଣ ଭାବେ ଓଡିଶାବାସୀଙ୍କ ବିକାଶ ପାଇଁ ଉତ୍ସର୍ଗ କରିଦେଇଛନ୍ତି। ନିଜର ସ୍ୱଚ୍ଛ ଓ ନିର୍ମଳ ଭାବମୂର୍ତ୍ତି ପାଇଁ ଗତ ୨୫ ବର୍ଷରୁ ଅଧିକ ସମୟ ତାଙ୍କର ନିରନ୍ତର ସେବା ଅନ୍ୟମାନଙ୍କ ପାଇଁ ଉଦାହରଣ ହୋଇଛି।



କ୍ଷମତାରେ ଥିବା ସମୟରେ ଓଡ଼ିଶାର ଚିତ୍ରକୁ ବଦଳାଇଦେଇଥିଲେ ନବୀନ ପଟ୍ଟନାୟକ। ଭୋକର ଭୂଗୋଳରୁ ଓଡିଶା ଆଜି ଶସ୍ୟ ସମୃଦ୍ଧ। ଅଭାବ ଅନଟନ, ଦାରିଦ୍ର୍ୟ, ଅନାହାର, ଅନଗ୍ରସର ଭଳି ଶବ୍ଦ ଯାହା ଓଡିଶାକୁ ସବୁବେଳେ ବିଶ୍ୱ ଦରବାରରେ ନନ୍ଦିତ କରୁଥିଲା, ତାହା ଆଜି ଇତିହାସ ପାଲଟିଯାଇଛି। ବିଶ୍ୱ ଦରବାରରେ ଓଡିଶା ଅନେକ କ୍ଷେତ୍ରରେ ମଡେଲ ରାଜ୍ୟର ମାନ୍ୟତା ପାଇଛି। ବିପର୍ଯ୍ୟୟ ମୁକାବିଲା ହେଉ କି ଓଡିଆଙ୍କ ପାଇଁ ଖାଦ୍ୟ ସୁରକ୍ଷା ସୁନିଶ୍ଚିତ କରିବା, ସାରା ବିଶ୍ୱ ଓଡିଶା ମଡେଲକୁ ପ୍ରଶଂସା କରୁଛି। ମିସନ ଶକ୍ତି ଜରିଆରେ ୭୦ ଲକ୍ଷ ମହିଳାଙ୍କ ସଶକ୍ତୀକରଣ ଠାରୁ ଆରମ୍ଭ କରି ଅଭେଦ୍ୟ ମାଓ ଗଡକୁ ସ୍ୱାଭିମାନ ଅଞ୍ଚଳରେ ରୂପାନ୍ତରିତ କରିବା, ଚାଷୀଙ୍କ ପାଇଁ କାଳିଆ ଯୋଜନା, ଓଡିଶାକୁ ବିଶ୍ୱସ୍ତରରେ ପୁଞ୍ଜିନିବେଶର ହବ୍ ଭାବେ ଗଢି ତୋଳିବା, ବିଶ୍ୱ ଦରବାରରେ ଓଡିଶାକୁ କ୍ରୀଡା ରାଜଧାନୀ ଭାବେ ପ୍ରତିଷ୍ଠିତ କରିବା, ଦକ୍ଷତା ବିକାଶ ଜରିଆରେ ଲକ୍ଷ ଲକ୍ଷ ଓଡିଆ ଯୁବକ ଯୁବତୀଙ୍କୁ ଆତ୍ମନିର୍ଭରଶୀଳ କରିବା, ଜାଗା ମିସନ ଜରିଆରେ ବସ୍ତିବାସିନ୍ଦାଙ୍କୁ ଜମି ଅଧିକାର ପ୍ରଦାନ ଭଳି ଲୋକାଭିମୁଖୀ ଯୋଜନା ଥିଲା ନୂଆ ଓଡିଶାର ବିନ୍ଧାଣୀ ରୂପେ ପରିଚିତ ନବୀନଙ୍କ ଅବଦାନ।

ଅର୍ଥ ଅଭାବରୁ କାହାର ଜୀବନ ଯିବ ନାହିଁ। ଚିକିତ୍ସା ପାଇଁ ଜମିବାଡ଼ି, ଗହଣା ବିକିବାକୁ ପଡ଼ିବ ନାହିଁ। ରାଜ୍ୟବାସୀଙ୍କ ପାଇଁ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାର ସ୍ମାର୍ଟ କାର୍ଡ ପ୍ରଚଳନ କରି ନବୀନ ଅନ୍ୟମାନଙ୍କ ପାଇଁ ରାସ୍ତା ଦେଖାଇଥିଲେ। ଚିକିତ୍ସା କ୍ଷେତ୍ରରେ ଏହା ଆଣିଥିଲା ବୈପ୍ଳବିକ ପରିବର୍ତ୍ତନ। ନୂଆ ସରକାର କ୍ଷମତାକୁ ଆସିଲା ପରେ ମଧ୍ୟ ଆୟୁଷ୍ମାନ ସ୍ୱାସ୍ଥ୍ୟ କାର୍ଡରେ ରହିଛି ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାର ଛାପ। ପୁରୀ ଶ୍ରୀଜଗନ୍ନାଥ ମନ୍ଦିର ହେଉ କି କୋଣାର୍କ ସୂର୍ଯ୍ୟ ମନ୍ଦିର, ଲିଙ୍ଗରାଜ ମନ୍ଦିର ଠାରୁ ଆରମ୍ଭ କରି ତାରାତାରିଣୀ ଓ ସମଲେଶ୍ୱରୀ ପୀଠ। ଏସବୁ ଐତିହ୍ୟ କ୍ଷେତ୍ରର ବିକାଶ ପାଇଁ ତାଙ୍କର ଅବଦାନ ମଧ୍ୟ ଅତୁଳନୀୟ।

ସେହିଭଳି କୋଭିଡ ମୁକାବିଲାରେ ମଧ୍ୟ ଓଡିଶା ସାରା ଦେଶ ପାଇଁ ସାଜିଥିଲା ମଡେଲ। ଅଦୃଶ୍ୟ ଭୂତାଣୁ ବିରୋଧରେ ଲଢିବାକୁ ଯେତେବେଳେ କେହି ଚିନ୍ତା କରିପାରୁନଥିଲେ ସେତେବେଳେ ନବୀନ ଦେଇଥିଲେ ମୁକାବିଲାର ସୂତ୍ର। ସଂକ୍ରମଣ ଚେନ୍ ରୋକିବା ସହ ପ୍ରତ୍ୟେକ ଜୀବନ ମୂଲ୍ୟବାନ ଲକ୍ଷ୍ୟ ରଖି ଆରମ୍ଭ କରିଥିଲେ ମୁକାବିଲା। ରାଜ୍ୟରେ ସମସ୍ତଙ୍କୁ ମାଗଣା କୋଭିଡ ଚିକିତ୍ସା ପ୍ରଦାନ କରାଯାଇଲା।

ନବୀନ ପଟ୍ଟନାୟକଙ୍କ ସଫଳତାରେ ଯୋଡ଼ି ହୋଇ ରହିଛି ଜନହିତକର କାର୍ଯ୍ୟକ୍ରମର ଏଭଳି ଲମ୍ବା ତାଲିକା। ଜଣେ ନମ୍ର ନେତା ଭାବେ ପରିଚିତ ନବୀନଙ୍କ କାର୍ଯ୍ୟଧାରା ଅନ୍ୟମାନଙ୍କ ପାଇଁ ଉଦାହାରଣ ହୋଇଛି।

ନବୀନ ଏବେ କ୍ଷମତାରେ ନାହାନ୍ତି ସତ, କିନ୍ତୁ ରାଜ୍ୟବାସୀଙ୍କ ସେବାରେ ସେ ଏବେ ବି ଉତ୍ସର୍ଗୀକୃତ। ସାଢ଼େ ଚାରି କୋଟି ଓଡ଼ିଆ ଏବେ ବି ତାଙ୍କର ପରିବାର। ଏବେ ବି ସେମାନଙ୍କ ସୁଖଦୁଃଖ ସହିତ ନିଜକୁ ଯୋଡ଼ି ହୋଇ ରଖିଛନ୍ତି। କାହାରି ଟିକିଏ ଅସୁବିଧା ହେଲେ ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରି ଏହାର ସମାଧାନ ପାଇଁ ପରାମର୍ଶ ଦେଉଛନ୍ତି। ବିରୋଧୀ ଦଳ ନେତାଙ୍କ ଭୂମିକା କେମିତି ହୁଏ, ତାହା ସେ ତାଙ୍କର ଆଚରଣ ଜରିଆରେ ଉଦାହରଣ ସୃଷ୍ଟି କରିଛନ୍ତି। ରାଜ୍ୟ ବିଧାନସଭାର ୫୦ରୁ ଅଧିକ ବିଧାୟକ ଥିଲେ ମଧ୍ୟ ସେ କେବେହେଲ ନିର୍ବାଚିତ ସରକାରକୁ ଅସ୍ଥିର କରିବାକୁ ପ୍ରୟାସ କି ନାହାନ୍ତି। ଜାତୀୟ ଗଣମାଧ୍ୟମରେ ଚାଲିଥିବା ଚର୍ଚ୍ଚା ଅନୁଯାୟୀ ନବୀନ ଚାହିଁଲେ ରାଜ୍ୟରେ ବିଜେପି ସରକାରକୁ ଦୋହଲାଇ ଦେଇପାରିବେ। କିନ୍ତୁ କ୍ଷମତାଲୋଭୀ ନ ହୋଇ ଲୋକମାନଙ୍କର ମତାମତକୁ ସମ୍ମାନ ଜଣାଇ ବିରୋଧୀ ଦଳର ନେତା ଭାବେ ନିଜର ଗଠନମୂଳକ ଦାୟିତ୍ୱକୁ କିପରି ନିର୍ବାହ କରେ ତାହା ସେ ଦେଖାଇ ଦେଇଛନ୍ତି। ତାଙ୍କର ନିନ୍ଦୁକ ମଧ୍ୟ ଏହା ସ୍ୱୀକାର କରିବାକୁ ବାଧ ହେଉଛନ୍ତି। ■

# ବିରଳ ବ୍ୟକ୍ତିତ୍ୱ

■ ବିଜୟ କୁମାର ମହାନ୍ତି

ନବୀନ ପଟ୍ଟନାୟକଙ୍କୁ ମୁଁ ୨୦୦୨ ମସିହାରେ ନବୀନ ନିବାସରେ ପ୍ରତ୍ୟକ୍ଷ ଭାବରେ ଦେଖିବା ଏବଂ ଆଲୋଚନା କରିବାର ସୁଯୋଗ ପାଇଥିଲି। ସେତେବେଳେ ମୁଁ କୁଚିଣ୍ଡାର ଆମ ଭାତପୁରା ଗ୍ରାମରେ ଥିଲି। ଆମ ଘରେ ଲାଗିଥିବା ଲ୍ୟାଣ୍ଡଫୋନ୍‌ରେ ନବୀନ ନିବାସରୁ ଫୋନ୍ ଆସିଲା ଯେ, ମୁଖ୍ୟମନ୍ତ୍ରୀ ଆପଣଙ୍କ ସହ କଥା ହେବା ପାଇଁ ଚାହାନ୍ତି। ସେ ରେଢ଼ାଖୋଲ ଉପନିର୍ବାଚନରେ ମୋର ସହଯୋଗ ଲୋଡ଼ିବା ସହ ନବୀନ ନିବାସ ଆସି ଆଲୋଚନା କରିବାକୁ ଅନୁରୋଧ କରିଥିଲେ। ମୁଁ ଓଡ଼ିଶା କେନ୍ଦୁପତ୍ର କର୍ମଚାରୀ ସଂଘର ସଭାପତି ଭାବରେ ସେହିବର୍ଷ ନିର୍ବାଚିତ ହୋଇଥିଲି। ରେଢ଼ାଖୋଲରେ ଆମ ସଂଘର ସଂଗଠନ ସୁଦୃଢ଼ ଥିଲା ଏବଂ ମୋର ରାଜନୈତିକ ସମ୍ପର୍କ ମଧ୍ୟ ଭଲ ଥିଲା। ନବୀନ ନିବାସରେ ରେଢ଼ାଖୋଲ ନିର୍ବାଚନ ମଣ୍ଡଳୀରେ ଥିବା ସମସ୍ୟା ଏବଂ ନିର୍ବାଚନରେ ବିଷୟରେ ମୋ ସହିତ ଆଲୋଚନା କରିଥିଲେ ଏବଂ ପରାମର୍ଶ ମଧ୍ୟ ଲୋଡ଼ିଥିଲେ। ସେତେବେଳେ ରେଢ଼ାଖୋଲ ନିର୍ବାଚନ ମଣ୍ଡଳୀରେ ଅତିଶୟ ବର୍ଷା ବିପ୍ରାତ, ବନ୍ୟା, ଧମା ଅଞ୍ଚଳରେ ବନ୍ୟାଜନିତ ବ୍ୟାପକ କ୍ଷୟକ୍ଷତି ସମ୍ପର୍କରେ ମୁଁ ମୁଖ୍ୟମନ୍ତ୍ରୀଙ୍କର ଦୃଷ୍ଟି ଆକର୍ଷଣ କରି ତା'ର ପ୍ରତିକାର ପାଇଁ କେତେକ ପ୍ରସ୍ତାବ ଦେଇଥିଲି। ସେ ମୋ ମତାମତକୁ ଶୁଣି ନିଜେ ହାତରେ ଲେଖି ସେଗୁଡ଼ିକୁ କାର୍ଯ୍ୟକାରୀ କରିବାକୁ ଆଶ୍ୱାସନା ଦେଇଥିଲେ। ଏଥିସହିତ ଓଡ଼ିଶା କେନ୍ଦୁପତ୍ର କର୍ମଚାରୀ ସଂଘର ସହଯୋଗ ମଧ୍ୟ କାମନା କରିଥିଲେ। ମୋର ଏହି ପ୍ରଥମ ପରିଚୟ ଓ ଆଲୋଚନାରେ ନବୀନ ପଟ୍ଟନାୟକଙ୍କ ସରଳତା, ସମସ୍ୟା ଜାଣିବାର ଉତ୍ସୁକତା ଓ ସମାଧାନ ପାଇଁ ପ୍ରଚେଷ୍ଟା ଏବଂ ସର୍ବୋପରି ପ୍ରଥମ ପରିଚୟରୁ ହିଁ ଆତ୍ମୀୟତାର ଏକ ବଡ଼ ଝଲକ ମୁଁ ପାଇଲି। ତାଙ୍କର ପ୍ରଥମ ପରିଚୟରେ ଆଲୋଚନାର ବୈଶିଷ୍ଟ୍ୟ ମୋତେ ତାଙ୍କ ବ୍ୟକ୍ତିତ୍ୱ ପ୍ରତି ଆକୃଷ୍ଟ କରିଥିଲା। ୨୦୦୨-୦୩ ମସିହାର କଥା। ସେତେବେଳେର କେନ୍ଦୁପତ୍ର ତୋଳାଳିମାନଙ୍କର ଆର୍ଥିକ ସଙ୍କଟ ଏତେ ଉତ୍କଟ ଥିଲା ଯେ ଚପଲ କିଣିବା ସମସ୍ତଙ୍କ ପାଇଁ ସମ୍ଭବପର ହେଉନଥିଲା। ଠିକ୍ ସମୟରେ ସରକାର ନିଜେ ଚପଲ କିଣି ହଜାର ହଜାର ସଂଖ୍ୟାରେ ତୋଳାଳିଙ୍କୁ ବଣ୍ଟନ କଲେ। ଏହା ଦରଦୀ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ବ୍ୟକ୍ତିତ୍ୱର ଅନ୍ୟ ଏକ ପରିଚୟ। ସେହିପରି ୧ପଇସାରେ ଗୋଟିଏ ପତ୍ର ଦର ନିର୍ଦ୍ଧାରଣ ସେତେବେଳେ ଉଚ୍ଚ ସରକାରୀ ସ୍ତରରେ ଏବଂ ଅର୍ଥ ବିଭାଗରେ ଘୋର ବିରୋଧ ହେଲା। ଏହାସତ୍ତ୍ୱେ ନିଷ୍ପତ୍ତିକୁ ଦୃଢ଼ତାର ସହ କାର୍ଯ୍ୟକାରୀ କରିବା ସେତେବେଳର ତାଙ୍କର ଅନ୍ୟ ଏକ ସାହସିକ ପଦକ୍ଷେପ ଥିଲା। ଏହା ଏକ ସ୍ମରଣୀୟ ଘଟଣା। ଆମ ସଂଘ କେନ୍ଦୁପତ୍ର ତୋଳାଳିଙ୍କ କଲ୍ୟାଣ ପାଇଁ ବିଭିନ୍ନ ଦାବି ଓ ଆନ୍ଦୋଳନ କରିଛି। କିନ୍ତୁ ମୁଖ୍ୟମନ୍ତ୍ରୀ ଭାବେ ନବୀନ ପଟ୍ଟନାୟକ ଅସହିଷ୍ଣୁ ମନୋଭାବ ନ ରଖି ଯଥାସମ୍ଭବ ଆମର ଅନେକ ଦାବି ପୂରଣ କରିଛନ୍ତି। ଜଙ୍ଗଲ ଅଧିକାର ଆଇନ ପ୍ରଚଳନ ପରେ କେନ୍ଦୁପତ୍ର ସଂସ୍ଥାର ସମସ୍ତ ଲାଭକୁ କେନ୍ଦୁପତ୍ର ଶ୍ରମିକମାନଙ୍କ ମଧ୍ୟରେ ବଣ୍ଟନ ଯୋଜନା ମଧ୍ୟ କାର୍ଯ୍ୟକାରୀ ହେଲା। କେନ୍ଦୁପତ୍ର ତୋଳାଳି ଓ ଶ୍ରମିକମାନଙ୍କ ପ୍ରତି ତାଙ୍କର ସ୍ନେହ ଓ ସମର୍ଥନ ଥିଲା ଅନନ୍ୟ।

୨୦୧୪ରେ ବୁର୍ଲା ଏନଏସି ଅଧକ୍ଷାଙ୍କ ବିରୋଧରେ କେତେକ କାଉନସିଲ ଅନାସ୍ଥା ପ୍ରସ୍ତାବ ଆଣିଥିଲେ। ଏହାଜାଣି ସେ ଅନାସ୍ଥା ପ୍ରସ୍ତାବ ଆଗତକାରୀମାନଙ୍କ ଉପରେ ବିରକ୍ତ ହେଲେ ଏବଂ ଏଥିରୁ ବିଚ୍ୟୁତ ହେବା ପାଇଁ ନିର୍ଦ୍ଦେଶ ଦେଲେ। ସେହିପରି ସମ୍ବଲପୁରରେ ମହିଳା ଜିଲ୍ଲାପାଳଙ୍କୁ ଦୁର୍ବ୍ୟବହାର ଘଟଣାକୁ ମଧ୍ୟ କଡ଼ା ଶବ୍ଦରେ ନିନ୍ଦା କରିଥିଲେ। ୧୯୯୯-୨୦୦୦ ମସିହାରେ ଓଡ଼ିଶାରେ ଭୟାବହ ବାତ୍ୟା ଓ ବନ୍ୟାଗ୍ରସ୍ତ ଓଡ଼ିଶାରେ ଘୋର ଆର୍ଥିକ ଦୁରବସ୍ଥା ସମୟରେ ସେ ୨୦୦୦ ମସିହାରେ ମୁଖ୍ୟମନ୍ତ୍ରୀ ଦାୟିତ୍ୱ ନେବା ଏବଂ ଅର୍ଥନୀତିକୁ ସଜାଡ଼ିବା ଏକ ବିଶେଷ ଘଟଣା। ଖାଦ୍ୟ ନିରାପତ୍ତା ଆଇନ୍ ଲାଗୁ ହୋଇ ନ ଥିବା ବେଳେ ଓଡ଼ିଶାରେ ଦରିଦ୍ର ସୀମାରେଖା ତଳେ ଥିବା ସମସ୍ତ ରାଜ୍ୟବାସୀଙ୍କୁ କିଲୋ ପ୍ରତି ଟ. ୨/- ରେ ଚାଉଳ ଯୋଗାଇବା ସେତେବେଳର ଯୁଗାନ୍ତକାରୀ ଘଟଣା।

ସେହିପରି ବିଭିନ୍ନ ରାଜ୍ୟ ଯୋଜନା ଯଥା - ବିଜୁ ପକ୍କା ଘର ଯୋଜନା, ଗୋପବନ୍ଧୁ ରାଜ୍ୟ ଯୋଜନା, ମଧୁବାବୁ ପେନସନ ଯୋଜନା, ସ୍କୁଲ ଛାତ୍ରଛାତ୍ରୀମାନଙ୍କୁ ପୋଷାକ ଯୋଜନା, ମଧ୍ୟାହ୍ନ ଭୋଜନ ଯୋଜନା ଏବଂ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ଆଦି ସାମାଜିକ ନ୍ୟାୟ ପ୍ରତିଷ୍ଠା ସକାଶେ ତାଙ୍କର ସାହସିକ ପଦକ୍ଷେପ ଯୋଗୁଁ ଓଡ଼ିଶା ସମଗ୍ର ଦେଶରେ ଉଦାହରଣ ସୃଷ୍ଟି କରିଥିଲା। ୨୦୧୩ ମସିହାରେ ଏକ ସମାବେଶରେ ମୁଁ ଏସଡିଏର ଅଧ୍ୟକ୍ଷ ଭାବରେ ନବୀନ ପଟ୍ଟନାୟକଙ୍କୁ ମହାନଗର ନିଗମ ଗଠନ ପାଇଁ ଏକ ମାନଚିତ୍ର ଓ ବିବରଣୀ ଦେଇ ସମ୍ବଲପୁରକୁ ମହାନଗର ନିଗମ କରିବାକୁ ଅନୁରୋଧ କରିଥିଲି। ସେହିଦିନ ହିଁ ସେ ସମ୍ବଲପୁରକୁ ମହାନଗର ନିଗମ ଘୋଷଣା କରିଥିଲେ। ଏହା ମୋ ମନରେ ଆଜିପର୍ଯ୍ୟନ୍ତ ସ୍ମରଣୀୟ ହୋଇରହିଛି। ମୁଁ ଜିଲ୍ଲା ସଭାପତି, ରାଜ୍ୟ ହସ୍ତଶିଳ୍ପ ନିଗମର ଅଧ୍ୟକ୍ଷ, ରାଜ୍ୟ ଅର୍ଥ ଆୟୋଗର ସଦସ୍ୟ ଓ ସମ୍ବଲପୁର ଉନ୍ନୟନ ପ୍ରାଧିକରଣ ଅଧ୍ୟକ୍ଷ ଭାବରେ ବିଭିନ୍ନ ସମୟରେ ନବୀନ ବାବୁଙ୍କୁ ସାକ୍ଷାତ କରିଛି। ତାଙ୍କଠାରେ ଏକ ସରଳ, ଅମାୟିକ ତଥା ଏକ ବିରଳ ବ୍ୟକ୍ତିତ୍ୱର ଭାବମୂର୍ତ୍ତି ମୁଁ ଦେଖିଛି। ଆହୁରି ଅନେକ ପ୍ରତ୍ୟକ୍ଷ ଘଟଣା ଥିଲେ ମଧ୍ୟ ଅଧିକ ଏଥିରେ ବର୍ଣ୍ଣନା କରିବା ସମ୍ଭବପର ନୁହେଁ। ଏଣୁ କିଛି ସ୍ୱତନ୍ତ୍ର ଘଟଣାର ଅବତାରଣା କରିଛି। ଏଥିରୁ ତାଙ୍କର ବିରଳ ବ୍ୟକ୍ତିତ୍ୱର ପରିଚୟ ଯଥେଷ୍ଟ। ■



ଡି - ୮, ସରସ୍ୱତୀ ଏନକ୍ଲେଭ, ସମ୍ବଲପୁର,
ମୋ: ୯୪୩୭୮୦୬୫୬୭

# ଜନକଲ୍ୟାଣକାରୀ ଯୋଜନାର ଦୀର୍ଘ ଯାତ୍ରା

■ ସୋନାଲି ବେହେରା


ଦୀର୍ଘ ଦୁଇ ଦଶନ୍ଧିରୁ ଅଧିକ ସମୟ ଧରି ଓଡ଼ିଶାର ସବୁଠୁ ପ୍ରିୟ ନେତା ହେଲେ ନବୀନ ପଟ୍ଟନାୟକ। ଲଗାତାର ପାଞ୍ଚ ଥର ମୁଖ୍ୟମନ୍ତ୍ରୀ ଆସନରେ ବସିଥିଲେ ନବୀନ। ତାଙ୍କର ଦୂରଦୃଷ୍ଟି ଏବଂ ସୁଦକ୍ଷ ନେତୃତ୍ୱ ବଳରେ ଓଡ଼ିଶା ରୂପାନ୍ତରଣ ଆଜି ଶିଖର ଛୁଇଁଛି। ରାଜନୀତିରେ ନବୀନଙ୍କ ପ୍ରବେଶ ଓଡ଼ିଶା ରାଜନୀତିର ଏକ ଯୁଗାନ୍ତକାରୀ ପରିବର୍ତ୍ତନ।

ରାଜ୍ୟର ସମସ୍ତ ଗ୍ରାମାଞ୍ଚଳରେ ଉନ୍ନତ ଭିତ୍ତିଭୂମିର ବିକାଶ ଥିଲା ନବୀନ ପଟ୍ଟନାୟକଙ୍କ ମୂଳ ଲକ୍ଷ୍ୟ। ଏହା ଅଧୀନରେ ପ୍ରାୟ ୬୭୯୪ ଗ୍ରାମ ପଞ୍ଚାୟତରେ ବିଭିନ୍ନ ପ୍ରକଳ୍ପ ପାଇଁ ପାଣ୍ଠି ଖର୍ଚ୍ଚ ହେଉଛି। ଏହି ଯୋଜନାରେ ରାଜ୍ୟର ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ ଉନ୍ନତ ଏବଂ ସୁଲଭ ସାଧାରଣ ସେବା ଯୋଗାଇ ଦିଆଯାଉଛି। ଏହି କଲ୍ୟାଣମୂଳକ ଯୋଜନାର ଏକ ସେବା ହେଉଛି 'ଆମ ଓଡ଼ିଶା ନବୀନ ଓଡ଼ିଶା' ଯାହାର ମୂଳ ଲକ୍ଷ୍ୟ ଥିଲା ଗ୍ରାମାଞ୍ଚଳର ବିକାଶ ସହ ଓଡ଼ିଆ ସଂସ୍କୃତି ତଥା ଜଗନ୍ନାଥ ସଂସ୍କୃତିର ପ୍ରଚାର ଓ ପ୍ରସାର। ଏହି ସେବା ଦ୍ୱାରା ଆର୍ଥିକ ସହାୟତା ମିଳିଛି। ଯାହା ଫଳରେ ବିଭିନ୍ନ ପଞ୍ଚାୟତକୁ ଉନ୍ନୟନ କାର୍ଯ୍ୟ ପାଇଁ ଅନୁଦାନ ମିଳିଛି। ସେହିପରି ଭାବରେ ଅନ୍ୟ ଏକ ସେବା 'ମହିଳା ସଶକ୍ତୀକରଣ'। ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ମାଧ୍ୟମରେ ମହିଳା ସଶକ୍ତୀକରଣ ଏବଂ ସ୍ୱାବଲମ୍ବୀ କରିଛି 'ମିଶନ ଶକ୍ତି'। ଗ୍ରାମଗୁଡ଼ିକରେ ସଡ଼କ ସଂଯୋଗ ପାଇଁ ରାଜ୍ୟ ସରକାରଙ୍କ ଏକ ସୁଫଳ ଯୋଜନା ହେଉଛି MMSY-CUUDA। ଏହି ଯୋଜନା ମାଓବାଦୀ ପ୍ରଭାବିତ ଓ ଚ୍ୟାଲେଞ୍ଜପୂର୍ଣ୍ଣ ଅଞ୍ଚଳରେ ଲାଗୁ ହୋଇଥିଲା। ବିଭିନ୍ନ ଗ୍ରାମପଞ୍ଚାୟତସ୍ତରରୁ ବ୍ଲକ୍ ଏବଂ ଜିଲ୍ଲା ପର୍ଯ୍ୟନ୍ତ ଏକ ସୁଗମ, ସୁଲଭ ଜନ ପରିବହନ ବ୍ୟବସ୍ଥା ହେଉଛି 'ଲକ୍ଷ୍ମୀ ବସ୍' ସେବା। ମହିଳା, ଛାତ୍ରଛାତ୍ରୀ ଏବଂ ଦିବ୍ୟାଙ୍ଗମାନେ ମାତ୍ର ୫ ଟଙ୍କାରେ ଯାତ୍ରା କରିପାରିବେ। ଓଡ଼ିଶାର ଏକ ସ୍ମାର୍ଟ ତଥା ଅତ୍ୟାଧୁନିକ ସାର୍ବଜନୀନ ପରିବର୍ତ୍ତନ ହେଉଛି 'ମୋ ବସ' (ଯାହାକି ବର୍ତ୍ତମାନ 'ଆମ ବସ୍' ନାମରେ ପରିଚିତ) ନବୀନଙ୍କ ପାଇଁ ସଫଳ ହୋଇପାରିଛି। ଏହି ସେବାରେ ରାଜ୍ୟର ସହରାଞ୍ଚଳର ଯାତାୟାତ ସୁରକ୍ଷା, ସହଜ ଓ ସୁଲଭରେ ପରିବର୍ତ୍ତନ ଆଣିପାରିଛି। ଭୁବନେଶ୍ୱର, କଟକ, ଖୋର୍ଦ୍ଧା, ପୁରୀ, ପିପିଲି, କୋଣାର୍କ ସହିତ ଅନ୍ୟାନ୍ୟ ପ୍ରମୁଖ ସହର ତଥା ରାଉରକେଲା, ସମ୍ବଲପୁର, ବ୍ରହ୍ମପୁର ମଧ୍ୟ ଏହି ସେବା ଲାଭ କରୁଛି। Mo-E-Ride ଭଳି ଇ-ରିକ୍ସା ସେବାଗୁଡ଼ିକ ଯୋଗୁ ଯାତ୍ରୀମାନେ ଦୂରସ୍ଥାନରୁ ମୁଖ୍ୟ ବସ୍ ଷ୍ଟପ୍ ପର୍ଯ୍ୟନ୍ତ ସହଜରେ ପହଞ୍ଚି ପାରୁଛନ୍ତି। 'ମୋ ସେବା କେନ୍ଦ୍ର' ଦ୍ୱାରା ସମସ୍ତ ଗ୍ରାମ ପଞ୍ଚାୟତ କାର୍ଯ୍ୟାଳୟ ଓ ଜନସାଧାରଣ ପାଇଁ ମାଗଣା ୱାଇଫାଇ ହଟ୍‌ସ୍ପଟ ବ୍ୟବସ୍ଥା କରାଯାଇଛି। 'କାଳିଆ ଯୋଜନା' ଦ୍ୱାରା କୃଷକମାନଙ୍କୁ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି। ଋଣ ଜାଲରୁ ଚାଷୀମାନଙ୍କୁ ମୁକ୍ତ କରିବା ଓ ଯେଉଁମାନେ ବାର୍ଦ୍ଧକ୍ୟ, ଅକ୍ଷମତା ବା ରୋଗ ହେତୁ ଚାଷ କାମ କରିପାରନ୍ତି ନାହିଁ, ସେମାନଙ୍କ ପରିବାରକୁ ଜୀବିକା ନିର୍ବାହ ପାଇଁ ସହାୟତା ଯୋଗାଇ ଦିଆଯାଏ। 'ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା' ହେଉଛି ନବୀନ ସରକାରଙ୍କ ଦ୍ୱାରା ଆରମ୍ଭ କରାଯାଇଥିବା ଏକ ବଡ଼ ଧାରଣର ସ୍ୱାସ୍ଥ୍ୟ ଯୋଜନା। 'ଆହାର ଯୋଜନା' ଦ୍ୱାରା ସହରାଞ୍ଚଳରେ ଗରିବମାନଙ୍କୁ ୫ ଟଙ୍କିଆ ମୂଲ୍ୟରେ ଆହାର ମିଳିପାରୁଛି। 'ବିଜୁ ସଶକ୍ତିକରଣ ଯୋଜନା' ମାଧ୍ୟମରେ ମେଧାବୀ ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ କିଣିବା ପାଇଁ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି। ସହରାଞ୍ଚଳରେ ଥିବା ଗରିବ ଲୋକଙ୍କୁ ଜୀବିକା ପାଇଁ ସହାୟତା ପ୍ରଦାନ କରିବା ଏବଂ ସହରାଞ୍ଚଳ ଭିତ୍ତିଭୂମିର ବିକାଶ ପାଇଁ 'ମୁକ୍ତ ଯୋଜନା' କାର୍ଯ୍ୟକାରୀ ହୋଇଛି। 'ବନିଶ୍ରୀ ଯୋଜନା' ଦ୍ୱାରା ଦିବ୍ୟାଙ୍ଗ ଛାତ୍ରଛାତ୍ରୀମାନଙ୍କ ନିମନ୍ତେ ଶିକ୍ଷା ପାଇଁ ସହାୟତା ହେଉଛି ଛାତ୍ରବୃତ୍ତି। ନବୀନ ସରକାରଙ୍କର ଏକ ଗୁରୁତ୍ୱପୂର୍ଣ୍ଣ ଯୋଜନା ଥିଲା '5T ଯୋଜନା'। ସରକାର ସେବା ପ୍ରଦାନରେ 'ଟାଇମ୍' (Time), 'ଟ୍ରାନ୍ସଫରମେସନ୍' (Transformation), 'ଟେକ୍ନୋଲୋଜି' (Technology), 'ଟ୍ରାନ୍ସପରସି' (Trancpercy), 'ଟିମ୍‌ୱାର୍କ' (Teamwork) ମାଧ୍ୟମରେ ପରିବର୍ତ୍ତନ ଆଣିବା ଏହାର ମୂଳ ଲକ୍ଷ।



ରାଜ୍ୟ ରାଜନୀତିର ଏହି ଗୁରୁତ୍ୱପୂର୍ଣ୍ଣ ସମୟ ନବୀନ ପଟ୍ଟନାୟକଙ୍କ ଗୁରୁତ୍ୱ ସାବ୍ୟସ୍ତ କରିଛି। ବିଭିନ୍ନ କ୍ଷେତ୍ରରେ ତାଙ୍କର ଦୂରଦୃଷ୍ଟି ସଂପନ୍ନ ନେତୃତ୍ୱ ଯୋଗୁ ଓଡ଼ିଶା ଆଜି ଦେଶ ତଥା ବିଶ୍ୱ ଦରବାରରେ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିପାରିଛି। ଶିକ୍ଷାଠାରୁ ସ୍ୱାସ୍ଥ୍ୟ ଏବଂ ମାତୃଶକ୍ତିର ବିକାଶ ପର୍ଯ୍ୟନ୍ତ ନବୀନଙ୍କ କଲ୍ୟାଣକାରୀ ଯୋଜନା ଓଡ଼ିଶାର ରୂପାନ୍ତରଣ ଦିଗରେ ଏକ ମୂଳଦୁଆ ସ୍ଥାପନ କରିଛି। ଏହି ଯୋଜନାଗୁଡ଼ିକ କେବଳ ରାଜନୈତିକ ପ୍ରତିଶ୍ରୁତି ନୁହେଁ, ମାତ୍ର ଓଡ଼ିଶାର କୋଟି କୋଟି ଗରିବ ଓ ଦୁର୍ବଳ ଶ୍ରେଣୀର ଲୋକଙ୍କ ଜୀବନର ଏକ ସ୍ଥାୟୀ ପରିବର୍ତ୍ତନ ଆଣିଛି। ■

ସାମ୍ବାଦିକତା ଓ ଗଣଯୋଗାଯୋଗ,
ଭୁବନେଶ୍ୱର





# ରାଜନୀତିର ଭିନ୍ନ ସ୍ୱର ନବୀନ

■ ମହେଶ୍ୱର ସାହୁ

ପ୍ରଜାମାନଙ୍କର ଶୃଙ୍ଖଳିତ ଜୀବନଯାପନ ପାଇଁ ଶାସନ ଗାଦିରେ ବସିଥିବା ବ୍ୟକ୍ତିବିଶେଷ ଦ୍ୱାରା ପ୍ରଣୀତ ଅନୁଶାସନ ଧାରାକୁ ରାଜନୀତି କୁହାଯାଇଥାଏ। ପୁରାଣ ବର୍ଣ୍ଣିତ ରାଜା ହେଉ କି ଅବତାରୀ ପୁରୁଷ ଅବା ଇତିହାସର କେଉଁ ସମ୍ରାଟ - ସମସ୍ତେ ନିଜ ନିଜର ସ୍ୱତନ୍ତ୍ର ନୀତିରେ ଶାସନ କରିଆସିଛନ୍ତି। ଏହି ନୀତିରେ କିଏ ପ୍ରଜାନୁରଞ୍ଜକର ଆଖ୍ୟା ପାଇଛି ତ କିଏ ବ୍ୟଭିଚାରୀ ବା ସ୍ୱେଚ୍ଛାଚାରୀ ଶାସକର ଟୀକା ପିନ୍ଧି ଜନମାନସରେ ରେଖାଙ୍କିତ ହୋଇ ରହିଯାଇଛି। ଆଜିର ଗାଣତନ୍ତ୍ରିକ ବ୍ୟବସ୍ଥାରେ ମଧ୍ୟ ସମାନ ନୀତି ଅନୁସରଣରେ ଶାସନ ଚାଲିଛି। ଫରକ୍ ଏତିକି ହୋଇଛି ଯେ, ଶାସନ ଗାଦିରେ ବସୁଥିବା ବ୍ୟକ୍ତିବିଶେଷ ବା ଦଳକୁ ସାଧାରଣଜନତା ସେମାନଙ୍କର ସାମ୍ବିଧାନିକ ଅଧିକାର ସାବ୍ୟସ୍ତ କରି ଦେଶ ବା ରାଜ୍ୟ ଶାସନର ଅଧିକାର ବା କ୍ଷମତା ଦେଉଛନ୍ତି, ଯାହା ସମୟାନ୍ତରରେ ପରିବର୍ତ୍ତନଶୀଳ।

ରାଜ୍ୟ ବା ପ୍ରଜା ଶାସନର ଧାରା ବା ନୀତିକୁ ରାଜନୀତି କୁହାଯାଉଥିଲେ ହେଁ, ସାଧାରଣ ଭାବେ କପଟତାର ଦାଓପେଞ୍ଚ ହିଁ ରାଜନୀତିର ପ୍ରକୃତ ପରିଭାଷାକୁ ବୁଝାଇଥାଏ। ଶାସନ ଗାଦି ଅକ୍ତିଆର କରିବା ପାଇଁ କଳ-ବଳ-କୌଶଳର ନୀତି ହିଁ ରାଜନୀତିର ଏକ ବିପକ୍ଷ ବା ବିପରୀତ ପରିଚୟ ସୃଷ୍ଟି କରିଛି। ଆଜିର ଗଣତନ୍ତ୍ରରେ ଖୁବ୍ କମ୍ ନେତା ଦେଖାଯା'ନ୍ତି, ଯେଉଁମାନେ କି ସେମାନେ ନିଜ ଦଳ, ନିଜ ପରିବାର, ନିଜ ସଂପର୍କୀୟ କିମ୍ବା ନିଜ ଅନୁଗତ - କାହାକୁ ବି ଖୁସି କରିବା ବଦଳରେ ଜନକଲ୍ୟାଣର ମନ୍ତ୍ରରେ ଦୀକ୍ଷିତ ହୋଇ ନିନ୍ଦା-ପ୍ରଶଂସାର ଉର୍ଦ୍ଧ୍ୱରେ ରହି ଜୀବନ ବିତାଉଥା'ନ୍ତି। ଏମିତି ଅନେକଙ୍କ ମଧ୍ୟରୁ ଜଣେ ହେଉଛନ୍ତି, ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ। ଦୀର୍ଘ ୨୪ ବର୍ଷର ନିରଂକୁଶ ଶାସନ ଗାଦିରେ ଥିବା ବିଜୁ ଜନତା ଦଳର ସର୍ବମାନ୍ୟ ସଭାପତି ଏହି ଭିନ୍ନ ରାଜନୀତିର ସ୍ୱର ଓ ସ୍ୱାକ୍ଷରଠୁ ବହୁ ଦୂରରେ। ସେମାନେ ଶାସନ କ୍ଷମତାରେ ଥା'ନ୍ତୁ କି ନ ଥାଆନ୍ତୁ, ପ୍ରଜାନୁରଞ୍ଜକର ମାଳା ପିନ୍ଧି ଜନତାଙ୍କ ମାନସପଟରେ ସର୍ବଦା ଝଟକୁଥା'ନ୍ତି।

ନବୀନ ଏବେ ବିରୋଧୀ ଦଳ ନେତା। ଭୋଟ ରାଜନୀତିରେ ନବୀନ ଆଜି ମୁଖ୍ୟମନ୍ତ୍ରୀ ଆସନରୁ ଅପସରି ଯାଇଛନ୍ତି ସତ; ଓଡ଼ିଶାର କୋଟି କୋଟି ଜନତା ଆଜି ବି ତାଙ୍କୁ ମୁଖିଆ ଭାବେ ଗଣୁଛନ୍ତି।



ଦୁର୍ଭିକ୍ଷ, ଅନାହାର, ନିରକ୍ଷରତା, ବେକାରୀ, ପ୍ରାକୃତିକ ବିପର୍ଯ୍ୟୟର ତାଡ଼ନାରେ ଜର୍ଜରିତ ଓଡ଼ିଶାର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିବାର ପଣ ନେଇ ନବୀନ ଓଡ଼ିଶା ରାଜନୀତିରେ ପ୍ରବେଶ କରିଥିଲେ। ପ୍ରବାଦ ପୁରୁଷ ବିଜୁ ବାବୁଙ୍କ ଦେହାନ୍ତ ପରେ ବିଜୁଙ୍କ ପ୍ରତି ଓଡ଼ିଶାବାସୀଙ୍କ ଅକୁଣ୍ଠ ଭଲ ପାଇବାକୁ ଆଧାର କରି ୧୯୯୭ ମସିହା ଡିସେମ୍ବର ୨୬ ତାରିଖରେ ଜନ୍ମ ନେଇଥିବା ବିଜୁ ଜନତା ଦଳର ମଙ୍ଗ ଧରିଥିଲେ ବିଜୁ ପଟ୍ଟନାୟକଙ୍କ କନିଷ୍ଠ ପୁତ୍ର ନବୀନ। ୨୦୦୦ ମସିହା ମାର୍ଚ୍ଚ ମାସ ୫ ତାରିଖରେ ନବୀନ ଓଡ଼ିଶାର ୧୪ତମ ମୁଖ୍ୟମନ୍ତ୍ରୀ ପଦ ଅଳଙ୍କୃତ କରିବା ପୂର୍ବରୁ ୧୯୯୮ ମସିହା ସାଧାରଣ ନିର୍ବାଚନରେ ଓଡ଼ିଶାରୁ ସାଂସଦ ନିର୍ବାଚିତ ହୋଇ ଅଟଳ ବିହାରୀ ବାଜପେୟୀଙ୍କ ନେତୃତ୍ୱାଧୀନ ଏନ୍‌ଡିଏ ମେଣ୍ଟ ସରକାରରେ ଖଣି ମନ୍ତ୍ରୀ ଭାବେ କେନ୍ଦ୍ର କ୍ୟାବିନେଟରେ ସ୍ଥାନ ପାଇଥିଲେ। ଏହାପରେ ୨୦୦୦ ମସିହାର ସାଧାରଣ ନିର୍ବାଚନ ଜିତି ନବୀନ ବିଜେଡି-ବିଜେପି ମେଣ୍ଟର ନେତା ଭାବେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଆସନ ଅଳଙ୍କୃତ କରିଥିଲେ। ୨୦୦୪ ମସିହା ସାଧାରଣ ନିର୍ବାଚନରେ କେନ୍ଦ୍ରରେ ଏନ୍‌ଡିଏର ନିର୍ବାଚନ ପରାଜୟ ସତ୍ତ୍ୱେ ଓଡ଼ିଶାରେ ନବୀନଙ୍କ ଦୂରଦର୍ଶୀ ଶାସନ ନୀତି ପାଇଁ ରାଜ୍ୟବାସୀ ପୁଣି ଥରେ ବିଜେଡି-ବିଜେପି ମେଣ୍ଟକୁ ଜିତାଇଲେ ଏବଂ ନବୀନ ପୁଣିଥରେ ମୁଖ୍ୟମନ୍ତ୍ରୀ ହେଲେ। କିନ୍ତୁ ରାଜ୍ୟରେ ଧର୍ମୀୟ ବିଭେଦ କାରଣକୁ ନେଇ ବିଜେପିଠାରୁ ଦୂରେଇ ଯାଇ ୨୦୦୯ ସାଧାରଣ ନିର୍ବାଚନରେ ବିଜୁ ଜନତା ଦଳ ଏକାକୀ ଲଢ଼ିଲା ଏବଂ ଓଡ଼ିଶାବାସୀ ନବୀନଙ୍କ ଉପରେ ଆସ୍ଥା ପ୍ରକଟ କରି ତାଙ୍କୁ ପୁଣି ଥରେ ମୁଖ୍ୟମନ୍ତ୍ରୀ ଆସନରେ ବସାଇଲେ।

ସୁତରାଂ ୨୦୦୦ ମସିହାରୁ ୨୦୨୪ ମସିହା ପର୍ଯ୍ୟନ୍ତ ଦୀର୍ଘ ୨୪ବର୍ଷ ଧରି ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବେ ନବୀନ ଏଭଳି ଏକ ପରିବେଶ ସୃଷ୍ଟି କରିଛନ୍ତି, ଏବେ ଏବେ ନୂଆକରି ସାବାଳକ ହୋଇ ଭୋଟ ଦେଇଥିବା ଯୁବକଯୁବତୀମାନେ ତାଙ୍କ ଜୀବନକାଳ ଭିତରେ କେବଳ ଗୋଟିଏ ଚେହେରାକୁ ହିଁ ମୁଖ୍ୟମନ୍ତ୍ରୀ ଭାବେ ଦେଖି ଆସିଛନ୍ତି। ଆଜି ଅନ୍ୟ ଜଣେ ମୁଖ୍ୟମନ୍ତ୍ରୀ ଆସନରେ ବସିଥିଲେ ହେଁ, ଏବେବି ଓଡ଼ିଶାର ମୁଖ୍ୟମନ୍ତ୍ରୀ କିଏ ପଚାରିଲେ କିଛି ଲୋକଙ୍କ ପାଟିରୁ ଅଜାଣତରେ ବା ଅଭ୍ୟାସଗତରେ ନବୀନ ପଟ୍ଟନାୟକ ବୋଲି ବାହାରି ଆସୁଛି। ଏହା କେବଳ ନବୀନଙ୍କ ଦୀର୍ଘବର୍ଷର ଶାସନ ଅବଧି ପାଇଁ ନୁହେଁ; ଚିରାଚରିତ ରାଜନୀତିକ ଦାଓପେଞ୍ଚ ବା କପଟତାରୁ ଦୂରେଇ ନବୀନ ଓଡ଼ିଶା ରାଜନୀତିରେ ଛାଡ଼ିଯାଇଥିବା ଅଲିଭା ଛାପ ଯୋଗୁଁ।

କହିବାକୁ ଗଲେ, ନବୀନ କୌଣସି ନିର୍ଦ୍ଦିଷ୍ଟ ରାଜନୈତିକ ଦଳର ନୁହେଁ; ତାଙ୍କ ନିର୍ବିବାଦୀୟ ନେତୃତ୍ୱ, ସ୍ୱଳ୍ପଭାଷୀ, ସୁବିଚାର ଓ ଜନକଲ୍ୟାଣକାରୀ ଦୂରଦର୍ଶୀ ଶାସନ ପାଇଁ ଆଜି ଓଡ଼ିଶାର ଘରେ ଘରେ ଜଣେ ପରିଚିତ ଓ ପୂଜନୀୟ ବ୍ୟକ୍ତିତ୍ୱ। ଦଳୀୟ ଭାବନା ନେଇ କୁତ୍ସାରଟନା କରୁଥିବା ଅନ୍ୟଦଳର ଲୋକଟିଏ ନବୀନଙ୍କୁ ସମ୍ମୁଖରେ ଦେଖିଲେ ଲଜ୍ଜାବୋଧ କରେ, ଆଉ ତାଙ୍କୁ ଯଥୋଚିତ ସମ୍ମାନ ଜଣାଇବାକୁ କୁଣ୍ଠାବୋଧ କରେ ନାହିଁ। କେବଳ ଓଡ଼ିଶାର ରାଜନୈତିକ ଦୃଶ୍ୟପଟରେ ନୁହେଁ; କେନ୍ଦ୍ରରେ ମଧ୍ୟ ସର୍ବଦଳୀୟ ଗ୍ରହଣୀୟତା ନବୀନଙ୍କୁ ଜଣେ ସର୍ବମାନ୍ୟ ଲୋକପ୍ରିୟ ରାଜନେତାର ମାନ୍ୟତା ଦେଇଛି।

ଏସବୁ ସତ୍ତ୍ୱେ ବିବାଦୀୟ ପ୍ରସଙ୍ଗରେ ସମଦୂରତା ବଜାୟ ରଖି ନବୀନ ରାଜ୍ୟସ୍ୱାର୍ଥକୁ ସର୍ବାଦୌ ଗୁରୁତ୍ୱ ଦେଇ ଆସିଛନ୍ତି। ତାଙ୍କ ଶାସନକାଳରେ ଅନୁସୃତ ନୀତି ଯୋଜନାକୁ ଆଜି ଅନେକ ରାଜ୍ୟ ଏବଂ କେନ୍ଦ୍ର ସରକାର ଅନୁସରଣ କରୁଛନ୍ତି। ଦୀର୍ଘ ୨୪ ବର୍ଷର ଶାସନ ଭିତରେ ଓଡ଼ିଶାକୁ ବିକାଶର ଶିଖରରେ ପହଞ୍ଚାଇବା ପାଇଁ ନବୀନ ଏମିତି କିଛି ପ୍ରସଙ୍ଗ ଅଛୁଆଁ ରଖିଯାଇ ନାହାନ୍ତି, ଯାହାକୁ ନେଇ ଏବର ନୂଆ ସରକାର ଲୋକଙ୍କ ଦୃଷ୍ଟି ଆକର୍ଷଣ କରିପାରିଛି।

ସବୁ ପ୍ରକାର ପ୍ରତିକୂଳ ସ୍ଥିତିରୁ ସୁଧୁରି ଓଡ଼ିଶା ବିକାଶ ଦିଗରେ ଆଗେଇ ଯାଉଥିବାବେଳେ ଆଉ କିଛି ନୂଆ ସମ୍ଭାବନାର ସ୍ୱପ୍ନ ଅବା ଭେଳିକିରେ ରାଜ୍ୟବାସୀ ଭାରତୀୟ ଜନତା ପାର୍ଟି- ବିଜେପି ହାତରେ ରାଜ୍ୟ ଶାସନକୁ ଟେକି ଦେଇଛନ୍ତି। ହେଲେ ନୂଆ ସରକାରଙ୍କ ସତର ମାସ ଶାସନର ସ୍ଥିତି ଓ ଗତିରୁ ରାଜ୍ୟବାସୀ ସେଭଳି କିଛି ଆଭାସ କି ଆଶା-ଆଶ୍ୱାସନା ପାଇପାରୁ ନାହାନ୍ତି, ଯାହା ନବୀନଙ୍କଠାରୁ ମିଳିଥିଲା।

ଅଳ୍ପରେ ସନ୍ତୁଷ୍ଟ ଓଡ଼ିଶାବାସୀ ଶାନ୍ତିପ୍ରିୟ। କିନ୍ତୁ ଆଜି ଓଡ଼ିଶାର କୋଣଅନୁକୋଣରେ ଅଶାନ୍ତିର କଳରବ। ଆଇନଶୃଙ୍ଖଳା ବିପର୍ଯ୍ୟସ୍ତ। ପୁଲିସକୁ ଅପରାଧୀଙ୍କ ଭୟ ନାହିଁ। କାଳରାତ୍ରିର ଭୟଠାରୁ ଦିନର ସାଧାରଣ ଜୀବନଯାତ୍ରା ଅଧିକ ବିପନ୍ନ ହୋଇପଡ଼ିଛି। ପାରସ୍ପରିକ ସୌହାର୍ଦ୍ଦ୍ୟପୂର୍ଣ୍ଣ ସଂପର୍କ ଆଜି ଅବିଶ୍ୱାସର ଅଳନ୍ଧୁରେ କବଳିତ।

ଏଭଳି ସ୍ଥିତିରେ ରାଜନୈତିକ ଫାଇଦା ଉଠାଇବା ବଦଳରେ ନବୀନ କିନ୍ତୁ ରାଜ୍ୟବାସୀଙ୍କୁ ଶାନ୍ତି ବଜାୟ ରଖିବାକୁ ନିବେଦନ କରିବା ସହ ରାଜ୍ୟସ୍ୱାର୍ଥ ଓ ଜନସ୍ୱାର୍ଥକୁ ଗୁରୁତ୍ୱ ଦେବା ପାଇଁ ରାଜ୍ୟ ସରକାରଙ୍କୁ ସଜାଗ କରୁଛନ୍ତି। ରାଜ୍ୟର ଗରିମାକୁ ଅକ୍ଷୁଣ୍ଣ ରଖିବା ପାଇଁ ଆପରାଧିକ ତତ୍ତ୍ୱମାନଙ୍କ ପ୍ରତି ସତର୍କ ରହିବା ସହ କଠୋର ନୀତି ଆପଣାଇବାକୁ ଶାସନମୁଖ୍ୟଙ୍କୁ ଚେତାଇ ଦେଉଛନ୍ତି।

ଆଜିର ସମୟରେ ରାଜନୈତିକ ବିରାଦରୀ ବା ରାଜନୈତିକ ପୃଷ୍ଠପୋଷକତାରୁ କ୍ଷମତାକେନ୍ଦ୍ରର ଅଂଶୀଦାର ହୋଇପାରିଥିବା ଅନେକ ରାଜନେତା ବିବାଦୀୟ ଓ ବିତର୍କିତ। କ୍ଷମତା ହାସଲ ପରେ ଜନକଲ୍ୟାଣ ପାଇଁ ଚିନ୍ତା କରିବା ବଦଳରେ ସ୍ୱ-ସ୍ୱାଚ୍ଛନ୍ଦ୍ୟକୁ ଗୁରୁତ୍ୱ ଦେଇ ଲୋକପ୍ରିୟତା ହରାଇ ବସୁଛନ୍ତି। ତେଣୁ ଏବର ରାଜନୈତିକ ଚିତ୍ରପଟରେ ନବୀନଙ୍କ ଭଳି ଜଣେ ସର୍ବାଜନାଦୃତ ନେତା ନିଶ୍ଚିତ ଭାବେ ବିରଳ। ଆଜି ତାଙ୍କର ୭୯ତମ ଜନ୍ମଦିନରେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ଶତାୟୁ କାମନା ସହ ପ୍ରଣିପାତ। ■

# ସାଇକ୍ଲୋନ୍ ହିରୋ

■ ସ୍ୱାଧୀନିକା ସାମଲ

ପ୍ରାକୃତିକ ବିପର୍ଯ୍ୟୟ ଆଗରେ ଯେତେବେଳେ ସବୁ ରାଜ୍ୟ ତାହାର ହାତ ଟେକିଦେଉ ଥିଲା, ସେତେବେଳେ ଏପରି ଜଣେ ମୁଖ୍ୟମନ୍ତ୍ରୀ ଥିଲେ, ଯିଏ କି ଏପରି ସମୟରେ ପ୍ରାକୃତିକ ବିପର୍ଯ୍ୟୟକୁ ମାତ୍ ଦେଇଥିଲେ ନିଜର ବୁଦ୍ଧି ବଳରେ। ସେ ହେଉଛନ୍ତି ଆମର ପ୍ରିୟ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ। ସମୁଦ୍ର ତଟୀୟ ରାଜ୍ୟ ହୋଇଥିବାରୁ ଓଡ଼ିଶାକୁ ପ୍ରତିବର୍ଷ ବାତ୍ୟାର ସାମ୍ନା କରିବାକୁ ହୁଏ। କିନ୍ତୁ ନବୀନ ପଟ୍ଟନାୟକଙ୍କ ଶାସନ ସମୟରେ ଓଡ଼ିଶା ବାତ୍ୟାକୁ ମାତ୍ ଦେବାରେ ରୋଲ୍ ମଡେଲ୍ ପାଲଟିଥିଲା ସମସ୍ତ ଦେଶ ପାଇଁ। ଏପରିକି ନବୀନ ପଟ୍ଟନାୟକଙ୍କୁ 'Cyclone Man' ବା 'Cyclone Hero' ଭାବରେ ଆଖ୍ୟା ଦିଆଯାଇଛି। ଭୌଗୋଳିକ ଦୃଷ୍ଟିକୋଣରୁ ଦେଖିଲେ ଓଡ଼ିଶା ବାତ୍ୟା ସମ୍ବେଦନଶୀଳ ରାଜ୍ୟ। ଓଡ଼ିଶାର ଜଣେ ପ୍ରତିଷ୍ଠିତ ନେତା, ଯିଏ କି ନିଜ ରାଜନୈତିକ ଯାତ୍ରାରେ ନିଜର ନାମକୁ ଶୀର୍ଷରେ ରଖିଛନ୍ତି ତାଙ୍କର ଦୃଢ଼ ସଂକଳ୍ପ ଓ ସାମାଜିକ ସେବା ଯୋଗୁଁ। ତାଙ୍କର ସମସ୍ତ ଯୋଜନାରେ ମାନବ ଜୀବନ ଏବଂ ଆର୍ଥିକ ସମ୍ପଦକୁ ଅଧିକ ଗୁରୁତ୍ୱ ଦିଆଯାଇଥାଏ। ୧୯୯୯ ମସିହା ଅକ୍ଟୋବର ୨୯ ଏକ ଭୟାବହ ଦିନ ଥିଲା ସମଗ୍ର ଓଡ଼ିଶାବାସୀଙ୍କ ପାଇଁ। ଏହି ପ୍ରାକୃତିକ ବିପର୍ଯ୍ୟୟରେ ୧୦,୦୦୦ରୁ ଅଧିକ ଲୋକଙ୍କ ମୃତ୍ୟୁ ହୋଇଥିଲା। ସେତେବେଳେ ରାଜ୍ୟରେ ଯଥେଷ୍ଟ ପ୍ରସ୍ତୁତି ନ ଥିଲା। ସେହି ସମୟରେ ନବୀନ ପଟ୍ଟନାୟକ ଏ ପ୍ରସଙ୍ଗରେ ଅଧିକ ଗୁରୁତ୍ୱ ଦେଇଥିଲେ। ୨୦୦୧ ମସିହାରେ ନବୀନ ପଟ୍ଟନାୟକ OSDMA (Odisha State Disaster Management Authority) ଗଠନ କରିଥିଲେ। ଏହି ସଂସ୍ଥା ପ୍ରାକୃତିକ ବିପର୍ଯ୍ୟୟ ପୂର୍ବ ପ୍ରସ୍ତୁତି, ଜନସଚେତନତା, ଉଦ୍ଧାର କରିବା ଉପରେ ଅଧିକ ଗୁରୁତ୍ୱ ଦେଉଥିଲା। ୨୦୧୩ ମସିହାରେ 'ଫାଇଲିନ' ବାତ୍ୟା ସମୟରେ ନବୀନଙ୍କ ସଠିକ୍ ନେତୃତ୍ୱ ଓ ଶାସନ ବଳରେ ୧୦ ଲକ୍ଷ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ନିଆଯାଇଥିଲା। ମାତ୍ର ୨୧ ଜଣଙ୍କ ମୃତ୍ୟୁ ହୋଇଥିଲା ଯାହାକି ସମଗ୍ର ବିଶ୍ୱରେ ବଡ଼ ରେକର୍ଡ ଥିଲା। ଏଥିପାଇଁ ଜାତିସଂଘ ଓ ବିଶ୍ୱ ବ୍ୟାଙ୍କ ଓଡ଼ିଶାକୁ 'Model in disaster management' ବୋଲି କହିଥିଲେ। ସେହିପରି ୨୦୧୪ ମସିହାରେ 'ହୁଦ୍‌ହୁଦ୍' ବାତ୍ୟା ହୋଇଥିଲା ଓଡ଼ିଶାରେ। ଯାହାର ପ୍ରଭାବ କମ୍ ଥିଲା, ଯାହାକି ନବୀନଙ୍କ ସର୍ବୋତ୍ତମ ନେତୃତ୍ୱର ଜ୍ୱଳନ୍ତ ଉଦାହରଣ ଥିଲା।

୨୦୧୮ ମସିହାରେ 'ତିତ୍‌ଲି' ବାତ୍ୟା ଓଡ଼ିଶାରେ ହେଇଥିଲା ନବୀନ ନିଜ ତତ୍ତ୍ୱାବଧାନରେ ସବୁ ନିରୀକ୍ଷଣ କରିଥିଲେ। ସେହି ସମୟରେ ଗ୍ରାମ ସ୍ତରରେ ଉଦ୍ଧାର ଟିମ୍ ଏବଂ ବ୍ଲକ୍ ସ୍ତର ନିୟନ୍ତ୍ରଣ କକ୍ଷ ଖୋଲା ଯାଇଥିଲା। ଦୀର୍ଘ ୨୦ ବର୍ଷ ପରେ ସବୁଠୁ ବଡ଼ ବାତ୍ୟା ଥିଲା 'ଫନି'। ଏହି ବାତ୍ୟାରେ ୧୨,୦୦୦ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତରିତ କରାଯାଇଥିଲା।

UNESCO ଓ UN ପକ୍ଷରୁ ଓଡ଼ିଶାକୁ 'Heroic disaster preparedness' ଭାବେ ସମ୍ମାନିତ ମଧ୍ୟ କରାଯାଇଥିଲା। ଏପରିକି କୋଭିଡ୍‌ର ଭୟାବହ ସମୟରେ ମଧ୍ୟ ବାତ୍ୟା ପରିଚାଳନା ସଠିକ୍ ଭାବେ ହୋଇଥିଲା। ଏହି ସମୟ ତାଙ୍କ ଦୃଢ଼ ପରିଚାଳନା ଏବଂ ଉତ୍ତମ ଶାସନକୁ ଦେଖାଏ। ନବୀନ ପଟ୍ଟନାୟକଙ୍କ ନେତୃତ୍ୱରେ ୯୦୦ ରୁ ଅଧିକ ବାତ୍ୟା ଶିବିର ଗଠନ କରିବା ସଙ୍ଗେ ସଙ୍ଗେ ୫୦,୦୦୦ ରୁ ଅଧିକ ବାତ୍ୟା ସ୍ୱେଚ୍ଛାସେବୀଙ୍କୁ ଉଚିତ୍ ପ୍ରଶିକ୍ଷଣ ଦିଆଯାଇଥିଲା। ଏପରିକି ଅନେକ ରାଜ୍ୟ ଏବଂ ଦେଶ ତାଙ୍କର ଏହି ନେତୃତ୍ୱକୁ ଅନୁସରଣ କରିଥିଲେ। ନବୀନ ପଟ୍ଟନାୟକ ନିଜେ 'Zero Casualty policy' ଆରମ୍ଭ କରିଥିଲେ, ଯାହାର ଅର୍ଥ ହେଉଛି ଦୁର୍ଘଟଣାରେ ମୃତ୍ୟୁ ସଂଖ୍ୟା ଶୂନ। ନବୀନ ପଟ୍ଟନାୟକ ଓଡ଼ିଶାକୁ ଦୁର୍ଘଟଣା ସହନଶୀଳ ରାଜ୍ୟ ଭାବେ ସମଗ୍ର ଦେଶରେ ପରିଚିତ କରିଥିଲେ। ସେ କେବଳ ରାଜନେତା ନ ଥିଲେ ସେ ଥିଲେ ଆଦର୍ଶ ନେତୃତ୍ୱର ଜ୍ୱଳନ୍ତ ଉଦାହରଣ ସମଗ୍ର ଦେଶ ପାଇଁ। ଏପରିକି ତାଙ୍କୁ 'Best CM' ବୋଲି ମଧ୍ୟ କୁହାଯାଏ। ■

ସାମ୍ବାଦିକତା ଏବଂ ଗଣଯୋଗାଯୋଗ ବିଭାଗ
ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟ,
ଭୁବନେଶ୍ୱର

# ଓଡ଼ିଶା ରାଜନୀତିର ମହାନାୟକ

■ ମିହିର ରାୟ

ଭାରତୀୟ ରାଜନୀତିର ବିଶାଳ ମଞ୍ଚରେ କିଛି ବିରଳ ବ୍ୟକ୍ତିତ୍ୱ ଏମିତି ଥାଆନ୍ତି, ଯେଉଁମାନେ ନିଜର ନମ୍ରତା, ନିଷ୍ଠା ଓ କର୍ମନିର୍ଭର ଦୃଷ୍ଟିକୋଣ ଦ୍ୱାରା ଇତିହାସରେ ଅମର ହୋଇ ରହନ୍ତି। ଏମିତି ଏକ ଅନନ୍ୟ ବ୍ୟକ୍ତିତ୍ୱ ହେଉଛନ୍ତି ନବୀନ ପଟ୍ଟନାୟକ, ଯିଏ ଓଡ଼ିଶାରେ ୨୪ ବର୍ଷ ଧରି ମୁଖ୍ୟମନ୍ତ୍ରୀ ଭାବେ ଶାସନ କରି ପାଞ୍ଚଟି ନିରନ୍ତର କାର୍ଯ୍ୟକାଳରେ ବିଜୟୀ ହୋଇ ଏକ ଅସାଧାରଣ ରେକର୍ଡ ସୃଷ୍ଟି କରିଛନ୍ତି। ତାଙ୍କର ନମ୍ରତା, କମ୍ କଥାବାର୍ତ୍ତା ଶୈଳୀ, କର୍ମନିଷ୍ଠା ଓ ସଂସ୍କାରବାଦୀ ଚିନ୍ତାଧାରା ତାଙ୍କୁ ଓଡ଼ିଶା ତଥା ଭାରତୀୟ ରାଜନୀତିରେ ଏକ ପ୍ରେରଣାଦାୟୀ ଆଲୋକସ୍ତମ୍ଭରେ ପରିଣତ କରିଛି। ନବୀନଙ୍କ ଶାସନକାଳରେ ଓଡ଼ିଶାର ବିକାଶ, ସାମାଜିକ ସଂସ୍କାର ଓ ରାଷ୍ଟ୍ରୀୟ ରାଜନୀତିରେ ତାଙ୍କର ଅବଦାନ ଏକ ସ୍ୱର୍ଣ୍ଣିମ ଅଧ୍ୟାୟ ରଚନା କରିଛି। ତାଙ୍କର ଅସାଧାରଣ ସଫଳତା, ମହାନ ବ୍ୟକ୍ତିତ୍ୱ ଓ ଐତିହାସିକ ମହତ୍ତ୍ୱକୁ ଅବଲୋକନ କଲେ ଏକ ପ୍ରେରଣାଦାୟୀ କାହାଣୀ ସାମ୍ନାକୁ ଆସେ।

ନବୀନ ପଟ୍ଟନାୟକଙ୍କ ଶାସନ ଓଡ଼ିଶାକୁ ଏକ ନୂତନ ଦିଗନ୍ତରେ ପହଞ୍ଚାଇଛି। ତାଙ୍କର ପ୍ରଥମ କାର୍ଯ୍ୟକାଳରୁ ହିଁ ଦୁର୍ନୀତି ବିରୋଧୀ ଅଭିଯାନ ଏକ ନଜିର ସୃଷ୍ଟି କରିଥିଲା। ୨୦୦୦ ରୁ ୨୦୧୨ ମଧ୍ୟରେ ୨୬ ଜଣ ମନ୍ତ୍ରୀଙ୍କୁ ଦୁର୍ନୀତି ଅଭିଯୋଗରେ ବରଖାସ୍ତ କରି ସେ ପାରଦର୍ଶୀ ପ୍ରଶାସନର ଏକ ଆଦର୍ଶ ସ୍ଥାପନ କରିଥିଲେ। ବିପର୍ଯ୍ୟୟ ପରିଚାଳନାରେ ଓଡ଼ିଶାକୁ ବିଶ୍ୱ ମାନଚିତ୍ରରେ ପ୍ରତିଷ୍ଠିତ କରିବାରେ ତାଙ୍କର ଦୂରଦୃଷ୍ଟି ଅନନ୍ୟ। ୧୯୯୯ର ସୁପର୍ ସାଇକ୍ଲୋନ୍‌ର ଭୟାବହ ଧ୍ୱଂସ ପରେ ସେ ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା ପ୍ରାଧିକରଣ (ଓଏସ୍‌ଡିଏମ୍‌ଏ) ଗଠନ କରିଥିଲେ। ଏହା ଫାଇଲିନ, ହୁଡ଼ହୁଡ଼ ଓ ଫନି ଭଳି ବିପର୍ଯ୍ୟୟରେ ଲକ୍ଷାଧିକ ଜୀବନ ରକ୍ଷା କରିବାରେ ସଫଳ ହୋଇଥିଲା। ଏହି ପ୍ରୟାସ ପାଇଁ ଜାତିସଂଘ ସମେତ ବିଶ୍ୱବ୍ୟାପୀ ସଂସ୍ଥାଗୁଡ଼ିକ ଓଡ଼ିଶାକୁ ପ୍ରଶଂସା କରିଛନ୍ତି।

ଦାରିଦ୍ର୍ୟ ନିରାକରଣରେ ନବୀନଙ୍କର ଯୋଜନାଗୁଡ଼ିକ ଏକ ବିପ୍ଳବ ଆଣିଛି। ନୀତି ଆୟୋଗର ରିପୋର୍ଟ ଅନୁଯାୟୀ, ୨୦୦୫-୦୬ ରୁ ୨୦୨୨-୨୩ ମଧ୍ୟରେ ଓଡ଼ିଶାର ବହୁଆୟାମୀ ଦାରିଦ୍ର୍ୟ ୬୩.୮୪% ରୁ ୧୧.୦୭% କୁ ହ୍ରାସ ପାଇଛି, ଯାହାଦ୍ୱାରା ୧୦୨.୭୮ ଲକ୍ଷ ଲୋକ ଦାରିଦ୍ର୍ୟରୁ ମୁକ୍ତି ପାଇଛନ୍ତି। 'ମମତା ଯୋଜନା' ଗର୍ଭବତୀ ମହିଳାମାନଙ୍କୁ ସଶକ୍ତ କରିଛି ଓ ରାଜ୍ୟର ମାତୃ ମୃତ୍ୟୁ ହାର ଓ ଶିଶୁ ମୃତ୍ୟୁ ହାରକୁ ନିୟନ୍ତ୍ରଣ ସ୍ତରକୁ ଆଣିବାରେ ସକ୍ଷମ ହୋଇଛି। 'କାଳିଆ ଯୋଜନା' କୃଷକମାନଙ୍କୁ ଆର୍ଥିକ ସ୍ୱାବଲମ୍ବୀ କରିଛି, 'ମିଶନ୍ ଶକ୍ତି' ମାଧ୍ୟମରେ ରାଜ୍ୟର ପ୍ରାୟ ସତୁରି ଲକ୍ଷ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀରେ ସାମିଲ ହୋଇ ଆର୍ଥିକ ସ୍ୱାଧୀନତା ହାସଲ କରିଛନ୍ତି, ଓ 'ଜାଗା ମିଶନ୍' ସହରୀ ଗରିବମାନଙ୍କୁ ଆବାସ ଯୋଗାଇଛି। ମହିଳା ସଶକ୍ତୀକରଣରେ ତାଙ୍କର ଅବଦାନ ଅତୁଳନୀୟ। ପଞ୍ଚାୟତରେ ୫୦% ମହିଳା ସଂରକ୍ଷଣ ଏବଂ ମିଶନ୍ ଶକ୍ତି ମାଧ୍ୟମରେ ମହିଳାମାନଙ୍କୁ ନେତୃତ୍ୱ ପ୍ରଦାନ କରିବାରେ ସେ ଏକ ନୂତନ ଦୃଷ୍ଟାନ୍ତ ସ୍ଥାପନ କରିଛନ୍ତି। ସ୍ୱାସ୍ଥ୍ୟ ଓ ଶିକ୍ଷା କ୍ଷେତ୍ରରେ ନବୀନଙ୍କର ପଦକ୍ଷେପ ଓଡ଼ିଶାକୁ ଏକ ଆଧୁନିକ ରାଜ୍ୟରେ ପରିଣତ କରିଛି। 'ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା' ମାଧ୍ୟମରେ ଲକ୍ଷାଧିକ ଲୋକଙ୍କୁ ମାଗଣା ଚିକିତ୍ସା ଯୋଗାଇ ଦିଆଯାଇଛି। 'ମୋ ସ୍କୁଲ୍' ଓ '୫ଟି' ଯୋଜନା ମାଧ୍ୟମରେ ସ୍କୁଲ୍‌ଗୁଡ଼ିକରେ ଆଧୁନିକ ଅନ୍ତର୍ଗଠନ ଓ ଶିକ୍ଷାର ଗୁଣବତ୍ତା ବୃଦ୍ଧି କରିଛି। ଉପଜାତି କଲ୍ୟାଣ ଓ ଆଦିବାସୀ ବିକାଶରେ ମଧ୍ୟ ତାଙ୍କର ଯୋଜନାଗୁଡ଼ିକ ଫଳପ୍ରଦ ହୋଇଛି।

ଅର୍ଥନୈତିକ ବିକାଶରେ ନବୀନଙ୍କର ଦୂରଦୃଷ୍ଟି ଓଡ଼ିଶାକୁ ଏକ ଶକ୍ତିଶାଳୀ ରାଜ୍ୟରେ ପରିଣତ କରିଛି। ଖଣିଜ ସମ୍ପଦର ସଦୁପଯୋଗ ମାଧ୍ୟମରେ ରାଜ୍ୟର ଋଣ ହ୍ରାସ କରାଯାଇଛି। ନୀତି ଆୟୋଗଙ୍କ ରିପୋର୍ଟ ଅନୁଯାୟୀ, ଏକଦା ଋଣଗ୍ରସ୍ତ ହୋଇ ପଡ଼ିଥିବା ଓଡ଼ିଶା, ମୁଣ୍ଡପିଛା ଋଣଭାର କ୍ଷେତ୍ରରେ ଦେଶର ସମସ୍ତ ରାଜ୍ୟ ମାନଙ୍କ ଭିତରେ ସବୁଠାରୁ ନିମ୍ନରେ ରହିଥିଲା। ଏହାଛଡା, ଆର୍ଥିକ ଶୃଙ୍ଖଳା କ୍ଷେତ୍ରରେ ନୀତି ଆୟୋଗଙ୍କ ୨୦୨୩ମସିହାର ରିପୋର୍ଟ ଅନୁଯାୟୀ, ଓଡ଼ିଶା ଦେଶର ରାଜ୍ୟ ମାନଙ୍କ ଭିତରେ ପ୍ରଥମ ସ୍ଥାନ ହାସଲ କରିଥିଲା। ନବୀନଙ୍କ ନୂତନ ଶିଳ୍ପନୀତି ଯୋଗୁ ଶିଳ୍ପ ପ୍ରତିଷ୍ଠା କ୍ଷେତ୍ରରେ, ଓଡିଶା ବିଶ୍ୱର ପ୍ରତିଷ୍ଠିତ ଶିଳ୍ପ ଅନୁଷ୍ଠାନ ମାନଙ୍କୁ ଆକୃଷ୍ଟ କରିବାରେ ସଫଳ ହୋଇଥିଲା। ଏହି କାରଣରୁ, ଓଡିଶା ପୁଞ୍ଜି ନିବେଶ କ୍ଷେତ୍ରରେ, ୨୦୨୧-୨୨, ୨୦୨୨-୨୩ ଓ ୨୦୨୩-୨୪ ମସିହାରେ ଦେଶରେ ଯଥାକ୍ରମେ ତୃତୀୟ, ଦ୍ୱିତୀୟ ଓ ପ୍ରଥମ ସ୍ଥାନ ହାସଲ କରିଥିଲା। ରାଜ୍ୟର ସାମାଜିକ ବ୍ୟୟ ୧୫.୧% କମ୍ପାଉଣ୍ଡ ବାର୍ଷିକ ବୃଦ୍ଧି ହାରରେ ବଢ଼ିଛି, ଯାହା ପୂର୍ବ ଭାରତରେ ଓଡ଼ିଶାକୁ ଶୀର୍ଷସ୍ଥାନରେ ରଖିଛି। କ୍ରୀଡ଼ା କ୍ଷେତ୍ରରେ ଓଡ଼ିଶାକୁ ଏକ ଆନ୍ତର୍ଜାତୀୟ ହବ୍ କରିବାରେ ତାଙ୍କର ଅବଦାନ ଅତୁଳନୀୟ। ଭାରତୀୟ ହକି ଟିମ୍‌ର ସ୍ପନ୍‌ସରଶିପ୍ ଓ କଳିଙ୍ଗ ଷ୍ଟାଡିୟମ୍‌ର ଆଧୁନିକୀକରଣ, ରାଉରକେଲାରେ ବିଶ୍ୱର ସର୍ବ ବୃହତ ହକି ଷ୍ଟାଡିଅମ ନିର୍ମାଣ ଓଡ଼ିଶାକୁ କ୍ରୀଡ଼ା ଜଗତରେ ଏକ ନୂତନ ପରିଚୟ ଦେଇଛି।

ନବୀନଙ୍କ ନମ୍ରତା, କର୍ମନିଷ୍ଠା ଓ ସଂସ୍କାରବାଦୀ ଦୃଷ୍ଟିକୋଣ ଭାରତୀୟ ରାଜନୀତିରେ ଏକ ନୂତନ ଆଦର୍ଶ ସ୍ଥାପନ କରିଛି। ନବୀନ ପଟ୍ଟନାୟକ କେବଳ ଜନନେତା ନୁହଁନ୍ତି, ସେ ଓଡ଼ିଶାର ଏକ ଜୀବନ୍ତ କିମ୍ବଦନ୍ତୀ କହିଲେ ଅତ୍ୟୁକ୍ତି ହେବନାହିଁ। ତାଙ୍କର ସଫଳତା, ନମ୍ରତା ଓ ଜନସେବାର ଅଙ୍ଗୀକାର ଭବିଷ୍ୟତ ପିଢ଼ିକୁ ପ୍ରେରଣା ଦେବ। ତାଙ୍କର ଶାସନ ଓଡ଼ିଶାକୁ ଏକ ନୂତନ ପରିଚୟ ଦେଇଛି, ଯାହା ଦେଶ ଓ ବିଦେଶରେ ସମ୍ମାନର ସହ ଉଲ୍ଲେଖ କରାଯାଏ। ନବୀନ ପଟ୍ଟନାୟକଙ୍କ କାହାଣୀ ହେଉଛି ଏକ ସଫଳତାର ଗାଥା, ଯେଉଁଥିରେ ନମ୍ରତା, ନିଷ୍ଠା ଓ ଜନସେବାର ମିଶ୍ରଣ ଓଡ଼ିଶାକୁ ଏକ ଉଜ୍ଜ୍ୱଳ ଭବିଷ୍ୟତର ପଥ ଦେଖାଇଛି। ରାଜନୀତି କ୍ଷେତ୍ରରେ ନବୀନଙ୍କ ଆବିର୍ଭାବ, ପ୍ରଭାବଶାଳୀ ପ୍ରଦର୍ଶନ, ନିରନ୍ତର ଜନସାଧରଣଙ୍କ ଆଶୀର୍ବାଦ ହାସଲ ଇତ୍ୟାଦି ତାଙ୍କୁ ଓଡିଶା ରାଜନୀତିର ମହାନାୟକ ପରିଚୟ ପ୍ରଦାନ କରିଛି। ■

-ରାଉରକେଲା






# ଶୁଭକାମନା

■ ଅମିତ୍ ମଲ୍ଲିକ

୧
ଏକବିଂଶ ଶତାବ୍ଦୀରେ ନେଲେ ଶାସନ ଭାର
ପ୍ରଗତି ପଥରେ ବଦଳିଗଲା ଛବି ଓଡ଼ିଶାର
ତାଙ୍କରି ଶାସନ ଆଣିଦେଲା ଶାନ୍ତି ଓ ପ୍ରଗତି
ନବୀନ ନିର୍ମାତାଙ୍କୁ ଜନ୍ମଦିନର ଶୁଭେଚ୍ଛା ସବୁରି
୨
ବାତ୍ୟାଠାରୁ ବିପର୍ଯ୍ୟୟ ଯାଏଁ କଲେ ଅଟୀରେ ଦମନ
ଜିତିଲେ ଚାରିକୋଟି ଓଡ଼ିଆଙ୍କ ମନ
ବିପର୍ଯ୍ୟୟ କବଳରୁ କଲେ ଓଡ଼ିଶା ସୁରକ୍ଷା
ସାରାବିଶ୍ୱ ପାଇଁ ଆଣିଦେଲେ 'ନବୀନ' ଶିକ୍ଷା
୩
ଭୋକିଲାଙ୍କ ପେଟ ପ୍ରତି ଦରଦ ତାଙ୍କର
ଗରିବଙ୍କୁ ତୁଷ୍ଟ ପାଇଁ କଲେ ପାଞ୍ଚ ଟଙ୍କାରେ ଆହାର
ବିଜୁ ସ୍ୱାସ୍ଥ୍ୟ କାର୍ଡ ଅମୋଘ ଅସ୍ତ୍ର
ତାଙ୍କ ପାଇଁ ଉଲ୍ଲସିତ ସ୍ୱାବଲମ୍ବୀ ମା'
ଘରେ ଘରେ ପହଞ୍ଚିଛି ବିକାଶର ରାହା,
୪
ହକି ବିକାଶରୁ ରାଜ୍ୟର ବିକାଶ, ଓଡ଼ିଶା ପ୍ରଗତିରେ ତାଙ୍କ ଛବି ପ୍ରକାଶ
କଥାରେ ନୁହେଁ; କାମରେ ଦେଖାଇଲେ 'ଗରିବ ହଟାଅ'
ସାରା ଓଡ଼ିଶାରୁ ହଟିଲେ ଦୁସ୍ଥ ଅସହାୟ
୫
କହନ୍ତି ଅଳପ କଥା, କରନ୍ତି ବେଶୀ କାମ
ଶାନ୍ତ ଓ ସଚ୍ଚୋଟ କହିଲେ ନବୀନ ହିଁ ନାମ
ତାଙ୍କ ପାଇଁ ବଦଳିଛି ଓଡ଼ିଶା ଓ ଓଡ଼ିଆଙ୍କ ଛବି
ଓଡ଼ିଶାର ଆକାଶରେ ନବୀନ ହିଁ ଏକମାତ୍ର ରବି
ଜୀବନ ବଦଳାନ୍ତି, ନିରବରେ ଧୀରେ,
ନବୀନଙ୍କ ପାଇଁ ଶୁଭକାମନା ସବୁରି ହୃଦରେ ।

–ମୁଦ୍ରାକର ଓ ପ୍ରକାଶକ 'ସକାଳ'

# କୋଟି ହୃଦୟର ମଣି: ନବୀନ

■ ଡାକ୍ତର ସାଗର ରଂଜନ ତ୍ରିପାଠୀ

ଲେଖକ ଜୀବନରୁ ପ୍ରବୀଣ ରାଜନେତା ଭାବେ ବିରଳ ବ୍ୟକ୍ତିତ୍ୱ ନବୀନ ପଟ୍ଟନାୟକଙ୍କ ଅନେକ କୃତି କୀର୍ତ୍ତି ରହିଛି ଏହା ପ୍ରତ୍ୟେକ ଓଡ଼ିଆ ସ୍ୱୀକାର କରିବେ । ଖୁବ ସରଳ, ଅମାୟିକ, ଅଳ୍ପଭାଷୀ, ନମ୍ର ସ୍ୱଭାବ ମଣିଷ ନବୀନ ପଟ୍ଟନାୟକ ମୁଖ୍ୟମନ୍ତ୍ରୀ ପଦ ଭାର ଗ୍ରହଣ କରି ଓଡ଼ିଶାରେ ଦୀର୍ଘ ପଚିଶି ବର୍ଷ ଧରି ନିରବଚ୍ଛିନ୍ନ ଶାସନ କରି ଏକ ଇତିହାସ ସୃଷ୍ଟି କରିଛନ୍ତି । ବର୍ତ୍ତମାନ ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକ ନିଜ ଆନୁଷ୍ଠାନିକ ପରିଚୟ ଦେଲେ ସୁଦ୍ଧା ସେ ଏବେ ବି ଚାରିକୋଟି ଓଡ଼ିଆଙ୍କ ହୃଦୟରେ ଉର୍ଜସ୍ୱଳ ସ୍ଥାନ ଅଧିକାର କରୁଛନ୍ତି ଏଥିରେ ଦ୍ୱିମତ ନାହିଁ । ସେ ସବୁ ବେଳେ କହିବା ଅପେକ୍ଷା ସେ ନିଜ କାମ କରିବା ଉପରେ ଗୁରୁତ୍ୱ ଦେବା ତାଙ୍କର ବ୍ୟକ୍ତିତ୍ୱର ସ୍ୱତନ୍ତ୍ରତା । ରାଜନୀତି କ୍ଷେତ୍ରରେ ଆସନ ପଦ ଦଖଲ କରିବା ଏବଂ ପୁଣି ସେହି ପଦ ଆସନରୁ ଅପସରି ଯିବା ସତ୍ତ୍ୱେ ବ୍ୟକ୍ତି ନିଜର ନୈସର୍ଗିକ ବ୍ୟକ୍ତିତ୍ୱ ବଳରେ ଶାସିତଙ୍କ ଠାରୁ ଦୂରେଇ ଯାଇ ନ ଥାଏ ତାହା ନିଜ ବିଦ୍ୱତ୍ତା, ଗୁଣବତ୍ତା ତଥା ମହତ୍ତ୍ୱ ପୂର୍ଣ୍ଣ ଗୁଣ ସମୁଚ୍ଚୟର ପ୍ରଭାବରେ ସେ ନିଜ ମର୍ଯ୍ୟାଦା ଅକ୍ଷୁଣ୍ଣ ରଖିଥାଏ । ନବୀନ ପଟ୍ଟନାୟକ ପ୍ରବାଦପୁରୁଷ ବିଜୁ ପଟ୍ଟନାୟକଙ୍କ କନିଷ୍ଠ ସନ୍ତାନ ଯିଏ କ୍ଷମତାରୁ ଦୂରେଇ ଗଲା ପରେ ମଧ୍ୟ ଆଜି ତାଙ୍କ ପରି ବ୍ୟକ୍ତିତ୍ୱ ଯେ ଲୋକଙ୍କ ହୃଦୟରୁ ଅପସରି ଯାଇନାହିଁ ଏ କଥା ମଧ୍ୟ ଆଜି ଆମକୁ ସ୍ୱୀକାର କରିବାକୁ ପଡ଼ିବ ।

ରାଜନୀତିର ପରିପକ୍ୱ ସ୍ୱର ଓଡ଼ିଶାର ପୂର୍ବତନ ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଜି ୭୯ତମ ଜୟନ୍ତୀରେ ତାଙ୍କର ଜୀବନୀ ସଂପର୍କରେ ଆଲୋଚନା ସହିତ ବିଭିନ୍ନ କାର୍ଯ୍ୟକ୍ରମ ସାରା ରାଜ୍ୟରେ ନବୀନ ପଟ୍ଟନାୟକଙ୍କୁ ଭଲ ପାଉଥିବା ବ୍ୟକ୍ତି, ଅନୁଷ୍ଠାନ, ଏବଂ ବିଜୁ ଜନତା ଦଳର କାର୍ଯ୍ୟକର୍ତ୍ତାଙ୍କ ଦ୍ୱାରା ଆୟୋଜନ କରାଯାଉଛି ଅଭିନନ୍ଦନୀୟ। ନବୀନ ପଟ୍ଟନାୟକ ଜଣେ ଉଚ୍ଚକୋଟୀର ଇଂରାଜୀ ଲେଖକ ଭାବେ ନିଜ ନିଷ୍ଠା ଓ ସାଧନା ବଳରେ ଦେଶ ଓ ଦେଶ ବାହାରେ ଅଜସ୍ର ଶ୍ରଦ୍ଧା ଓ ସମ୍ମାନ ଲାଭ କରିଥିଲେ । ଭାରତୀୟ ଜଡ଼ି ବୁଟି ବୃକ୍ଷ ଲତା ଗୁଡିକର ଔଷଧୀୟ ଗୁଣ ସଂପର୍କରେ ପୁସ୍ତକ The garden of Life ନବୀନ ବାବୁଙ୍କ ଅନେକ ରଚନା ଭିତରୁ ଅନ୍ୟତମ । ଲୋକ ପ୍ରିୟ ଲେଖକ ଭାବରେ ନବୀନ ପଟ୍ଟନାୟକଙ୍କ ପାଇଁ ପ୍ରତିଷ୍ଠା ଓ ପ୍ରସିଦ୍ଧି ସବୁ ବେଳେ ଚର୍ଚ୍ଚା ରହି ଆସିଥିଲା କିନ୍ତୁ ରାଜନେତା ଭାବେ ପ୍ରବେଶ ହୁଏ ୧୯୯୭ ରେ ଯେତେବେଳେ ତାଙ୍କ ପିତା ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୁ ପଟ୍ଟନାୟକଙ୍କ ବିୟୋଗ ହୁଏ । ୧୭ ଏପ୍ରିଲ ୧୯୯୭ରେ ବିଜୁ ବାବୁଙ୍କ ବିୟୋଗ ପରେ ରାଜନୀତିରେ ତରୁଣ ନବୀନ ପଟ୍ଟନାୟକ ଓଡ଼ିଶା ମାଟି ସହ ପରିଚିତ ହେଲେ । ବିଜୁ ପଟ୍ଟନାୟକ ତାଙ୍କ ଜୀବଦ୍ଦଶାରେ କେବେବି ନିଜ ପୁଅଙ୍କୁ ରାଜନୀତିରେ ଆଣିବା ପାଇଁ ଇଛା ପ୍ରକାଶ କରି ନ ଥିଲେ । ବଡ ବିସ୍ମୟ ବିଷୟ ଯେ ,ଓଡ଼ିଆ ଭାଷା ସଂସ୍କୃତି ଓ ଜୀବନ ଶୈଳୀ ସହିତ ଅଭ୍ୟସ୍ତ ନଥିବା ଜଣେ ମଣିଷ ଯେ ସଫଳ ରାଜନେତା ର ପରିଚୟରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବେ ଲୋକ ପ୍ରିୟତାର ଶୀର୍ଷକୁ ଛୁଇଁ ପାରିଥିଲେ ଏବଂ ଏହା ମଧ୍ୟ ଅନୁଶୀଳନ ଓ ଗବେଷଣା ବିଷୟ । ନବୀନ ପଟ୍ଟନାୟକଙ୍କ ରାଜନୀତି ର ସମୃଦ୍ଧ ସ୍ୱର ଏବଂ ବିରଳ ବ୍ୟକ୍ତିତ୍ୱ ଅଧିକାରୀ ଭାବରେ ସାରା ଭାରତ ବର୍ଷ ରେ ଜଣେ ଅମାୟିକ ରାଜନେତା ଭାବେ ପ୍ରସିଦ୍ଧି ଅର୍ଜନ କରି ଛନ୍ତି ।

ତାଙ୍କର ବିନମ୍ର ବ୍ୟବହାର ଗୋଟିଏ ଭଲ ଗୁଣ । ଚେହେରାରେ ସ୍ମିତହାସ ଓ ମୁଖମଣ୍ଡଳ କାନ୍ତିର ଆକର୍ଷଣ ନିଆରା । ସାଂପ୍ରତିକ ସମାଜରେ ରାଜନୀତିରେ ନମ୍ରତା ଏବଂ ଉଦାରତା ଭାବର ମଣିଷ ବିରଳ । ସରଳ ସ୍ୱଚ୍ଛ ଶୁଭ୍ର ପରିଧାନ ରେ ସେ ଯେପରି ଆକର୍ଷଣୀୟ,ଖୁବ୍ କମ୍ କଥା କହିବା ମଣିଷ ନବୀନ ପଟ୍ଟନାୟକ ଜଣେ ସ୍ଥିତପ୍ରଜ୍ଞ ଭାବେ ତାଙ୍କ ବ୍ୟକ୍ତିତ୍ୱ ବଳରେ ଅନେକଙ୍କୁ ଆକର୍ଷଣ କରିବାରେ ନିଆରା ମଣିଷ ଲୋକ ପ୍ରିୟ ରାଜନେତା ପରିଚୟ ସୃଷ୍ଟି କରି ପାରିଛନ୍ତି । ଭାରତ ରାଜନୀତିର ଇତିହାସରେ ହୁଏତ ନବୀନ ପଟ୍ଟନାୟକ ହିଁ ଏକମାତ୍ର ବ୍ୟକ୍ତି ରହିଛନ୍ତି ଯିଏ ଖୁବ୍ କମ୍ କଥା କହି ସମସ୍ତଙ୍କ ହୃଦୟ ଜିଣିବା କଳା ଶିଖି ପାରିଛନ୍ତି ।

ଓଡ଼ିଶା ରାଜନୀତିର ଇତିହାସରେ ଅନେକ ନେତାଙ୍କ ଅନେକ କାହାଣୀ ସଂପର୍କରେ ଆମେ ଜାଣିଥାଉ ଓ ପଢିଥାଉ ।ଓଡ଼ିଆଙ୍କ ସ୍ୱାଭିମାନ ପାଇଁ କିଏ ଲଢେଇ କରିଛି, କିଏ ପୁଣି ଆମ ଓଡ଼ିଶାର ଭାଷା ସାହିତ୍ୟ ସଂସ୍କୃତି ସ୍ୱାଭିମାନ ସୁରକ୍ଷା ଓ ଅସ୍ମିତା ପାଇଁ ଲଢେଇ କରି ସଫଳ ହୋଇ ପାରିଛି ।ଓଡ଼ିଶା ରାଜନୀତିର ଇତିହାସ ବଡ଼ ଚମତ୍କାର ଘଟଣାବଳୀର ମୁକସାକ୍ଷୀ । କାଳଖଣ୍ଡର ପ୍ରବାହ ମାନ ଧାରାରେ ଅନେକ ନେତା ନେତୃତ୍ୱ ନେବା ପାଇଁ ଆସିଛନ୍ତି ଏବଂ ଶାସନ ଗାଦି ରୁ ଫେରିଯାଇ ଛନ୍ତି କିନ୍ତୁ ଜଣେ ଉଦାର ରାଜନେତା ଭାବେ ନବୀନ ପଟ୍ଟନାୟକଙ୍କ ଶାସନର କଳା ଓ କୌଶଳ କାହାଣୀ କେବଳ ଭିନ୍ନ ନୁହଁ ବରଂ ଅନେକ ସ୍ୱତନ୍ତ୍ରତାର ସ୍ୱାକ୍ଷର ବହନ କରି ଓଡିଶାବାସୀଙ୍କ ହୃଦୟ ଜିଣିଛି । ଓଡ଼ିଶା ମାଟିର ଜଣେ ଜଣେ ବରପୁତ୍ରଙ୍କ ବିଷୟରେ ଏବଂ ଓଡ଼ିଶା ପ୍ରଦେଶ ଗଠନ ପାଇଁ ତାଙ୍କର ଅବଦାନ ସଂପର୍କରେ ଆଲୋଚନା କରୁ । ସମୃଦ୍ଧ ଓଡିଶା ଗଢ଼ିବା ପାଇଁ ଏମାନଙ୍କ ଯୋଗଦାନ ମଧ୍ୟ ସ୍ମରଣୀୟ କିନ୍ତୁ ଓଡ଼ିଆ ଭାଷା ସାହିତ୍ୟ ସଂସ୍କୃତି ଏବଂ ଲୋକଙ୍କ ସହ ବିଶେଷ ଭାବରେ ପରିଚୟ ନ ଥିବା ବ୍ୟକ୍ତି ଆକସ୍ମିକ ରାଜନୀତି ରେ ପ୍ରବେଶ ସହ ରାଜନୈତିକ ଦଳ ବିଜୁ ଜନତା ଦଳର ସର୍ବୋଚ୍ଚ ନେତା ଭାବେ ନବୀନ ପଟ୍ଟନାୟକ ଅପ୍ରତିଦ୍ୱନ୍ଦ୍ୱୀ କୀର୍ତ୍ତିମାନ ସ୍ଥାପନ କରି ସକ୍ଷମ ହେଲେ ଏହା କହିବା ବେଳେ ତାଙ୍କ ରାଜନୈତିକ ଇତିହାସ ସମ୍ପର୍କରେ ଅବଗତ କରାଇବା ଉଚିତ୍ ମନେ କରେ ।

ସେ ଯେତେବେଳେ ଆସିକା ସଂସଦୀୟ କ୍ଷେତ୍ରରୁ ନିର୍ବାଚନ ପ୍ରଚାର ପାଇଁ ଆସିଥିଲେ ସାକ୍ଷାତ ହୁଏ ଏହି ଲେଖକର । ମୋ ଗାଁ ପୋଲସରାରେ ନିର୍ବାଚନ ପ୍ରଚାର ସମୟ । ଖୁବ୍ ସରଳ ନମ୍ର ଓ ଶାନ୍ତ ନବୀନ ପଟ୍ଟନାୟକଙ୍କୁ ଦେଖି ଖୁସି ହେବା ସହ ଦୁଇ ପଦ କଥା ହେବା ସୁଯୋଗ ମଧ୍ୟ ମୁଁ ପାଇଥିଲି ତାଙ୍କ ସହ ଥିଲେ ଗଞ୍ଜାମ ମାଟିର ଗର୍ବ ଗୌରବ ଧୁରୀଣ ରାଜନେତା ରାମକୃଷ୍ଣ ପଟ୍ଟନାୟକ ଯିଏ କି ଓଡ଼ିଶାର ବେଶ୍ ଲୋକ ପ୍ରିୟ ପ୍ରଭାବଶାଳୀ ନେତା ଭାବେ ପରିଚିତ ଥିଲେ ଏବଂ ବିଜୁ ଜନତା ଦଳର ପ୍ରତିଷ୍ଠା ପାଇଁ ତାଙ୍କ ଅବଦାନ ସ୍ମରଣୀୟ । ନବୀନ ପଟ୍ଟନାୟକ ଆସିକା ସଂସଦୀୟ କ୍ଷେତ୍ରରୁ ନିର୍ବାଚନ ବିଜୟ ହୋଇ ଆସିକା ସାଂସଦ ଓ କେନ୍ଦ୍ରରେ ପ୍ରଧାନ ମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ନେତୃତ୍ୱରେ ଏନ୍‌ଡିଏ ସରକାରଙ୍କ ମନ୍ତ୍ରୀ ମଣ୍ଡଳରେ ମନ୍ତ୍ରୀ ହେଲେ । ଏହାପରେ ୧୯୯୯ ରେ ଚାରି କୋଟି ଓଡ଼ିଆଙ୍କ ପ୍ରିୟ ମୁଖ୍ୟମନ୍ତ୍ରୀ ହୋଇ ଦୀର୍ଘବର୍ଷ ଶାସନ କାଳର ଅନୁଭବ ସାଉଁଟି ଆଣିବାରେ ଜଣେ ଅପ୍ରତିଦ୍ୱନ୍ଦ୍ୱୀ ନେତା ଭାବେ ନବୀନ ପଟ୍ଟନାୟକ ଅମଳିନ କୀର୍ତ୍ତି ଅର୍ଜନ କରିଛନ୍ତି । ଗୋଟିଏ ପରେ ଗୋଟିଏ ନିର୍ବାଚନ ରେ ଅଧିକରୁ ଅଧିକ ଲୋକପ୍ରିୟ ଏବଂ ପ୍ରଭାବଶାଳୀ ନେତା ହୋଇ ଗୋଟିଏ ରାଜ୍ୟର ନେତୃତ୍ୱ ନେବାର ଯେଉଁ ବିରଳ କୀର୍ତ୍ତି ମାନ ନବୀନ ପଟ୍ଟନାୟକ ତିଆରି କରି ଜଣେ ସଫଳ ପ୍ରବୀଣ ଏବଂ ପରିପକ୍ୱ ଅନୁଭବୀ ରାଜନେତା ଭାବେ ଗ୍ରହଣୀୟ ହୋଇଥିଲେ ଏହା ମଧ୍ୟ ସ୍ମରଣୀୟ ଯେତିକି ବିସ୍ମୟ ସେତିକି । ଓଡ଼ିଶାରେ ବିଭିନ୍ନ କ୍ଷେତ୍ରରେ ସଂସ୍କାର ଆଣି ଉଲ୍ଲେଖନୀୟ କାର୍ଯ୍ୟ କରିଛନ୍ତି ନବୀନ ପଟ୍ଟନାୟକ । ଓଡ଼ିଶା ଇତିହାସରେ ସେ ସ୍ୱୟଂ ଗୋଟିଏ ରାଜନୀତି ସଂସ୍କୃତିର ଇତିହାସ ଲେଖିବା ପାଇଁ ଯେ ସମର୍ଥ । ଓଡ଼ିଶା ରାଜନୀତି ରେ ରାଜ୍ୟ ତଥା ଦେଶର ରାଜନୈତିକ ବିଚାର ମଂଚ ରେ ସେ ସମସ୍ତ ଙ୍କ ପାଇଁ ଚର୍ଚ୍ଚାରେ ରହିବା କ୍ୱଚିତ ବ୍ୟକ୍ତିର ଭାଗ୍ୟରେ ହିଁ ଦେଖାଯାଏ । ସବୁବେଳେ ସମସ୍ତଙ୍କୁ ଆଚମ୍ବିତ କରି ବିଜୁ ଜନତା ଦଳର ସର୍ବୋଚ୍ଚ ନେତା ମାନନୀୟ ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ୨୫ ବର୍ଷ ମଧ୍ୟରେ ରାଜ୍ୟ ଶାସନରେ ଅପ୍ରତିଦ୍ୱନ୍ଦ୍ୱୀ ହେଲେ କିପରି ଯଦି ଆଲୋଚନା କରାଯାଏ ଏହା ବିରୋଧୀ ଦଳର ଦୁର୍ବଳ ବିଧି ବ୍ୟବସ୍ଥା ନା ନବୀନ ପଟ୍ଟନାୟକଙ୍କ ଶାସନ ରଣ କୌଶଳ ଏହି କଥା ମଧ୍ୟ ଗବେଷଣା ବିଷୟ ରାଜନୀତିର ପଣ୍ଡିତମାନେ ବାରମ୍ବାର କହି ଆସିଥିଲେ ଯେ ନବୀନ ଖୁବ୍ କମ୍ କଥା କହି ହୃଦୟ ଜିଣିବା ସହିତ ସେ ହିଁ ବାଜିଗର ବୋଲି ବାରମ୍ବାର ପ୍ରମାଣିତ କରି ଆସୁଥିଲେ । ନବୀନ ପଟ୍ଟନାୟକ ସ୍ପଷ୍ଟ ଭାବେ ବିଶୁଦ୍ଧ ଓଡ଼ିଆ କହିବା ପାଇଁ ଅସମର୍ଥ ଥିଲେ ଏ କଥା ମଧ୍ୟ ଅସ୍ୱୀକାର କରି ହେବ ନାହିଁ ତଥାପି ଶାସନ କଳା ଓ ରଣ କୌଶଳ ରେ ଶ୍ରେଷ୍ଠ ଏବଂ ସିଦ୍ଧ ହସ୍ତ ହେଲେ ।

## ● ନବୀନ ବାବୁଙ୍କ ଶାସନ ସମୟରେ

ଓଡ଼ିଆ ଭାଷାର ବିକାଶ ପ୍ରଚାର ପ୍ରସାର ପାଇଁ ଯେଉଁ ବିରଳ କୃତି ସ୍ଥାପନ କରିଛନ୍ତି ଅନୁଶୀଳନୀୟ । ଐତିହାସିକ ସତ୍ୟବାଦୀ ପୀଠରେ ଓଡ଼ିଆ ଭାଷା ବିଶ୍ୱବିଦ୍ୟାଳୟ ସ୍ଥାପନ,ଓଡ଼ିଆ ଭାଷା ଶାସ୍ତ୍ରୀୟ ଭାଷାର ମାନ୍ୟତା ପାଇବା ତାଙ୍କ ଶାସନ ଅବଧିର ଶ୍ରେୟ ନିଶ୍ଚୟ ଯିବ । ବିଶେଷ ଭାବେ ଓଡ଼ିଆ ଭାଷାର ମର୍ଯ୍ୟାଦା ବିଶ୍ୱ ସ୍ତରରେ ସ୍ଥାପନ କରିବା ପାଇଁ ଓଡିଶା ଭୁବନେଶ୍ୱର ଜନତା ମଇଦାନରେ ବିଶ୍ୱ ଭାଷା ସମ୍ମିଳନୀ ପାଞ୍ଚ ଦିନ ସଫଳତା ସହିତ ଆୟୋଜନ ଥିଲା ଗୋଟିଏ ଅବିଶ୍ୱସନୀୟ ଅକଳ୍ପନୀୟ ଆୟୋଜନ । ଏହି ତାଙ୍କ ରାଜନୈତିକ ଇତିହାସ ରେ ଯେତେ ସବୁ କାର୍ଯ୍ୟକ୍ରମ ଥିଲା ସେଥି ମଧ୍ୟରୁ ଗୋଟିଏ ଶ୍ରେଷ୍ଠ କାର୍ଯ୍ୟକ୍ରମ ବିଶ୍ୱ ଓଡ଼ିଆ ଭାଷା ସମ୍ମିଳନୀ ।

ବିଶ୍ୱ ଭାଷା ସମ୍ମିଳନୀ ସଫଳତା ସହିତ ସଂପନ୍ନ କରିବା ପଛରେ ଭାଷା ଆନ୍ଦୋଳନ ଓଡ଼ିଶାର,ସ୍ୱରକୁ ଗୌଣ କରି ହେବ ନାହିଁ । ବିଶ୍ୱ ଭାଷା ସମ୍ମିଳନୀ ଅନୁଷ୍ଠିତ ହେବା ସମୟରେ ନବୀନ ପଟ୍ଟନାୟକଙ୍କୁ ନବୀନ ନିବାସରେ ସାକ୍ଷାତ କରିବା ମୋର ସୌଭାଗ୍ୟ ପ୍ରାପ୍ତ ହୋଇ ଥିଲା ଏବଂ ଭାଷା ଆନ୍ଦୋଳନ ଓଡିଶା ଆବାହକ ପବିତ୍ର ମହାରଥା ଙ୍କ ଦ୍ୱାରା ସଂକଳିତ"ବିଧାନ ସଭାରେ ଭାଷା ଆଇନ" ପୁସ୍ତକ ନବୀନ ନିବାସ ରେ ଲୋକାର୍ପଣ କରି ଥିଲେ ନବୀନ । ଓଡ଼ିଶାରେ ଓଡ଼ିଆ ଭାଷା ରେ ଶାସନ କରିବା ପାଇଁ ଓଡ଼ିଆ ଭାଷାର ସମସ୍ତ ନଥିପତ୍ର ହିଁ କରାଯିବ ଏହି ବିଧେୟକ ପାରିତ କରିବା ସହ ଭାଷା ଆଇନ ଖିଲାପ କଲେ ଦଣ୍ଡ ବ୍ୟବସ୍ଥା ନବୀନ ପଟ୍ଟନାୟକଙ୍କ ଶାସନ ସମୟର ସରକାରଙ୍କ ଏକ ଯୁଗାନ୍ତକାରୀ ପଦକ୍ଷେପ କହିଲେ ଅତ୍ୟୁକ୍ତି ହେବ ନାହିଁ ।ଏହି ଭାଷା ଆଇନ୍ ରାଜ୍ୟପାଳଙ୍କ ଦ୍ୱାରା ଅନୁମୋଦନ ଲାଭ କରି ଥିଲା । ଓଡ଼ିଶା ପର୍ଯ୍ୟଟନ ବିକାଶ ଓ ଶ୍ରୀ କ୍ଷେତ୍ର ପରିକ୍ରମା ପ୍ରକଳ୍ପ ସହିତ ବିଭିନ୍ନ ଐତିହାସିକ ଓ ସାଂସ୍କୃତିକ ଆଧ୍ୟାତ୍ମିକ କ୍ଷେତ୍ର ଗୁଡିକର ବିକାଶରେ ବହୁ ଉନ୍ନୟନ କାର୍ଯ୍ୟ ସଂସ୍କାର ଅଣାଯାଇଥିବା ବିଷୟ ରେ ସେ ଜଣେ ଦକ୍ଷ ପ୍ରଶାସକ ତଥା ମୁଖ୍ୟମନ୍ତ୍ରୀ ପ୍ରମାଣ ଦେଇଥିଲେ ନବୀନ ପଟ୍ଟନାୟକ । ଦୀର୍ଘ ବର୍ଷ ଶାସନ କରିବାରେ ପ୍ରଭାବଶାଳୀ ବ୍ୟକ୍ତିତ୍ୱର ଅଧିକାରୀ ଭାବରେ ଖୁବ୍ ଗ୍ରହଣୀୟ ହୁଅନ୍ତି । ଓଡ଼ିଶାବାସୀଙ୍କ ପାଇଁ ଅତି ପ୍ରିୟ ନେତା ନବୀନ ପଟ୍ଟନାୟକ ଗୋଟିଏ ଗୋଟିଏ ଏମିତି କିଛି ସଂସ୍କାର ମୂଳକ ଯୋଜନା ଏବଂ କାର୍ଯ୍ୟ କରି ଭିନ୍ନ ଏକ ସନ୍ଦେଶ ଦେଇଛନ୍ତି ଯାହା ବିରଳ । ସମସ୍ତ କଳ୍ପନା ଜଳ୍ପନାର ଅବସାନ ଘଟାଇ ଅନେକ ଥର ବହୁ ଗୁରୁତ୍ୱପୂର୍ଣ୍ଣ ବିଷୟର ନିର୍ଣ୍ଣୟ କରୁଥିବା ମଣିଷଟି ଲୋକଙ୍କ ନିକଟକୁ ପହଞ୍ଚି ଯାଇ ଆପଣ ମାନେ ଖୁସି ତ? ପ୍ରଶ୍ନ ପଚାରିବା ଗୋଟିଏ ଆଲୋଚନା କେନ୍ଦ୍ର ଥିଲା । ସମସ୍ତଙ୍କୁ ଖୁସି ବୋଲି କହି ଯେଉଁ ସ୍ୱତନ୍ତ୍ର କଥା କହିବାରେ ଆନନ୍ଦ ଦେଉି ଥିଲେ ଏହା ମଧ୍ୟ ତାଙ୍କର ଲୋକ ପ୍ରିୟ ନେତା ହେବାର ବଳିଷ୍ଠ ପ୍ରମାଣ ସ୍ୱର ବୋଲି କୁହାଯାଏ । କହିବାକୁ ଗଲେ ଭାଗ୍ୟବାନ ସେହି ଲୋକ ଯେଉଁ ମାନଙ୍କ ଭାଗ୍ୟରେ ତାଙ୍କ ରାଜନୀତି ପଥ ଦୀର୍ଘ ସମୟର ଅନୁଭବ ଦିଏ ଏବଂ ନବୀନ ପଟ୍ଟନାୟକ ହେଉଛନ୍ତି ସେହି ଭାଗ୍ୟବାନ ବ୍ୟକ୍ତି ମଧ୍ୟରୁ କେବଳ ଜଣେ ମାତ୍ର ବ୍ୟକ୍ତି ଚାରି କୋଟି ଓଡ଼ିଆଙ୍କ ଆଶୀର୍ବାଦରୁ ଖୁସିରେ କ୍ଷମତାରେ ରହିବା ସହିତ ଲୋକପ୍ରିୟ ନେତା ଭାବେ ଶୀର୍ଷରେ ଥିଲେ କାରଣ ତାଙ୍କ ପାଇଁ ବିନମ୍ରତା ହିଁ ବଡ଼ ସଂପଦ ଥିଲା । ଏହା ଆଜିର ଯୁଗରେ କୌଣସି ନେତାଙ୍କ ବ୍ୟବହାରରେ ଖୁବ୍ କମ୍ ଦେଖିବାକୁ ମିଳେ । ନବୀନ ପଟ୍ଟନାୟକ ଦୀର୍ଘଜୀବୀ ହୁଅନ୍ତୁ ଏବଂ ତାଙ୍କର ଚଲାପଥରେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ଅପାର କରୁଣା ଦୃଷ୍ଟି ରହିଥାଉ । ନବୀନ ପଟ୍ଟନାୟକଙ୍କ ସୁସ୍ଥ ସୁଦୀର୍ଘ ନିରାମୟ ଜୀବନ ପ୍ରଭୁଙ୍କ ନିକଟରେ କାମନା କରି ପ୍ରାର୍ଥନା । ■


ସାହିତ୍ୟିକ ସ୍ତମ୍ଭକାର, ଭାଷା ଆନ୍ଦୋଳନ ଓଡ଼ିଶା
ସଭାପତି, ବ୍ରହ୍ମପୁର,
ନିବାରିଣୀ, ଲୋଚାପଡା ବ୍ରହ୍ମପୁର
୮୮୪୭୮୦୯୫୩୪


# ହକି ଜଗତକୁ ନବୀନଙ୍କ ଅବଦାନ


■ ଜ୍ଞାନେଶ୍ୱରୀ ପାତ୍ର


ଓଡ଼ିଶା ଆଜି ଭାରତର ହକିର ହୃଦୟ କେନ୍ଦ୍ର ଭାବେ ପରିଚିତ । ଏହି ଗୌରବର ପଛରେ ଅଛନ୍ତି ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଯିଏ ରାଜ୍ୟରେ ହକିକୁ ଏକ ଉଚ୍ଚ ସୋପାନକୁ ନେଇ ଯାଇଛନ୍ତି । ତାଙ୍କ ଦୃଷ୍ଟିଭଙ୍ଗୀ, ପ୍ରତିଶ୍ରୁତି ଓ ଖେଳାଳିମାନଙ୍କ ପ୍ରତି ସହାନୁଭୂତି ଫଳରେ ଓଡ଼ିଶା ଏବେ ଭାରତର ହକି ମାନଚିତ୍ରରେ ଏକ ଅଗ୍ରଗାମୀ ରାଜ୍ୟ ହୋଇଯାଇଛି । ନବୀନ ପଟ୍ଟନାୟକ ହକିକୁ ନିଜ ଶାସନରେ ଏକ ପ୍ରାଥମିକତା ଭାବରେ ଗ୍ରହଣ କରିଥିଲେ । ତାଙ୍କ ନେତୃତ୍ୱରେ ଭୁବନେଶ୍ୱରରେ ବିଶ୍ୱସ୍ତରୀୟ କଳିଙ୍ଗ ଷ୍ଟାଡିୟମ୍ ଏବଂ ରାଉରକେଲାରେ ବିର୍ସା ମୁଣ୍ଡା ହକି ଷ୍ଟାଡିୟମ୍ ନିର୍ମିତ ହୋଇଛି । ଯାହା ବିଶ୍ୱର ସବୁଠୁ ବଡ଼ ହକି ଷ୍ଟାଡିୟମ୍ ମଧ୍ୟରୁ ଗଣ୍ୟ । ଏହି ଦୁଇଟି ଷ୍ଟାଡିୟମ୍ ଓଡ଼ିଶାକୁ ହକିର ମହାନଗରୀ ଭାବେ ପରିଚିତ କରାଇଛି । ୨୦୧୮ ଓ ୨୦୨୩ ମସିହାରେ ଓଡ଼ିଶା ଦୁଇ ଥର 'ହକି ବିଶ୍ୱ କପ୍' ଆୟୋଜନ କରି ବିଶ୍ୱର ମଞ୍ଚରେ ଗୌରବ ସୃଷ୍ଟି କରିଛି । ଏହା ଦ୍ୱାରା ଓଡ଼ିଶା ମାତ୍ର ଭାରତର ନୁହେଁ, ବିଶ୍ୱ ହକି ଜଗତର ମଧ୍ୟ ଏକ ମହତ୍ତ୍ୱପୂର୍ଣ୍ଣ କେନ୍ଦ୍ର ହୋଇଯାଇଛି । ନବୀନ ପଟ୍ଟନାୟକ ହକିକୁ ଗ୍ରାମାଞ୍ଚଳରୁ ଆଣି ବିଭିନ୍ନ ଜିଲ୍ଲାରେ ହକି ଏକାଡେମୀ, ଖେଳ ପ୍ରଶିକ୍ଷଣ କେନ୍ଦ୍ର ଓ ସୁବିଧା ସୃଷ୍ଟି କରିଛନ୍ତି । ଓଡ଼ିଶା ସରକାର 'ହକି ଇଣ୍ଡିଆ'ର ଅଧିକୃତ ସଂସ୍ଥା ଭାବେ ଭାରତୀୟ ପୁରୁଷ ଓ ମହିଳା ହକି ଦଳକୁ ଆର୍ଥିକ ସହାୟତା ଓ ପ୍ରୋତ୍ସାହନ ଦେଇଆସୁଛି । ଏହି ସମର୍ଥନ ଫଳରେ ଭାରତୀୟ ହକି ଦଳ ଅଲମ୍ପିକ ଓ ଅନ୍ତର୍ଜାତୀୟ ମଞ୍ଚରେ ଉଲ୍ଲେଖ୍ୟନୀୟ ସଫଳତା ଲାଭ କରିପାରିଛି । ନବୀନ ପଟ୍ଟନାୟକଙ୍କ ନେତୃତ୍ୱରେ ଓଡ଼ିଶାର ଯୁବ ସମାଜ ମଧ୍ୟରେ ହକି ପ୍ରତି ଅପାର ଆଗ୍ରହ ଦେଖାଯାଉଛି । ସେ ମାତ୍ର ଖେଳକୁ ପ୍ରୋତ୍ସାହନ ଦେଇନାହାଁନ୍ତି । ଏହାକୁ ଏକ ସାମାଜିକ ଓ ଆର୍ଥିକ ସୁଦୃଢ଼ତାର ମାଧ୍ୟମ ଭାବେ ପରିଣତ କରିଛନ୍ତି । ନବୀନ ପଟ୍ଟନାୟକଙ୍କ ଦୃଢ଼ ପ୍ରୟାସ, ଦୃଷ୍ଟିଭଙ୍ଗୀ ଓ ଖେଳ ପ୍ରତି ସେମାନଙ୍କ ଭଲ ପାଇବା ଫଳରେ ଓଡ଼ିଶା ଆଜି ହକି ମାନଚିତ୍ରରେ ଏକ ଗୌରବମୟ ସ୍ଥାନ ଅଧିକାର କରିଛି । ଓଡ଼ିଶାର ହକି ଦଳ ଏବଂ ଯୁବ ପିଢ଼ି ତାଙ୍କୁ ନିଜେ ମନୋବଳ ଓ ପ୍ରେରଣାର ଉତ୍ସ ଭାବେ ଦେଖନ୍ତି । ଓଡ଼ିଶାକୁ ଖେଳ ଜଗତରେ ଏକ ଉଦାହରଣ ସୃଷ୍ଟି କରିଦେଇଛନ୍ତି ନବୀନ ପଟ୍ଟନାୟକ । ଯେଉଁଠି ହକି କେବଳ ଏକ ଖେଳ ନୁହେଁ, ଏହା ଏକ ଗୌରବ ଓ ଆତ୍ମସମ୍ମାନର ପ୍ରତୀକ । ■

–ସାମ୍ବାଦିକତା ଏବଂ ଗଣଯୋଗାଯୋଗ ବିଭାଗ
ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱର



## ଅବଶିଷ୍ଟାଂଶ

### ଟ୍ରେନ୍‌ରେ ଯାଇଥିଲେ...

ହୋଇଯିବାରୁ ବସ୍‌ରେ ଯାଇପାରି ନ ଥିବା ବିଶ୍ୱସ୍ତ ସୂତ୍ରରୁ ଖବର ମିଳିଛି। ଦଲାଲ୍‌ଙ୍କ ସଂସ୍ପର୍ଶରେ କିଛି କନେଷ୍ଟବଳ ନିୟମିତ ଯୋଗାଯୋଗରେ ରହି ପିଲା ଯୋଗାଡ଼ କରିଥିବା ମଧ୍ୟ ଜଣା ପଡ଼ିଛି। ଏହି ସମସ୍ତେ ପରୀକ୍ଷା ଏସ୍‌ଆଇ ପରୀକ୍ଷା ଥିବା ଦର୍ଶାଇ ଛୁଟିରେ ରହିଥିଲେ। ଫଳରେ ପରୀକ୍ଷା ଦେବାକୁ ଛୁଟି ଆବେଦନ କରିଥିବା କନେଷ୍ଟବଳମାନେ ମଧ୍ୟ କ୍ରାଇମ୍‌ବ୍ରାଞ୍ଚ ସ୍କାନର୍‌କୁ ଆସିଛନ୍ତି।

### ଆଗୁଆ ଜାମିନ...

ପହଞ୍ଚିଥିଲା। ସେଠାରୁ ବିମାନ ଯୋଗେ ଦୁବାଇ ପଳାଇଥିବା କ୍ରାଇମବ୍ରାଞ୍ଚ ଜାଣିବାକୁ ପାଇଛି। ଅନୁରୂପ ଭାବେ ମୁନା ମହାନ୍ତିର ମଧ୍ୟ ପତ୍ତା ପାଇପାରୁ ନାହିଁ କ୍ରାଇମ୍‌ବ୍ରାଞ୍ଚ। ଏଣୁ ମୁନା ଯେପରି ଦେଶ ଛାଡ଼ି ପଳାଇବାରେ ସକ୍ଷମ ନ ହେବ, ସେଥିପାଇଁ ଉଭୟ ଶଙ୍କର ଓ ମୁନା ନାମରେ ଲୁକ୍ ଆଉଟ୍ ସର୍କୁଲାର ଜାରି କରାଯାଇଛି। ପୂର୍ବରୁ ଶଙ୍କର ଓ ମୁନାର ବ୍ୟାଙ୍କ ଆକାଉଣ୍ଟ ଫ୍ରିଜ୍ କରିଥିଲା ତଦନ୍ତକାରୀ ସଂସ୍ଥା। ଲୁକ୍‌ଆଉଟ୍ ସର୍କୁଲାର୍ ଜାରି କରିବା ପରେ ତାଙ୍କୁ ଧରିବାରେ ସଫଳ ହେବ ବୋଲି ତଦନ୍ତକାରୀ ସଂସ୍ଥା ଆଶା ବାନ୍ଧିଛି।

### ସ୍ନେହାଙ୍ଗିନୀ ପ୍ରାର୍ଥୀ...

କହିଛନ୍ତି ଯେ ପଶ୍ଚିମ ଓଡ଼ିଶାର ଜଣେ ଟାଣୁଆ ନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ ଅତୀତରେ ବିଜେଡି ସରକାରରେ ଏକାଧିକ ବିଭାଗରେ ମନ୍ତ୍ରୀ ରହିବା ସହ ବହୁ ଗୁରୁତ୍ୱପୂର୍ଣ୍ଣ ପଦବୀ ସମ୍ଭାଳିଛନ୍ତି। ସେ ସବୁବେଳେ ଗରିବ, ତଳସ୍ତରରେ ଥିବା ଲୋକ ବିଶେଷକରି ମହିଳାଙ୍କ ପାଇଁ ଲଢ଼େଇ କରି ଆସିଛନ୍ତି। ସେଥିପାଇଁ ଆମେ ତାଙ୍କୁ ବିଜେଡିର ପ୍ରାର୍ଥୀ ରୂପେ ଚୟନ କରିଛୁ। ମୁଁ ତାଙ୍କୁ ହୃଦୟରୁ ଅଭିନନ୍ଦନ ଜଣାଉଛି। ଅତୀତରେ ସେ ରାଜ୍ୟବାସୀଙ୍କ ପାଇଁ ବହୁ ଭଲ କାମ କରିଛନ୍ତି। ବିଶେଷକରି ଗରିବ ତଥା ମହିଳାଙ୍କ ପାଇଁ ତାଙ୍କ କାମ ବେଶ୍ ପ୍ରଶଂସନୀୟ ବୋଲି ନବୀନ କହିଛନ୍ତି। ଆମେ ସମସ୍ତେ ତାଙ୍କୁ ସହଯୋଗ କରିବାକୁ ପ୍ରସ୍ତୁତ ଅଛୁ ବୋଲି ନବୀନ କହିଛନ୍ତି।

ନିଜ ବକ୍ତବ୍ୟରେ ସ୍ନେହାଙ୍ଗିନୀ କହିଛନ୍ତି ଯେ ଦଳର ସଭାପତି ନବୀନ ପଟ୍ଟନାୟକ ମୋ ଉପରେ ଭରସା ଓ ବିଶ୍ୱାସ କରି ମୋତେ ପ୍ରାର୍ଥୀ ଭାବେ ଘୋଷଣା କରିଥିବାରୁ ମୁଁ ତାଙ୍କୁ ହୃଦୟରୁ ଧନ୍ୟବାଦ ଜଣାଉଛି। ଏହି ଅବସରରେ ମୁଁ ସମସ୍ତ ନୂଆପଡ଼ାବାସୀଙ୍କୁ ପ୍ରଣାମ ଜଣାଉଛି। ନୂଆପଡ଼ାରେ ୪ ବର୍ଷ ଧରି ଦଳର ପର୍ଯ୍ୟବେକ୍ଷକ ଭାବେ କାମ କରିଛି। ନୂଆପଡ଼ାବାସୀଙ୍କ ଆଶୀର୍ବାଦ ମୋ ଉପରେ ରହିବା ସହ ସେମାନେ ମୋତେ ବିପୁଳ ସଂଖ୍ୟାରେ ବିଜୟୀ କରିବେ ବୋଲି ମୋର ବିଶ୍ୱାସ ରହିଛି ବୋଲି ସେ କହିଛନ୍ତି। ଆଜିଦିନଠାରୁ ମୁଁ ନୂଆପଡ଼ାବାସୀଙ୍କ ସୁଖ, ଦୁଃଖ ସମୟରେ ମୁଁ ଜୀବନର ଶେଷ ନିଶ୍ୱାସ ପର୍ଯ୍ୟନ୍ତ ରହିବି,ସେବା କରିବି। ନୂଆପଡ଼ାରେ ବିଚାରଧାରା, ନୀତି, ଆଦର୍ଶ ଏବଂ ଧର୍ମର ଲଢ଼େଇ ହେବ। ଏହି ନିର୍ବାଚନରେ ଧର୍ମ ଏବଂ ନ୍ୟାୟ ସଂସ୍ଥାପନ ହେବ। ଯେଉଁମାନେ ନୀତି, ଆଦର୍ଶ ବାହାରେ ରାଜନୀତି କରିବାକୁ ଚାହୁଁଛନ୍ତି, ନୂଆପଡ଼ାବାସୀ ଠିକଣା ସମୟରେ ସେମାନଙ୍କୁ ଜବାବ୍ ଦେବେ ବୋଲି ସ୍ନେହାଙ୍ଗିନୀ କହିଛନ୍ତି। ଏହି ଅବସରରେ ନୂଆପଡ଼ା ଜିଲ୍ଲା ବିଜେଡି ସଭାପତିଙ୍କ ସମେତ ଦଳର ବହୁ ବରିଷ୍ଠ ନେତା ଉପସ୍ଥିତ ଥିଲେ।

ଏଠାରେ ଉଲ୍ଲେଖଯୋଗ୍ୟ ଯେ ସ୍ନେହାଙ୍ଗିନୀ ଅତାବିରା ନିର୍ବାଚନମଣ୍ଡଳୀରୁ ୨ଥର ବିଧାନସଭାକୁ ପ୍ରତିନିଧିତ୍ୱ କରିଛନ୍ତି। ବିଜେଡିର ପଞ୍ଚମ ପାଳି ଶାସନରେ ସେ ଏକାଧିକ ବିଭାଗର ମନ୍ତ୍ରୀପଦ ସମ୍ଭାଳିଥିଲେ। ବର୍ତ୍ତମାନ ସେ ବିଜୁ ମହିଳା ଜନତା ଦଳର ସଭାପତି ଭାବେ କାର୍ଯ୍ୟ କରୁଛନ୍ତି। ୪ଟି ବିଧାନସଭା ନିର୍ବାଚନ ଲଢ଼ିଥିବାର ଅଭିଜ୍ଞତା ରଖିଥିବା ସ୍ନେହାଙ୍ଗିନୀ ନିକଟରେ ପ୍ରଚୁର ସାଂଗଠନିକ ଦକ୍ଷତା ରହିଛି। ସେହିପରି ସେ ନୂଆପଡ଼ାରେ ପର୍ଯ୍ୟବେକ୍ଷକ ଭାବେ କାର୍ଯ୍ୟ କରିଥିବାରୁ, ଜିଲ୍ଲାବାସୀ ତଥା ସ୍ଥାନୀୟ ବିଜେଡି ନେତାଙ୍କ ସହ ମଧ୍ୟ ସୁସମ୍ପର୍କ ରହିଛି। ସେହିଦୃଷ୍ଟିରୁ ତାଙ୍କ ପ୍ରାର୍ଥୀତ୍ୱ ଦଳକୁ ଫାଇଦା ଦେଇପାରେ ବୋଲି ରାଜନୈତିକ ମହଲରେ ଆଲୋଚନା ଆରମ୍ଭ ହୋଇଛି।

### କୃଷି ଅଧିକାରିଣୀଙ୍କ...

ହେବାରୁ ସ୍ୱାମୀ ଫୋନ କରିଥିଲେ; ହେଲେ ନିହାରିକା ଫୋନ ଉଠାଇ ନଥିଲେ। କୃଷି ବିଭାଗ କର୍ମଚାରୀଙ୍କୁ ଯୋଗାଯୋଗ କରିବାରୁ ମାଡାମ ଅଫିସ ଆସିନାହାନ୍ତି ବୋଲି ଉତ୍ତର ମିଳିଥିଲା। ପରେ ଘର ମାଲିକାଣୀଙ୍କୁ ଜଣାଇ ତାଙ୍କ କକ୍ଷ ଖୋଲିବାରୁ ମୃତଦେହ ଝୁଲୁଥିବା ଅବସ୍ଥାରେ ଦେଖାଯାଇଥିଲା। ତୁରନ୍ତ ପୁଲିସକୁ ସୂଚନା ଦିଆଯାଇଥିଲା। ପଙ୍ଖାରେ ଆପ୍ରନ୍ ଲଗାଇ ଆତ୍ମହତ୍ୟା କରିଥିବା ଦେଖାଯାଇଥିଲା। ମୃତ୍ୟୁର ସଠିକ କାରଣ ଜଣାପଡି ନଥିବା ବେଳେ ଅଫିସ କାମରେ ଭାରକ୍ରାନ୍ତ ହୋଇ ଆତ୍ମହତ୍ୟା କରିଛନ୍ତି ନା ପାରିବାରିକ କଳହ ଥାଇପାରେ ସେନେଇ ପୁଲିସ ତଦନ୍ତ କରୁଛି।

### ସପ୍ତାହରେ ଅତିରିକ୍ତ...

ଅଂଶୁମାନ ଦ୍ୱିବେଦୀଙ୍କର ରାୟଗଡ଼ା ଜିଲ୍ଲାକୁ ହୋଇଥିବା ବଦଳିକୁ ବାତିଲ କରାଯାଇଛି। ତାଙ୍କ ସ୍ଥାନରେ ଭଦ୍ରକକୁ ଆସିବାକୁ ଥିବା କ୍ରାଇମବ୍ରାଞ୍ଚର ଅତିରିକ୍ତ ଏସପି ସତ୍ୟବିକାଶ ଭୂୟାଁଙ୍କର ବଦଳି ମଧ୍ୟ ବାତିଲ କରି ଦିଆଯାଇଛି। ଫଳରେ ଶ୍ରୀ ଦ୍ୱିବେଦୀ ଓ ଶ୍ରୀ ଭୂୟାଁ ପୂର୍ବଭଳି ସେହି ସ୍ଥାନରେ କାର୍ଯ୍ୟ କରିବେ।

ସେପଟେ ନୂଆକରି ପଦୋନ୍ନତି ପାଇଥିବା ଡିଏସପି ମାନଙ୍କୁ ଗୃହ ବିଭାଗ ଏଯାଏଁ ନିଯୁକ୍ତି ଦେଇ ପାରିନାହିଁ। କିଛି ଅଧିକାରୀଙ୍କର ବଦଳି ହୋଇଥିବା ବେଳେ ସେମାନେ ପୂର୍ବ ପଦବୀରେ କାମ କରୁଥିବା ବେଳେ ୯୯ ଜଣ ଡିଏସପି ନିଯୁକ୍ତି ଅପେକ୍ଷାରେ ରହିଛନ୍ତି। ୫ ମାସ ହେବ ଡିଏସପିଙ୍କୁ ନିଯୁକ୍ତି ନଦେବା ଓ ମାତ୍ର ୭ ଦିନରେ ଅତିରିକ୍ତ ଏସପିଙ୍କ ବଦଳି ବାତିଲ୍ କରିବା ମୁଖିଆଙ୍କ ନିଷ୍ପତ୍ତି ନେବାର ଅପରିଣାମଦର୍ଶୀକୁ ପଦାରେ ପକାଇଛି। ଆଉ ଏ ସବୁ ପଛରେ ରାଜନୈତିକ ଚାପ ରହିଥିବା ସନ୍ଦେହ କରାଯାଉଛି। ଯଦି ରାଜନୈତିକ ଚାପ କଥା ସତ ହୁଏ, ତେବେ ସାଙ୍ଘାତିକ। କାରଣ ରାଜ୍ୟ ଗୃହ ବିଭାଗ ଖୋଦ୍ ମୁଖ୍ୟମନ୍ତ୍ରୀଙ୍କ ଅଧିନରେ ରହିଥିବା ବେଳେ ତାଙ୍କ ଉପରେ କିଏ ଚାପ ପକାଉଛି, ତାକୁ ନେଇ ପ୍ରଶ୍ନ ଉଠିଛି।

### ଏଫସିଆଇ ଉଠାଉନି...

ଟେଣ୍ଡର ମାଧ୍ୟମରେ ବିକ୍ରି କରିବୁ ବୋଲି ମନ୍ତ୍ରୀ ସୂଚନା ଦେଇଥିଲେ।

ମିଳିଥିବା ସୂଚନା ଅନୁଯାୟୀ ଏଯାବତ୍ ଏହି ବଳକା ଚାଉଳକୁ ଏଫସିଆଇ ଉଠାଇ ନାହିଁ। ଚାଉଳ ନଷ୍ଟ ହେବାକୁ ବସିଥିବା ବେଳେ ଏହାକୁ କିଣିବା ପାଇଁ ମଧ୍ୟ ସେମିତି କେହି ଆଗ୍ରହ ପ୍ରକାଶ କରୁନାହାନ୍ତି। ତେଣୁ ସରକାର ଏହାକୁ ରାଜ୍ୟର ରାସନ ହିତାଧିକାରୀଙ୍କୁ ଅତିରିକ୍ତ ୫ କେଜି ଚାଉଳ ପ୍ରଦାନ ପାଇଁ ବିଚାର କରୁଛନ୍ତି। ଆଜି ମନ୍ତ୍ରୀ ଏନେଇ ଗଣମାଧ୍ୟମରେ ସୂଚନା ଦେବା ପରେ ସାଧାରଣରେ ଥିବା ଅନୁମାନ ସତ ହେବାକୁ ବସିଛି। ସୂଚନାଯୋଗ୍ୟ ଯେ ଏଫସିଆଇ ଚାଉଳ ନନେବାରୁ କିଛି ମାସ ତଳେ ରାଜ୍ୟ ସରକାର ୧୧ଟି ଆଦିବାସୀ ଅଧ୍ୟୁଷିତ ଜିଲ୍ଲାରେ ଅତିରିକ୍ତ ୩ ମାସ ଚାଉଳ ପ୍ରଦାନ କରିଥିଲେ। ଏବେ ଏହି ଚାଉଳ ବଣ୍ଟନ ଯୋଜନାକୁ ସରକାର ସମ୍ପ୍ରସାରିତ କରିବାକୁ ଚାହୁଁଥିବା ଜଣାପଡ଼ିଛି। କେବଳ ବଳକା ଚାଉଳ ଏଫସିଆଇ ଓଡ଼ିଶାରୁ ନେଇଥିବା ଚାଉଳ ବାବଦକୁ କେନ୍ଦ୍ର ପାଖରେ ଦୀର୍ଘ ଦିନ ଧରି ୮୦୦୦ କୋଟି ବକେୟା ଗଡୁଛି। ବକେୟା ପ୍ରଦାନ କରିବାକୁ କେନ୍ଦ୍ର ସହ ଆଲୋଚନା ଚାଲିଛି। ମାତ୍ର କେନ୍ଦ୍ର ସରକାର ରାଜି ହେଉନାହାନ୍ତି ବୋଲି ମନ୍ତ୍ରୀ ନିଜେ କହିଥିଲେ। ଡବଲ ଇଞ୍ଜିନରେ ଓଡ଼ିଶାର ସ୍ୱାର୍ଥ ଏପରି ଅଣଦେଖା ହେଉଥିବା ବେଳେ ଏହାକୁ ନେଇ ସାଧାରଣରେ କଡ଼ା ପ୍ରତିକ୍ରିୟା ପ୍ରକାଶ ପାଉଛି।

### ପୀତବାସଙ୍କ ହତ୍ୟା...

ନିୟୋଜିତ କରାଯାଇଥିବା ବେଳେ ସ୍ଥାନୀୟ ଅପରାଧିଙ୍କ ସହାୟତା ନିଆଯାଇଥିବା ସ୍ପଷ୍ଟ ହୋଇଛି। ହତ୍ୟାକାଣ୍ଡ ଦିନ ଆତତାୟୀଙ୍କ ପକ୍ଷରୁ ସହରରେ ବିଭିନ୍ନ ସ୍ଥାନରେ ପ୍ରାୟ ୧୦ଥର ରେକି କରାଯାଇଥିବା ସିସିଟିଭି ଫୁଟେଜ ଯାଞ୍ଚ ବେଳେ ଜଣାପଡିଥିଲା। ଯାହା ଗତ ରବିବାର ରାତିରେ ଏସ୍‌ପିଙ୍କ ସମୀକ୍ଷା ବୈଠକରେ ସ୍ପଷ୍ଟ କରାଯାଇଥିଲା। ୩ଟି ବାଇକ୍‌ରେ ୬ଜଣ ସହରରେ ପୀତବାସଙ୍କ ଘର ଠାରୁ ଚାମ୍ବର ଓ ବିଭିନ୍ନ ଗନ୍ତବ୍ୟସ୍ଥଳକୁ ପିଛା କରିଥିଲେ। ଏଥିପାଇଁ ୩ଟି ରେକି ଟିମ ହୋଇଥିବା ବେଳେ ବାଇକ୍‌ରେ ଆରୋହୀ ରାଜ୍ୟ ବାହାରର ଏବଂ ବାଇକ ଚାଳକ ସ୍ଥାନୀୟ ଅଞ୍ଚଳର ବୋଲି କୁହାଯାଉଛି। ଏଥିରେ ଏରେଣ୍ଡ୍ରା ଅଞ୍ଚଳର କିଛି ଅପରାଧୀଙ୍କ ସମ୍ପୃକ୍ତି ଥିବା ସୂଚନା ମିଳିଛି। ମାଷ୍ଟର ମାଇଣ୍ଡ ଧରାପଡ଼ିବା ପରେ ପୀତବାସଙ୍କ ହତ୍ୟା ଘଟଣାର ପ୍ରକୃତ ରହସ୍ୟ ଉନ୍ମୋଚିତ ହୋଇପାରିବ ବୋଲି ପୁଲିସ ଆଶା ରଖିଛି।

ସେପଟେ ହତ୍ୟାକାଣ୍ଡ ଘଟଣାରେ ସ୍ଥାନୀୟ ପୁଲିସର ମଧ୍ୟ ବିଭିନ୍ନ ଦିଗକୁ ନେଇ ତନାଘନା ଜାରି ରହିଛି। ଅଭିଯୁକ୍ତଙ୍କୁ ଧରିବାକୁ ବିଭିନ୍ନ ସ୍ଥାନରେ ଚଢ଼ଉ କରି ଏକାଧିକ ବ୍ୟକ୍ତିଙ୍କୁ ଉଠାଇ ଆଣୁଛି ପୁଲିସ। ଖାସ୍ କରି ଦିଗପହଣ୍ଡି ଅଞ୍ଚଳରେ ପୁଲିସ ଡେରା ପକାଇଥିବା ଜଣାପଡିଛି। ବ୍ରହ୍ମପୁରରେ ଅନୁରୁପ ଭାବେ ସ୍ୱର୍ଗତ ଆଇନଜୀବୀ ପୀତବାସଙ୍କ ଘନିଷ୍ଠ ସହଯୋଗୀ ବାଲାଜୀ ରେଡୀଙ୍କୁ ୫ମ ଥର ପାଇଁ ଜେରା କରାଯାଇଥିବା ବେଳେ ଅନ୍ୟଜଣେ ମଦ ବ୍ୟବସାୟୀଙ୍କୁ ମଧ୍ୟ ବରିଷ୍ଠ ପୁଲିସ ଅଧିକାରୀମାନେ ମାରାଥନ ଜେରା କରୁଛନ୍ତି। ଆସନ୍ତା ୧୭ତାରିଖରେ ସ୍ୱର୍ଗତ ପୀତବାସ ପଣ୍ଡାଙ୍କର ଦ୍ୱାଦଶାହ କାର୍ଯ୍ୟକ୍ରମ ଥିବାବେଳେ ପରିବାର ଓ ଦଳ ପକ୍ଷରୁ ସ୍ୱତନ୍ତ୍ର ଶ୍ରଦ୍ଧାଞ୍ଜଳୀ କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କୁ ପୀତବାସଙ୍କ ପରିବାର ଓ ଦଳ ପକ୍ଷରୁ ନିମନ୍ତ୍ରଣ କରାଯାଇଥିଲେ ହେଁ ଆସନ୍ତା ୧୭ ତାରିଖରେ ମୁଖ୍ୟମନ୍ତ୍ରୀଙ୍କ ସମ୍ଭାବ୍ୟ ଗସ୍ତ କାର୍ଯ୍ୟକ୍ରମ ଚୂଡ଼ାନ୍ତ ହୋଇପାରିନାହିଁ। ଯଦି ପୀତବାସଙ୍କ ଦ୍ୱାଦଶାହ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ଯୋଗ ଦିଅନ୍ତି ତେବେ ତାହା ପୂର୍ବରୁ ଘଟଣା ସମ୍ପର୍କରେ ପୁଲିସ ଖୁଲାସେ କରିପାରେ ବୋଲି ସାଧାରଣରେ ଆଲୋଚନା ହେଉଛି।

### ତୁଟୁନି ଦୀପାବଳି...

ଉପସଭାପତି ଉମାବଲ୍ଲଭ ମହାପାତ୍ର, ଯୁଗ୍ମ ସମ୍ପାଦକ ଲୋକନାଥ ମିଶ୍ର, ସଦସ୍ୟ ପଣ୍ଡିତ ଦୁର୍ଗାପ୍ରସାଦ ମିଶ୍ର, ରବି ପ୍ରସାଦ ରଥ, ଜଗନ୍ନାଥ ରଥ, ଜ୍ୟୋତିର୍ବିତ୍ ନୀଳମାଧବ ଦାସ, ଜ୍ୟୋତିର୍ବିତ୍ ଜ୍ୟୋତି ପ୍ରସାଦ ଦାସ ପ୍ରମୁଖ।

ଅନ୍ୟପକ୍ଷରେ ଏହି ସାମ୍ବାଦିକ ସମ୍ମିଳନୀସ୍ଥଳରେ ପାଞ୍ଜି ସମୀକ୍ଷକ ହରିଶଙ୍କର ମିଶ୍ର ପହଞ୍ଚି ମୁକ୍ତିମଣ୍ଡପ ପଣ୍ଡିତଙ୍କ ଉକ୍ତିକୁ ଖଣ୍ଡନ କରିଥିଲେ। ସେ କହିଥିଲେ, ୨୦ ତାରିଖରେ ରିକ୍ତା ତିଥି (ଚତୁର୍ଦ୍ଦଶୀ) ହେତୁ ସେହିଦିନ ପାର୍ବଣ ଶ୍ରାଦ୍ଧ ଓ ଦୀପଦାନ ନ କରି ୨୧ ତାରିଖରେ କରିବାକୁ ମତ ରଖିଛନ୍ତି। ଯେଉଁ ତିଥିରେ ସୂର୍ଯ୍ୟ ଉଦୟ ହୁଅନ୍ତି ସେଇ ପର୍ବ ଶ୍ରୀଜଗନ୍ନାଥ ମନ୍ଦିରରେ ପାଳନ ହେବାର ବିଧି ରହିଛି। ସେଥିପାଇଁ ୨୧ ତାରିଖରେ ଶ୍ରୀମନ୍ଦିରରେ ଅମାବାସ୍ୟା ତିଥି ରହିଥିବାରୁ ସେହିଦିନ ଅମାବାସ୍ୟା ନାରାୟଣଙ୍କ ସାଗରବିଜେ ହେବ। ସେହିଦିନ ମଧ୍ୟ ସରକାରୀ ଛୁଟି ରହିଛି। ୨୦ରେ ଶ୍ୟାମାକାଳୀ ପୂଜାରେ କୌଣସି ଦ୍ୱିରୁକ୍ତି ନାହିଁ। ଓଡ଼ିଶାର ଜନସାଧାରଣ ଅଦିନରେ ପାର୍ବଣ ବା ଦୀପଦାନ ଶ୍ରାଦ୍ଧ ଓ ବଡ଼ବଡୁଆ ଡାକ ମାଧ୍ୟମରେ ପିତୃପୁରୁଷଙ୍କୁ ବିଦାୟ ଦେଲେ ସେମାନେ ଅସୁଖି ହେବାର ଶାସ୍ତ୍ରୀୟ ବିଧାନରେ ୨୧ ତାରିଖରେ ତାହା ପାଳନ କରନ୍ତୁ ବୋଲି ପାଞ୍ଜି ସମୀକ୍ଷକ ଶ୍ରୀ ମିଶ୍ର ଯୁକ୍ତି ରଖିଛନ୍ତି। ତେବେ ଏହାରି ଭିତରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ତୁଳା ମାସର ନୀତି ପ୍ରକାଶ ପାଇଛି। ୨୦ ତାରିଖ ଚତୁର୍ଦ୍ଦଶୀରେ ଦୀପାବଳି ଅମାବାସ୍ୟା, ପ୍ରାୟଶ୍ରାଦ୍ଧ ଓ କାଳୀପୂଜା ଉଲ୍ଲେଖ କରାଯାଇଥିବାବେଳେ ୨୧ରେ ଅମାବାସ୍ୟା ଏବଂ ସାଗରବିଜେ ନୀତି ଥିବା ସ୍ପଷ୍ଟ କରାଯାଇଛି।

## ଆଜିର ରାଶିଫଳ

**ମେଷ:** ସକରାତ୍ମକ ଦୃଷ୍ଟିରୁ ଦିନଟି ଭଲରେ କଟିବ। ପୂର୍ବର ଭୁଲ୍‌କୁ ଅନୁଧ୍ୟାନ କରି ଆଗକୁ ବଢ଼ିବାକୁ ଚେଷ୍ଟା କରିବେ। ଯାତାୟତ ସମୟରେ ସତର୍କତା ଅବଲମ୍ବ କରନ୍ତୁ। ବ୍ୟବସାୟରେ ସଫଳତା ପାଇବେ।

**ବୃଷ:** ଅଟକି ଥିବା କାର୍ଯ୍ୟରେ ସଫଳତା ମିଳିବ। ପିଠି ଯନ୍ତ୍ରଣା ଅନୁଭବ କରିପାରନ୍ତି। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ମହିଳାମାନେ ଉଚ୍ଚାଭିଳାଷି ହେବେ। ମାନ ସମ୍ମାନ ବୃଦ୍ଧି ପାଇବ।

**ମିଥୁନ:** ଆର୍ଥିକ ସ୍ଥିତି ଠିକ୍ ରହିବ। ବିଦ୍ୟାର୍ଥୀମାନେ ଭଲ ପ୍ରଦର୍ଶନ କରିବେ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ। ଅଯଥା କଥାରେ ଯୁକ୍ତି କରନ୍ତୁନି। ଗୁରୁଜନଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ଚିନ୍ତିତ ରହିପାରନ୍ତି।

**କର୍କଟ:** ମାନସିକ ଶାନ୍ତି ମିଳିବ। କୋର୍ଟ କଚେରୀ ମାମଲାର ଶୁଣାଣି ହୋଇପାରେ। ଅଟକି ଥିବା କାର୍ଯ୍ୟ ପୂରା ହେବାର ସମ୍ଭାବନା ରହିଛି। କର୍ମକ୍ଷେତ୍ରରେ ସମସ୍ତଙ୍କ ସହ ଭଲ ଆଚରଣ ଦେଖାନ୍ତୁ।

**ସିଂହ:** ଅନ୍ୟମାନଙ୍କୁ ଅଧିକ ବିଶ୍ୱାସ କରନ୍ତୁନି। ନିଜ ଲୋକ ଶତ୍ରୁ ସାଜିପାରନ୍ତି। ସମସ୍ୟାରେ ପଡ଼ିବାର ଆଶଙ୍କା ଅଧିକ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଅତିଥି ସତ୍କାର କରିପାରନ୍ତି।

**କନ୍ୟା:** ପରିବାର ସହିତ ସମୟ ବିତାନ୍ତୁ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହୋଇପାରେ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ।

**ତୁଳା:** ଅଫିସ କାମକୁ ନେଇ ଚିନ୍ତାରେ ରହିପାରନ୍ତି। ଅନ୍ୟମାନଙ୍କ କଥାରେ ପରିଚାଳିତ ହୁଅନ୍ତୁ ନାହିଁ। ଆଧ୍ୟାତ୍ମିକ କାର୍ଯ୍ୟରେ ସମୟ ବିତାନ୍ତୁ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ।

**ବିଛା:** ପ୍ରତ୍ୟେକ କ୍ଷେତ୍ରରେ ନିଷ୍ପତ୍ତି ନିଜେ ନିଅନ୍ତୁ। ଯୋଜନା ଅନୁସାରେ କାମ କରିବା ଭଲ। ସ୍ୱାସ୍ଥ୍ୟ ପ୍ରତି ଅଣଦେଖା କରନ୍ତୁନି। ରାଜନୀତିରେ ସକ୍ରିୟ ରହିପାରନ୍ତି। ମନ ମୁତାବକ କାମ କରନ୍ତୁ।

**ଧନୁ:** ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ପିଲାମାନଙ୍କ ନକାରାତ୍ମକ ଗତିବିଧିକୁ ନେଇ ଚିନ୍ତାରେ ରହିବେ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ। ଲୋକସମ୍ପର୍କ ବଢ଼ିବ। ହାତେ ମାପି ଚାଖଣ୍ଡେ ଚାଲିବା ଭଲ।

**ମକର:** ଧାର୍ମିକ ଏବଂ ଆଧ୍ୟାତ୍ମିକ କାର୍ଯ୍ୟରେ ସମୟ ବିତିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ପେଟଜନିତ ସମସ୍ୟା ହେବାର ଆଶଙ୍କା ରହିଛି। ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ।

**କୁମ୍ଭ:** ତରବରିଆ ଭାବେ କୌଣସି ନିଷ୍ପତ୍ତି ନିଅନ୍ତୁ ନାହିଁ। ଅଟକି ଥିବା ଅର୍ଥ ଫେରିପାଇବେ। ଅତିଥି ସତ୍କାରରେ ଦିନ ବିତିବ। କର୍ମଚାରୀଙ୍କ ପାଇଁ ଦିନଟି ଭଲ। ଚାକିରିରେ ପଦୋନ୍ନତି ହୋଇପାରେ।

**ମୀନ:** ପରିବାର ପାଇଁ ସମୟ କାଢ଼ନ୍ତୁ। ବିପଦରେ ପଡ଼ିଥିବା ଲୋକଙ୍କୁ ସାହାଯ୍ୟର ହାତ ବଢ଼ାନ୍ତୁ। କର୍ମକ୍ଷେତ୍ରରେ କାର୍ଯ୍ୟର ଚାପ ବଢ଼ିବ। ପାରିବାରିକ ଜୀବନରେ ଝଡ଼ ସୃଷ୍ଟି ହେବାର ଆଶଙ୍କା ରହିଛି।


**ADVERTISEMENT FOR ENGAGEMENT OF GUEST FACULTIES FOR MODEL DEGREE COLLEGE, RAYAGADA (GOVT. COLLEGE)**

**Office of the Principal**
**Model Degree College, Rayagada**

At- Amlabhatta, Po.: Penta, Dist- Rayagada (Odisha) Pin.: 765017
Contact No: 7008779251, E-mail- mdcravagada@gmail.com
Website: www.mdcr.ac.in

A walk-in-Interview will be held for the department of Anthropology teaching post in the College on 18.10.2025 at 10.00 am. The Candidates with 55% mark in PG or equivalent should appear in this interview. All other details will be available in the College website - **www.mdcr.ac.in and in District Ponal of NIC, Rayagada.**

Sd/- Principal
Model Degree College
Rayagada



GOVERNMENTOFODISHA O-900

**OFFICE OF THE SUPERINTENDING ENGINEER, RURAL WORKS DIVISION-II, MALKANGIRI**

E-mail-ruralworksdivisioniimalkangiri@yahoo.in

INVITATION FOR BIDS

**NATIONAL COMPETITIVE BIDDING**

**Bid Identification No: RWDSE_MKG_II_ONLINE_09/2025-26**

The Superintending Engineer, Rural Works Division-II, Malkangiri on behalf of Governor of Odisha invites from bidders of eligible class registered with the State Government and bidders of equivalent Grade / Class registered with Central Government / MES / Railways according to the norm of "e" Procurement system in online mode for the works detailed in the table below on turnkey basis.

1 Name of the Work: : Building Repair works
2 No. of Works : **02Nos**
3 Estimated Cost : **Rs. 2.52 lakhs and Rs. 3.36 Lakhs**
4 Tender Paper Cost : Rs. 2,000/-
5 Class of Contractor :

| Estimated cost up to ₹20.00 lakhs | Estimated cost up to ₹40.00 lakhs | Estimated cost more than ₹20.00 lakhs & within ₹300.00 lakhs |
|---|---|---|
| 'D' | 'C' | 'B' |

6 Period of Completion : 02(Two) Calendar months
7. **Critical dates** :

| Procurement Officer | Bid Identification No. | Availability of Tender Online for Bidding From | Availability of Tender Online for Bidding To | Last Date of Seeking tender Clarification | Date of opening of Tender |
|---|---|---|---|---|---|
| Superintending Engineer, Rural Works Division-II, Malkangiri | RWDSE_MKG_II_ ONLINE_09 of 2025-26 | 17.10.2025 at 11.00AM | 31.10.2025 up to 05.30PM | 30.10.2025 up to 3.00 P.M. | 01.11.2025 up to 11.00 A.M |

- Further details can be seen in the bidding documents, which is available in thee-procurement portal **https://www.tendersorissa.gov.in.**
- Subsequent corrigendum if required shall be appeared in the web site.
- Authority reserves the right to reject any or all tenders without assigning any reason thereof.

OIPR-25079/11/0032/2526

Superintending Engineer
Rural Works Divsion-II, Malkangiri



ସ୍ୱଚ୍ଛ ଭାରତ
ଏକ ପାଦ ସ୍ୱଚ୍ଛତା ଅଭିମୁଖେ

**ଜିଲ୍ଲା ପରିଷଦ,ନୟାଗଡ**

**(ଜିଲ୍ଲା ଜଳ ଓ ପରିମଳ ମିଶନ )**

**ସ୍ୱଚ୍ଛତା ବାର୍ତ୍ତା**

ଶୁଭ ଦୀପାବଳି ଓ ଧନ୍ୱନ୍ତରୀ ଜୟନ୍ତୀ ଉପଲକ୍ଷେ ଜିଲ୍ଲା ଜଳ ଓ ପରିମଳ ମିଶନ, ଜିଲ୍ଲା ପରିଷଦ, ନୟାଗଡ ତରଫରୁ ଜିଲ୍ଲା ବାସୀ ଙ୍କୁ ଶୁଭେଚ୍ଛା ଓ ଶୁଭ କାମନା । ଏହି ଶୁଭ ଅବସରରେ ଆସନ୍ତୁ ଆମେ ସମସ୍ତେ ଆମ ଜିଲ୍ଲାକୁ ପ୍ଲାଷ୍ଟିକ ମୁକ୍ତ କରିବା ପାଇଁ ଶପଥ ନେବା । ଜଳ, ବାୟୁ ଏବଂ ମାଟିକୁ ପ୍ଲାଷ୍ଟିକ ପ୍ରଦୂଷିତ କରିବା ସହିତ ସ୍ୱାସ୍ଥ୍ୟ ଓ ପରିବେଶ ପ୍ରତି କ୍ଷତିକାରକ । ତେଣୁ ଆମେ ନିମ୍ନଲିଖିତ ପଦକ୍ଷେପ ଆପଣାଇବା :-

- ଏକକ ବିଶିଷ୍ଟ ପ୍ଲାଷ୍ଟିକ ବ୍ୟବହାର ବନ୍ଦ କରିବା
- ପ୍ଲାଷ୍ଟିକ ବ୍ୟବହାର କମ କରିବା ଏବଂ ପ୍ଲାଷ୍ଟିକର ପୁନଃ ଚକ୍ରଣ ପଦ୍ଧତି ଆପଣାଇବା ।
- ପ୍ଲାଷ୍ଟିକ ବ୍ୟବହାରର ଅପକାରିତା ଉପରେ ନିଜ ପରିବାରକୁ ସଚେତନ କରେଇବା ସହିତ ଅନ୍ୟମାନଙ୍କୁ ସଚେତନ କରାଇବା ।

ଅଧ୍ୟକ୍ଷ,
ଜିଲ୍ଲା ପରିଷଦ, ନୟାଗଡ

ମୁଖ୍ୟ ଉନ୍ନୟନ ଅଧିକାରୀ ତଥା
କାର୍ଯ୍ୟ ନିର୍ବାହୀ ଅଧିକାରୀ,
ଜିଲ୍ଲା ପରିଷଦ, ନୟାଗଡ



**AFFIDAVIT**

By virtue of an affidavit sworn before Executive Magistrate, Bhubaneswar CF No- 86 on dated 14-10-2025 I, **SUKANTI BEHERA,** W/o Ramesh Kumar Behera permanent resident of Vill- Badasahara, PO- Badasahara, Baliapata, PS- Fategarh, Dist- Nayagarh, State- Odisha, Pin- 752063, declare that I have changed my son's name from **AMIT KUMAR BEHERA** (Old name) to **BEHERA AMITKUMAR RAMESH** (New name), Henceforth, he shall be known as **BEHERA AMITKUMAR RAMESH** for all future purposes.

Sd-(**SUKANTI BEHERA**)

**AFFIDAVIT**

I, Rajanikantha Puhan, aged about 36 years, S/o- Umakanta Puhan, resident of At- Sudarsanpur, Po- Suan, Ps- Basudebpur, Dist- Bhadrak, Odisha, PIN- 756162, declare by this affidavit No. 2091, dtd. 15/10/2025, that now onwards I shall be known as **RAJANIKANTA PUHAN** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar on Dated: 14.10.2025, **I, Niharika Mohanty,** aged about 38 years, W/o.: Rajesh Kumar Das, resident of At: Kunarpur, PO.: Jahangar, P.S./ Dist.: Kendrapara, Odisha, PIN- 754208 declare that I have changed my name from Niharika Das to **Niharika Mohanty**. Henceforth, I will be known as **Niharika Mohanty** for all purposes.

Niharika Mohanty

**AFFIDAVIT**

By virtue of an affidavit sworn before in the court of the Executive magistrate, Rairangpur SI No - 4191 on dtd.14/10/2025. I, SARAT CHANDRA KISKU(New name) formerly called as SARAT CH KISKU(Old name), S/O - Late Chandu kisku, at- Chhamudia, PO- Jamukeswar, PIN - 757034, PS- Jashipur, DIST-Mayurbhanj declared that I have changed my name from SARAT CH KISKU(Old name) to SARAT CHANDRA KISKU(New name) .Henceforth in all records, deeds and writing in all proceeding,dealing and transaction private as well as public and upon all occasion I shall be known as (new name)for all purpose.

**SD/- Sarat Chandra Kisku**



**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ.**ETELCONBBST-375E**, ତା.**10.10.2025**ରିଖ

**କାର୍ଯ୍ୟର ନାମ :** ପୁରୀ ରେଳ ଷ୍ଟେସନ ଠାରେ ବର୍ତ୍ତମାନର ଇଂଜିନ୍ ସ୍ଥାୟୀ ଲାଇନ୍-**110 M**ର ସମ୍ପ୍ରସାରଣ ଏବଂ **Rt.1A-300 M, 1B-300 M** ମଧ୍ୟରେ ଗୋଟିଏ ନୂଆ ଆଇଲ୍ୟାଣ୍ଡ ପ୍ଲାଟଫର୍ମର ବ୍ୟବସ୍ଥା ତଥା ପ୍ଲାଟଫର୍ମ ନଂ.**2** ରୁ **8** ନିମନ୍ତେ ପୁରୀ ଷ୍ଟେସନ ୟାର୍ଡ଼ ଠାରେ ବାଲାଷ୍ଟ ବିହୀନ ଟ୍ରାକ୍‌ର ନିର୍ମାଣ ସମ୍ବନ୍ଧୀୟ ଇଲେକ୍ଟ୍ରିକାଲ ଜେନେରାଲ କାର୍ଯ୍ୟ ଏବଂ ବନ୍ଧନ(**Bonding**) କାର୍ଯ୍ୟ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ (ଟଙ୍କାରେ) : 345.84** ଲକ୍ଷ, EMD (ଟଙ୍କାରେ) : **3,22,900/-**, କାର୍ଯ୍ୟ ଶେଷ ହେବା ଅବଧି : **09** ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ:** ତା.**04.11.2025** ରିଖ **1500** ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ଇ-ଟେଣ୍ଡର କାଗଜପତ୍ର ସହିତ ସମ୍ପୂର୍ଣ୍ଣ ବିବରଣୀ ୱେବ୍‌ସାଇଟ୍ **www.ireps.gov.in** ରେ ଉପଲବ୍ଧ ଅଟେ। ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି। ଟେଣ୍ଡରଦାତା/ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଚାର୍ଟର୍ଡ଼ ଆକାଉଣ୍ଟାଣ୍ଟଙ୍କ ଦ୍ୱାରା ବିଧିବଦ୍ଧ ଭାବେ ଯାଞ୍ଚ ଏବଂ ସ୍ୱାକ୍ଷର ହୋଇଥିବା ଅନୁଲଗ୍ନକ-B,G ଏବଂ G1ର ଦାଖଲ ସହିତ, ଟେଣ୍ଡର କାଗଜପତ୍ର ଖଣ୍ଡର 2 ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍) ର ଯାଞ୍ଚ ସୂଚୀ, ପାରା 3.1 (ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ।

ଉପ ମୁଖ୍ୟ ବିଦ୍ୟୁତ୍ ଯନ୍ତ୍ରୀ/ନିର୍ମାଣ-III/ ଭୁବନେଶ୍ୱର

PR-134/CI/25-26



**AFFIDAVIT**

I, Apurba Naik, W/o-late Gura Naik, resident Village- Naranakhunta, Po- Naranakhunta, PS-Badasahi, Dist-Mayurbhanj, Pin-757075, Odisha declare by this Affidavit No-296/2025, dt.10.10.2025, that now onwards, I known as APURBA NAIK for all future purposes.

**Apurba Naik**

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar on Dated: 14.10.2025, **I, Rajesh Kumar Das,** aged about 41 years, S/o.: Sachidananda Das, resident of At: Kunarpur, PO.: Jahangar, P.S./Dist.: Kendrapara, Odisha, PIN-754208 declare that I have changed the name of my son's name Bhabyansh Das to **Bhavyansh Das**. Henceforth, he will be known as **Bhavyansh Das** for all purposes.

**Rajesh Kumar Das**

**AFFIDAVIT**

I, Bimla Nandi, W/O Late-Ram Chandra Nandi, resident of Chhancha, Ward No.25, Po/Ps-Baripada Town, Dist.-Mayurbhanj, Pin.No.-757001, Odisha, declared by this affidavit No-1043 dtd. 14.10.2025 that now onwards I shall be known as Bimala Nandi (67) for all future purposes.

**AFFIDAVIT**

By virtue of an Affidavit before Notary Public, Malkangiri, I, **Ujala Mandal**, aged about 24 years, W/o.:Sarajit Mandal, D/o: Jagjeevan Markam, resident of Village: M.P.V-57, PO.: Malabharam, P.S.: Motu, Dist: Malkangiri, Odisha, declare by this Affidavit No.: 1718/25, Dated: 15.10.2025 that I have changed my name from Ujala Markam to **Ujala Mandal**. Henceforth I shall be known as **Ujala Mandal** for all future purposes.

**AFFIDAVIT**

By virtue of an Affidavit before Notary Public, Malkangiri, I, **Jagadis Sodi**, aged about 31 years, S/o.: Anda Sodi, resident of Village: Orkelguda, PO.: Matapaka, P.S./Dist: Malkangiri, Odisha, declare by this Affidavit No.: 1533/2025, Dated: 14.10.2025 that I have changed my name from Jaga Sodi to **Jagadis Sodi**. Henceforth I shall be known as **Jagadis Sodi** for all future purposes.

**AFFIDAVIT**

By virtue of an affidavit Sl. No. - 6610, dtd.13.10.2025 in the court of the Executive Magistrate, Chandbali, Dist.- Bhadrak, I, Damayanti Rout, have changed my minor daughter's name from Tallisohni Rout to Tejoswoni Rout. Henceforth she will be known as Tejoswoni Rout for all purposes.

**Sd/- Damayanti Rout**

**AFFIDAVIT**

By virtue of an affidavit before Notary Public, Bhubaneswar, Affidavit No. 357 on dated 15.10.2025. I, Renubala Mishra, D/o- Sitaram Nayak, Resident of Flat No. E-403, 4th Floor, Baishnab Vihar, Phase-2, Near Durga Mandap, Bomikhal, Plot No- 220/ 3175, Po- Bhubaneswari Colony, Ps- Mancheswar, Bhubaneswar – 751006, Dist- Khordha, Odisha, I have change my name from Renu Mishra to Renubala Mishra. I shall be known as **RENUBALA MISHRA** for all future purposes.

**AFFIDAVIT**

I, Ruby Singh, W/o- Sanjib Singh, Resident of Plot No- 201/9, Road No- 8, Unit-9, Po- Bhoinagar, Ps- Kharvela Nagar, Dist- Khordha, Odisha, PIN- 751022 declares by this affidavit No.962 dated 14.10.2025 that now onwards I shall be known as **RUBI SINGH** for all future purposes.

**AFFIDAVIT**

By virtue of an affidavit No- 4338 sworn before Notary Public Swampatna, Keonjhar on dtd- 15/10/2025. I, **Rosan Kumar Sahu,** S/o Rahas Bihari Sahu, resident of At/Po- Kapundi, Ps- Patna, Dist- Keonjhar, Odisha I am the deponent I have changed my son's name from **Omm Sahu,** S/o Roshan Sahu to **Omm Prakash Sahu,** S/o Rosan kumar Sahu. Both the names are of one and same person. Henceforth my above son shall be known as **Omm Prakash Sahu,** S/o- Rosan Kumar Sahu in all purposes in future.

**Rosan Kumar Sahu**

**AFFIDAVIT**

I, Pitambar Padhy, aged about 48 years, S/o- Adikanda Padhy, resident of Plot No. AA-107, Subhadra Appartment, Patia, Bhubaneswar, Khordha, Odisha, PIN- 751024 declared by this affidavit CF No. 62, dtd- 10/10/2025 that now onwards I shall be known as **PEETAMBAR PADHY** for all future purposes.

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

I, Shyama Dakua, Father of Kartika Dakua, resident of AT -Plot No -5545/9698, Kanyabeda Kandasar, Nalco Nagar, Dist - Angul, Pin- 759145, declare by this affidavit No - 34246, dated - 15.10.2025, that now onwards I shall be known as **SHYAM DAKUA** for all future purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 14/10/2025. I, **Pichharu Bag** (applicant name), S/o Ratnakara Bag, permanent resident of AT/PO- Ridgol, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my minor son's name from **Rusan Bag** (old name) to **Roshan Bag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Roshan Bag** (new name) for all purposes.

**Pichharu Bag**

**AFFIDAVIT**

By virtue of an affidavit sworn before The Executive Magistrate, Bhubaneswar, vide CF No. 57, dated- 15/10/2025. I, **A. Kumar,** S/o A. Ghanashyam, Address: Godarapalli, Po- Durbandha, Ps- Hinjilicut, Dist- Ganjam, PIN-761101, Odisha declare that I have changed my minor son's name from **Ala Kalap** to **Ala Jashank**. Henceforth, he shall be known as **Ala Jashank** (new name) for all future purposes.

**A. Kumar**

**AFFIDAVIT**

I, Phulamani Murmu (Aadhaar No: 7751 7613 7758) D/o- Sridhar Soren, residing at At- Debala, Po- Gadigan, Ps- Khunta, Dist- Mayurbhanj, Odisha, Pin- 757087, have changed my name to **Phulamani Soren** by an Affidavit sworn before the Executive Magistrate, Baripada on 14.10.2025. Henceforth, I shall be known as **PHULAMANI SOREN** for all future purposes.

**PHULAMANI SOREN**

**AFFIDAVIT**

By virtue of an affidavit no-3281 sworn before the Executive Magistrate, Kujang on dtd- 13/10/2025, I **Siba Narayan Das,** S/o- Late Anam Charan Das, resident of At- Dardia, Po- Potanai, Ps- Tritol, Dist- Jagatsinghpur, Pin-754140, Odisha, My Aadhar Card bearing No- 8059 1857 0097. I have changed my name from **Shiba Narayan Das** (old name) to **Siba Narayan Das** (new name). Henceforth both name **Shiba Narayan Das** and **Siba Narayan Das** is one & same person he will be known as **Siba Narayan Das** for all future purposes.

**Siba Narayan Das**

**AFFIDAVIT**

By virtue of an affidavit sworn before The Notary Public, Bhubaneswar dated 09.10.2025, I Bishnu Charan Nayak, S/o- Basudev Nayak permanent resident of At: O.S.E.B colony School Campus Gridco Colony, Bhoi Nagar Bhubaneswar, Dist- Khordha, Odisha – 751022 declare that I have changed my Son's Name from Punya Sankalp Nayak to Purnya Sankalp Nayak, he shall be known as Purnya Sankalp Nayak for all purposes.

**SD/- Bishnu Kumar Nayak**

**ଖତ ଖାଉଛି ସ୍ୱଚ୍ଛତା ସବାରୀ**

# କଚ୍ଛପ ଗତିରେ ସ୍ୱଚ୍ଛ ଭାରତ ଅଭିଯାନ

ବାରିକପୁର, ୧୫।୧୦(ସମିସ)

କିଛି ବର୍ଷ ହେବ ଆରମ୍ଭ ହୋଇଥିବା ଯୁଗାନ୍ତକାରୀ ଯୋଜନା ସ୍ୱଚ୍ଛ ଭାରତ ଅଭିଯାନ ଏବେ କେତେକ ସ୍ଥାନରେ ବାଟବଣା ହୋଇଥିବା ଜଣାପଡିଛି। ଏପରିକି କଛପ ଗତିରେ ଯୋଜନାଟି ଚାଲୁଥିବା ବେଳେ ଏହା ଦ୍ୱାରା ପୂର୍ବ ଭଳି ଗ୍ରାମ ସଫେଇ ହେଉନାହିଁ। ପ୍ରଶାସନିକ ସ୍ତରରେ ଆନ୍ତରିକତା ବିହୀନ କାର୍ଯ୍ୟ ହେଉ କିମ୍ବା ଜନସଚେତନତା ଅଭାବରୁ ଯୋଜନାଟିର ସଫଳ ରୂପାୟନ ଏଯାଏଁ ହୋଇପାରୁନାହିଁ। ବାସ୍ତବ କ୍ଷେତ୍ରରେ ପ୍ରକଳ୍ପଗୁଡିକୁ ଦେଖିଲେ ଯୋଜନା କେତେ ସଫଳ ହୋଇଛି ଅନୁମାନ କରିହେବ। ଭଣ୍ଡାରିପୋଖରୀ ବ୍ଲକର ୨୩ଟି ପଞ୍ଚାୟତରେ ବର୍ଷକୁ ବର୍ଷ ସ୍ୱଚ୍ଛ ଭାରତର ସଫଳତା ପାଇଁ ଅନେକ ଟଙ୍କା ଖର୍ଚ୍ଚ ହେଉଛି। ଯୋଜନା ପାଇଁ ବ୍ଲକ, ପଞ୍ଚାୟତ, ଏନଆରଇଜିଏସ ସହିତ ଅନୁମୋଦିତ ବିଭାଗରୁ ଲକ୍ଷ ଲକ୍ଷ ଟଙ୍କା ବ୍ୟୟ ହେଉଛି। ବ୍ଲକ ଅଞ୍ଚଳର ସମସ୍ତ ପଞ୍ଚାୟତରେ ୧ଲକ୍ଷ ୭୦ହଜାର ଟଙ୍କା ବ୍ୟୟ କରାଯାଇ ଗୋଟାଏ ଲେଖାଏଁ ଏକତ୍ରିକ ପୃଥକୀକରଣ



କୁଣ୍ଡ ନିର୍ମାଣ କରାଯାଇଛି। ଏହାଛଡା ୫୫ଟି ଖାତକ ନିର୍ମାଣ ହୋଇଥିବା ବେଳେ ଏନଆରଇଜିଏସ ଯୋଜନାରେ ସମସ୍ତ ହିତାଧିକାରୀଙ୍କ ପାଇଁ ଅଳିଆ କୁଣ୍ଡ ନିର୍ମାଣ କରାଯାଇଛି। ବ୍ଲକର ହାତଗଣତି ପଞ୍ଚାୟତରେ ପୃଥକୀକରଣ କୁଣ୍ଡକୁ ଏସଏଚଜି ସଦସ୍ୟାମାନେ କିଛିମାତ୍ରାରେ ପରିଚାଳନା କରୁଛନ୍ତି। ଅଳିଆ ସଫା ପାଇଁ ପଞ୍ଚାୟତଗୁଡ଼ିକରେ ରହିଥିବା ସ୍ୱଚ୍ଛସ୍ୱାରୀ ଏବେ ଖତ ଖାଉଛି। କିଛି ଟ୍ରାଇ ସାଇକଲ ଓ ଅନ୍ୟାନ୍ୟ ଉପଯୋଗୀ ଯନ୍ତ୍ରାଂଶ ଖରାପ ହୋଇଯିବାରୁ ବେଳେ ବେଳେ ଉକ୍ତ କାର୍ଯ୍ୟ ହୋଇ ପାରୁ ନଥିବା ଜଣାପଡିଛି। ଅନେକ ପଞ୍ଚାୟତରେ ଅଳିଆ କୁଣ୍ଡଗୁଡିକ ଶୂନ୍ୟ ହୋଇ ପଡି ରହିଛି। ନା ସେଥିରେ କେହି ଅଳିଆ ପକାଉଛନ୍ତି ନା ସେଗୁଡିକର ସଠିକ ପରିଚାଳନା ହୋଇପାରୁଛି। ନିର୍ମାଣ ହୋଇଥିବା ଗୋଷ୍ଠୀ ଭିତିକ ଖାତକ କୁଣ୍ଡକୁ ମଧ୍ୟ କେହି ବ୍ୟବହାର କରୁନାହାନ୍ତି। କେବଳ ଛୋଟମୋଟ ଗାଁ ଛକରେ ନିର୍ମାଣ ହୋଇଥିବା କୁଣ୍ଡକୁ ବ୍ୟବସାୟୀ ମାନେ ବ୍ୟବହାର କରୁଥିବା ବେଳେ ଅନ୍ୟ ସ୍ଥାନରେ ସଚେତନତା ଅଭାବରୁ କୁଣ୍ଡ ଗୁଡିକ ଶୂନ୍ୟ ହୋଇ ରହିଛି। ମୋଟାମୋଟି ଭାବେ ସ୍ୱଚ୍ଛ ଭାରତ ଯୋଜନାର ସଫଳ ରୂପାୟନ ପାଇଁ ମୁଖ୍ୟ ସମସ୍ୟା ରହିଛି ଜନ ସଚେତନତା ସୃଷ୍ଟି। ଏହାଛଡା ପ୍ରଶାସନିକ ସ୍ତରରେ ଉପରୁ ତଳ ଯାଏଁ ସଠିକ ଢଙ୍ଗରେ ଏହାକୁ ପରିଚାଳନା କରାଯାଉନଥିବାରୁ ଯୋଜନା ବାଟବଣା ହେଉଥିବା କୁହାଯାଉଛି।

# ଫୈଯେ ରଜା ଏଜୁକେସନଲ ୱେଲଫେୟାର ଟ୍ରଷ୍ଟ ପକ୍ଷରୁ ସମ୍ବର୍ଦ୍ଧନା





ଭଦ୍ରକ, ୧୫।୧୦(ସମିସ): ଭଦ୍ରକ କଣ୍ଟାବଣିଆଠାରେ ମଦରସା ଫୈଜାନେ ଗରିବ ନୱାଜଠାରେ ଫୈଯେ ରଜ଼ା ଏଜୁକେସନଲ ଏଣ୍ଡ ୱେଲଫେୟାର ଟ୍ରଷ୍ଟ ଆନୁକୂଲ୍ୟରେ ଏକ ସମ୍ବର୍ଦ୍ଧନା ସଭା ଭଦ୍ରକ ମୁସଲିମ ଜମାତର ସମ୍ପାଦକ ହାଜି ଅବଦୁଲ ମୋକିତ୍ ଖାନଙ୍କ ସଭାପତିତ୍ୱରେ ଟ୍ରଷ୍ଟର ସଭାପତି ସେଖ ଗୋଲାମ ମହମ୍ମଦଙ୍କ ସହଯୋଗରେ ଏବଂ ବିଶିଷ୍ଟ କବି ତଥା ମାଷ୍ଟର ମୁସ୍ତାକ ଗୌହରଙ୍କ ସଞ୍ଚାଳନରୁ ଆରମ୍ଭ ହୋଇଥିଲା। ଏହି ସଭାରେ ମୁଖ୍ୟଅତିଥି ଭାବେ ଭଦ୍ରକ ଟାଉନ ଥାନାଧିକାରୀ ପ୍ରଭାଂଶୁ ମିଶ୍ର ଓ ଭଦ୍ରକ ପୁରୁଣାବଜାର ଥାନା ଅଧିକାରୀ ସୁଶାନ୍ତ ସାହୁ ଯୋଗଦାନ କରିଥିଲେ। ସମ୍ମାନିତ ଅତିଥି ଭାବେ ପ୍ରାକ୍ତନ କାଉନସିଲର ଅସରଫ ଅଲ୍ଲୀ ଖାନ, ମୁସଲିମ ଜମାତର ମିଡ଼ିଆ ସେଲ ସଂଯୋଜକ ସାମ୍ବାଦିକ ଶେଖ ଅନୱର (ବାବୁ), ଅମିନ ହାଜୀ ସେଖ ଅହେସନ ଓ ମଦ୍ରସାର ଶିକ୍ଷକ କାରି ୱଲିଉର ରହେମାନ, କାରୀ ଏଜାଜ ଅହେମଦ ଓ କାରୀ ଶାହା ମହମ୍ମଦ ଯୋଗଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ସଭାରେ ଓଡ଼ିଶା ପ୍ରଶାସନିକ ସେବା ପରୀକ୍ଷାରେ ଓଡ଼ିଶାରେ ଚତୁର୍ଥ ସ୍ଥାନରେ ସଫଳତା ଅର୍ଜନ କରିଥିବା ମିର୍ଜା ଫୈଜ୍ ଅହମଦ କାଦ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ଏବଂ ତାଙ୍କ ପିତା-ମାତାଙ୍କୁ ମଧ୍ୟ ସମ୍ମାନିତ କରାଯାଇଥିଲା। ସଭାକୁ ଟ୍ରଷ୍ଟର ଉପସଭାପତି ସେଖ ମୋଇନୁଦ୍ଦିନ, ସେଖ ଏଜାଜ ମହମ୍ମଦ, ମହମ୍ମଦ ଅବୁର ରହିମ, ଇସ୍ତାକ ଖାନ, ସାହାଜାନ ଖାନ, ସେଖ ଶାହିଦ ରଫିକ, ସାବିର ଖାନ ପ୍ରମୁଖ ଆୟୋଜନ କରିଥିଲେ।

# ମଧୁପୁରରେ ବସିବ ଲିଫ୍ଟପଏଣ୍ଟ



ବନ୍ତ/ଆଗରପଡ଼ା,୧୫।୧୦(ସମିସ): ବନ୍ତ ବ୍ଲକରେ ଅନୁଷ୍ଠିତ ହୋଇଥିବା ଜିଲ୍ଲାପାଳଙ୍କ ଜନ ଅଭିଯୋଗ ଶୁଣାଣିରେ ବ୍ଲକ କଂଗ୍ରେସ ନେତା ଇଂ ସୁଧାଂଶୁ ନାୟକ ପାଣି ଅଭାବରୁ ଟିଲୋ ମଧୁପୁର ଗ୍ରାମର ଉଭୟ ପାର୍ଶ୍ୱରେ ଥିବା ଶହ ଶହ ଚାଷ ଜମି ପଡ଼ିଆ ପଡିବା ସହ ଉକ୍ତ ଜମିରେ ଚାଷ କାର୍ଯ୍ୟ ହୋଇ ପାରୁନଥିବାରୁ ସେଠାରେ ଏକ ଲିଫ୍ଟ ପଏଣ୍ଟ ବସାଗଲେ ବହୁ ଚାଷୀ ଉପକୃତ ହେବା ନେଇ ଅଭିଯୋଗ କରିଥିଲେ। ଅଭିଯୋଗ ପରେ ଜିଲ୍ଲାପାଳ ଜଳସେଚନ ବିଭାଗକୁ କ୍ଷେତ୍ରୀୟ ତଦନ୍ତ ପାଇଁ ଆଦେଶ ଦେଇଥିଲେ। ଆଦେଶ ପରେ ବୁଧବାର ସହକାରୀ ଯନ୍ତ୍ରୀ କ୍ଷେତ୍ରୀୟ ତଦନ୍ତ କରି ଏକ ନୂତନ ଲିଫ୍ଟ ପଏଣ୍ଟ ବସାଇବା ପାଇଁ ପ୍ରତିଶ୍ରୁତି ଦେଇଥିବା ଜଣାପଡ଼ିଛି। ତଦନ୍ତ ବେଳେ ସୁଧାକର କୁଅଁର, ଅଶୋକ ରାଉତ, ବିନୋଦ ବିହାରୀ ନାୟକ, ମାଧବାନନ୍ଦ ରାଜ, ଆଦିକନ୍ଦ ବରାଳ, ପ୍ରଦୀପ ପାତ୍ର ପ୍ରମୁଖ ଚାଷୀ ଉପସ୍ଥିତ ଥିଲେ।























































## ୩ ବାଲି ବୋଝେଇ ହାଇୱା ଜବତ



ବନ୍ତ/ଆଗରପଡ଼ା,୧୫।୧୦(ସମିସ): ଭଦ୍ରକ-ଆନନ୍ଦପୁର ୫୩ନଂ ରାଜ୍ୟ ରାଜପଥର ବନ୍ତ ଥାନା ଟିଲୋ ନିକଟରୁ ୩ଟି ବେଆଇନ ବାଲି ବୋଝେଇ ହାଇୱାକୁ ଖଣି ବିଭାଗ ଓ ବନ୍ତ ପୁଲିସ୍ ପକ୍ଷରୁ ଜବତ କରାଯାଇଥିବାର ଜଣାପଡ଼ିଛି। ବେଆଇନ ଭାବେ ହାଟଡିହି ତହସିଲ ଅଞ୍ଚଳରୁ ବାଲି ଲୋଡିଂ କରି ଏହି ହାଇୱାଗୁଡ଼ିକ ଭଦ୍ରକ ଆଡ଼କୁ ପରିବହନ କରୁଥିବା ସମୟରେ ଜବତ କରାଯାଇଥିବା ଜଣାପଡ଼ିଛି।

# ଭଦ୍ରକ ଜିଲ୍ଲା ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘର ଅଧିବେଶନ




ଭଦ୍ରକ, ୧୫।୧୦(ସମିସ): ଭଦ୍ରକ ଜିଲ୍ଲା ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘର ସମ୍ମିଳନୀ କକ୍ଷ 'ନିତ୍ୟାନନ୍ଦ ଭବନ' କୁଆଁସଠାରେ ସଂଘର ଏ ବର୍ଷର ଅଷ୍ଟମ ଅଧିବେଶନ କାର୍ଯ୍ୟକାରୀ ସଭାପତି ଉଦୟନାଥ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିଲା। ପରିଷଦର ସଭାପତି ଗୋଲକ ବିହାରୀ ସାହୁ, ଉପସଭାପତି ହରମୋହନ କୁଅଁର, ଯୁଗ୍ମ ସଂପାଦକ କରୁଣାକର ଉପାଧ୍ୟାୟ ଓ ହିସାବ ସମୀକ୍ଷକ ମୁକ୍ତିକାନ୍ତ ମହାପାତ୍ର ଯୋଗ ଦେଇଥିଲେ। ସଂଘର ପୂର୍ବ ମାସର ବିବରଣୀ ପାଠ କରିଥିଲେ କରୁଣାକର ଉପାଧ୍ୟାୟ। ଅନ୍ୟତମ ହିସାବ ସମୀକ୍ଷକ ଲକ୍ଷ୍ମଣ କୁମାର ମହାନ୍ତି ଆଗାମୀ ବାର୍ଷିକ ଉତ୍ସବରେ ହେବାକୁ ଥିବା ୮୦ବର୍ଷୀୟ ସମ୍ବର୍ଦ୍ଧିତ ବ୍ୟକ୍ତିଙ୍କ ନାମ ପାଠ କରିଥିଲେ। ଏକ ସବ୍‌କମିଟି ଗଠନ କରିଥିଲେ ସଭାପତି ଉଦୟନାଥ ମହାନ୍ତି। ଏହି କମିଟିରେ ଲକ୍ଷ୍ମଣ କୁମାର ମହାନ୍ତି, ଚନ୍ଦ୍ରମୋହନ ମହାନ୍ତି ଓ ମୁକ୍ତିକାନ୍ତ ମହାପାତ୍ର ସଦସ୍ୟଭାବେ କାର୍ଯ୍ୟ କରିବେ। ଉକ୍ତ ସମ୍ବର୍ଦ୍ଧିତ ହେବାର ବୟସକୁ ୮୦ବର୍ଷରୁ ୭୫ବର୍ଷକୁ କମାଇ ଆଣିବା ପାଇଁ ସଂଗଠନ ସଂପାଦକ ବାଦଲ କିଶୋର ମହାପାତ୍ର, ରମେଶ ଚନ୍ଦ୍ର ଦାଶ ଓ ଅନାଦି ଚରଣ ଦାସ ପ୍ରମୁଖ ସଦସ୍ୟମାନେ ପ୍ରସ୍ତାବ ରଖିଥିଲେ। ଏହା ମାସିକ ବୈଠକରେ ସ୍ଥିର କରାଯାଇପାରିବ ନାହିଁ ବୋଲି ସଭାପତି ଓ ଉପସଭାପତି ଗୃହକୁ ଜଣାଇଥିଲେ। ଏହା ଆଗାମୀ କାର୍ଯ୍ୟକାରିଣୀ ବୈଠକରେ ଆଲୋଚନା କରାଯାଇ ସ୍ଥିର କରାଯିବ ବୋଲି କହିଥିଲେ। "ଜନା ସ୍ମଲ୍ ଫାଇନାନ୍ସ ବ୍ୟାଙ୍କ" ଭଦ୍ରକ ଶାଖାର କର୍ମକର୍ତ୍ତାମାନେ ଉପସ୍ଥିତ ହୋଇ ବରିଷ୍ଠମାନଙ୍କ ପାଇଁ କଣ ସୁବିଧାମାନ ଅଛି ପୁଙ୍ଖାନୁପୁଙ୍ଖ ବୁଝାଇଥିଲେ। ଏହାପରେ ବୈକୁଣ୍ଠନାଥ ଓଝା, ଅବସରପ୍ରାପ୍ତ ଶିକ୍ଷକ ନୂତନଭାବେ ଆଜୀବନ ସଦସ୍ୟତା ଗ୍ରହଣ କରିଛନ୍ତି। ସଦସ୍ୟ ବିନୟ ପଣ୍ଡା, ରବୀନ୍ଦ୍ର ନାୟକ, ପ୍ରତାପଚନ୍ଦ୍ର ଦଳାଇ, ହରେକୃଷ୍ଣ ସାହୁ, ବୀରନାରାୟଣ ଦାସ, ରମାକାନ୍ତ ନାୟକ, ଜଗବନ୍ଧୁ ରାମ, କୈଳାସ ଚନ୍ଦ୍ର ପଣ୍ଡା, ନିରଞ୍ଜନ ବିଶ୍ୱାଳ, ଆଦିତ୍ୟ ଗୋସ୍ୱାମୀ, ଆଦିତ୍ୟ ନାୟକ, ବିକାଶଚନ୍ଦ୍ର ମହାନ୍ତି, ଶାନ୍ତିଲତା ବାରିକ୍, ଦୀନବନ୍ଧୁ ନାୟକ, ଗୟାଧର ପଣ୍ଡା ପ୍ରମୁଖ ଅଂଶଗ୍ରହଣ କରିଥିଲେ। 'ଜନା ବ୍ୟାଙ୍କ' ତରଫରୁ ପ୍ରସାଦର ବ୍ୟବସ୍ଥା କରାଯାଇଥିଲା। ସଦସ୍ୟ ନିତ୍ୟାନନ୍ଦ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

**ମା'ଙ୍କ ଅଲୌକିକ ଶକ୍ତି**

# ଗାଁ ଦାଣ୍ଡରେ ପିଲାଙ୍କ ସହ ବୁଲନ୍ତି

ଅସୁରାଳି, ୧୫।୧୦(ସମିସ)



ଧୂଷୁରୀ ନିକଟ ବ୍ରାହ୍ମଣପାଳସ୍ଥିତ ପ୍ରସିଦ୍ଧ ମା'ଦକ୍ଷିଣ କାଳୀଙ୍କ ପୀଠ ଚଳଚଞ୍ଚଳ। ୫ ଦିନ ଧରି ଯାନିଯାତ୍ରା ଚାଲିବା ସହିତ ସନ୍ଧ୍ୟା ଆଳତି ଦର୍ଶନ ପାଇଁ ହଜାର ହଜାର ଭକ୍ତ ଏହି ସମୟକୁ ଅପେକ୍ଷା କରିଥାନ୍ତି। ଏହି ଆଳତି କାର୍ଯ୍ୟ ଅତ୍ୟନ୍ତ ନିଆରା ମଧ୍ୟ। ଏକ ପିତ୍ତଳ ଆଳତି ପାତ୍ର ଦ୍ୱାରା ଘିଅ ସଞ୍ଜ ଦିଆଯାଇ ଆଳତି ପ୍ରସ୍ତୁତ ପରେ ମୁଖ୍ୟ ସେବକଙ୍କ ଦ୍ୱାରା ଦୀର୍ଘ ସମୟ ଧରି ଆଳତି ବୁଲାଇବା ଏକ କଠିନ କାର୍ଯ୍ୟ ହେଲେ ବି ତାହାକୁ ସମ୍ପାଦନ କରିବାରେ ମା' ନିଜେ ହିଁ ହାତଧରି ବୁଲାଇଥାନ୍ତି ବୋଲି କୁହନ୍ତି ମୁଖ୍ୟ ସେବକ ସନ୍ତୋଷ ପଣ୍ଡା। ଏହି ସମୟରେ ବାହାର ଆଲୋକ ସଜ୍ଜାକୁ ବନ୍ଦ ରଖାଯାଇଥାଏ। ଉକ୍ତ ଆଳତି ଆଲୁଅ ସମ୍ପୂର୍ଣ୍ଣ ପରିବେଶକୁ ବି ଛାଡି ଦେଇଥାଏ। ଘଣ୍ଟଘଣ୍ଟା ମୃଦଙ୍ଗର ତାଳରେ ଆଳତି ବୁଲାଯାଇଥାଏ। ଭକ୍ତମାନଙ୍କର ଆଳତି ଦର୍ଶନ ସହିତ ଯିଏ ଯାହା ମା'ଙ୍କ ନିକଟରେ ମନାସିଥାଏ ତାହାକୁ ମା' ପୂରଣ କରିଥାନ୍ତି ବୋଲି ଭକ୍ତମାନେ ବିଶ୍ୱାସ କରିଥାନ୍ତି।

ବ୍ରାହ୍ମଣୀପାଳରେ ମା' ଦକ୍ଷିଣ କାଳୀଙ୍କ ଆବିର୍ଭାବ ନେଇ ବହୁ ପୁରାତନ ତଥ୍ୟ ମଧ୍ୟ ରହିଆସିଛି। କଲିକତାର ମା' ଦକ୍ଷିଣ କାଳୀଙ୍କ ଅବିକଳ ରୂପରେ ଏଠାରେ ପୂଜା ପାଇଥାନ୍ତି। ପ୍ରାୟ ୮ ଶହ ବର୍ଷ ହେବ ମା' ଏହି ଶକ୍ତି ପୀଠରେ ବାରମାସ ପୂଜା ପାଇ ଆସୁଛନ୍ତି। ଅଧୁନା ଯାଜପୁର ଜିଲ୍ଲାର ଶିରିଆପୁର ଗ୍ରାମର କାଳନ୍ଦୀ ପଣ୍ଡା କଲିକତାରେ ରହି କାର୍ଯ୍ୟ କରିବା ସହିତ ମା' ଦକ୍ଷିଣ କାଳୀଙ୍କ ଜଣେ ବଡ଼ ଭକ୍ତ ଥିଲେ। ନିଜ ବ୍ୟବହାର ସାମଗ୍ରୀ ପତ୍ର ଧରି କଲିକତା ଛାଡିଦେବାକୁ ଯୋଜନା କରି ଘରକୁ ବାହାରିଥିଲେ। କଲିକତାରେ ମା' ଦକ୍ଷିଣ କାଳୀଙ୍କୁ ମୁଣ୍ଡିଆମାରି ଜିନିଷ ପତ୍ର ଧରି ଘର ଅଭିମୁଖେ ଚାଲି ଚାଲି ବାହାରିଥିଲେ। ଭଦ୍ରକରେ ପହଞ୍ଚିବା ପୂର୍ବରୁ ରାସ୍ତାରେ ଫେରିବା ବେଳେ ଚୋରାଇବା ପାଇଁ କିଛି ଦୁର୍ବୃତ୍ତ ଚେଷ୍ଟା କରି ବିଫଳ ହୋଇଥିଲେ। ଭଦ୍ରକରେ ରାତ୍ରିଯାପନ ସମୟରେ ମା' ତାଙ୍କୁ ସ୍ୱପ୍ନରେ କହିଥିଲେ 'ତୁ ଭୟ କରନା, ମୁଁ ତୋ ସହିତ ଯାଉଛି। ତୁ ଯିବା ସମୟରେ ଆଉ ପଛକୁ ଫେରି ଚାହିଁବୁନି। ଚାହିଁଲେ ମୁଁ ଆଉ ତୋ ସହିତ ଯିବି ନାହିଁ। କାଳନ୍ଦି ଯାଉଥିବା ସମୟରେ ମା'ଙ୍କ ପାଦର ଘୁଙ୍ଗୁରର ରୁଣୁଝୁଣୁ ଶବ୍ଦ ଅନୁଭବ କରୁଥାନ୍ତି। ତାପର ଦିନ କାଳନ୍ଦୀ କୋଠାର ହୋଇ ବ୍ରାହ୍ମଣପାଳ ନିକଟରେ ଯାଉଥିବା ସମୟରେ ସନ୍ଧ୍ୟା ହୋଇଯାଇଥାଏ। ଏକ କିଆଗୋହିରି ରାସ୍ତାରେ ବାଲିଚର ଉପରେ ଯାଉଥିବା ବେଳେ କାଳନ୍ଦା ଅନୁଭବ କରୁଥିବା ମା'ଙ୍କ ନୂପୁର ଶବ୍ଦ ହଠାତ ବନ୍ଦ ହୋଇଗଲା। ନୂପୁର ଶବ୍ଦ ବନ୍ଦ ହେବାରୁ କାଳନ୍ଦୀ ପଛକୁ ବୁଲି ଚାହିଁ ଦେବାରୁ ସେଠାରେ ମା'ଙ୍କୁ ଦର୍ଶନ କରିବା ସହିତ ମା' ସେହିଠାରେ ଅଟକି ଯାଇଥିଲେ। ସେହିଠାରେ କାଳନ୍ଦୀ ରାତ୍ରିଯାପନ ସମୟରେ 'ମୁଁ ଏଇଠି ରହିବି। ତୁ ମୋର ସେବା କରିବୁ ବୋଲି ଦେଇଥିଲେ। ତା'ପରେ କାଳନ୍ଦୀ ଘରକୁ ଯାଇ ନିଜ ପରିବାର ନେଇ ଆସି ସେହି ସ୍ଥାନ ନିକଟରେ ବସବାସ କରିବା ସହିତ ମା'ଙ୍କୁ ଦୈନିକ ପୂଜା ଆରମ୍ଭ କରିଥିଲେ। ପୂର୍ବରୁ କାଠ ଘେରା ସ୍ଥାନର ପରିବର୍ତ୍ତନ ହୋଇ ଏବେ କମିଟି ଦ୍ୱାରା ନିର୍ମିତ ସୁନ୍ଦର ମନ୍ଦିର ରେ ମାଙ୍କର ପୂଜା ହୋଇଆସୁଛି। ବିଶାଳ ତୋରଣ ସହିତ ମା'ଙ୍କ ବିସର୍ଜନ ଘାଟ ମଧ୍ୟ ଶୋଭା ପାଇଆସୁଛି। ୩ ଦିନରେ ସାର୍ବଜନୀନ ପୂଜା ସମ୍ପୂର୍ଣ୍ଣ ନହେବାରୁ ଅଧିକ ଦୁଇ ଦିନ ପୂଜା ପାଇଁ ମା'ଙ୍କର ଅନୁମତି ପାଇବା ପରେ ସେବେ ଠାରୁ ୫ ଦିନ ଧରି ପୂଜା ହୋଇଆସୁଛି। ଦୀପାବଳି ଅମାବାସ୍ୟା ଦିନ ଅବାସ ପୂଜା, ଦ୍ୱିତୀୟ ଦିନ ବଡ଼ପୂଜା, ୩ୟ ଦିନ ନୈମିରିକ ପୂଜା, ୪ର୍ଥ ଦିନ ପୂର୍ଣ୍ଣାହୁତି ପୂଜା ଏବଂ ଶେଷ ଦିନ ନିର୍ମାଲ୍ୟବାସିନୀ ପୂଜା ହୋଇଥାଏ। ୫ ଦିନ ଧରି ଚଣ୍ଡୀପାଠ, ହୋମଯଜ୍ଞ ସହିତ ମା' ଙ୍କ ବାରମିଶା (ଖଇ, ଉଖୁଡା, ନିମିକି, ସନ୍ଦେଶ ଇତ୍ୟାଦି ୧୨ପ୍ରକାର ମିଶା ଭୋଗ)



ହେମନ୍ତ ସୂତାର, ସମ୍ପାଦକ ପୂଜା କମିଟି



ମାନସ ରଞ୍ଜନ ନାୟକ, କାର୍ଯ୍ୟକାରୀ ସଭାପତି

ଭୋଗ ଭାରି ପସନ୍ଦ ଯୋଗୁଁ ଶତାଧିକ ବାରମିଶା ଭୋଗ ଦୋକାନୀ ଏକ ମାସ ପୂର୍ବରୁ ଭୋଗ ଦୋକାନ ପାଇଁ ପ୍ରସ୍ତୁତିରେ ଲାଗିଥାନ୍ତି। ପ୍ରତ୍ୟେକ ଦିନ ସନ୍ଧ୍ୟାରେ ପ୍ରାୟ ୧ଘଣ୍ଟା ଧରି ଅନୁଷ୍ଠିତ ହୁଏ। ସନ୍ଧ୍ୟା ଆଳତି ଓ ଆଳତି ଦେଖିବାକୁ ହଜାର ହଜାର ଭକ୍ତଙ୍କ ସମାଗମ ସହିତ ମା'ଙ୍କ ନିକଟରେ ମାନସିକ କରିଥାନ୍ତି ଓ ଶେଷ ଦିନ ହୋଇଥାଏ ମା'ଙ୍କ ନିକଟରେ ନିର୍ମାଲ୍ୟବାସିନୀ ପୂଜା। ଏହି ପୂଜାରେ ପରମ୍ପରା ଅନୁସାରେ ମା'ଙ୍କ ନିକଟରେ ହୋଇଥାଏ ଜିଲାପି ଭୋଗ। ଏହି ଦିନ ସନ୍ଧ୍ୟାରେ ଭକ୍ତମାନେ ନିଜ ସକ୍ଷମ ଅନୁସାରେ ମା'ଙ୍କୁ ଜିଲାପି ଭୋଗ ଲଗାଇଥାନ୍ତି। ଏହିଦିନ କ୍ୱିଣ୍ଟାଲ କ୍ୱିଣ୍ଟାଲ ଜିଲାପି ତିଆରି ହୋଇ ବିକ୍ରି ହୋଇଥାଏ। ତା'ପରେ ମା'ଙ୍କ ବିସର୍ଜନ କାର୍ଯ୍ୟ ସମ୍ପନ୍ନ ହୋଇଥାଏ।

# 'ବିଜୟ ଥିଲେ ଜଣେ ସର୍ବଗୁଣ ସମ୍ପନ୍ନ ମଣିଷ'



**ପ୍ରଫେସର ବିଜୟ ଜେନାଙ୍କୁ ଭାବପୂର୍ଣ୍ଣ ଶ୍ରଦ୍ଧାଞ୍ଜଳି**

ଭଦ୍ରକ, ୧୫।୧୦(ସମିସ): ଭଦ୍ରକର ଗର୍ବ, ଗୌରବ, ଭଦ୍ରକ କ୍ରିକେଟ ଆସୋସିଏସନର ସଭାପତି, ଭଦ୍ରକ ଆଥଲେଟିକ ଆସୋସିଏସନର ଉପସଭାପତି, ଟାଇକ୍ୱୋଣ୍ଡୋ ଆସୋସିଏସନ ଅଫ ଓଡିଶାର କାର୍ଯ୍ୟକାରୀ ସଭାପତି, ଗାନ୍ଧୀ ଶାନ୍ତି ପ୍ରତିଷ୍ଠାନର କାର୍ଯ୍ୟକାରିଣୀ ସଦସ୍ୟ, ଚରମ୍ପା ୟୁନାଇଟେଡ କ୍ଲବର ଉପଦେଷ୍ଟା, ଚରମ୍ପା ସ୍କୁଲ ରୋଡ଼ ଦୁର୍ଗାପୂଜା କମିଟିର ଉପଦେଷ୍ଟା, ଆଇନଜୀବୀ ତଥା ପ୍ରାଧ୍ୟାପକ ବିଜୟ କୁମାର ଜେନାଙ୍କ ମୃତ୍ୟୁର ୯ମ ଦିବସରେ ଚରମ୍ପା ଉଗ୍ରସେନ ଭବନରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଓଡିଶା କ୍ରିକେଟ ଆସୋସିଏସନର ପୂର୍ବତନ ଅଧ୍ୟକ୍ଷ ଧୀରେନ ପଲାଇଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକର୍ମକୁ ଅଧିବକ୍ତା ପବନ ଶର୍ମା ସଞ୍ଚାଳନ କରିଥିଲେ। ଭଦ୍ରକ ସାଂସଦ ଅଭିମନ୍ୟୁ ସେଠୀ, ଭଦ୍ରକ ବିଧାୟକ ସୀତାଂଶୁ ଶେଖର ମହାପାତ୍ର, ଭଣ୍ଡାରୀପୋଖରୀ ବିଧାୟକ ସଂଜୀବ ମଲ୍ଲିକ, ପୂର୍ବତନ ମନ୍ତ୍ରୀ ପ୍ରଫୁଲ୍ଲ ସାମଲ, ପୂର୍ବତନ ସାଂସଦ ଅନନ୍ତ ପ୍ରସାଦ ସେଠୀ, ଦୈନିକ "ସକାଳ"ର ପ୍ରକାଶକ ଅମିତ ମଲ୍ଲିକ, ଭଦ୍ରକ ପୌରାଧ୍ୟକ୍ଷା ଗୁଲମକ୍କୀ ହବିବ, କଂଗ୍ରେସ ନେତା ଅସିତ ପଟ୍ଟନାୟକ, ପୂର୍ବତନ ବିଧାୟକ ନରେନ ପଲାଇ, ଓଡିଶା ଅଲମ୍ପିକ ଆସୋସିଏସନ ଅଫ ଓଡିଶା, ସମ୍ପାଦକ ଅଭିଜିତ ପାଲ, ଓଡିଶା କ୍ରିକେଟ ଆସୋସିଏସନର ଯୁଗ୍ମ ସମ୍ପାଦକ ପ୍ରଭାତ ଭୋଳ, ଭଦ୍ରକ କ୍ରିକେଟ ଆସୋସିଏନର ପୂର୍ବତନ ସଭାପତି ଉପେନ୍ଦ୍ର ବାରିକ, ଟାଇକ୍ୱୋଣ୍ଡୋ ଆସୋସିଏସନର ସଭାପତି ରବିନାରାୟଣ ପାଣିଗ୍ରାହୀ, ଗାଳ୍ପିକ ପବିତ୍ର ପାଣିଗ୍ରାହୀ, ଡ. ଅନିଲ କୁମାର ନାୟକ, ପ୍ରାକ୍ତନ ସରପଞ୍ଚ ରତ୍ନାକର ସାମଲ, ସମାଜସେବୀ ସୁଧାକର ରାଉତ, ପ୍ରଫୁଲ୍ଲ ନାୟକ, ଦେବେନ୍ଦ୍ର ମହାନ୍ତି, ଦିବ୍ୟସିଂହ ନାୟକ, ରୋଟାରିଆନ୍ ଶିଶିର ମିଶ୍ର, କାଉନସିଲର ଦିଲ୍ଲୀପ ନାୟକ, ହ୍ୟାପି ହୋମ ତରଫରୁ ପ୍ରତିଭା ତିୱାରୀ, ସୀତାକାନ୍ତ ଦାସ ଯୋଗ ଦେଇଥିଲେ। "ଇତିହାସ ଆଇନାରେ ବିଜୟ' ସ୍ମରଣିକା ପ୍ରକାଶ ପାଇଥିଲା। ସ୍ୱର୍ଗତ ବିଜୟ ଜେନାଙ୍କ ଭଳି ସବୁଗୁଣରପରିପୂର୍ଣ୍ଣମଣିଷଟିଏଭଦ୍ରକରେ ମିଳିବା କଷ୍ଟ ବୋଲି ବକ୍ତାମାନେ ମତ ପ୍ରକାଶ କରିଥିଲେ। ଡାକ୍ତର ଅନୁରାଗ ଜେନା, ଇଂ ଅନୁପମ ଜେନା, ବିଦ୍ୟାଧର ବାରିକ, ବିଶାଲ ଲାଖନୀ, ସନ୍ତୋଷ ଜେନା, ରୁଦ୍ରନାରାୟଣ ବାରିକ, ରବିନାରାୟଣ ଓଝା, ରଞ୍ଜନ ଜେନା ଓ ଚନ୍ଦନ ଜେନା ସହଯୋଗ କରିଥିଲେ।

## ବିଭିନ୍ନ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'

# ଛାତ୍ରଛାତ୍ରୀଙ୍କ ସୃଜନଶୀଳତାର ବିକାଶ କରୁଛି 'ସୁରଭି'

### କୋଠାର



ଅସୁରାଳି, ୧୫ ।୧୦(ସମିସ): କୋଠାର କ୍ଲଷ୍ଟର ଅଧୀନରେ ଥିବା ବିଦ୍ୟାଳୟ ସମୂହକୁ ନେଇ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି କୋଠାର ସରକାରୀ ଉଚ୍ଚବିଦ୍ୟାଳୟରେ ସାଧନ କେନ୍ଦ୍ର ସଂଯୋଜକ ବିଶ୍ୱଜିତ ମଲ୍ଲିକଙ୍କ ସଂଯୋଜନାରେ ଅନୁଷ୍ଠିତ ହୋଇଯାଇଛି। କୋଠାର ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ସାରଳାବାଳା ପାତ୍ରୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ଜିଲ୍ଲା ଶିକ୍ଷା ପ୍ରତିଷ୍ଠାନର ବରିଷ୍ଠ ପ୍ରଶିକ୍ଷକ ନିର୍ମଳଚନ୍ଦ୍ର ସେଠୀ ମୁଖ୍ୟଅତିଥି, ମୁଖ୍ୟବକ୍ତା ଅଧ୍ୟାପକ ରବୀନ୍ଦ୍ର କୁମାର ପାଣିଗ୍ରାହୀ, ସମ୍ମାନିତ ଅତିଥିଭାବେ କୋଠାର ପଞ୍ଚାୟତ ସରପଞ୍ଚ ମହେଶ୍ୱତା ମହାଲିକ, ସମିତିସଭ୍ୟା ସନ୍ଧ୍ୟାରାଣୀ ମଲିକ, ଅଧ୍ୟାପକ ଶ୍ରୀଧର ସାହୁ, ସଂସ୍କୃତ ଶିକ୍ଷକ ମଦନମୋହନ ପାଣିଗ୍ରାହୀ, ପ୍ରଧାନ ଶିକ୍ଷକ ଶରତ ସାହୁ, କରୁଣାକର ସାହୁ, ଧର୍ମେନ୍ଦ୍ର ଦାସ ପ୍ରମୁଖ ଯୋଗ ଦେଇଥିଲେ। ବିବିଧ ପ୍ରତିଯୋଗିତାର ବିଚାରକ ଭାବେ ସାହିତ୍ୟିକ ସତ୍ୟସୁନ୍ଦର ପାତ୍ରୀ, ନିର୍ଦ୍ଦେଶକ ଶୈବଳ ଶିକଦାର, ବଟକୃଷ୍ଣ ସେଠୀ ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ କୃତୀ ଛାତ୍ରଛାତ୍ରୀଙ୍କୁ ଅତିଥିଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। କ୍ଲଷ୍ଟର ଅଧୀନରେ ଥିବା ସମସ୍ତ ୧୩ଟି ବିଦ୍ୟାଳୟର ଶିକ୍ଷକ ଓ ଶିକ୍ଷୟିତ୍ରୀଙ୍କ ସହଯୋଗରେ କାର୍ଯ୍ୟକ୍ରମ ସଫଳ ଭାବେ ସମ୍ପାଦିତ ହୋଇଥିଲା। ଧନ୍ୟବାଦ ଅର୍ପଣ କରିଥିଲେ ଶିକ୍ଷୟିତ୍ରୀ ଲିପିରେଖା ବିଶ୍ୱାଳ।

### ଗୋପୀନାଥପୁର

**ବନ୍ତ/ଆଗରପଡ଼ା:** ବନ୍ତ ଶିକ୍ଷାଧିକାରୀଙ୍କ ଅଧୀନସ୍ଥ ଗୋପୀନାଥପୁର କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଗୋପୀନାଥଜୀଉ ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ସିଆରସିସି ପ୍ରଫୁଲ୍ଲ କୁମାର ସାହୁଙ୍କ ତତ୍ତ୍ୱାବଧାନ ଓ ଗୋପୀନାଥଜୀଉ ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷକ ପ୍ରଫୁଲ୍ଲ ନନ୍ଦଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ଭାଗିରଥି ପାତ୍ର, ମୁଖ୍ୟବକ୍ତା ଭାବେ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷକ ଚିତ୍ତରଞ୍ଜନ ମହାନ୍ତି ଯୋଗ ଦେଇଥିଲେ। ସରପଞ୍ଚ ସବିତାରାଣୀ ନାୟକ, ଶ୍ରୀରାମପୁର ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ପ୍ରଫୁଲ୍ଲ ଜେନା, ତେଲନଟି ନୋଡ଼ାଲ ବିଦ୍ୟାଳୟ ପ୍ରଧାନଶିକ୍ଷକ ଗୋପବନ୍ଧୁ ଜେନା, ସାହୁପଡ଼ା ନୋଡ଼ାଲ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ରଜନୀ ଦାସ, ଗୋପୀନାଥଜୀଉ ନୋଡ଼ାଲ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ମଞ୍ଜୁଲତା ପାତ୍ର, ବାଲିପୋଖରୀ ହାଇସ୍କୁଲ ପ୍ରଧାନଶିକ୍ଷୟିତ୍ରୀ ଦିପ୍ତିମୟୀ ବେହେରା,



କାଣ୍ଡବା ନୋଡ଼ାଲ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ରିତାରାଣୀ ପରିଡ଼ା, ଏ.ସି ବିଦ୍ୟାନିକେତନ ସନ୍ଧାଡ଼ୋ ପ୍ରଧାନଶିକ୍ଷକ କାର୍ତ୍ତିକଚନ୍ଦ୍ର କର, କେସିବିଏମ ସହକାରୀ ଶିକ୍ଷୟିତ୍ରୀ ପ୍ରଜ୍ଞାପରମିତା ବେହେରା, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଗୋବିନ୍ଦଚନ୍ଦ୍ର ସାହୁ ପ୍ରମୁଖ ଅତିଥିଭାବେ ଯୋଗ ଦେଇଥିଲେ। ଶିକ୍ଷକ ଅନନ୍ତ ଜେନା ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଶିକ୍ଷକ ମିହିର ଆଚାର୍ଯ୍ୟ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ୧୪ଟି ବିଦ୍ୟାଳୟର ପ୍ରାୟ ୭୦ ଛାତ୍ରଛାତ୍ରୀ ଆୟୋଜିତ ୧୫ଟି ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ସମସ୍ତ ୧୪ଟି ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ, କମିଟି ସଦସ୍ୟସଦସ୍ୟା ଓ କର୍ମଚାରୀ ସହଯୋଗ କରିଥିଲେ।

### ତାରାପୁର କ୍ଲଷ୍ଟର




ତାରାପୁର କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ପୋଡ଼ାପାଟଣା ସରକାରୀ ଉ.ପ୍ରା ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ପୋଡ଼ାପାଟଣା ଉ.ପ୍ରା ବିଦ୍ୟାଳୟ ପ୍ରଧାନଶିକ୍ଷକ ଭାରାପ୍ରାପ୍ତ ପ୍ରଧାନଶିକ୍ଷକ ଅମୂଲ୍ୟ ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ଭାଗିରଥି ପାତ୍ର ମୁଖ୍ୟଅତିଥି, ମୁଖ୍ୟ ବକ୍ତା ଭାବେ ବି.ବି.ନୋଡ଼ାଲ ବିଦ୍ୟାଳୟ ପ୍ରଧାନଶିକ୍ଷକ ଅଜୟ କୁମାର ପୃଷ୍ଟି ଯୋଗଦେଇଥିଲେ। କେନ୍ଦୁଆପଦା ମହାବିଦ୍ୟାଳୟ ଭାରାପ୍ରାପ୍ତ ଅଧ୍ୟକ୍ଷ ପ୍ରଶାନ୍ତ ବେହେରା, ଟିଲୋ କ୍ଲଷ୍ଟର ସିଆରସିସି ଅଶୋକ ଦାସ, ତୋଫାବିବି କ୍ଲଷ୍ଟର ସିଆରସିସି ନିରଜଂନ ଖିଲାର, ତରାପୁର କ୍ଲଷ୍ଟର ସିଆରସିସି ଜଗନ୍ନାଥ ଖୁଣ୍ଟିଆ, ପରିଚାଳନା କମିଟି ସଭାପତି ହେମନ୍ତ ବାରିକ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ସହକାରୀ ଶିକ୍ଷକ ସୁଧୀର ବାରିକ ଅତିଥି ପରିଚୟ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମରେ ୧୪ଟି ବିଦ୍ୟାଳୟର ୨୫୦ ଜଣ ଛାତ୍ରଛାତ୍ରୀ ୨୨ଟି ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ଅମର ବାରିକ, ସୁରେନ୍ଦ୍ର ଜେନା, ମହମ୍ମଦ ଆବିଦ, ଅରୁଣ ନାୟକ, ଶାନ୍ତିଲତା ନାଥ, ରଞ୍ଜୁଲତା ସାହୁ, ସୁଦାମ ଜେନା, ନୁରୁନ ଅମିନ, ସୌଭାଗ୍ୟଲତା ସେଠୀ, ରମାକାନ୍ତ ଜେନା, ମୁସାରଫ କାଦ୍ରି, ରଚିତା ସାହୁ, ଜାହାରୁଦ୍ଦିନ ସହାଦୀ, ଉତ୍ତମ ମାଝୀ, ଏସକେ ଅଜାରୁଦ୍ଦିନ, ଏସକେ ରମଜାନ ଅଲ୍ଲୀ, ଚଞ୍ଚଳାବାଳା ଜେନା, ସୁରେଶ ଜେନା, ସୁଶ୍ରୀସଂଗୀତା ସ୍ୱାଇଁ, ଅହମାତୁନ ଖାତୁନ, ରଂଜିତ ରାଉତ, ଲାଙ୍ଗୁଳା ସୂଆର, ଗୋଲକ ଜେନା, ଜଗତଜୀବନ ଜେନା ପ୍ରମୁଖ ବିଚାରକ ଥିଲେ।

### ଓଡ଼ଙ୍ଗ




**ଓଡ଼ଙ୍ଗ:** କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଜୟକୃଷ୍ଣ ନୋଡାଲ ଉ.ପ୍ରା ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ସିଆରସିସି ପରମେଶ୍ୱର ପୃଷ୍ଟିଙ୍କ ତତ୍ତ୍ୱାବଧାନ ଓ ମଙ୍ଗୁଲି ବିଦ୍ୟାଳୟ ପ୍ରଧାନଶିକ୍ଷକ ରମାକାନ୍ତ ରାଉତଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସରପଞ୍ଚ ଲକ୍ଷ୍ମୀପ୍ରିୟା ଦାସ, ସରମରା ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ମମତାରାଣୀ ମଲ୍ଲିକ, ସମାଜସେବୀ ରାଜୀବ ଲୋଚନ ଜେନା, ଓଡ଼ଙ୍ଗ ବିଦ୍ୟାଳୟ ପ୍ରଧାନଶିକ୍ଷକ ମାଧବାନନ୍ଦ ମୁଣ୍ଡା, ହଳଧର ସେଠୀ, ବାରିଅଲ ଟୁଡୁ, ପରିଚାଳନା କମିଟି ସଭାପତି ପ୍ରଶାନ୍ତ ମଲ୍ଲିକ, ମୋ ସ୍କୁଲ ଅଭିଯାନ କମିଟି ସଭାପତି ସତ୍ୟବାନ ବାରିକ ପ୍ରମୁଖ ଅତିଥିଭାବେ ଯୋଗ ଦେଇଥିଲେ। ତରଣୀସେନ ବେହେରା ମଞ୍ଚ ପରିଚାଳନା କରିଥିବା ବେଳେ କାଦବରାଙ୍ଗ ଓ ନରାଜପୁର କ୍ଲଷ୍ଟର ସିଆରସିସି ପ୍ରଦୀପ ପଲାଇ ଅତିଥି ପରିଚୟ ପ୍ରଦାନ କରିଥିଲେ। ସତ୍ୟାନନ୍ଦ ଜେନା ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ୧୦ଟି ବିଦ୍ୟାଳୟର ପ୍ରାୟ ୧୫୦ ଛାତ୍ରଛାତ୍ରୀ ୨୨ଟି ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ତୋଫାବିବି କ୍ଲଷ୍ଟର ସିଆରସିସି ନିରଞ୍ଜନ ଖିଲାର, ନିରଞ୍ଜନ ବେହେରା, ସୂର୍ଯ୍ୟମଣି ଜେନା, ପ୍ରତିମାରାଣୀ ପାତ୍ର, ପ୍ରେମଲତା ଜେନା, ଅମିତା ସାହୁ, ରଂଜିତ ମଲ୍ଲିକ, ମାନସ ରଞ୍ଜନ ସେଠୀ, ବାସନ୍ତୀଲତା ପ୍ରଧାନ, ଶ୍ରୀଧର ପଣ୍ଡା, ଅନୁସୟା ଜେନା, ମହାମାୟା ଜେନା, ଅମର ସ୍ୱାଇଁ, ପ୍ରମୋଦ ରାଉତ, ନିରଞ୍ଜନ ରାଉତ, ଦିବ୍ୟଜ୍ୟୋତି ଜେନା ବିଚାରକ ଥିଲେ।

## ଉପଜିଲ୍ଲାପାଳଙ୍କ ଦେଓଗାଁ ପଞ୍ଚାୟତ ପରିଦର୍ଶନ



ଆନନ୍ଦପୁର, ୧୫।୧୦ (ସମିସ): ଘସିପୁରା ବ୍ଲକ ଦେଓଗାଁ ପଞ୍ଚାୟତ ପରିଦର୍ଶନକରି ଆନନ୍ଦପୁର ଉପଜିଲ୍ଲାପାଳ ନାଳମାଧବ ସୁନା ବୁଧବାର ନିର୍ମାଣାଧୀନ ସ୍ୱଚ୍ଛ ଭାରତ ମିଶନରେ ସର୍ବସାଧାରଣ ଶୌଚାଳୟର ତଦାରଖ କରିଛନ୍ତି। ଦେଓଗାଁ କଲ୍ୟାଣ ମଣ୍ଡପ ମରାମତି ଓ ରୋଷ ଘର ନିର୍ମାଣ ସହ ପୂର୍ତ୍ତ ବିଭାଗ ଡାକ ବଙ୍ଗଳା ମରାମତି ପାଇଁ ସମ୍ପୃକ୍ତ ବିଭାଗଙ୍କୁ ନିର୍ଦ୍ଦେଶ ଦେଇ କାର୍ଯ୍ୟର ଅଗ୍ରଗତି ପାଇଁ କହିଥିଲେ। ଏହି କାର୍ଯ୍ୟକ୍ରମ ବେଳେ ଦେଓଗାଁ ସରପଞ୍ଚ ସତ୍ୟରଞ୍ଜନ ଭୂୟାଁ, ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ପଙ୍କଜ ସାହୁ, ପଞ୍ଚାୟତର ସମସ୍ତ ୱାର୍ଡସଭ୍ୟସଭ୍ୟା ସାମିଲ ହୋଇଥିଲେ। ଜନସାଧାରଣ ସମୀକ୍ଷା କାର୍ଯ୍ୟକ୍ରମ ଏବଂ ଉପଜିଲ୍ଲାପାଳଙ୍କ ଗସ୍ତକୁ ସ୍ୱାଗତ କରିଥିଲେ।

## ପ୍ରଧାନଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ତେଲକୋଇ, ୧୫।୧୦(ସମିସ): ତେଲକୋଇ ବ୍ଲକ ଦେଉଳଡିହା ପଞ୍ଚାୟତର ଦେଉଳଡିହା ଗ୍ରାମରେ ଥିବା ରାଧାକୃଷ୍ଣ ସରକାରୀ ଉଚ୍ଚବିଦ୍ୟାଳୟର ପ୍ରଧାନଶିକ୍ଷକ ବିଜୟ କୁମାର ପ୍ରଧାନଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି। ପ୍ରଧାନଶିକ୍ଷକ ଶ୍ରୀ ପ୍ରଧାନ ଉକ୍ତ ବିଦ୍ୟାଳୟରେ ୪ବର୍ଷରୁ ଊର୍ଦ୍ଧ୍ୱ ପ୍ରଧାନଶିକ୍ଷକ ଦାୟିତ୍ୱ ତୁଲାଇଥିବା ଦୃଷ୍ଟିରୁ ସମ୍ବର୍ଦ୍ଧନା ଉତ୍ସବରେ ମୁଖ୍ୟଅତିଥି ଭାବେ ସ୍ୱାମୀଜୀ ନିର୍ଲିପ୍ତାନନ୍ଦ ସରସ୍ୱତୀ, ମୁଖ୍ୟବକ୍ତା ଭାବେ ବରିଷ୍ଠ ସାମ୍ବାଦିକ ପାଲଲହଡା ରଘୁନନ୍ଦନ ଆଚାର୍ଯ୍ୟ, ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଖଗେଶ୍ୱର ମହାନ୍ତ, ଭିକାରୀ ଚରଣ ସାହୁ, ଯତୀନ୍ଦ୍ର କୁମାର ପଟ୍ଟନାୟକ, ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ଗୁଣଗାନ କରିଥିଲେ। ଶିକ୍ଷକ, ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀମାନେ ତାଙ୍କ ଅନୁଭୂତି ସମ୍ପର୍କରେ କହିଥିଲେ। ଶିକ୍ଷକ ଦେବାଶିଷ ପାତ୍ର ପରିଚାଳନା କରିଥିବାବେଳେ ବିଭିନ୍ନ ବିଦ୍ୟାଳୟର ଶିକ୍ଷକ, ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀ ସମେତ ଅଭିଭାବକମାନେ ସାମିଲ ରହିଥିଲେ।

## ବୃହତ୍ ଇସ୍ପାତ ପ୍ରକଳ୍ପ ବିସ୍ଥାପିତ ସପକ୍ଷବାଦୀ ମଞ୍ଚ ପକ୍ଷରୁ କର୍ମଶାଳା



ତୁରୁମୁଙ୍ଗା, ୧୫।୧୦(ସମିସ): କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗାସ୍ଥିତ ଜେପି କଲ୍ୟାଣ ମଣ୍ଡପଠାରେ ବୁଧବାର ଇସ୍ପାତ ପ୍ରକଳ୍ପ ବିସ୍ଥାପିତ ସପକ୍ଷବାଦୀ ମଞ୍ଚ ପକ୍ଷରୁ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ପ୍ରତିନିଧି ଭାବଗ୍ରାହୀ ମହାନ୍ତଙ୍କ ସଂଯୋଜନାରେ ଆୟୋଜିତ କର୍ମଶାଳାରେ ବିଧାୟକ ଶ୍ରୀ ନାଏକ, ଙ୍କ ଅଗରବର ଖଟୁଆ, ସପକ୍ଷବାଦୀ ମଞ୍ଚର ସଭାପତି ଡ. ପ୍ରଭାବ ଘଣା, ସମ୍ପାଦକ ବିଶ୍ୱମ୍ଭର ମହାନ୍ତ ପ୍ରମୁଖ ଉପସ୍ଥିତ ଥିଲେ। ଆଗାମୀ ଦିନରେ ୧୨ଟି ଗ୍ରାମର କିପରି ବିସ୍ଥାପିତଙ୍କ ସମସ୍ୟା ନହେବ ସେନେଇ ଆଲୋଚନା କରାଯାଇଥିଲା। ଅଞ୍ଚଳର ଶତାଧିକ ମହିଳା ପୁରୁଷ ଉପସ୍ଥିତ ରହି ଏହାକୁ ପୂର୍ଣ୍ଣ ସମର୍ଥନ କରିଥିଲେ। ଷ୍ଟିଲ ପ୍ଲାଣ୍ଟ ମୁଖ୍ୟମନ୍ତ୍ରୀଙ୍କ ସ୍ୱପ୍ନ ରହିଥିବା ବେଳେ ଏଥିପାଇଁ ସରକାର ଏମ୍‌ଓୟୁ କରିଛନ୍ତି। ପାଟଣା ବ୍ଲକ ଚେମେଣା ଓ ଯମୁନାପାଶି ପଞ୍ଚାୟତ ଅଞ୍ଚଳରେ ହେବାକୁ ଥିବା ପ୍ରସ୍ତାବିତ ଷ୍ଟିଲପ୍ଲାଣ୍ଟକୁ ସପକ୍ଷବାଦୀ ମଞ୍ଚ ସ୍ୱାଗତ କରିଛି। ଅଞ୍ଚଳରେ ଷ୍ଟିଲପ୍ଲାଣ୍ଟ ହେଲେ ଜିଲ୍ଲାର ଆର୍ଥିକ ମାନଦଣ୍ଡ ବୃଦ୍ଧି ପାଇବା ସହ ଜିଲ୍ଲାବାସୀ ଆଉ ରୋଜଗାର ପାଇଁ ବାହାରକୁ ଯିବେ ନାହିଁ ବୋଲି ଅମରବର ଖଟୁଆ କହିଥିଲେ। ବିସ୍ଥାପିତ ଅଞ୍ଚଳର ଜମି ହରାଉଥିବା ଲୋକଙ୍କ ପାଇଁ ବିଧାୟକ ଚିନ୍ତିତ ଥିବା କହିବା ସହ ଲୋକଙ୍କୁ ଉଚିତ ନ୍ୟାୟ ଦିଆଯିବ ବୋଲି କହିଥିଲେ। ଲୋକଙ୍କୁ ଉପଯୁକ୍ତ ବିସ୍ଥାପନ ନ୍ୟାୟ ନମିଳିଲେ ଏହି ମଞ୍ଚ କମ୍ପାନୀ ବିରୋଧରେ ଯିବ ବୋଲି ଦୃଢ଼ୋକ୍ତି ସହ କହିଥିଲେ।

## ରାଇରଙ୍ଗପୁର ମହିଳା ମହାବିଦ୍ୟାଳୟରେ କୁଇଜ୍ ପ୍ରତିଯୋଗିତା

ରାଇରଙ୍ଗପୁର,୧୫।୧୦(ସମିସ): ରାଇରଙ୍ଗପୁର ମହିଳା ମହାବିଦ୍ୟାଳୟରେ ବିକଶିତ ଭାରତ କ୍ୱିଜ ପ୍ରତିଯୋଗିତା ଆୟୋଜିତ ହୋଇଯାଇଛି। ସରକାରଙ୍କ ନିର୍ଦ୍ଦେଶ କ୍ରମେ କଲେଜର ଡିଗ୍ରୀ ଏବଂ ଅନ୍ୟାନ୍ୟ ଛାତ୍ରୀମାନଙ୍କ ମଧ୍ୟରେ ଆୟୋଜିତ ପ୍ରତିଯୋଗିତା ଶିକ୍ଷଣୀୟ ବାର୍ତ୍ତା ସମ୍ପନ୍ନ ହୋଇଥିଲା। ଅଧ୍ୟକ୍ଷ ରବିଶଙ୍କର ଶତପଥିଙ୍କ ପରାମର୍ଶରେ କୋର୍ଡିନେଟର ବିଜୟକୁମାର ରାମ ଏବଂ ଇଂରାଜୀ ଅଧ୍ୟାପିକା ଅଭିପ୍ସିତା ଦାସ ପରିଚାଳନା କରିଥିଲେ। ଅଧ୍ୟକ୍ଷ ଶ୍ରୀ ଶତପଥି କାର୍ଯ୍ୟକ୍ରମ ଉଦ୍‌ଘାଟନ କରି ସ୍ୱାଗତ ସଂଭାଷଣ ସହିତ ଛାତ୍ରୀମାନଙ୍କ ସହିତ ପ୍ରଶ୍ନୋତ୍ତର ମଧ୍ୟ କରିଥିଲେ। ଅଧ୍ୟାପିକା ଅନାତା ସମଦ, ଅମିତ ଗୋପାଳ ଆୟୋଜନରେ ସହଯୋଗ କରିଥିଲେ। ଅଧ୍ୟାପିକା ରେଣୁକା ମହାନ୍ତ ଧନ୍ୟବାଦ ଅର୍ପଣ କରିଥିଲେ। ବିଭିନ୍ନ ପ୍ରକାର ପ୍ରଶ୍ନୋତ୍ତର ସହିତ କ୍ୱିଜ ପ୍ରତିଯୋଗିତା ଖୁବ ପ୍ରଶଂସିତ ହୋଇଥିଲା ଏବଂ କଲେଜ କର୍ମଚାରୀମାନେ ମଧ୍ୟ ଏଥିରେ ଯୋଗଦେଇଥିଲେ। ଶୁଭଦର୍ଶିନୀ ମିଶ୍ର, ପାନାଶ୍ୱରୀ ଟୁଡୁ, ବିଦ୍ୟାବତି ବେହେରା, ତରୁଣ ମହାନ୍ତ, ମାୟା, ସାଓନା, ସୁଲକ୍ଷଣା ଓ ଅନ୍ୟ କର୍ମଚାରୀମାନଙ୍କ ମିଳିତ ସହଯୋଗରେ ଆୟୋଜିତ କାର୍ଯ୍ୟକ୍ରମଟି ସଫଳ ହୋଇଥିଲା।

## ବନଖଣ୍ଡ ସ୍ତରୀୟ ବାର୍ଷିକ ସମୀକ୍ଷା
# ମଣଦା ବନାଞ୍ଚଳ ଶ୍ରେଷ୍ଠ ଭାବେ ପୁରସ୍କୃତ

ବିଶୋଇ,୧୫।୧୦(ସମିସ)




ରାଇରଙ୍ଗପୁର ବନଖଣ୍ଡସ୍ତରୀୟ ବାର୍ଷିକ ସମୀକ୍ଷାରେ ଏହି ବନଖଣ୍ଡ ଅଧୀନ ମଣଦା ବନାଞ୍ଚଳ ଶ୍ରେଷ୍ଠ ବିବେଚିତ ହୋଇ ପୁରସ୍କୃତ ହୋଇଛି। ଓଡ଼ିଶା ବନାଞ୍ଚଳ ଉନ୍ନୟନ ପ୍ରକଳ୍ପର ସମୀକ୍ଷା ପାଇଁ ରାଇରଙ୍ଗପୁର ବନଖଣ୍ଡସ୍ତରୀୟ ବାର୍ଷିକ ସମୀକ୍ଷା ବୈଠକ ଆଜି ରାଇରଙ୍ଗପୁର ସ୍ଥିତ ମହତାବ ଭବନଠାରେ ଅନୁଷ୍ଠିତ ହୋଇଯାଇଥିଲା। କାର୍ଯ୍ୟକ୍ରମରେ ରାଇରଙ୍ଗପୁର ବନଖଣ୍ଡ ଅଧୀନ ପାଞ୍ଚ ଗୋଟି ବନାଞ୍ଚଳର ବନ ସୁରକ୍ଷାର ସ୍ୱୟଂ ସହାୟକ ଗୋଷ୍ଠୀର ମାଆମାନେ ବିଭିନ୍ନ ଜଙ୍ଗଲ ଓ ଲଘୁଜାତ ଜାତଦ୍ରବ୍ୟ ସାମଗ୍ରୀ ଏବଂ ଅନ୍ୟାନ୍ୟ ସାମଗ୍ରୀ ଷ୍ଟଲ୍ ମାଧ୍ୟମରେ ପ୍ରଦର୍ଶନୀ କରିଥିଲେ। ମଣଦା ବନାଞ୍ଚଳ ଅଧୀନ ଦୁଇଗୋଟି ସ୍ୱୟଂ ସହାୟକ ଗୋଷ୍ଠୀର ମାଆମାନେ ପିତ୍ତଳ ମୂର୍ତ୍ତି, ବାଉଁଶରେ ନିର୍ମିତ ବିଭିନ୍ନ ପ୍ରକାର ଘରୋଇ ସାମଗ୍ରୀ, ଜିଆଖତ, ନାଲି ଚାଉଳ ଓ ଜଙ୍ଗଲଜାତ ଦ୍ରବ୍ୟ ପ୍ରଦର୍ଶନ କରିଥିଲେ। ସୂଚନାଯୋଗ୍ୟକି, ଏସିଏଫ ତଥା ମଣଦା ବନାଞ୍ଚଳର ଭାରପ୍ରାପ୍ତ ଅଧିକାରିଣୀ ଧରିତ୍ରୀ ମୁର୍ମୁଙ୍କ ବଳିଷ୍ଠ ତତ୍ତ୍ୱାବଧାନ ତଥା ଓଡ଼ିଶା ବନାଞ୍ଚଳ ଉନ୍ନୟନ ପ୍ରକଳ୍ପ-୨ର ସଂଯୋଜକ ରାଜୀବ ଲୋଚନ ପଲେଇଙ୍କ ମାର୍ଗଦର୍ଶନରେ ବନାଞ୍ଚଳ ଅଧୀନ ୧୪ଟି ବନ ସୁରକ୍ଷା ସମିତିର ସ୍ୱୟଂ ସହାୟକ ମାଆମାନେ ବନ ସୁରକ୍ଷା ସମିତିର ଆବର୍ତ୍ତନ ପାଣ୍ଠି ବିନିଯୋଗ କରିଥିଲେ। ସେମାନେ ଜଙ୍ଗଲଜାତ ସାମଗ୍ରୀରେ ବିଭିନ୍ନ ପ୍ରକାର ସାମଗ୍ରୀ ପ୍ରସ୍ତୁତ ସହିତ ଜିଆଖତ ଚାଷ ଏବଂ ବିକ୍ରୟ କରି ରୋଜଗାରକ୍ଷମ ହୋଇ ପାରିଛନ୍ତି। ଏଥିପାଇଁ ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ମହିଳାମାନେ ସ୍ୱାବଲମ୍ବୀ ହୋଇ ପାରିଛନ୍ତି। ମଣଦା ବନାଞ୍ଚଳ ଓ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କ ଏହି ଉଲ୍ଲେଖନୀୟ ଅବଦାନ ପାଇଁ ଶ୍ରେଷ୍ଠ ବିବେଚିତ ହୋଇ ପୁରସ୍କୃତ ହେବା ସହିତ କାର୍ଯ୍ୟକ୍ରମରେ ଅତିଥି ଭାବରେ ଉପସ୍ଥିତ ସାଂସଦ ନବଚରଣ ମାଝୀ, ଉପଜିଲ୍ଲାପାଳ ସୌମ୍ୟରଞ୍ଜନ ପ୍ରଧାନ ଏବଂ ବନ ଅଧିକାରୀଙ୍କ ଠାରୁ ପୁରସ୍କାର ରାଶି, ମାନପତ୍ର ଗ୍ରହଣ କରିଥିଲେ। କାର୍ଯ୍ୟକ୍ରମରେ ମଣଦା ବନାଞ୍ଚଳର ବନପାଳ ଇବତିଶ୍ୟାମ ସାୟା, ବନପାଳ ପଙ୍କଜ ବେହେରା, ବନପାଳ ରଞ୍ଜିତା ମହାନ୍ତ, ଜାଗ୍ମିମଣି ମାର୍ଣ୍ଡି ଓ ଚନ୍ଦନ ମୁର୍ମୁ ସମେତ ସମସ୍ତ କାର୍ଯ୍ୟରତ ବନ କର୍ମଚାରୀ ଉପସ୍ଥିତ ଥିଲେ।

### ● ନିରାଶ କରୁଛି ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣି
## ବିଇଓଙ୍କୁ ଅସମର୍ଥ ଘୋଷଣା ପରେ ବି ହେଉନି କାର୍ଯ୍ୟାନୁଷ୍ଠାନ

ବାରିପଦା,୧୫।୧୦(ସମିସ): ବିଭିନ୍ନ ବେଆଇନ କାର୍ଯ୍ୟ ଓ ମାଲମାଲ ଦୁର୍ନୀତିରେ ଲିପ୍ତଥିବା ଶୁଳିଆପଦା ବିଇଓ ମାଳତୀ ଟୁଡୁଙ୍କ ବିରୋଧରେ ସମସ୍ତ ତଥ୍ୟ ପ୍ରମାଣସହ ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣିରେ ୨୦୨୪ ମସିହା ସେପ୍ଟେମ୍ବର ୨୩ ତାରିଖ ଦିନ ଅଭିଯୋଗ ହୋଇଥିଲା। ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟର ନିର୍ଦ୍ଦେଶ ମୁତାବକ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଶଶିଧର ସିଂ ତଦନ୍ତ କରି ରିପୋର୍ଟ ପ୍ରଦାନ କରିଥିଲେ। ୨୦୨୪ ନଭେମ୍ବର ୨୫ ତାରିଖରେ ଉକ୍ତ ରିପୋର୍ଟ ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣି ପୋର୍ଟାଲରେ ପ୍ରକାଶ ପାଇଥିଲା। ଯେଉଁ ରିପୋର୍ଟରେ ବିଇଓ ମାଳତୀ ଟୁଡୁଙ୍କୁ ଅଫିସ ପରିଚାଳନାରେ ଅସମର୍ଥ ଦର୍ଶାଯାଇଥିଲା। ତଥ୍ୟ ପ୍ରାମାଣ ସହିତ ଦୁର୍ନୀତିର ଅଭିଯୋଗ ହୋଇଥିଲେ ମଧ୍ୟ ଏହି ଦିଗଟିକୁ ରିପୋର୍ଟରେ ଅଣଦେଖା କରାଗଲା। ତଥାପି ରିପୋର୍ଟରେ ଅସମର୍ଥ ଘୋଷଣା ହୋଇଥିବାରୁ କିଛିହେଲେ କାର୍ଯ୍ୟାନୁଷ୍ଠାନ ହେବ ବୋଲି ଅଭିଯୋଗକାରୀ ଆଶା ରଖିଥିଲେ, ହେଲେ ଏକ ବର୍ଷ ହେବାକୁ ବସିଲାଣି ଏପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ହେଲାନାହିଁ। କାର୍ଯ୍ୟାନୁଷ୍ଠାନରେ ବିଳମ୍ବ ହେବାରୁ ଅଭିଯୋଗକାରୀ ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣିରେ ଇତିମଧ୍ୟରେ ୪ଥର ଅଭିଯୋଗ କରିସାରିଲେଣି। ଅଭିଯୋଗ କରିକରି ଅଭିଯୋଗକାରୀ ନିରାଶ ହୋଇଗଲେଣି ହେଲେ ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣି ପୋର୍ଟାଲରେ ଆଉ କୌଣସି ରିପୋର୍ଟ ପ୍ରକାଶ ପାଉନାହିଁ। ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣିର ଅଭିଯୋଗଗୁଡିକ ଗତ ମେ' ମାସଠାରୁ ଜିଲ୍ଲା ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟରେ ପଡି ରହିଥିବା ଜନଶୁଣାଣି ପୋର୍ଟାଲରୁ ଜାଣିବାକୁ ମିଳିଛି। ତେବେ ମେ' ମାସରୁ କେଉଁ ଉଦ୍ଦେଶ୍ୟରେ ଜିଲ୍ଲା ଶିକ୍ଷାଧିକାରୀ ରିପୋଟକୁ ଚାପି ରଖିଛନ୍ତି ତାହା ସନ୍ଦେହଜନକ। ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣିରେ ୪ଥର ଅଭିଯୋଗ ପରେ ମଧ୍ୟ ଜଣେ ଦୁର୍ନୀତିଗ୍ରସ୍ତ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନହେବା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରୁଛି। ଦୁର୍ନୀତି ବିରୋଧରେ ଶୂନ୍ୟ ସହନଶୀଳତାର କଥା କହୁଥିବା ମୁଖ୍ୟମନ୍ତ୍ରୀଙ୍କଠାରେ ଆଉ କେତେଥର ଅଭିଯୋଗ ପରେ ଦୁର୍ନୀତି ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।


OFFICE OF THE DISTRICT EDUCATION OFFICER, MAYURBHANJ, BARIPADA

## ମନୋନୀତ ସିଣ୍ଡିକେଟ୍ ସଦସ୍ୟଙ୍କୁ ନେଇ ବିବାଦ

ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ

ବାରିପଦା,୧୫।୧୦(ସମିସ): ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟର ଜଣେ ମନୋନୀତ ସିଣ୍ଡିକେଟ୍ ସଦସ୍ୟଙ୍କୁ ନେଇ ବିବାଦ ଉଠିଛି। କୁଳାଧିପତି ତଥା ରାଜ୍ୟପାଳ ବିଶ୍ୱବିଦ୍ୟାଳୟର ଜଣେ ପୂର୍ବତନ କର୍ମଚାରୀ ଲକ୍ଷ୍ମୀନାରାୟଣ ଦାଶଙ୍କୁ ମନୋନୀତ କରିଛନ୍ତି। ଯିଏକି ପୂର୍ବରୁ ଏହି ବିଶ୍ୱବିଦ୍ୟାଳୟରେ ଭାରପ୍ରାପ୍ତ କୁଳସଚିବ ଥିବା ବେଳେ ନାନାଦି ବିବାଦ ଓ ଅନିୟମିତତା ପାଇଁ ଚର୍ଚ୍ଚିତ ହୋଇଥିଲେ। ସେ ପୂର୍ବରୁ ଏହି ବିଶ୍ୱବିଦ୍ୟାଳୟରେ ସିଧାସଳଖ ରିଡର ହିସାବରେ ନିଯୁକ୍ତି ପାଇଥିଲେ। ଯଦିଓ ରିଡର ପାଇଁ ସର୍ବନିମ୍ନ ୮ ବର୍ଷର ଡିଗ୍ରୀ ମହାବିଦ୍ୟାଳୟରେ ଅଧ୍ୟାପନାର ଅଭିଜ୍ଞତା ନଥିଲା ଓ ସେ ଏହା ପୂର୍ବରୁ ଏକ ଯୁକ୍ତଦୁଇ ମହାବିଦ୍ୟାଳୟରେ ଅଧ୍ୟାପନା କରିଥିଲେ। ଯାହାକି ୟୁଜିସିର ନିୟମ ଅନୁଯାୟୀ ବେଆଇନ ଅଟେ। ୨୦୧୫ ମସିହାରେ ବିଶ୍ୱବିଦ୍ୟାଳୟର ଭାରପ୍ରାପ୍ତ କୁଳସଚିବ ରହିଥିଲା ବେଳେ ଶ୍ରୀ ଦାଶ ନାନାଦି ବିବାଦୀୟ କାର୍ଯ୍ୟରେ ମଧ୍ୟ ଲିପ୍ତ ଥିଲେ। ବିଶ୍ୱବିଦ୍ୟାଳୟର ସଂସ୍କୃତି ବିଭାଗରେ ପିଏଚ୍‌ଡି ଯୋଗ୍ୟତା ନଥାଇ ବିଶ୍ୱବିଦ୍ୟାଳୟ ୱେବସାଇଟ୍‌ରେ ପିଏଚ୍‌ଡି ବୋଲି ମିଛରେ ଦର୍ଶାଇ ଜଣକୁ ରିଡର ଭାବରେ ନିଯୁକ୍ତି ନେବା, ଅଧିକ ସଂଖ୍ୟକ ଅଣଶିକ୍ଷକ କର୍ମଚାରୀ ବିଶ୍ୱବିଦ୍ୟାଳୟରେ ଅଛନ୍ତି ଦର୍ଶାଇ ରାଜ୍ୟ ସରକାରଙ୍କ ପାଖରୁ ଅନୁଦାନ ଆଣିବା, ଜଙ୍ଗଲ ବିଭାଗର ବିନା ଅନୁମତିରେ ବିଶ୍ୱବିଦ୍ୟାଳୟ ପରିସରରୁ ଶହ ଶହ ଗଛ କାଟିବା, ବେଆଇନ୍ ନିଯୁକ୍ତି, ନିର୍ମାଣ କାର୍ଯ୍ୟରେ ଜାଲିଆତି ନେଇ ସେ ସମୟରେ ସେ ବିବାଦୀୟ ରହିଥିଲେ। ତତ୍‌ସହିତ ଏହି ବିଶ୍ୱବିଦ୍ୟାଳୟର ଜନୈକା ମହିଳା କର୍ମଚାରୀଙ୍କୁ ଦୁଃବ୍ୟବହାର କରି ଓ ଏସଂକ୍ରାନ୍ତ ଆଇନଗତ କାର୍ଯ୍ୟାନୁଷ୍ଠାନରୁ ବର୍ତ୍ତିବା ପାଇଁ ସଂପୃକ୍ତ ମହିଳା କର୍ମଚାରୀଙ୍କ ପାଖରୁ ଲିଖିତ କ୍ଷମା ପ୍ରାର୍ଥନା ମଧ୍ୟ କରିଥିଲେ। ଏପରି କାର୍ଯ୍ୟରେ ଆଉ କରିବେ ନାହିଁ ବୋଲି ସ୍ୱୀକାରନାମା କରିଥିଲେ ହେଁ ଏସବୁ ତତ୍‌କାଳୀନ କୁଳାଧିପତି ତଥା ରାଜ୍ୟପାଳଙ୍କ ପାଖରେ ସେତେବେଳର ବିଜେପି ନେତା ତଥା ବର୍ତ୍ତମାନର ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡା. କୃଷ୍ଣଚନ୍ଦ୍ର ମହାପାତ୍ର ଅଭିଯୋଗ କଲା ପରେ ଶ୍ରୀ ଦାଶଙ୍କୁ ସେ ପଦବୀରୁ ତୁରନ୍ତ ହଟାଯାଇଥିଲା। ସବୁଠାରୁ ବଡ଼କଥା ଶ୍ରୀ ଦାଶ ଗଞ୍ଜାମ ଜିଲ୍ଲାର ମୂଳ ବାସିନ୍ଦା ହୋଇଥିଲା ବେଳେ କୁଳାଧିପତି ତଥା ରାଜ୍ୟପାଳଙ୍କ ମନୋନୀତ ସିଣ୍ଡିକେଟ ସଦସ୍ୟ ଭାବରେ ତାଙ୍କର ଠିକଣାରେ ତାହା ଦର୍ଶା ନଯାଇ ବାଲେଶ୍ୱର ଫକୀରମୋହନ ବିଶ୍ୱବିଦ୍ୟାଳୟର ଅବସରପ୍ରାପ୍ତ କର୍ମଚାରୀ ବୋଲି ଦର୍ଶାଯାଇଛି। ଏପରି ବିବାଦୀୟ ଜଣେ କର୍ମଚାରୀଙ୍କୁ ତୁରନ୍ତ ସିଣ୍ଡିକେଟ୍ ସଦସ୍ୟରୁ ହଟାଯାଇ ମୟୂରଭଞ୍ଜ ଜିଲ୍ଲାର ଏକ ନିର୍ମଳ ଭାବମୂର୍ତ୍ତି ସମ୍ପନ୍ନ ବ୍ୟକ୍ତିଙ୍କୁ ବିଶ୍ୱବିଦ୍ୟାଳୟର ସିଣ୍ଡିକେଟ୍ ସଦସ୍ୟ ଭାବରେ ରାଜ୍ୟପାଳ ମନୋନୀତ କରିବାକୁ ମୟୂରଭଞ୍ଜ ବାସୀ ଆପତ୍ତି କରିବା ସହିତ ଦାବି ରଖିଛନ୍ତି।

### ● ଟ୍ରାଫିକ ନିୟମ ଉଲଘଂନ
## ୧୨ଟି ଗାଡ଼ିକୁ ୧ଲକ୍ଷ ୧୫ ହଜାର ଟଙ୍କାର ଚାଲାଣ ଆଦାୟ

ବୈଶିଙ୍ଗା,୧୫।୧୦(ସମିସ): ବେତନଟୀ ପୁଲିସ ଓ ମୟୂରଭଞ୍ଜ ଜିଲ୍ଲା ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ ବୁଧବାର ସନ୍ଧ୍ୟାରେ ସ୍ଥାନୀୟ ଥାନାଛକରେ ମିଳିତ ଚେକିଂ କରାଯାଇ ଟ୍ରାଫିକ ନିୟମ ଉଲଘଂନ କରିଥିବା ୧୨ଟି ଗାଡିକୁ ୧ଲକ୍ଷ ୧୫ ହଜାର ଟଙ୍କାର ଚାଲାଣ କଟାଯାଇଛି। ରାଜ୍ୟରେ ଅମାନିଆ ଗାଡିଚାଳକଙ୍କୁ ସାବାଡ କରିବା ସହିତ ଗାଡିଚାଳକମାନେ ଟ୍ରାଫିକ ନିୟମର କିଭଳି କଡାକଡି ଅନୁପାଳନ କରିବେ ସେନେଇ ରାଜ୍ୟବ୍ୟାପୀ ଚେକିଂକୁ କଡାକଡି କରାଯାଇଛି। ଟ୍ରାଫିକ ନିୟମର ଉଲଘଂନ ପାଇଁ ଦୈନିକ ରାଜ୍ୟର ବିଭିନ୍ନ ସ୍ଥାନରେ ଦୁର୍ଘଟଣା ଘଟି ବ୍ୟାପକ ଧନଜୀବନର ହାନି ଘଟୁଥିବା ବେଳେ ବର୍ତ୍ତମାନ ଏହି ସମସ୍ୟା ଉଦ୍‌ବେଗଜନକସ୍ଥିତିରେ ପହଞ୍ଚିଛି। ଏଭଳି ସମସ୍ୟାର ସମାଧାନ ପାଇଁ ଟ୍ରାଫିକ ନିୟମ ଉଲଘଂନକାରୀଙ୍କ ବିରୁଦ୍ଧରେ ଜରିମାନା ସହିତ ଦୃଢ କର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି। ସନ୍ଧ୍ୟାରେ ବେତନଟୀ ଥାନାଛକରେ ପରିବହନ ବିଭାଗ ଓ ପୁଲିସ ପକ୍ଷରୁ ମିଳିତ ଯାଞ୍ଚ କରାଯାଇଥିଲା। ଏଥିରେ ବେତନଟୀ ଥାନା ପକ୍ଷରୁ ଏସିଆଇ ସୌମେଲିନ ରାଉତଙ୍କ ସମେତ ଅନ୍ୟାନ୍ୟ କର୍ମଚାରୀ ଉପସ୍ଥିତ ଥିବାବେଳେ ପରିବହନ ବିଭାଗ ପକ୍ଷରୁ କନିଷ୍ଠ ଏମଭିଆଇମ ରାଜେନ୍ଦ୍ର ମାଝୀ ମଧ୍ୟ ନିଜର କର୍ମଚାରୀଙ୍କ ସହିତ ଉପସ୍ଥିତ ଥିଲେ। ହେଲମେଟ ପିନ୍ଧିନଥିବା, ତିନିଜଣ ବାଇକରେ ଯାଉଥିବା, ମଦପିଇ ଗାଡି ଚଳାଉଥିବ, ମାଲପରିବହନ ପାଇଁ ଉଦ୍ଦିଷ୍ଟ ଗାଡିରେ ଲୋକମାନଙ୍କୁ ବସାଇ ପରିବହନ କରିବା ଭଳି ବିଭିନ୍ନ ପ୍ରକାର ଟ୍ରାଫିକ ନିୟମର ଉଲଘଂନ କରିଥିବ ୧୨ଟି ଯାନବାହନକୁ ୧.୧୫ଲକ୍ଷ ଟଙ୍କାର ଚାଲାଣ କଟଯାଇଥିବା କନିଷ୍ଠ ଏମଭିଆଇ ସୂଚନା ଦେଇଛନ୍ତି।

## ସୁନିତା ମହାନ୍ତିଙ୍କ ବିୟୋଗ



ଆନନ୍ଦପୁର, ୧୫।୧୦ (ସମିସ): ଆନନ୍ଦପୁର ପୂର୍ତ୍ତ ବିଭାଗର ୱାର୍କ ସରକାର ସରୋଜ କୁମାର ମହାନ୍ତି (ଛାବୁ)ଙ୍କ ପତ୍ନୀ ସୁନିତା ମହାନ୍ତି (୫୧)ଙ୍କ ଆଜି ଦେହାନ୍ତ ହୋଇଛି। ସେ ଆଜିକୁ କିଛିଦିନ ହେବ ଅସୁସ୍ଥ ହୋଇ କେନ୍ଦୁଝର ଜିଲ୍ଲା ଚିକିତ୍ସାଳୟରେ ଚିକିତ୍ସିତ ହେଉଥିଲେ। ଦିନ ୧୨ଟାରେ ପରଲୋକ ହୋଇଯାଇଛି। ଆଖପାଖ ଅଞ୍ଚଳର ବହୁ ମାନ୍ୟଗଣ୍ୟ ବ୍ୟକ୍ତିଙ୍କ ସମେତ ଆନନ୍ଦପୁର ପୂର୍ତ୍ତ ବିଭାଗର ସହକାରୀ କାର୍ଯ୍ୟ ନିର୍ବାହୀ ଯନ୍ତ୍ରୀ କେଳୁଚରଣ ଦଳେଇ ଏବଂ ସମସ୍ତ ଯନ୍ତ୍ରୀ ଓ କର୍ମଚାରୀ ଘସିପୁରାସ୍ଥିତ ବାସଭବନରେ ଶେଷ ଦର୍ଶନ କରିଥିଲେ। ତାଙ୍କର ପାର୍ଥିବ ଶରୀର ପୁରୀ ସ୍ୱର୍ଗଦ୍ୱାରରେ ସଂସ୍କାର କରାଯାଇଛି।

## ୬ ମୋରମ ବୋଝେଇ ଟ୍ରାକ୍ଟର ଓ ମାଙ୍କଡା ପଥର ବୋଝେଇ ଟ୍ରକ ଜବତ

ବାରିପଦା/ଉଦଳା,୧୫।୧୦(ସମିସ): ପୁଲିସ ଟାର୍ଗେଟରେ ଲଘୁଖଣିଜ ଚାଲାଣକାରୀ ମାଫିଆ। ସମସ୍ତଙ୍କୁ ଚକମା ଦେଇ ଗଳାବାଟରେ ମୋରମ ଚୋରା ଚାଲାଣ କରି ଖସି ଯାଉଥିବା ମାଫିଆଙ୍କୁ ମାଡି ବସିଲା ଉଦଳା ପୁଲିସ। ୬ଟିମୋରମ ବୋଝେଇ ଟ୍ରାକ୍ଟର ଜବତ ସହିତ ୬ ଡ୍ରାଇଭରଙ୍କୁ ଗିରଫ କରିଛି। ଉଦଳା ଥାନା ପଥୁରିଆ ଅଞ୍ଚଳରେ ଚୋରା ମୋରମ ଖାଦାନରୁ ଚାଲାଣ ହେଉଥିବା ଉଦଳା ପୁଲିସ ଖବର ପାଇଥିଲା। ଖବର ପାଇ ପୁଲିସ ଅନନ୍ତପୁର ଅଞ୍ଚଳରେ ଚଢ଼ଉ କରିଥିବା ବେଳେ ମାଫିଆମାନେ ମୋରମ ନେଇ ଯାଉଥିବା ୬ ଗୋଟି ଟ୍ରାକ୍ଟର ପୁଲିସ ହାବୁଡ଼ରେରେ ପଡିଥିଲା। ସେହିପରି ଗୋଟିଏ ମାଙ୍କଡା ବୋଝେଇ ମିନି ଟ୍ରକକୁ ଉଦଳି ବନବିଭାଗ ଜବତ କରିଛି। ଉଦଳା ବନାଞ୍ଚଳ କୁଣ୍ଡାବାଇ ଅଞ୍ଚଳରୁ ଚୋରା ମାଙ୍କଡା ପଥର ବୋଝେଇ କରି ଏକ ମିନି ଟ୍ରକ ଉଦଳା ଅଭିମୁଖେ ଆସୁଥିଲା। ବିଶେଷସୂତ୍ରରୁ ଖବର ପାଇ ଉଦଳା ବନ ବିଭାଗ ସ୍ଥାନୀୟ ପାଟପୁର କେନାଲ ଛକ ନିକଟରେ ଚଢ଼ଉ କରିଥିବା ବେଳେ ଗାଡି ଡ୍ରାଇଭର ଗାଡି ଛାଡି ଫେରାର ହୋଇଯାଇଥିଲା। ବନ ବିଭାଗ ପଥର ବୋଝେଇ ମିନି ଟ୍ରକକୁ ଜବତ କରି କାର୍ଯ୍ୟାଳୟକୁ ଆଣିଛି। ଜବତ ମାଙ୍କଡା ପଥରର ଆନୁମାନିକ ମୂଲ୍ୟ ୨୦ ହଜାରରୁ ଊର୍ଦ୍ଧ୍ୱ ହେବ।

## ଶିଶୁ ସୁରକ୍ଷା ଓ ପୋକ୍ସୋ ଆଇନ ସଚେତନତା




କେନ୍ଦୁଝର, ୧୫।୧୦(ସମିସ): ଜିଲ୍ଲା ଆଇନସେବା ପ୍ରାଧିକରଣ, କେନ୍ଦୁଝର ଆୟୋଜନରେ ଯୋଡା ବ୍ଲକସ୍ଥିତ ଓଡିଶା ଖଣି ନିଗମ କାର୍ଯ୍ୟାଳୟ ପରିସରରେ ଡିଏଭି ପବ୍ଲିକ ସ୍କୁଲ ସଭାଗୃହଠାରେ ଶିଶୁ ସୁରକ୍ଷା ଆଇନ ଓ ଶିଶୁ ଯୌନ ସୁରକ୍ଷା ଆଇନ ସମ୍ବନ୍ଧୀୟ ଆଇନ ସଚେତନତା କାର୍ଯ୍ୟକ୍ରମ ପ୍ରାଧିକରଣ ଅଧ୍ୟକ୍ଷ ତଥା ଜିଲ୍ଲା ଓ ଦୌରାଜଜ୍ ଗୋପାଳ ଚନ୍ଦ୍ର ବେହେରାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଆଇନସେବା ପ୍ରାଧିକରଣ ସଚିବ ସସ୍ମିତା ନନ୍ଦିନୀ ତ୍ରିପାଠୀ ଛାତ୍ରଛାତ୍ରୀଙ୍କ ବିଭିନ୍ନ ପ୍ରଶ୍ନର ଉତ୍ତର ଦେଇଥିଲେ। ବିଦ୍ୟାଳୟର ଅଧ୍ୟକ୍ଷା ଚିନ୍ମୟୀ ଚିତ୍ରାଙ୍ଗଦା ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। ପ୍ରାଧିକରଣ ସଦସ୍ୟ ତଥା ତଦାଶା ସଂପାଦକ ଅକ୍ଷୟ କୁମାର ଚକ୍ର ପ୍ରାଧିକରଣ ଦ୍ୱାରା ପରିଚାଳିତ ମାଗଣା ଆଇନ ସେବା, ମଧ୍ୟସ୍ଥତା, ସ୍ଥାୟୀ ଲୋକ ଅଦାଲତର କାର୍ଯ୍ୟ ବିଷୟରେ ଜଣାଇଥିବାବେଳେ ବଡବିଲ କୋର୍ଟ ଆଇନଜୀବୀ ଅକ୍ଷୟ ଧିର ଶିଶୁଙ୍କ ସୁରକ୍ଷା ଉପରେ ଆଲୋଚନା କରିଥିଲେ। ଓଡିଶା ଖଣି ନିଗମ କନିଷ୍ଠ ପରିଚାଳକ ଅଶା ମଞ୍ଜୁଳା ଟପ୍ପୋ, ଖଣି ପରିଚାଳକ ଗଣେଶ୍ୱର ଭୂୟାଁ, କନିଷ୍ଠ ପରିଚାଳକ ଜଗନ୍ନାଥ ବେହେରା, ପାରିପାର୍ଶ୍ୱିକ ପରାମର୍ଶଦାତା ନୂତନ କୁମାର ରାଉତ, ପ୍ରଫୁଲ୍ଲଚନ୍ଦ୍ର ପାତ୍ର ଉପସ୍ଥିତ ଥିଲେ।

## ପୃଥକ ସ୍ଥାନରେ ଅବକାରୀ ବିଭାଗ ପକ୍ଷରୁ ଚଢ଼ଉ

କୁଆମରା,୧୫।୧୦(ସମିସ): ଖୁଣ୍ଟା ଓ ଉଦଳା ଅବକାରୀ ବିଭାଗ ପକ୍ଷରୁ ଆଜି ଖୁଣ୍ଟା ଥାନା ଅନ୍ତର୍ଗତ କୁସୁମ ଘାଟି ଓ କେନ୍ଦୁଆମୁଣ୍ଡି ଠାରେ ଚଢ଼ଉ କରାଯାଇ ୨୮ ୫୦ କେଜି ମହୁଲ ପୋଚ ଓ ୧୭୦ ଲିଟର ଦେଶୀ ମଦକୁ ନଷ୍ଟ କରାଯାଇଛି। ଉକ୍ତ ଦୁଇଟି ସ୍ଥାନରେ ବେଆଇନ ଭାବେ ମଦ ତିଆରି ହେଉଥିବାର ଅଭିଯୋଗ ହୋଇଆସୁଥିଲା। ତେବେ ଚଢ଼ଉ ପୂର୍ବରୁ ଅଭିଯୁକ୍ତ ମାନେ କୌଣସି ସୂତ୍ରରୁ ଖବର ପାଇ ସେଠାରୁ ଖସି ପଳାଇଥିଲେ। ଏଣୁ ବିଭାଗ କାହାକୁ ଗିରଫ କରିବାରେ ସଫଳ ହୋଇପାରିନାହିଁ। ତେବେ ଏ ନେଇ ଖୁଣ୍ଟା ଅବକାରୀ ବିଭାଗ ପକ୍ଷରୁ ମାମଲା ରୁଜୁ ହୋଇଛି। ଉଦଳା ଅବକାରୀ ବିଭାଗ ଓଆଇ ସି ସୂର୍ଯ୍ୟକାନ୍ତ ମଲ୍ଲିକ, ଏସ୍‌ଆଇ ରବିନ୍ଦ୍ର ରେଡ୍ଡୀ, ଖୁଣ୍ଟା ଅବକାରୀ ବିଭାଗ ଓଆଇସି ମମତା ଦାସ, କୃଷ୍ଣ ଚନ୍ଦ୍ର ସେଠୀ, ଗୌତମ ମହାନ୍ତ, ନିରଞ୍ଜନ ମହାନ୍ତ ପ୍ରମୁଖ ଚଢଉରେ ସାମିଲ ହୋଇଥିଲେ।

# ଆନ୍ତଃ ଯୁପି ସ୍କୁଲ୍ ସ୍ତରୀୟ ତୀରନ୍ଦାଜ ପ୍ରତିଯୋଗିତା ଉଦ୍‌ଯାପିତ

ଝାରପୋଖରିଆ/ସାରସକଣା,୧୫।୧୦(ସମିସ):



ସ୍ଥାନୀୟ ସୀମାନ୍ତ ମହାବିଦ୍ୟାଳୟ ଆନୁକୂଲ୍ୟରେ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ଆନ୍ତଃ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟସ୍ତରୀୟ ତୀରନ୍ଦାଜ ପ୍ରତିଯୋଗିତା ଉଦ୍‌ଯାପିତ ହୋଇଯାଇଛି। କାର୍ଯ୍ୟକ୍ରମଟିକୁ ପାରମ୍ପରିକ ଭାବେ ଅଧ୍ୟକ୍ଷ ପ୍ରହଲ୍ଲାଦ ଅଗସ୍ତି ଉଦ୍‌ଘାଟନ କରିଥିଲେ। ପ୍ରତଯୋଗିତାରେ କୋରାପୁଟ, କଳାହାଣ୍ଡି, ସୋନପୁର, ସୁନ୍ଦରଗଡ଼ ସମେତ ବିଭିନ୍ନ ଜିଲ୍ଲାରୁ ୩୧ଟି ତିରନ୍ଦାଜ୍ ଦଳ ଭାଗ ନେଇଥିଲେ। ଅଧ୍ୟକ୍ଷ ପ୍ରହଲ୍ଲାଦ ଅଗସ୍ତି ପ୍ରଥମେ ଲକ୍ଷ୍ୟଭେଦ କରି ଶୁଭାରମ୍ଭ କରିବା ପରେ ସକାଳ ୯ଟାରୁ ପ୍ରତିଯୋଗିତା ଆରମ୍ଭ ହୋଇଥିଲା। କାର୍ଯ୍ୟକ୍ରମଟି ଖେଳ ବିଭାଗର ଉପସଭାପତି ଥୋମାସ ମାରାଣ୍ଡି ଓ କ୍ରୀଡ଼ା ଶିକ୍ଷକ ଶ୍ରଦ୍ଧାନନ୍ଦ ସାହୁଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଅଫିସିଆଲ୍ ଷ୍ଟାଫ୍ ଭାବେ ଯଶୋବନ୍ତ ମହାନ୍ତ, ଉଦୟ ମାଝୀ, ଧନେଶ୍ୱର ମୁର୍ମୁ, ରାସ ବିହାରୀ ନାଏକ, ବିଜୟ କୁମାର ଗିରି, ସୌରଭ ଦେ ଆଦି କ୍ରୀଡା ଶିକ୍ଷକ ଅଂଶଗ୍ରହଣ କରି ଖେଳକୁ ପରିଚାଳନା କରୁଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରଶାସନିକ ଅଧିକାରୀ ଅନିଲ କୁମାର ଝା, ପ୍ରାଧ୍ୟାପକ ଦିଲ୍ଲୀପ ସେନାପତି, ରଞ୍ଜନ ମହାନ୍ତି, ଅରୁଣ ପାତ୍ର, ଏକାଡେମିକ୍ ବର୍ଷାର ଡ. ଗଣେଶ କିଙ୍କର ସାହୁ, ଧରିତ୍ରୀ ବେହେରା, ବିଶ୍ୱନାଥ ମହାନ୍ତ, ନିହାର ରଞ୍ଜନ ମହାନ୍ତ, ସ୍ୱପ୍ନେଶ୍ୱରୀ ମୁର୍ମୁ, ପ୍ରାଚୀପ୍ରଭା ପଡ଼ିଆରୀ, ଶିଶିର ପଟ୍ଟନାୟକ, ପ୍ରିତମ ପଣ୍ଡା, ସାନ ଧାନାଇ ମୁର୍ମୁ, ସଞ୍ଜୟ ମାଝୀ, ଜଗନ୍ନାଥ ମାଝୀ, ଯୋଗେଶ୍ୱର ବେହେରା, ବାପୁନ୍ ଘୋଷ, ଶିବପ୍ରସାଦ ମହାନ୍ତ, ଦିପ୍ତେନ୍ଦୁ ମହାନ୍ତ ପ୍ରମୁଖ ଉପସ୍ଥିତ ଥିଲେ। +୨ ଜାତୀୟ ସେବାଯୋଜନାର ୩୦ ଜଣ ସ୍ୱେଚ୍ଛାସେବୀ, କାର୍ଯ୍ୟକ୍ରମ ଅଧିକାରୀ ଓ ସମର ଶିକ୍ଷାର୍ଥୀ ବାହିନୀର ସ୍ୱେଚ୍ଛାସେବୀ କାର୍ଯ୍ୟକ୍ରମରେ ଆରମ୍ଭରୁ ଶେଷ ଯାଏ ସହଯୋଗ କରିଥିଲେ। ଶେଷରେ ବିଭିନ୍ନ ବର୍ଗରେ ଶ୍ରେଷ୍ଠ ଚାରିଜଣଙ୍କୁ ଅଧ୍ୟକ୍ଷ ସାର୍ଟିଫିକେଟ ଓ ମେଡାଲ ପ୍ରଦାନ କରିଥିଲେ। ଏଥିରେ କଳାହାଣ୍ଡିର ଲାଞ୍ଜିଗଡ, ଭୁବନେଶ୍ୱରର କିସ୍, ରାଇସୁଆଁ କେନ୍ଦୁଝର, ସମ୍ବଲପୁର, ସୁନ୍ଦରଗଡ ଓ ରେଭେନ୍ସା କଲେଜ କଟକ ଆଦି ଜିଲ୍ଲା ଓ କଲେଜର ପ୍ରତିଯୋଗୀମାନେ ଜାତୀୟ ସ୍ତରର ପ୍ରତିଯୋଗିତା ମଣିପୁର ଇମ୍ଫା ପାଇଁ ମନୋନୀତ ହୋଇଥିଲେ। ଉଦ୍‌ଯାପନୀ ଉତ୍ସବରେ ଅଧ୍ୟାପିକା ପ୍ରାଚୀ ପ୍ରଭା ପଡ଼ିଆରୀ ସଭାକୁ ସମ୍ବୋଧନ କରିଥିବା ବେଳେ ନିହାର ରଞ୍ଜନ ମହାନ୍ତ ରାଜ୍ୟସ୍ତରୀୟ ସମସ୍ତ କୃତୀ ପ୍ରତିଯୋଗୀଙ୍କ ସହିତ ସମସ୍ତ ସ୍ୱେଚ୍ଛାସେବୀଙ୍କୁ ଧନ୍ୟବାଦ ପ୍ରଦାନ କରିଥିଲେ।

## ଜିଲ୍ଲାସ୍ତରୀୟ ମହିଳାଙ୍କ ପାରିବାରିକ ହିଂସା ସୁରକ୍ଷା ଆଇନ ପ୍ରଶିକ୍ଷଣ



ବାରିପଦା,୧୫।୧୦(ସମିସ): ସ୍ଥାନୀୟ ଜିଲ୍ଲାପାଳଙ୍କ ସଦ୍‌ଭାବନା ଗୃହରେ ଜିଲ୍ଲାସ୍ତରୀୟ ମହିଳାଙ୍କ ପାରିବାରିକ ହିଂସା ସୁରକ୍ଷା ଆଇନ-୨୦୦୫ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାୟକଙ୍କ ଅଧକ୍ଷ୍ୟତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲାର ସମସ୍ତ ଶିଶୁ ବିକାଶ ଯୋଜନା ଅଧିକାରୀ, ପୁଲିସ ଅଧିକାରୀ, ଶକ୍ତି ସଦନ, ସଖି, ୱାନ ଷ୍ଟପ୍ ସେଣ୍ଟରର କର୍ମକର୍ତ୍ତା, ଜିଲ୍ଲାର କାର୍ଯ୍ୟକ୍ରମ ଅଧିକାରୀ, ପରିବାର ପରାମର୍ଶ କେନ୍ଦ୍ରର କର୍ମକର୍ତ୍ତା କାର୍ଯ୍ୟକ୍ରମରେ ଯୋଗଦାନ କରିଥିଲେ। ଜିଲ୍ଲା ଆଇନ ସେବା ପ୍ରାଧିକରଣର କର୍ମକର୍ତ୍ତା ସତ୍ୟନାରାୟଣ ବେହେରା ପାରିବାରିକ ହିଂସା ସୁରକ୍ଷା ଆଇନ-୨୦୦୫ ସମ୍ବନ୍ଧରେ ବିସ୍ତୃତ ଭାବେ ସୂଚନା ଦେଇଥିଲେ। ବାରିପଦା ଆଇନ ମହାବିଦ୍ୟାଳୟର ସହକାରୀ ପ୍ରାଧ୍ୟାପକ ସୁନୀଲ କୁମାର ଜେନା ଏହି ଆଇନର ସମସ୍ତ ଦିଗ ଓ ସମସ୍ତ ଅଧିକାରୀଙ୍କ ଦାୟିତ୍ୱ, ପୀଡ଼ିତାମାନେ କିପରି ନିଜର ଅଭିଯୋଗ ଦାଖଲ କରିପାରିବେ ସେ ସମ୍ବନ୍ଧରେ ପ୍ରଶିକ୍ଷାର୍ଥୀ ମାନଙ୍କୁ ବୁଝାଇ କହିଥିଲେ। ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ ନିହାରିକା ମହାନ୍ତିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ସୁରକ୍ଷା ଅଧିକାରୀ ତଥା କାର୍ଯ୍ୟକ୍ରମ ଅଧିକାରୀ ସସ୍ମିତା ମହାନ୍ତି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଜିଲ୍ଲା ମହିଳା ସଶକ୍ତିକରଣର କର୍ମକର୍ତ୍ତାମାନେ ଉପସ୍ଥିତ ରହି କାର୍ଯ୍ୟକ୍ରମର ଆୟୋଜନ ଏବଂ ପରିଚାଳନା କରିଥିଲେ।

■ ଆଜିଠୁ ରାଜ୍ୟ ପୁଲିସ ବୃତ୍ତିଗତ ପ୍ରତିଯୋଗିତା

# ୩୪ ପୁଲିସ ଜିଲ୍ଲାରୁ ୨୭୩ ପ୍ରତିଯୋଗୀ ଭାଗ ନେବେ

କଟକ, ୧୫ ।୧୦(ସମିସ): ରାଜ୍ୟ କ୍ରାଇମବ୍ରାଞ୍ଚ ଆନୁକୂଲ୍ୟରେ ଗୁରୁବାରଠାରୁ ୧୯ ତାରିଖ ପର୍ଯ୍ୟନ୍ତ କଟକ ବକ୍ସିବଜାରସ୍ଥିତ ରିଜର୍ଭ ପୁଲିସ ପଡିଆଠାରେ ୭୦ତମ ପୁଲିସ ବୃତ୍ତିଗତ ପ୍ରତିଯୋଗିତା ଅନୁଷ୍ଠିତ ହେବ । ରାଜ୍ୟର ୩୪ଟି ପୁଲିସ ଜିଲ୍ଲା ଏବଂ ପ୍ରତିଷ୍ଠାନରୁ ମୋଟ ୨୭୩ ଜଣ ପୁଲିସ କର୍ମଚାରୀ, ୪୩ଟି ପୁଲିସ କୁକୁର ଏବଂ ୪୩ହ୍ୟାଣ୍ଡଲର ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ । ଏଥିନିମନ୍ତେ ରାଜ୍ୟ କ୍ରାଇମବ୍ରାଞ୍ଚ ପକ୍ଷରୁ ବ୍ୟାପକ ଆୟୋଜନ ଓ ପ୍ରସ୍ତୁତି ଚୂଡ଼ାନ୍ତ ପର୍ଯ୍ୟାୟରେ ପହଞ୍ଚିଛି । ବିଜୁ ପଟ୍ଟନାୟକ ରାଜ୍ୟ ପୁଲିସ ଏକାଡେମୀ, ଭୁବନେଶ୍ୱର ଏବଂ ଓଏସଏପି ଷଷ୍ଠ ବାଟାଲିୟନ, କଟକ ଏବଂ ବକ୍ସିବଜାରସ୍ଥିତ ରିଜର୍ଭ ପୁଲିସ ପଡିଆଠାରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହେବ । ଶ୍ରେଷ୍ଠ ପ୍ରତିଯୋଗୀମାନେ ଆସନ୍ତା ନଭେମ୍ବର ମହାରାଷ୍ଟ୍ରରେ ସର୍ବଭାରତୀୟ ପୋଲିସ ବୃତ୍ତିଗତ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ । ପ୍ରତ୍ୟେକ ଦଳରେ ଇନସ୍ପେକ୍ଟର, ସବ୍‌ଇନସ୍ପେକ୍ଟର ଓ କନଷ୍ଟେବଳ ସ୍ତରର କର୍ମଚାରୀ ଅଂଶଗ୍ରହଣ କରିବେ । ଫୋରେନସିକ୍ ବିଜ୍ଞାନ, ପ୍ରଦର୍ଶନୀଗୁଡିକର ଉତ୍ତୋଳନ, ପ୍ୟାକିଂ ଏବଂ ଅଗ୍ରଗତି, ଅପରାଧର ତଦନ୍ତ, ପର୍ଯ୍ୟବେକ୍ଷଣ ପରୀକ୍ଷା, ଆଣ୍ଟି ସାବୋଟେଜ, ଅଙ୍ଗୁଳି ଛାପ, କମ୍ପ୍ୟୁଟର ଜ୍ଞାନକୌଶଳର ଦକ୍ଷତା, ଫଟୋଗ୍ରାଫି, ଭିଡିଓଗ୍ରାଫି, ସାଇବର ଅପରାଧ ଓ ପରୀକ୍ଷଣ, ପୁଲିସ ଆଇନ କାନୁନ, ପୁଲିସ ରୂପଚିତ୍ର, ମେଡିକୋ ଲିଗାଲ, ପୁଲିସ ଶ୍ୱାନ କୌଶଳ ପ୍ରଦର୍ଶନ ଭଳି ପ୍ରତିଯୋଗିତା ହେବ ।

■ ହସ୍‌ପିଟାଲରେ ଲାଗୁହେଉନି ରୋଗୀ ଅଧିକାର ସମ୍ପର୍କିତ ସୁପାରିସ

# ହାଇକୋର୍ଟରେ ଜବାବ ଦାଖଲ ପାଇଁ ସମୟ ନେଲେ ରାଜ୍ୟ ସରକାର

କଟକ, ୧୫ ।୧୦(ସମିସ): ଆଇନ ଅନୁସାରେ ରୋଗୀଙ୍କ ଅଧିକାର ସମ୍ପର୍କରେ ଜାତୀୟ ମାନବାଧିକାର ଆୟୋଗ(ଏନଏଚଆରସି) କରିଥିବା ସୁପାରିସକୁ ରାଜ୍ୟର ବିଭିନ୍ନ ସରକାରୀ ତଥା ଘରୋଇ ହସପିଟାଲରେ କାର୍ଯ୍ୟକାରୀ କରାଯାଉ ନଥିବା ଅଭିଯୋଗରେ ରାଜ୍ୟ ରୋଗୀ ଅଧିକାର ମଞ୍ଚ ତରଫରୁ ରୁଜୁ ଜନସ୍ୱାର୍ଥ ମାମଲାର ଶୁଣାଣି କରିଛନ୍ତି ହାଇକୋର୍ଟ । ଏହି ସମୟରେ ଜବାବ ଦାଖଲ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଅଧିକ ସମୟ ଲୋଡ଼ାଯାଇଛି । ଆସନ୍ତା ୨୯ ତାରିଖ ସୁଦ୍ଧା ଜବାବ ଦାଖଲ କରିବା ପାଇଁ ହାଇକୋର୍ଟ ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ.ରମଣ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ।

ଏନଏଚଆରସିଙ୍କ ସୁପାରିସ ଆଧାରରେ ସମସ୍ତ ହସପିଟାଲ ଗୁଡିକରେ ସୂଚନାଧିକାର, ତତ୍କାଳ ଚିକିତ୍ସାଧିକାର, ଗୁଣାତ୍ମକ ସେବା, ବିକଳ୍ପ ଚିକିତ୍ସା ଅଧିକାର, ଉପଯୁକ୍ତ ଔଷଧ ଓ ପରୀକ୍ଷା ନିରୀକ୍ଷା ଚୟନ, ହସପିଟାଲରୁ ଡିସଚାର୍ଜ କିମ୍ବା ମୃତଦେହ ଗ୍ରହଣ ଆଦି ସମ୍ପର୍କିତ ରୋଗୀଙ୍କ ଅଧିକାର କାର୍ଯ୍ୟକାରୀ ପାଇଁ କେନ୍ଦ୍ର ସ୍ୱାସ୍ଥ୍ୟ ପରିବାର କଲ୍ୟାଣ ମନ୍ତ୍ରଣାଳୟ ସମସ୍ତ ରାଜ୍ୟ ତଥା କେନ୍ଦ୍ରଶାସିତ ଅଞ୍ଚଳର ସମସ୍ତ ମୁଖ୍ୟ ଶାସନ ସଚିବଙ୍କୁ ଏହି ଚିଠି ପ୍ରଦାନ କରିଥିଲେ । ଏଥିପାଇଁ ଏକ ବିଶେଷଜ୍ଞ କମିଟି ଗଠନ କରିବା ସହ ଗାଇଡଲାଇନ ପ୍ରସ୍ତୁତ ପାଇଁ ଆବେଦନରେ ପ୍ରାର୍ଥନା କରାଯାଇଛି । ରାଜ୍ୟ ସରକାର ଓ ସ୍ୱାସ୍ଥ୍ୟ ପରିବାର କଲ୍ୟାଣ ସଚିବଙ୍କୁ ପକ୍ଷଭୁକ୍ତ କରାଯାଇଛି । ଆବେଦନକାରୀଙ୍କ ତରଫରୁ ଆଇନଜୀବୀ କମଳାକାନ୍ତ ମହାନ୍ତି ମାମଲା ପରିଚାଳନା କରୁଛନ୍ତି ।

■ ଦୁଇ ଦିନିଆ ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ-୨୦୨୫

# ସ୍ଥାୟୀ ସହରାଞ୍ଚଳ ବିକାଶ ଏବଂ ଶାସନ ଉପରେ ଗୁରୁତ୍ୱ

ଭୁବନେଶ୍ୱର, ୧୫ ।୧୦ (ସମିସ): ଓଡ଼ିଶା ସରକାରଙ୍କ ଗୃହନିର୍ମାଣ ଓ ନଗରଉନ୍ନୟନ ବିଭାଗ ଦ୍ୱାରା ଚଳିତ ଅକ୍ଟୋବର ୨୩ ଓ ୨୪ ତାରିଖରେ ଭୁବନେଶ୍ୱରର ଲୋକ ସେବା ଭବନ ପରିସରରେ ଥିବା କନଭେନସନ ସେଣ୍ଟର ଅଡିଟୋରିୟମରେ ଏକ ଦୁଇଦିନିଆ ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ-୨୦୨୫ ଆୟୋଜନ କରାଯାଉଛି । ଏହି ସମ୍ମିଳନୀ "ନିରନ୍ତର ସହରାଞ୍ଚଳ ବିକାଶ ଏବଂ ବିକଶିତ ଓଡ଼ିଶା ୨୦୩୬ ଏବଂ ବିକଶିତ ଭାରତ ୨୦୪୭ ଦିଗରେ ବିଷୟବସ୍ତୁ ଉପରେ ଅନୁଷ୍ଠିତ ହେବ । କାର୍ଯ୍ୟକ୍ରମରେ ରାଜ୍ୟର ସମସ୍ତ ସହରାଞ୍ଚଳ ସ୍ଥାନୀୟ ସଂସ୍ଥା (ୟୁଏଲବି) ଗୁଡ଼ିକୁ ଏକତ୍ର କରି ସହରାଞ୍ଚଳ ଶାସନ, ସେବା ପ୍ରଦାନ ଏବଂ ନିରନ୍ତର ଅଭିବୃଦ୍ଧିର ପ୍ରମୁଖ ଦିଗ ଉପରେ ବିଚାର-ବିମର୍ଶ ହେବ । ଏହି ସମ୍ମିଳନୀକୁ ଗୃହନିର୍ମାଣ ଓ ନଗରଉନ୍ନୟନ ବିଭାଗ ମନ୍ତ୍ରୀ ଡ. କୃଷ୍ଣ ଚନ୍ଦ୍ର ମହାପାତ୍ର ଉଦଘାଟନ କରିବାର କାର୍ଯ୍ୟକ୍ରମ ରହିଛି । ଏନେଇ ମନ୍ତ୍ରୀ ଡା. ମହାପାତ୍ର କହିଛନ୍ତି "ଓଡ଼ିଶାର ସହରଗୁଡ଼ିକ କେବଳ ଅର୍ଥନୈତିକ ଅଭିବୃଦ୍ଧିର ଇଞ୍ଜିନ ନୁହେଁ, ବରଂ ଆମର ସାମୂହିକ ଆକାଂକ୍ଷାର ଦର୍ପଣ ।

# ଜେଲରେ ଆମରଣ ଅନଶନରେ ବସିଲେ ମାଓନେତା ଆଜାଦ୍

ଭୁବନେଶ୍ୱର,୧୫ ।୧୦(ସମିସ):ମାଓ କାର୍ଯ୍ୟକଳାପରେ ଲିପ୍ତ ଅଭିଯୋଗରେ ଆତ୍ମସମର୍ପଣ କରିଥିବା ଦକ୍ଷିଣାଞ୍ଚଳ ଜୋନ୍ ମାଓ କମାଣ୍ଡର ଡି.କେଶବ ରାଓ ଓରଫ ଆଜାଦ ଝାରପଡା ଜେଲରେ ଆମରଣ ଅନଶନରେ ବସିଛନ୍ତି । ତାଙ୍କ ବିରୋଧରେ ୪୭ଟି କେସ ରହିଛି । ଆଜାଦଙ୍କୁ ୧୫ ବର୍ଷ ହେବ ବିଚାର ବିଭାଗୀୟ ହାଜତରେ ରଖାଯାଇଛି; ହେଲେ ମାମଲାର ଶୁଣାଣି ଏପର୍ଯ୍ୟନ୍ତ ହେଉ ନାହିଁ । ଏଣୁ ମାମଲାର ଶୀଘ୍ର ଶୁଣାଣି ପାଇଁ ସେ ଅନଶନରେ ବସିଛନ୍ତି । ତାଙ୍କ ବିରୋଧରେ ହୋଇଥିବା ମାମଲା ଗୁଡ଼ିକର ଶୁଣାଣି ନ ହେବାରୁ ଆଜାଦ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ । ସୁପ୍ରିମକୋର୍ଟ ରିଟ ପିଟିସନ ଶୁଣାଣି କରି ସୁପ୍ରିମକୋର୍ଟ ଅକ୍ଟୋବର ୨ ସୁଦ୍ଧା ଆଜାଦଙ୍କ କେସର ଶୁଣାଣି ପାଇଁ ନିର୍ଦ୍ଦେଶ ଦେଇଥିଲେ ।

**ଗୃହ ସଚିବଙ୍କୁ ଓଏଚ୍‌ଆର୍‌ସିଙ୍କ ରିପୋର୍ଟ ତଲବ**

**ପଶ୍ଚିମବଙ୍ଗରେ ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ପ୍ରସଙ୍ଗ**

# ପୀଡ଼ିତାଙ୍କ ସହ ମୁଖ୍ୟମନ୍ତ୍ରୀଙ୍କ ବାର୍ତ୍ତାଳାପ ଭିଡିଓ ଭାଇରାଲ ନିନ୍ଦନୀୟ: ବିଜେଡି

ଭୁବନେଶ୍ୱର,୧୫।୧୦(ସମିସ): ପଶ୍ଚିମବଙ୍ଗର ଦୁର୍ଗାପୁରଠାରେ ଗଣଦୁଷ୍କର୍ମର ଶିକାର ହୋଇଥିବା ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କ ସହିତ ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କ ବାର୍ତ୍ତାଳାପର ଭିଡିଓ ଚିତ୍ର ଗଣମାଧ୍ୟମରେ ପ୍ରକାଶିତ ହୋଇଛି । ବିଜୁ ମହିଳା ଜନତା ଦଳ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଏହି କାର୍ଯ୍ୟକୁ କଡ଼ା ଭର୍ତ୍ସନା କରାଯାଇଛି । ପୀଡିତାଙ୍କ ପରିଚୟ ଓ ତାଙ୍କ ସହିତ ବାର୍ତ୍ତାଳାପର ରେକର୍ଡିଂକୁ ଭାଇରାଲ କରିବା ପାଇଁ ସର୍ବୋଚ୍ଚ ନ୍ୟାୟାଳୟଙ୍କ ଦ୍ୱାରା ବାରଣ କରାଯାଇଥିବା ବେଳେ, ମୁଖ୍ୟମନ୍ତ୍ରୀଙ୍କ ଏହି କାର୍ଯ୍ୟ ଘୋର ନିନ୍ଦନୀୟ ଦଳର ନେତ୍ରୀମାନେ ମତପ୍ରକାଶ କରିଛନ୍ତି ।

ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ସାଧାରଣ ସମ୍ପାଦିକା ଟୁକୁନି ସାହୁ କହିଥିଲେ ଯେ ଗତ ୧୫ ମାସର ବିଜେପି ଶାସନରେ ରାଜ୍ୟର ଆଇନ ଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇ ପଡିଛି । ଦୁଷ୍କର୍ମ, ଗଣଦୁଷ୍କର୍ମ, ଅସଦାଚରଣ, ହତ୍ୟା ଭଳି ଘଟଣା ପ୍ରତିଦିନ ଖବରକାଗଜର ଶିରୋନାମା ମଣ୍ଡନ କରୁଛି । ରାଜ୍ୟରେ ପ୍ରତିଦିନ ଅନେକ ମହିଳା ଏହିପରି ଦୁଷ୍କର୍ମ, ଗଣଦୁଷ୍କର୍ମର ଶିକାର ହେଉଥିବା ବେଳେ ମୁଖ୍ୟମନ୍ତ୍ରୀଙ୍କ କୌଣସି ତତ୍ପରତା ଦେଖିବାକୁ ମିଳୁନାହିଁ । ପଶ୍ଚିମବଙ୍ଗରେ ଘଟିଥିବା ଘଟଣା ନିଶ୍ଚିତ ଭାବେ ଦୁଃଖଦାୟକ ଓ ନିନ୍ଦନୀୟ । କିନ୍ତୁ ଏଭଳି ଏକ ସମ୍ବେଦନଶୀଳ ଘଟଣାରେ ଯେଉଁଭଳି ଭାବେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ପୀଡିତାଙ୍କ ସହିତ ବାର୍ତ୍ତାଳାପର ରେକର୍ଡିଂକୁ ଭାଇରାଲ କଲେ ତାହା ଆହୁରି ଅଧିକ ନିନ୍ଦନୀୟ । ବିଜୁ ମହିଳା ଜନତା ଦଳର ସାଧାରଣ ସମ୍ପାଦିକା ସୁମିତ୍ରା ଜେନା କହିଥିଲେ ଯେ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶ ଅନୁଯାୟୀ ପୀଡିତାଙ୍କ ପରିଚୟ ଓ ତାଙ୍କ ସହିତ କୌଣସି ବାର୍ତ୍ତାଳାପ ଜନସାଧାରଣଙ୍କ ନିକଟରେ ପ୍ରକାଶିତ ହେବା ଉଚିତ ନୁହେଁ । ତେଣୁ ମୁଖ୍ୟମନ୍ତ୍ରୀ ଏହାକୁ ଗଣମାଧ୍ୟମରେ ବିତରଣ କରିବା ଦ୍ୱାରା ସେ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶାବଳୀକୁ ଉଲ୍ଲଂଘନ କରିଛନ୍ତି । ଦଳର ସାଧାରଣ ସମ୍ପାଦିକା ତଥା ରାଜ୍ୟସଭା ସାଂସଦ ସୁଲତା ଦେଓ କହିଥିଲେ ଯେ ଗତ ୧୫ ମାସରେ ଧାରାବାହିକ ଭାବେ ରାଜ୍ୟରେ ଘଟିଥିବା ଦୁଷ୍କର୍ମ ଓ ଗଣଦୁଷ୍କର୍ମ ଘଟଣା ଗୁଡ଼ିକରେ ମୁଖ୍ୟମନ୍ତ୍ରୀଙ୍କ ତତ୍ପରତା ଦେଖିବାକୁ ମିଳିନାହିଁ । ପଶ୍ଚିମବଙ୍ଗ ଘଟଣାରେ ହଠାତ୍ ତତ୍ପର ହୋଇଉଠିବା କେବଳ ରାଜନୈତିକ ଉଦ୍ଦେଶ୍ୟ ସାଧନ ପାଇଁ ଉଦ୍ଦିଷ୍ଟ । ପଶ୍ଚିମବଙ୍ଗ ଘଟଣାରେ ଉଭୟ ରାଜ୍ୟ ମହିଳା କମିସନ ଓ ଜାତୀୟ ମହିଳା କମିସନ ପୀଡ଼ିତାଙ୍କୁ ଭେଟିଛନ୍ତି । କିନ୍ତୁ ଓଡ଼ିଶାରେ ଘଟିଥିବା କୌଣସି ଘଟଣାରେ ଏମାନଙ୍କୁ ପୀଡ଼ିତାଙ୍କ ନିକଟରେ ଦେଖିବାକୁ ମିଳିନାହିଁ । ଦୁଃଖ ଓ ପରିତାପର ବିଷୟ ଯେ ପୀଡ଼ିତାଙ୍କୁ ନ୍ୟାୟ ଦେବା ପରିବର୍ତ୍ତେ ବିଜେପି ଓ ରାଜ୍ୟ ସରକାର ରାଜନୀତି କରୁଛନ୍ତି । ବିଜେପି ବିଧାୟକ ସନ୍ତୋଷ ଖଟୁଆ ବିଜେଡି ନେତ୍ରୀଙ୍କ ଉଦ୍ଦେଶ୍ୟରେ ଅଶାଳୀନ ଟିପ୍ପଣୀ ଦେଇଥିବା ବେଳେ ଏହି ମାମଲା ରାଜ୍ୟ ମହିଳା କମିସନ ଓ ଜାତୀୟ ମହିଳା କମିସନଙ୍କ ପାଖରେ ଅଭିଯୋଗ କରାଯାଇଥିଲା । କିନ୍ତୁ ଉଭୟ ରାଜ୍ୟ ଓ ଜାତୀୟ ମହିଳା କମିସନ ଏହି ମାମଲାରେ କୌଣସି କାର୍ଯ୍ୟାନୁଷ୍ଠାନ ନେଇ ନଥିଲେ । ଦଳର ବରିଷ୍ଠ ସାଧାରଣ ସମ୍ପାଦିକା ଲେଖାଶ୍ରୀ ସାମନ୍ତସିଂହାର କହିଥିଲେ ଯେ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀଙ୍କ ସମେତ ବିଜେପି ନେତା ମାନେ ଯେଉଁଭଳି ଭାବେ ପଶ୍ଚିମବଙ୍ଗ ଯାଇ ପୀଡିତାଙ୍କୁ ଭେଟିବା ପାଇଁ ଉଦ୍ୟମ କଲେ, ତାହା ଦୁଷ୍କର୍ମ ଟୁରିଜମର ଦୃଶ୍ୟ ସଦୃଶ୍ୟ ଅନୁଭବ ହୋଇଥିଲା । ମୁଖ୍ୟମନ୍ତ୍ରୀ ପୀଡ଼ିତାଙ୍କ ସହିତ ବାର୍ତ୍ତାଳାପ ରେକର୍ଡିଂକୁ ଭାଇରାଲ କରିବାକୁ ଆମେ ଦୃଢ଼ ନିନ୍ଦା କରୁଛୁ । ଏହାଛଡା ଏହି ଘଟଣାକୁ ରାଜନୀତିକରଣ କରିବା ଉଦ୍ୟମକୁ ମଧ୍ୟ ଆମେ ଗଭୀର ନିନ୍ଦା କରୁଛୁ । ପଶ୍ଚିମବଙ୍ଗର ଆଇନ ଶୃଙ୍ଖଳା ପରିସ୍ଥିତି ଠିକ୍ ନାହିଁ, କିନ୍ତୁ ଓଡ଼ିଶାର ଆଇନ ଶୃଙ୍ଖଳା ସ୍ଥିତି ଆହୁରି ଅଧିକ ଖରାପ ଅଛି । ଓଡ଼ିଶାରେ ମଧ୍ୟ ମହିଳାମାନେ ଅସୁରକ୍ଷିତ ହୋଇ ପଡିଛନ୍ତି । ଏହି ପରିପ୍ରେକ୍ଷୀରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ୟମ ଘୋର ନିନ୍ଦନୀୟ ବୋଲି ସେ କହିଥିଲେ ।



■ ଏହା ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶାବଳୀର ଉଲ୍ଲଙ୍ଘନ
■ ନିଜ ରାଜ୍ୟର ଦୁଷ୍କର୍ମ ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନରେ ବିଫଳ ରାଜ୍ୟ ସରକାର
■ ପଶ୍ଚିମବଙ୍ଗ ଘଟଣାରେ ରାଜ୍ୟ ସରକାରଙ୍କ ତତ୍ପରତା ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ

**ଜୋରଜବରଦସ୍ତ ଦଳରେ ସାମିଲ ଉଦ୍ୟମ**

# କଂଗ୍ରେସରେ ମିଶିବାକୁ ଆସି ଅନନ୍ତ ନାରାୟଣ ନିରାଶ

ଭୁବନେଶ୍ୱର,୧୫।୧୦(ସମିସ): କଂଗ୍ରେସରେ ସାମିଲେ ହେବାକୁ ଦଳବଳ ଘେନି ଭୁବନେଶ୍ୱର ଆସିଥିବା ଯାତ୍ରାପାର୍ଟି ମାଲିକ ଅନନ୍ତ ନାରାୟଣ ଧଳ (ନାଣ୍ଟୁ ବାବୁ) ଶେଷରେ ନିରାଶ ହୋଇ ଫେରିଛନ୍ତି । ତାଙ୍କୁ କିମ୍ବା ତାଙ୍କ ସମର୍ଥକଙ୍କ ଭିତରକୁ କାହାରିକୁ କଂଗ୍ରେସ ଭବନ ଭିତରକୁ ପ୍ରବେଶ କରାଇ ଦିଆଯାଇ ନ ଥିବା ବେଳେ ସୁରକ୍ଷା ଦୃଷ୍ଟିରୁ ଆଜି କଂଗ୍ରେସ ଭବନର ସବୁ ଗେଟ୍‌ରେ ତାଲା ପକାଇ ଦିଆଯାଇଛି । ଯେଉଁଥିପାଇଁ ଅନେକ ଉଦ୍ୟମ ସତ୍ତ୍ୱେ ଅନନ୍ତ ନାରାୟଣ ଦଳରେ ସାମିଲ ହୋଇ ନ ପାରି ଫେରିଯାଇଛନ୍ତି ।

ନିରାଶ ହୋଇ ଫେରିବା ପରେ ସେ ପିସିସି ସଭାପତି ଭକ୍ତ ଦାସଙ୍କ ଉପରେ ପ୍ରବଳ ବର୍ଷିଛନ୍ତି । ଅନନ୍ତ ନାରାୟଣ କହିଛନ୍ତି ଯେ ସେ ପିସିସି ସଭାପତି ଓ ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହିନୀପତିଙ୍କ ସହ କଥା ହୋଇଥିଲେ । କଂଗ୍ରେସ କାହାର ପୈତୃକ ସମ୍ପତ୍ତି ନୁହେଁ, ତାଙ୍କୁ ଦଳରେ ସାମିଲ ହେବା ପାଇଁ କେହି ଅଟକାଇ ପାରିବେ ନାହିଁ । ତାଙ୍କୁ କଂଗ୍ରେସ ଭବନ ଭିତରକୁ ପ୍ରବେଶ ପାଇଁ ବାରଣ କରାଯାଇଛି ଓ କଂଗ୍ରେସ ଭବନ ବାହାରେ ଜଗିଥିବା ପୁଲିସ ତାଙ୍କୁ ଅଟକାଇଛି । ମାତ୍ର ସେ ଦବିଯିବେ ନାହିଁ । ତାଙ୍କ ସମର୍ଥକଙ୍କୁ ଧରି ଦିଲ୍ଲୀ ଯିବେ ଓ ଦିଲ୍ଲୀରେ ରାହୁଲ ଗାନ୍ଧୀଙ୍କୁ ଭେଟି କଂଗ୍ରେସରେ ସାମିଲ ହେବେ । ସେ ଆହୁରି କହିଛନ୍ତି ଯେ ସେ କଂଗ୍ରେସରେ ଅଛନ୍ତି । ତାଙ୍କ ପରିବାର ମୂଳରୁ କଂଗ୍ରେସ । ସେ ଲୋକମାନଙ୍କୁ ସୂଚନା ଥାଉ କି ବୁଧବାର ସକାଳ ୧୦ ଟା ପରେ ପରେ କଂଗ୍ରେସ ଭବନ ନିକଟରେ ଅନନ୍ତ ନାରାୟଣଙ୍କ ସମର୍ଥକମାନେ ଯାଜପୁର ବଟଚଣାରୁ ଆସି ଜମା ହୋଇଥିଲେ । ବଡଚଣାରୁ ହଜାର ହଜାର ସମର୍ଥକ ଆସି ପହଞ୍ଚିବା ପରେ ଅନନ୍ତ ନାରାୟଣ ଏକ ଶୋଭାଯାତ୍ରାରେ କଂଗ୍ରେସ ଭବନ ଅଭିମୁଖେ ଆସିଥିଲେ । ମାତ୍ର ପୂର୍ବରୁ କଂଗ୍ରେସ ଭବନର ସମସ୍ତ ଗେଟ୍ ବନ୍ଦ କରି ଦିଆଯାଇ ଥିବା ବେଳେ ପୁଲିସ ତାଙ୍କୁ ଅଟକାଇଥିଲା । ଏହା ପରେ ତାଙ୍କ ସମର୍ଥକମାନେ ନାରାବାଜି କରିବା ସହ ଫେରିଯିବାକୁ ବାଧ୍ୟ ହୋଇଥିଲେ ।

ଏହି ଘଟଣା ପରେ ପିସିସି ଗଣମାଧ୍ୟମ ବିଭାଗ ମୁଖ୍ୟ ଅରବିନ୍ଦ ଦାସ ଏକ ସ୍ପଷ୍ଟିକରଣ କଂଗ୍ରେସରେ ସାମିଲ କରାଇବାକୁ ଆଣିଥିଲେ । କେଉଁ କାରଣ ପାଇଁ ତାଙ୍କୁ ଦଳରେ ମିଶାଇ ଦିଆଯାଇ ନାହିଁ ତାକୁ ନେଇ ସେ ଆଶ୍ଚର୍ଯ୍ୟ ପ୍ରକଟ କରିଛନ୍ତି ।

ଅନ୍ୟପଟେ ଅନନ୍ତନାରାୟଣଙ୍କ ଏହି କାର୍ଯ୍ୟକ୍ରମ ପରେ ପିସିସି ସଭାପତି ଭକ୍ତ ଚରଣ ଦାସ ମୁହଁ ଖୋଲିଛନ୍ତି । ସେ କହିଛନ୍ତି ଯେ ନାଣ୍ଟୁ ଧଳ ଜଣେ ଆପରାଧିକ ଚରିତ୍ରର ବ୍ୟକ୍ତି । ସେ କଂଗ୍ରେସର ସଦସ୍ୟ ହୋଇପାରିବେ ନାହିଁ । ସଦସ୍ୟତା ମଗା ଯାଏ, ଛଡ଼ାଇକି ନିଆଯାଏ ନାହିଁ । ରାହୁଲ ଗାନ୍ଧୀଙ୍କ ପାଖକୁ ଯଦି ଯାଇପାରିବେ ଯାଆନ୍ତୁ । ମୁଁ କଂଗ୍ରେସ ଅଧ୍ୟକ୍ଷ ଭାବେ କହୁଛି, ତାଙ୍କୁ ଦଳରେ ଗ୍ରହଣ କରାଯିବନି । ରଖିଛନ୍ତି । ସେ କହିଛନ୍ତି ଯେ ଅନନ୍ତ ନାରାୟଣ ଧଳ ଅକ୍ଟୋବର ୧୫ ରେ ହଜାର ହଜାର ଲୋକଙ୍କ ସହିତ ଯୋଗଦେବାକୁ କହିଥିଲେ । ମାତ୍ର ପିସିସି ସଭାପତି ତାଙ୍କୁ ଏକ ଛୋଟ କାର୍ଯ୍ୟକ୍ରମରେ ଅର୍ଥାତ ୫ ଜଣ ବ୍ୟକ୍ତିଙ୍କ ସହିତ ଯୋଗଦେବାକୁ କହିଥିଲେ । ଏହା ବ୍ୟତୀତ ପିସିସି ସଭାପତି ତାଙ୍କ ବିରୋଧରେ ଅନେକ ଗୁରୁତର ଅଭିଯୋଗ ପାଇବା ପରେ, ତାଙ୍କ କାର୍ଯ୍ୟକ୍ରମକୁ ସ୍ଥଗିତ ରଖିବାକୁ କୁହାଯାଇଥିଲା । ମାତ୍ର ନୂଆପାଡ଼ାରେ ହେବାକୁ ଥିବା ଉପ-ନିର୍ବାଚନରେ ପିସିସି ସଭାପତି ବ୍ୟସ୍ତ ରହୁଥିବାରୁ ବର୍ତ୍ତମାନ ତାଙ୍କୁ ଯୋଗଦେବାକୁ ଅନୁମତି ଦେବା ସମ୍ଭବ ନୁହେଁ ବୋଲି ତାଙ୍କୁ କୁହାଯାଇଥିଲା । ଏହା ସତ୍ତ୍ୱେ ସେ ଦଳରେ ୧୫ରେ ଯୋଗ ଦେବାକୁ ଜିଦ୍ ଧରିଥିଲେ । ଯେହେତୁ ତାଙ୍କୁ ବହୁ ପୂର୍ବରୁ ସୂଚନା ଦିଆଯାଇଥିଲା, ତେଣୁ ସେ ଏହାକୁ ସ୍ଥଗିତ ରଖିବା ଉଚିତ୍ ଥିଲା । ଏହାସହ ସେ ଦଳକୁ ବଳପୂର୍ବକ ପ୍ରବେଶ କରିବାକୁ ବାଛିଛନ୍ତି । ଏହା ଦେଶର ସର୍ବପୁରାତନ ରାଜନୈତିକ ଦଳର ମନୋବଳ ଏବଂ ନିୟମ ବୋରିଧୀ । ଯଦି ଜଣେ ବ୍ୟକ୍ତି ତାଙ୍କ ନିଯୁକ୍ତି ପୂର୍ବରୁ ଦଳର ନେତୃତ୍ୱକୁ ଅବମାନନା କରିବାକୁ ଜିଦ୍ ଧରିଛନ୍ତି, ତେବେ ସେ ସଂଗଠନର ଜଣେ ଶୃଙ୍ଖଳିତ ସୈନିକ ଭାବରେ କାର୍ଯ୍ୟ କରିବେ ବୋଲି କେହି କିପରି ଆଶା କରିପାରିବେ ବୋଲି ଶ୍ରୀ ଦାସ ପ୍ରଶ୍ନ କରିଛନ୍ତି ।

■ ଗେଟ୍‌ରେ ତାଲା ପକାଇ କଂଗ୍ରେସ ଭବନକୁ ଛାଡ଼ିଲାନି ଦଳ
■ ଦିଲ୍ଲୀରେ ରାହୁଲଙ୍କୁ ଭେଟି ସାମିଲ ହେବେ ବୋଲି ଚ୍ୟାଲେଞ୍ଜ
■ ଅନନ୍ତଙ୍କୁ ଦଳରେ ଗ୍ରହଣ କରାଯିବନି ବୋଲି ପିସିସି ସଭାପତିଙ୍କ ଦମ୍ଭ



# ଏନ୍‌ଆଇଟି ଦ୍ୱାରା ଆଣ୍ଟିବାଇଓଟିକ ପ୍ରତିରୋଧକ ସବୁଜ ବିକଳ୍ପ


ରାଉରକେଲା, ୧୫।୧୦(ସମିସ) : ଜାତୀୟ ପ୍ରଯୁକ୍ତି ପ୍ରତିଷ୍ଠାନ (ଏନ୍‌ଆଇଟି) ରାଉରକେଲାର ଗବେଷକମାନେ ଔଷଧୀୟ ଗଛର ନିର୍ଗମକୁ ବ୍ୟବହାର କରି ଶକ୍ତିଶାଳୀ ଆଣ୍ଟିବ୍ୟାକ୍ଟେରିଆଲ୍ ଏଜେଣ୍ଟ ବା ଆଣ୍ଟିବାଇଓଟିକ୍ ପ୍ରତିରୋଧକ ଜାରକ ପ୍ରସ୍ତୁତ କରିଛନ୍ତି । ଯାହା ପରିବେଶଗତ ଭାବରେ ସୁରକ୍ଷିତ ଓ ପ୍ରଭାବଶାଳୀ ଅଟେ । ଏହି ଗବେଷଣା ଆଣ୍ଟିମାଇକ୍ରୋବିଆଲ୍ ପ୍ରତିରୋଧର ସମସ୍ୟାକୁ ସମାଧାନ କରିବ ବୋଲି ସୂଚନା ମିଳିଛି । ପାରମ୍ପରିକ ଆଣ୍ଟିବାଇଓଟିକ୍ସର ଅତ୍ୟଧିକ ବ୍ୟବହାର ଫଳରେ 'ସୁପରବଗ୍‌ସ୍' ବୃଦ୍ଧି ପାଇଛି ଯାହା ଏହି ଚିକିତ୍ସା ପ୍ରତି ପ୍ରତିରୋଧୀ । ସାରା ବିଶ୍ୱରେ,



ବୈଜ୍ଞାନିକମାନେ ଏହି ସୁପରବଗ୍‌ସ୍ ସହିତ ଲଢ଼ିବା ପାଇଁ ବିକଳ୍ପ ପଦ୍ଧତି ଖୋଜୁଥିବାବେଳେ ଏନ୍‌ଆଇଟି ରାଉରକେଲାର ଏହି ପଦକ୍ଷେପ ନିଶ୍ଚିତ ଭାବେ ସ୍ୱାଗତଯୋଗ୍ୟ । ପ୍ରତିଷ୍ଠିତ ସରଫେସେସ୍ ଆଣ୍ଡ ଇଣ୍ଟରଫେସେସ୍ ଜର୍ଣ୍ଣାଲରେ ପ୍ରକାଶିତ ଏହି ଅଧ୍ୟୟନକୁ ଜୀବବିଜ୍ଞାନ ବିଭାଗର ସହଯୋଗୀ ପ୍ରାଧ୍ୟାପକ ପ୍ରଫେସର ସୁମନ ଝା ଏବଂ ତାଙ୍କର ଗବେଷଣା ବିଦ୍ୱାନ କୁମାରୀ ସୁଭମ, ସୋନାଲି ଜେନା ଓ ମୋନାଲିସା ଓଝା ଲେଖିଥିଲେ । ଏହି ସମସ୍ୟାର ସମାଧାନ ପାଇଁ, ଏନ୍‌ଆଇଟି ରାଉରକେଲାର ଗବେଷକମାନେ ଜିଙ୍କ୍ ଅକ୍ସାଇଡ୍ ସୁକ୍ଷ୍ମକଣିକା ଉତ୍ପାଦନ ପାଇଁ ଏକ ପରିବେଶ ଅନୁକୂଳ ପଦ୍ଧତି ଗ୍ରହଣ କରିଛନ୍ତି । କଠୋର ରାସାୟନିକ ପଦାର୍ଥ ବଦଳରେ, ଗବେଷକମାନେ ଗେଣ୍ଡୁ, ଆମ୍ବ ଓ ୟୁକାଲିପଟାସ ଭଳି ଗଛର ପତ୍ର ଓ ଫୁଲରୁ ନିର୍ଗତ ଜିଙ୍କ୍ ଲବଣକୁ ଜିଙ୍କ୍ ଅକ୍ସାଇଡ୍ ସୁକ୍ଷ୍ମକଣିକାରେ ପରିଣତ କରିବା ପାଇଁ ଏକ ନିଷ୍କାସନ ବ୍ୟବହାର କରିଥିଲେ ଯାହା ନିଷ୍କାସନ ଦ୍ୱାରା ଉତ୍ପାଦିତ ଫାଇଟୋକମ୍ପାଉଣ୍ଡ ଶୋଷଣ କରିଥାଏ । ଗବେଷଣାର ଗୁରୁତ୍ୱ ଉପରେ ଆଲୋକପାତ କରି ଏନ୍‌ଆଇଟି ରାଉରକେଲାର ଜୀବ ବିଜ୍ଞାନ ବିଭାଗର ସହଯୋଗୀ ପ୍ରାଧ୍ୟାପକ ପ୍ରଫେସର ସୁମନ ଝା କହିଛନ୍ତି ଏହି କାର୍ଯ୍ୟ ସ୍ଥାୟୀ ସ୍ୱାସ୍ଥ୍ୟସେବା ପ୍ରଣାଳୀକୁ ସମର୍ଥନ କରିପାରୁଥିବା ଏକ ନୂତନ ପିଢ଼ିର ସବୁଜ ସୂକ୍ଷ୍ମକଣିକା ବିକାଶ କରିବା ଦିଗରେ ଏକ ପଦକ୍ଷେପ ଅଟେ । ନିର୍ଗମନ ସହିତ ଆବୃତ ସୁକ୍ଷ୍ମକଣିକା, ବିଶେଷକରି ଗେଣ୍ଡୁ ଫୁଲ ପାଖୁଡ଼ାରୁ ତିଆରି ସୂକ୍ଷ୍ମକଣିକା, ରାସାୟନିକ ଭାବରେ ସଂଶ୍ଳେଷିତ ସୂକ୍ଷ୍ମକଣିକା କିମ୍ବା କେବଳ ଉଦ୍ଭିଦ ନିର୍ଗମନ ଅପେକ୍ଷା ଜୀବାଣୁ ହତ୍ୟା କରିବାରେ ଦୁଇଗୁଣ ଅଧିକ ପ୍ରଭାବଶାଳୀ ବୋଲି ଜଣାପଡ଼ିଛି ।

# ଅକ୍ଟୋବର ୧୮ ରୁ ପର୍ଯ୍ୟଟକଙ୍କ ପାଇଁ ଖୋଲିବ ଶିମିଳିପାଳ

ବାରିପଦା,୧୫।୧୦(ସମିସ): ପ୍ରାକୃତିକ ସୌନ୍ଦର୍ଯ୍ୟରେ ଭରପୁର ମୟୂରଭଞ୍ଜ ଜିଲ୍ଲା ଶିମିଳିପାଳ ଅଭୟାରଣ୍ୟ ଆସନ୍ତା ଅକ୍ଟୋବର ୧୮ ତାରିଖରୁ ପର୍ଯ୍ୟଟକଙ୍କ ପାଇଁ ଖୋଲିବାକୁ ଯାଉଛି । ଏନେଇ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ କାର୍ଯ୍ୟାଳୟ ପକ୍ଷରୁ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର କ୍ଷେତ୍ର ନିର୍ଦ୍ଦେଶକ ତଥା ଆଞ୍ଚଳିକ ବନ୍ୟପ୍ରାଣୀ ସଂରକ୍ଷକ ଡ଼ଃ ପ୍ରକାଶ ଚାନ୍ଦ ଗୋଗିନେନି ବୁଧବାର ବିଜ୍ଞପ୍ତି ପ୍ରକାଶ କରିଛନ୍ତି । ଗତବର୍ଷ ପରି ଏଥର ମଧ୍ୟ ଦୈନିକ ଚାରିଚକିଆ ଯାନ କଳିଆଣି ତନଖି ଫାଟକ (ଯଶିପୁର) ପଟୁ ୩୫ଟି ଗାଡ଼ି ଓ ପିଠାବଟା (ବାରିପଦା) ତନଖି ଫାଟକ ଦେଇ ୨୫ ଗାଡ଼ି ଜଙ୍ଗଲ ଭିତରକୁ ପ୍ରବେଶ କରିବ ବୋଲି ସ୍ଥିରୀକୃତ ହୋଇଛି । ଉକ୍ତ ଦୁଇ ତନଖି ଫାଟକରେ ପ୍ରବେଶ ଅନୁମତିପତ୍ର ସକାଳ ୬ଟାରୁ ୯ଟା ପର୍ଯ୍ୟନ୍ତ ବୁକିଂ କାଉଣ୍ଟରରେ ଉପଲବ୍ଧ ରହିବ । ପ୍ରତି ପର୍ଯ୍ୟଟକଙ୍କ ପିଛା ପ୍ରବେଶ ଶୁଳ୍କ ଧାର୍ଯ୍ୟ କରାଯାଇଥିବା ବେଳେ ମାର୍ଗଦର୍ଶିକା ଅନୁପାଳନ ସହିତ ଅଭୟାରଣ୍ୟକୁ ସ୍ୱଚ୍ଛ ରଖିବା ପାଇଁ ପର୍ଯ୍ୟଟକମାନେ ଭିତରକୁ ପ୍ରବେଶ ସମୟରେ ନିଜ ସାଥୀରେ ପ୍ଲାଷ୍ଟିକ ସାମଗ୍ରୀ, ମାଦକ ଦ୍ରବ୍ୟ, ଆମିଷ ଓ ଅଗ୍ନି ସଂଯୋଗକାରୀ ସାମଗ୍ରୀ ଆଦି ପର୍ଯ୍ୟଟକମାନେ ନେବା ଉପରେ କଟକଣା ଜାରି କରାଯାଇଛି । ସେହିପରି ଏଥର ତାଳବନ୍ଧ, ଜାମୁଆଣି ଓ ଗୁଡୁଗୁଡିଆ କୋର୍ ଅଞ୍ଚଳ ପାଇଁ ଘରୋଇ ଗାଡ଼ି ପରିବର୍ତ୍ତେ ନୂତନ ୩୫ଟି ଖୋଲା ଜିପ୍ ବା ସଫାରୀ ଗାଡ଼ିରେ ସକାଳ ୫ଟା ୩୦ ବା ଅପରାହ୍ଣ ୩ଟାରେ ୫ଘଣ୍ଟା ଲେଖାଏଁ ବୁଲିବାର ମଜା ନେବେ ପର୍ଯ୍ୟଟକ ।




ସୁରକ୍ଷିତ ଭାବେ ପର୍ଯ୍ୟଟକ ଜଙ୍ଗଲ ପରିବେଶରେ କିପରି ଜଙ୍ଗଲୀ ବନ୍ୟଜନ୍ତୁଙ୍କ ଚଳପ୍ରଚଳକୁ ପାଖରୁ ନିରେଖି ଦେଖିପାରିବେ ସେଥିପାଇଁ ସ୍ୱତନ୍ତ୍ର ରୁଟ୍ ପ୍ରସ୍ତୁତ କରାଯାଇଛି । ଶିମିଳିପାଳରେ ଥିବା ଯାତ୍ରୀ ନିବାସଗୁଡିକରେ ରାତ୍ରୀଯାପନ ପାଇଁ ପର୍ଯ୍ୟଟକମାନେ ଡବ୍ଲ୍ୟୁଡବ୍ଲ୍ୟୁ ଡଟ୍ ଟ୍ୟୁରିଜିମ ଡଟ୍ କମ୍ ୱେବସାଇଟରେ ଅଗ୍ରୀମ ବୁକିଂ କରିପାରିବେ । ପ୍ରକାଶ ଥାଉ କି ପ୍ରତି ବର୍ଷ ବର୍ଷାଋତୁ ଯୋଗୁଁ ଜୁନ ୧୫ ତାରିଖରେ ଶିମିଳିପାଳ ବନ୍ଦ ହୋଇଥାଏ । ପୂର୍ବରୁ ନଭେମ୍ବର ପହିଲା ଓ ୨ବର୍ଷ ଧରି ଅକ୍ଟୋବର ମଧ୍ୟ ଭାଗରେ ପୁନର୍ବାର ଖୋଲୁଅଛି । ତଦନୁସାରେ ଚଳିତ ବର୍ଷ ୧୮ ତାରିଖରୁ ପର୍ଯ୍ୟଟକଙ୍କ ପାଇଁ ଏହା ଖୋଲୁଛି । ଉକ୍ତ ଜୈବମଣ୍ଡଳରେ ପ୍ରାଣୀ, ପକ୍ଷୀ ଓ ସରୀସୃପଙ୍କ ପାଇଁ ଆବଶ୍ୟକୀୟ ବାତାବରଣ, ସନ୍ତୁଳିତ ପରିବେଶ, ଭୌଗଳିକ ସ୍ଥିତିର ଭିନ୍ନତାରେ ପର୍ଯ୍ୟାପ୍ତ ସବୁଜିମା ବୃକ୍ଷରାଜି ରହିଛି । ଯେଉଁଥିପାଇଁ ଏହା ଭାରତର ବାଘ, ଏସୀୟ ହାତୀ ଓ ଗୟଳ ପରି ତିନି ପ୍ରଜାତି ପ୍ରାଣୀର ବୃହତ୍ତ ବାସସ୍ଥଳୀ ହୋଇପାରିଛି । ଏଥିସହିତ ଏହି ଜୈବମଣ୍ଡଳରେ ହଜାରେ ପ୍ରଜାତିର ସପୁଷ୍ପକ ଉଦ୍ଭଦ ସହିତ ୧୦୪ ପ୍ରଜାତିର ଅର୍କିଡ୍ ଓ ବରେହିପାଣି, ଯୋରନ୍ଦା, ଉସକି, ଦେବକୁଣ୍ଡ, ସୀତାକୁଣ୍ଡ ଆଦି ଜଳପ୍ରପାତ ପ୍ରକୃତିପ୍ରେମୀଙ୍କୁ ଆକୃଷ୍ଟ କରିଥାଏ । ପର୍ଯ୍ୟଟକଙ୍କୁ ନୂଆ ଅନୁଭୂତି ଦେବା ପାଇଁ ଶିମିଳିପାଳ କର୍ତ୍ତୃପକ୍ଷ ୨ବର୍ଷ ଧରି ଦୁଃସାହାସିକ କ୍ରୀଡା, ଜଙ୍ଗଲ ସଫାରୀ ଓ ମାଉଣ୍ଟେନ୍ ସାଇକଲିଂ ଭଳି କିଛି ନୂଆ ଧରଣର କ୍ରୀଡ଼ାକୁ ସାମିଲ କରିଛନ୍ତି । ତାଛଡ଼ା ଶିମିଳିପାଳ ଭିତରେ ଥିବା ବିଭିନ୍ନ ପରିବେଶ ପର୍ଯ୍ୟଟନସ୍ଥଳୀରେ ନେଚର ଗେମିଂର ସୁବିଧା କରାଯାଇଛି । ପର୍ଯ୍ୟଟକମାନେ ପ୍ରତି ଗାଡ଼ିରେ ଜଣେ ବିଭାଗୀୟ ଗାଇଡଙ୍କୁ ନିୟମ ଅନୁଯାୟୀ ସାଙ୍ଗରେ ନେବାକୁ ପଡ଼ିବ । ସେହିପରି ବୁଲାବୁଲି ସାରି ଅପରାହ୍ଣ ୩ଟା ପୂର୍ବରୁ ଯୋରନ୍ଦା ଓ ବରେହିପାଣି ଜଳପ୍ରପାତ, ୪ଟା ପୂର୍ବରୁ ଚହଲା ଏବଂ ୫ଟା ବେଳକୁ ପ୍ରସ୍ଥାନ ଗେଟ ବାହାରକୁ ଆସିବାକୁ ନିର୍ଦ୍ଦେଶ ରହିଛି । କୌଣସି କାରଣବଶତଃ ଅଭୟାରଣ୍ୟ ମଧ୍ୟରେ ଗାଡ଼ି ଖରାପ ହେଲେ ପର୍ଯ୍ୟଟକମାନଙ୍କୁ ବାରିପଦା ଓ ଯଶିପୁର ବସଷ୍ଟାଣ୍ଡକୁ ସ୍ଥାନାନ୍ତରିତ କରାଇବା ନିମନ୍ତେ ଅଗ୍ରୀମ ୪ହଜାର ଟଙ୍କା ଜମା ଦେବାକୁ ନିୟମ ରହିଛି । ରାତ୍ରି ରହଣି ପାଇଁ କୋର ଏରିଆର ଜାମୁଆଣି, କୁମାରୀ, ରାମତୀର୍ଥ, ଗୁଡ଼ଗୁଡ଼ିଆ, ବରେହିପାଣି ଆଦି ସ୍ଥାନରେ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଥିବା ବେଳେ କୁଆଁରୀ ଗାଁ ନିକଟରେ ବାଉଁଶ କୁଟିର ବ୍ୟବସ୍ଥା ମଧ୍ୟ କରାଯାଇଛି । ରାତ୍ର ରହଣି ପାଇଁ ପର୍ଯ୍ୟଟକମାନେ ୱେବସାଇଟରେ ଅଗ୍ରୀମ ସଂରକ୍ଷଣ କରିବାକୁ ପଡ଼ିବ ବୋଲି ବିଭାଗୀୟ ସୂତ୍ରରୁ ଜଣାଯାଇଛି । ବିଶେଷକରି ଯୁବପିଢ଼ି ଓ ଛୋଟ ପିଲାଙ୍କ ଆଗ୍ରହକୁ ଦୃଷ୍ଟିରେ ରଖି ଏହି ଦୁଃସାହସିକ କ୍ରୀଡ଼ାକୁ ଏଥିରେ ସାମିଲ କରାଯାଇଛି । ଶିମିଳିପାଳ ବୁଲିବାକୁ ପର୍ଯ୍ୟଟକଙ୍କ ପାଇଁ ମିନିବସ୍‌ର ମଧ୍ୟ ବିଭାଗ ପକ୍ଷରୁ ବ୍ୟବସ୍ଥା କରାଯାଇଛି ।

■ କୋର୍ ଏରିଆକୁ ଘରୋଇ ଗାଡ଼ି ପ୍ରବେଶ କଟକଣା
■ ୩୫ ସଫାରୀ ଗାଡ଼ି ନିୟୋଜିତ

# ଓଡ଼ିଶା ଗସ୍ତରେ ହରିଆଣା ବିଧାନସଭାର ପ୍ରତିନିଧିମଣ୍ଡଳୀ

ଭୁବନେଶ୍ୱର,୧୫।୧୦(ସମିସ): ହରିଆଣା ବିଧାନସଭାର ଶିକ୍ଷା, ବୈଷୟିକ ଶିକ୍ଷା, ଧନ୍ଦାମୂଳକ ଶିକ୍ଷା, ମେଡିକାଲ ଶିକ୍ଷା ଏବଂ ସ୍ୱାସ୍ଥ୍ୟସେବା ସବ୍‌ଜେକ୍ଟ କମିଟିର ଅଧ୍ୟକ୍ଷ ରାମ କୁମାର କାଶ୍ୟପଙ୍କ ନେତୃତ୍ୱାଧୀନ ଏକ ୧୧ ଜଣିଆ ବିଧାୟକଦଳ ଓଡ଼ିଶା ଗସ୍ତରେ ଆସିଛନ୍ତି ।

ବୁଧବାର ସେମାନେ ଓଡ଼ିଶା ବିଧାନସଭାର ଉପବାଚସ୍ପତି ଭବାନୀଶଙ୍କର ଭୋଇଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଏହି ସଦସ୍ୟମାନେ ବିଧାନସଭା ଷ୍ଟାଣ୍ଡିଙ୍ଗ୍ କମିଟି-୪ର ଅଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ସେଠୀ, ବିଧାନସଭା ଷ୍ଟାଣ୍ଡିଙ୍ଗ୍ କମିଟି-୫ର ଅଧ୍ୟକ୍ଷ ବିଭୂତି ଭୂଷଣ ପ୍ରଧାନ, ସଦସ୍ୟ ଗଣେଶ୍ୱର ବେହେରା, ବଦ୍ରିନାରାୟଣ ପାତ୍ର, ରୂପେଶ କୁମାର ପାଣିଗ୍ରାହୀ, ପ୍ରକାଶ ଚନ୍ଦ୍ର ସେଠୀ, ଉମାଚରଣ ମଲ୍ଲିକ, ଡ. ଫକୀର ନାୟକ, ବିଜୟ କୁମାର ଦଳବେହେରା ଓ ସୀମାରାଣୀ ନାୟକଙ୍କ ସହ ଓଡ଼ିଶାର ଶିକ୍ଷା ବ୍ୟବସ୍ଥା ସମ୍ପର୍କରେ ଆଲୋଚନା କରିଥିଲେ । ହରିଆଣାର ଶିକ୍ଷା ଓ ସ୍ୱାସ୍ଥ୍ୟସେବା ସବ୍‌ଜେକ୍ଟ କମିଟିର ସଦସ୍ୟମାନେ ସେଠାକାର ସରକାରଙ୍କ ଦ୍ୱାରା ଶିକ୍ଷା କ୍ଷେତ୍ରରେ ଗ୍ରହଣ କରାଯାଇଥିବା ବିଭିନ୍ନ ଭଲ ଯୋଜନା ସଂପର୍କରେ ଆଲୋକପାତ କରିଥିଲେ । ଓଡ଼ିଶାର ସଦସ୍ୟମାନେ ମଧ୍ୟ ରାଜ୍ୟରେ ଶିକ୍ଷା କ୍ଷେତ୍ରରେ ସରକାରଙ୍କ ପକ୍ଷରୁ ଗ୍ରହଣ କରାଯାଇଥିବା ବହୁ ଅଭିନବ ଯୋଜନା ବାବଦରେ ସୂଚନା ଉପସ୍ଥାପନ କରିଥିଲେ । ଉଭୟ ରାଜ୍ୟ ଶିକ୍ଷା କ୍ଷେତ୍ରରେ ଲାଗୁ ହେଉଥିବା ଭଲ ଯୋଜନାସବୁକୁ ଆପଣାଇବା ପାଇଁ ବୈଠକରେ ସହମତି ପ୍ରକାଶ ପାଇଥିଲା । ଏହି ଅବସରରେ ବିଧାନସଭାର ସଚିବ ସତ୍ୟବ୍ରତ ରାଉତଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ । ଏଠାରେ ସୂଚନାଯୋଗ୍ୟ ଯେ ଏହି କମିଟି ତାଙ୍କର ଏହି ଗସ୍ତ ସମୟରେ ପୁରୀ, କୋଣାର୍କ ସମେତ ଚିଲିକା, ସାତପଡ଼ା ଓ ଓଡ଼ିଶାର ଅନ୍ୟ ଦର୍ଶନୀୟ ସ୍ଥାନ ବୁଲି ଦେଖିବାର କାର୍ଯ୍ୟକ୍ରମ ରହିଛି ।



**ବିଧାନସଭାର ବିଭିନ୍ନ କମିଟିର କାର୍ଯ୍ୟଧାରା ସମ୍ପର୍କରେ ଅବଗତ ହେଲେ**

## ଭାରତୀୟ କ୍ରିକେଟ ଦଳର ଅଷ୍ଟ୍ରେଲିଆ ଗସ୍ତ



ନୂଆଦିଲ୍ଲୀ, ୧୫।୧୦ (ଏଜେନ୍ସି): ଅଷ୍ଟ୍ରେଲିଆ ସହ ସୀମିତ ଓଭର କ୍ରିକେଟ ସିରିଜ୍ ଖେଳିବା ଲାଗି ଭାରତୀୟ କ୍ରିକେଟ ଦଳ ଆଜି ପର୍ଥ ଅଭିମୁଖେ ଯାତ୍ରା କରିଛନ୍ତି। ଏହି ଦଳରେ ବହୁ ଚର୍ଚ୍ଚିତ ବରିଷ୍ଠ ଖେଳାଳି ରୋହିତ ଶର୍ମା ଏବଂ ବିରାଟ କୋହଲି ମଧ୍ୟ ଯାଇଛନ୍ତି। ଏମାନଙ୍କ ସହ ଆଉ କିଛି ଖେଳାଳି ଯଥା ଦିନିକିଆ ଅଧିନାୟକ ଶୁବମନ ଗିଲ୍, ଓପନର ଯଶସ୍ୱୀ ଜୟସ୍ୱାଲ, ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀ, ଦୁଇ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଓ ପ୍ରସିଦ୍ଧ କ୍ରିଷ୍ଣାଙ୍କ ସହ କିଛି ସପୋର୍ଟ ଷ୍ଟାଫ୍ ଯାତ୍ରା କରିଛନ୍ତି। ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍‌ରେ ବରିଷ୍ଠ ଖେଳାଳି ରୋହିତ ଓ ବିରାଟଙ୍କ ଭବିଷ୍ୟତ ନିର୍ଦ୍ଧାରଣ କରାଯିବ। ଏମାନଙ୍କ ବ୍ୟତୀତ ସନ୍ଧ୍ୟାରେ ହେଡ୍ କୋଚ୍ ଗୌତମ ଗମ୍ଭୀର, କିଛି ଖେଳାଳି ଓ ସପୋର୍ଟ ଷ୍ଟାଫ୍ ମଧ୍ୟ ଯାଇଛନ୍ତି। ଅଷ୍ଟ୍ରେଲିଆର ଗସ୍ତରେ ଭାରତ ୩ଟି ଦିନିକିଆ ଓ ୫ଟି ଟି-୨୦ ମ୍ୟାଚ୍ ଖେଳିବାର କାର୍ଯ୍ୟକ୍ରମ ରହିଛି। ଏହା ମଧ୍ୟରେ ପ୍ରଥମେ ଦିନିକିଆ ସିରିଜ୍‌ର ମ୍ୟାଚ୍ ଗୁଡ଼ିକ ପର୍ଥରେ ଅକ୍ଟୋବର ୧୯ ତାରିଖ ରବିବାର, ଆଡିଲେଡ୍‌ରେ ଅକ୍ଟୋବର ୨୩ ତାରିଖ ଗୁରୁବାର ଓ ସିଡନୀରେ ଅକ୍ଟୋବର ୨୫ ତାରିଖ ଶନିବାର ଖେଳାଯିବ। ନିକଟରେ ଭାରତ ଘରୋଇ ମାଟିରେ ୱେଷ୍ଟଇଣ୍ଡିଜ୍‌କୁ ୨-୦ରେ ହରାଇ ଟେଷ୍ଟ ସିରିଜ୍ ପୋଛିନେଇଥିଲା। ଏହି ସିରିଜ୍‌ରେ ଟେଷ୍ଟ ସ୍ପେଶାଲିଷ୍ଟଙ୍କୁ ବିଶ୍ରାମ ଦିଆଯାଇଛି। ଦିନିକିଆ ସିରିଜ୍ ପରେ ୫ ମ୍ୟାଚ୍ ବିଶିଷ୍ଟ ସିରିଜ୍ ଅକ୍ଟୋବର ୨୯ରୁ ଆରମ୍ଭ ହେବ। ଏଥିରେ ସୂର୍ଯ୍ୟକୁମାର ଭାରତୀୟ ଦଳର ନେତୃତ୍ୱ ନେବେ।

## ଅହମ୍ମଦାବାଦ୍‌ରେ ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା

ନୂଆଦିଲ୍ଲୀ, ୧୫।୧୦ (ଏଜେନ୍ସି): ଭାରତର ଅହମ୍ମଦାବାଦ୍‌ରେ ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ାର ଶତବାର୍ଷିକୀ ସଂସ୍କରଣ ଅନୁଷ୍ଠିତ ହେବ। ରାଜ୍ୟଗୋଷ୍ଠୀର କାର୍ଯ୍ୟନିର୍ବାହୀ ବୋର୍ଡ ସୁପାରିସ୍ କରିଛି। ଏହା ଫଳରେ ଅହମ୍ମଦାବାଦ୍ ଏହି କ୍ରୀଡ଼ା ଆୟୋଜନ କରିବାକୁ ଆଉ ପାଦେ ଆଗେଇଛି। ୨୦୩୦ ସଂସ୍କରଣ ଲାଗି ଅହମ୍ମଦାବାଦ୍ ଓ ନାଇଜେରିଆର ଅବୁଜା ସହର ଆବେଦନ କରିଥିଲେ। ରାଜ୍ୟଗୋଷ୍ଠୀ କ୍ରୀଡ଼ା ଇଭାଲ୍ୟୁସନ କମିଟି ସମସ୍ତ ପ୍ରକାର ବ୍ୟବସ୍ଥାକୁ ତଦାରଖ କରିବା ପରେ ଅହମ୍ମଦାବାଦ୍‌ରେ ଆୟୋଜନ କରିବାକୁ ସୁପାରିସ୍ କରିଛି। ତେବେ ଚୂଡ଼ାନ୍ତ ନିଷ୍ପତ୍ତି କମନୱେଲଥ ସ୍ପୋର୍ଟ୍ସ ଜେନେରାଲ ଆସେମ୍ବ୍ଲି ନେବ। ନଭେମ୍ବର ୨୬ରେ ଗ୍ଲାସ୍‌ଗୋରେ ଆସେମ୍ବ୍ଲିର ବୈଠକରେ ଏହା ସ୍ଥିର ହେବ। ସାଧାରଣତଃ କାର୍ଯ୍ୟନିର୍ବାହୀ ବୋର୍ଡର ସୁପାରିସ୍‌କୁ ଆସେମ୍ବ୍ଲିରେ ମୋହର ମରାଯାଇଥାଏ।

## ବାରବାଟୀ ରଣଜୀ
# ବରୋଦା ବିପକ୍ଷରେ ଓଡ଼ିଶା ୨୦୫/୫

କଟକ,୧୫।୧୦(ସମିସ):

ଅଧିନାୟକ ଶୁଭ୍ରାଂଶୁ ସେନାପତି ଓ ରାଜେଶ ଧୂପରଙ୍କ ଲଢୁଆ ଅର୍ଦ୍ଧଶତକ ଓ ଏମାନଙ୍କ ୫ମ ୱିକେଟରେ ଶତକୀୟ ଭାଗିଦାରି ବଳରେ ସ୍ଥାନୀୟ ବାରବାଟୀ ଷ୍ଟାଡିୟମ୍‌ରେ ବୁଧବାର ଆରମ୍ଭ ହୋଇଥିବା ବରୋଦା ବିପକ୍ଷ ଏଲିଟ୍ ଗ୍ରୁପ୍-ଏ ରଣଜୀ ମୁକାବିଲାରେ ଓଡ଼ିଶା ପ୍ରାରମ୍ଭିକ ବିପର୍ଯ୍ୟୟରୁ ରକ୍ଷା ପାଇଯାଇଛି। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ଓଡ଼ିଶା ଦଳ ୪୯ ରନ୍ ସ୍କୋରରେ ୪ଜଣ ଖେଳାଳିଙ୍କୁ ହରାଇଥିଲା। ଏହି

### ଶୁଭ୍ରାଂଶୁ, ରାଜେଶଙ୍କ ଲଢୁଆ ଅର୍ଦ୍ଧଶତକ

ସମୟରେ ନଂ-୪ ତଥା ଅଧିନାୟକ ଶୁଭ୍ରାଂଶୁ ସେନାପତି ଓ ନଂ-୬ ରାଜେଶ ଧୂପର ଲଢୁଆ ବ୍ୟାଟିଂ କରି ୫ମ ୱିକେଟରେ ୧୫୬ ରନ୍ ଉଠାଇ ଘରୋଇ ଦଳକୁ ବିପଦରୁ ଉଦ୍ଧାର କରିଥିଲେ। ପ୍ରଥମ ଦିନର ଶେଷ ଓଭର ଅର୍ଥାତ୍ ୯୦ତମ ଓଭରର ୫ମ ବଲ୍‌ରେ ଅଧିନାୟକ ସେନାପତି ୭୯ ରନ୍ କରି ଆଉଟ ହୋଇଥିଲେ। ସେ ୨୦୩ ବଲ୍ ଖେଳି ୭ ଚୌକା ସହ ଦଳ ପକ୍ଷରୁ ସର୍ବାଧିକ ରନ୍ କରିଥିଲେ। ଅନାବଶ୍ୟକ ଭାବେ ଓଡ଼ିଶା ଶେଷ ଓଭରରେ ଆଉ ଏକ ୱିକେଟ ହରାଇଥିଲାବେଳେ ପ୍ରଥମ ଦିନ ଷ୍ଟମ୍ପ ଅପସାରଣ ବେଳକୁ ୫ ୱିକେଟରେ ୨୦୫ ରନ୍ କରିବାକୁ ସମର୍ଥ ହୋଇଛି। ରାଜେଶ ୭୬ ଓ ଆଶୀର୍ବାଦ ସ୍ୱାଇଁ କୌଣସି ରନ୍ ନ କରି ଅପରାଜିତ ଅଛନ୍ତି। ରାଜେଶ ୨୧୨ଟି ବଲ୍ ଖେଳି ୫ ଚୌକା ଓ ୨ ଛକା ମାରିଥିଲେ। ଅନ୍ୟ ଓଡ଼ିଶା ଖେଳାଳିଙ୍କ ମଧ୍ୟରୁ ଦୁଇ ଓପନର ସ୍ୱସ୍ତିକ ସାମଲ ଓ ଡେବ୍ୟୁଟାଣ୍ଟ ଗୌରବ ଚୌଧୁରୀ ୨୪ ରନ୍ ଲେଖାଏଁ, ସନ୍ଦୀପ ପଟ୍ଟନାୟକ ଓ ଗୋବିନ୍ଦ ପୋଦ୍ଦାର ଖାତା ଖୋଲିବା ପୂର୍ବରୁ ଆଉଟ ହୋଇଥିଲେ। ବରୋଦାର ଦୁଇ ଅଭିଜ୍ଞ ବୋଲର ଅଧିନାୟକ ତଥା ପେସର ଅତୀତ ସେଠ୍ ଓ ସ୍ପିନର ଭାର୍ଗବ ଭଟ୍ଟଙ୍କୁ ୨ଟି ଲେଖାଏଁ ୱିକେଟ ମିଳିଛି। ଏହି ମ୍ୟାଚ୍‌ରେ ଓଡ଼ିଶାର ଦୁଇ ଖେଳାଳି ଗୌରବ ଚୌଧୁରୀ ଓ ବାଦଲ ବିଶ୍ୱାଳ ଡେବ୍ୟୁ କରିଛନ୍ତି।



ଶୁଭ୍ରାଂଶୁ ସେନାପତି ଓ ରାଜେଶ ଧୂପର

### ସମାନ ସ୍କୋରରେ ଆଉଟ ହେଲେ ୪ ବ୍ୟାଟର

ଏହି ମ୍ୟାଚ୍‌ରେ ଘରୋଇ ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିବା ପରେ ବିନା ୱିକେଟରେ ୪୯ ରନ୍ କରିଥିଲା। ଏହି ସ୍କୋରରେ ଡେବ୍ୟୁଟାଣ୍ଟ ଓପନର ଗୌରବ ଚୌଧୁରୀ (୨୪ରନ୍‌ରେ) ଦୁର୍ଭାଗ୍ୟଜନକ ଭାବେ ରନ୍ ଆଉଟ ହୋଇଥିଲେ। ଓଡ଼ିଶା ଏହି ସ୍କୋର ବା ୧୯ତମ ଓଭରର ଚତୁର୍ଥ ବଲ୍‌ରେ ପ୍ରଥମ ୱିକେଟ ହରାଇଥିଲା। ଏହା ପରେ ଦଳ ଜଣଙ୍କ ପରେ ଜଣେ ୩ଜଣ ଖେଳାଳି ସମାନ ସ୍କୋର ଅର୍ଥାତ୍ ୪୯ ରନ୍‌ରେ ଆଉଟ ହୋଇଥିଲେ। ଏକଦା ଓଡ଼ିଶା ବିନା ୱିକେଟରେ ୪୯ ରନ୍ କରିଥିଲାବେଳେ ୨୧ଟି ବଲ୍‌ରେ ଖେଳି ସମାନ ସ୍କୋର ୪ ୱିକେଟ ହରାଇଥିଲା। ଗୌରବଙ୍କ ପରେ ୧୯.୨ ଓଭରରେ ନଂ-୩ ସନ୍ଦୀପ ପଟ୍ଟନାୟକ ଭାର୍ଗବ ଭଟ୍ଟଙ୍କ ଦ୍ୱାରା ଖାତା ଖୋଲିବା ପୂର୍ବରୁ ଏବଂ ୨୦.୩ ଓଭରରେ ଅନ୍ୟତମ ଓପନର ସ୍ୱସ୍ତିକ ସାମଲ ୨୪ ରନ୍ କରିଥିଲାବେଳେ ଅତୀତ ସେଠଙ୍କ ଦ୍ୱାରା କଟ ବିହାଇଣ୍ଡ ହୋଇଥିଲେ। ଏତିକିରେ ନାଟକ ଶେଷ ହୋଇ ନ ଥିଲା। ୨୨.୨ ଓଭରରେ ନଂ-୫ରେ ବ୍ୟାଟିଂ କରିବାକୁ ଆସିଥିବା ଅଭିଜ୍ଞ ବ୍ୟାଟର ଗୋବିନ୍ଦ ପୋଦ୍ଦାର ୫ଟି ବଲ୍ ଖେଳି ମଧ୍ୟ ଖାତା ଖୋଲି ନ ପାରି ସେଠ୍‌ଙ୍କ ଦ୍ୱିତୀୟ ଶିକାର ବନିଥିଲେ। ଓଡ଼ିଶାର ଅର୍ଦ୍ଧଶତାବ୍ଦୀ କ୍ରିକେଟ ଇତିହାସରେ ପ୍ରଥମଥର ଓଡ଼ିଶା ସମାନ ସ୍କୋରରେ ୪ଟି ୱିକେଟ ହରାଇବା ଏହା ପ୍ରଥମ ଘଟଣା।

## ଗୌରବ ଓ ବାଦଲଙ୍କ ପଦାର୍ପଣ



କଟକ, ୧୫।୧୦ (ସମିସ): ଚଳିତ ରଣଜୀ ଟ୍ରଫିରେ ଓଡ଼ିଶା ୩ ନୂଆମୁହଁଙ୍କୁ ଦଳରେ ସାମିଲ କରିଛି। ବୁଧବାର ଠାରୁ ବାରବାଟୀରେ ଆରମ୍ଭ ହୋଇଥିବା ବରୋଦା ବିପକ୍ଷ ମ୍ୟାଚ୍‌ରେ ଏମାନଙ୍କ ଭିତରୁ ଦୁଇ ନବାଗତ ପଦାର୍ପଣର ସୁଯୋଗ ପାଇଛନ୍ତି। ଜଣେ ହେଲେ ଓପନିଂ ବ୍ୟାଟର ଗୌରବ ଚୌଧୁରୀ ଓ ଅନ୍ୟ ଜଣକ ମିଡିୟମ ପେସ୍ ବୋଲର ବାଦଲ ବିଶ୍ୱାଳ। ବରିଷ୍ଠ ଶିବିରରେ ପୂର୍ବରୁ ଗୌରବଙ୍କ ଅଭିଜ୍ଞତା ଥିବାବେଳେ ବାଦଲଙ୍କ ପାଇଁ ଏହା ସମ୍ପୂର୍ଣ୍ଣ ନୂଆ।

ବରୋଦା ବିପକ୍ଷରେ ଓଡ଼ିଶା ତରଫରୁ ଓପନିଂ କରୁଥିବା ନୂଆ ମୁହଁ ଗୌରବ ଜଣେ ଦକ୍ଷ ବ୍ୟାଟର ଭାବେ ପରିଚିତ। ନିକଟ ଅତୀତରେ ଶେଷ ହୋଇଥିବା ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ରେ ସେ ହେଉଛନ୍ତି ସର୍ବାଧିକ ରନସଂଗ୍ରହକାରୀ। ଭୁବନେଶ୍ୱର ଟାଇଗର୍ସରୁ ପ୍ରତିନିଧିତ୍ୱ କରୁଥିବା ଗୌରବ ୫ଟି ମ୍ୟାଚରୁ ଗୋଟିଏ ଶତକୀୟ ପାଳି ସହାୟତାରେ ୧୯୯ରନ ସଂଗ୍ରହ କରିଥିଲେ। ଆଭରେଜ ୪୯.୭୫ ପ୍ରତିଶତ ରହିଥିଲା। ତେବେ ଏହି ୨୬ବର୍ଷୀୟ ବ୍ୟାଟରଙ୍କୁ ପୂର୍ବରୁ ବରିଷ୍ଠ ଦଳରେ ଦେଖିବାକୁ ମିଳିଛି। ୨୦୨୧ ସିଜନରେ ସେ ବିଜୟ ହଜାରେ ଓ ସୟଦ ମୁସ୍ତାକ ଅଲ୍ଲୀ ଟ୍ରଫିରେ ପଦାର୍ପଣ କରି ନିଜ ଦୃଢ଼ ବ୍ୟାଟିଂର ଛାପ ଛାଡ଼ିଥିଲେ। ଲିଷ୍ଟ-ଏ ଫର୍ମାଟରେ ୮ଟି ମ୍ୟାଚ୍‌ରୁ ୨ଟି ଅର୍ଦ୍ଧଶତକ ବଳରେ ୨୫୬ରନ ଏବଂ ଟି-୨୦ ଫର୍ମାଟରେ ସମାନ ସଂଖ୍ୟକ ମ୍ୟାଚ୍ ଖେଳି ଗୋଟିଏ ଅର୍ଦ୍ଧଶତକ ବଳରେ ୨୨୨ରନ କରିଛନ୍ତି। ରାଜ୍ୟ ଦଳର ପେସ୍ ବୋଲିଂ ଆଟାକ୍‌ରେ ରାଜେଶ ମହାନ୍ତି ଓ ସୁନୀଲ ରାଉଳଙ୍କୁ ସହଯୋଗ କରିବା ପାଇଁ ନବାଗତ ବାଦଲଙ୍କୁ ଚୂଡ଼ାନ୍ତ ଏକାଦଶରେ ସାମିଲ କରାଯାଇଛି। ୨୧ବର୍ଷୀୟ ବାଦଲ ଜଣେ ଡାହାଣହାତୀ ମିଡିୟମ ପେସ୍ ବୋଲର। ୨୩ବର୍ଷରୁ କମ୍ ବୟସ ବର୍ଗ କ୍ରିକେଟରେ ଶାଣିତ ବୋଲିଂ କରି ସେ ବରିଷ୍ଠ ଦଳର ଚୟନକର୍ତ୍ତାଙ୍କ ଦୃଷ୍ଟି ଆକର୍ଷଣ କରି ପାରିଛନ୍ତି। ଓପିଟିଏଲରେ ବାଦଲ ଭୁବନେଶ୍ୱର ଟାଇଗର୍ସ ପକ୍ଷରୁ ମାତ୍ର ୩ଟି ମ୍ୟାଚ୍ ଖେଳିବାର ସୁଯୋଗ ପାଇଥିଲେ। ଏଥିରେ ସେ ୬ଟି ୱିକେଟ ଦଖଲ କରିଥିଲେ।

### ବିଶ୍ୱ ଜୁନିଅର ବ୍ୟାଡ୍‌ମିଣ୍ଟନ
## ପ୍ରି-କ୍ୱାର୍ଟରରେ ବିଶାଖା



ଗୌହାଟୀ, ୧୫।୧୦ (ଏଜେନ୍ସି): ଏଠାରେ ଚାଲିଥିବା ବିଡବ୍ଲ୍ୟୁଏଫ୍ ବିଶ୍ୱ ଜୁନିଅର ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍‌ରେ ଭାରତୀୟ ଖେଳାଳିଙ୍କ ବିଜୟ ଅଭିଯାନ ଜାରି ରହିଛି। ଟପ୍ ସିଡ୍ ତନଭୀ ଶର୍ମାଙ୍କ ସହ ଉନ୍ନତି ହୁଡା ଓ ରକ୍ଷିତା ଶ୍ରୀ ରାମରାଜ ତୃତୀୟ ରାଉଣ୍ଡରେ ବିଜୟୀ ହୋଇ ପ୍ରି-କ୍ୱାର୍ଟରରେ ପ୍ରବେଶ କରିଛନ୍ତି। ସେହିଭଳି ଓଡ଼ିଆ ଖେଳାଳି ବିଶାଖା ଟପ୍ପୋ ମଧ୍ୟ ପ୍ରି-କ୍ୱାର୍ଟରରେ ପହଞ୍ଚିଛନ୍ତି। ଭବ୍ୟ ଛାବ୍ରାଙ୍କୁ ସାଥୀ କରି ଖେଳୁଥିବା ବିଶାଖା ମିକ୍ସଡ ଇଭେଣ୍ଟର ତୃତୀୟ ରାଉଣ୍ଡରେ ୧୫-୧୩, ୧୫-୧୧ ସିଧାସଳଖ ଗେମରେ ଡେନମାର୍କର ଆସ୍କି ରୋମେର ଓ ଯସ୍ମିନ ୱିଲ୍ସ ଯୋଡ଼ିଙ୍କୁ ପରାସ୍ତ କରିଥିଲେ। ବିଶାଖା ଓ ଭବ୍ୟ ଯୋଡ଼ି କ୍ୱାର୍ଟରରେ ମାଲେସିଆର ଯୋଡ଼ିଙ୍କୁ ଭେଟିବେ।

## ଆଇଟିଏଫ୍ ମାଷ୍ଟର୍ସ ଟେନିସ ଟୁର୍ ଉଦ୍‌ଯାପିତ



ଭୁବନେଶ୍ୱର, ୧୫।୧୦ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ଆଇଟିଏଫ୍ ୱାର୍ଲ୍ଡ ଟେନିସ ମାଷ୍ଟର୍ସ ଟୁର୍ ପ୍ରତିଯୋଗିତା ବୁଧବାର ଉଦ୍‌ଯାପିତ ହୋଇଯାଇଛି। ଏଥିରେ ଆୟୋଜକ ଭାରତ ସମେତ ସ୍ଲୋଭାକିଆ ଓ ଜର୍ମାନୀର ୧୦୦ରୁ ଊର୍ଦ୍ଧ୍ୱ ଟେନିସ ଖେଳାଳି ପୁରୁଷ ଓ ମହିଳା ସିଙ୍ଗଲ୍ସ ଏବଂ ଡବଲ୍ସ ଓ ମିକ୍ସଡ ଡବଲ୍ସରେ ଅଂଶଗ୍ରହଣ କରିଥିଲେ। ୩୦ରୁ ୭୦ ବର୍ଷ ମଧ୍ୟରେ ବିଭିନ୍ନ ବୟସ ବର୍ଗରେ ମ୍ୟାଚ୍ ଖେଳାଯାଇଥିଲା। ଏଥିରେ ଓଡ଼ିଶାର ଅଂଶୁ ଭୂୟାଁ ଡବଲ୍ ଟ୍ରଫି ଜିତିଛନ୍ତି। ସେ ୩୦ ବର୍ଷରୁ କମ୍ ସିଙ୍ଗଲ୍ସ ଓ ଡବଲ୍ସରେ ଚାମ୍ପିଅନ ହୋଇଥିଲେ। ଡବଲ୍ସରେ ଚିନ୍ମୟ ପ୍ରଧାନଙ୍କୁ ଅଂଶୁ ସାଥୀ କରି ଖେଳିଥିଲେ। ସେହିଭଳି ଅନ୍ୟ ବୟସବର୍ଗରେ ବିଶ୍ୱଜିତ୍ ଦାସ, ଶିବଶଙ୍କର ପରିଡ଼ା, ଅଜୟ ନିଶାଙ୍କ, ବିନୋଦ ସେଠ୍, ଅଜୟ ସାହୁ, ଦିଲୀପ କୁମାର ମଙ୍ଗରାଜ, ଧୀରଜ ପଣ୍ଡା-ନିଶାଙ୍କ ଯୋଡ଼ି, ଦୟାଲ ଗଙ୍ଗୱାର-ଆଶିଷ ପରମାର ଯୋଡ଼ି ସ୍ନେହାଶିଷ ବେହେରା-ବିନୋଦ ସେଠ୍ ଯୋଡ଼ି, ଅଜୟ ମହାପାତ୍ର-ଅଜୟ ସାହୁ ଯୋଡ଼ି ବିଜୟୀ ହୋଇଛନ୍ତି।

ଉଦ୍‌ଯାପନୀ ଉତ୍ସବରେ ଆୟୋଜକ ଓଡ଼ିଶା ଟେନିସ ସଂଘ (ଓଟିଏ)ର ଉପସଭାପତି ସତ୍ୟଜିତ୍ ମହାନ୍ତି ମୁଖ୍ୟଅତିଥିଭାବେ ଯୋଗଦେଇ ପୁରସ୍କାର ବିତରଣ କରିଥିଲେ। ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ଓଟିଏର ସମ୍ପାଦକ ସଞ୍ଜୀବ ପଣ୍ଡା, ଯୁଗ୍ମ ସମ୍ପାଦକ ସମ୍ବିତ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ରହିଥିଲେ।

### ରଣଜୀ ଟ୍ରଫି ଋତୁ ଆରମ୍ଭ
## ମହାରାଷ୍ଟ୍ର 'ଶୂନ'ରେ ୩; ୫ ରନ୍‌ରେ ୪ ୱିକେଟ୍

ଥିରୁଅନନ୍ତପୁରମ, ୧୫।୧୦ (ଏଜେନ୍ସି): ଭାରତୀୟ ଘରୋଇ କ୍ରିକେଟର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫିର ୯୧ତମ ସଂସ୍କରଣ ବୁଧବାରଠାରୁ ଆରମ୍ଭ ହୋଇଛି। ସ୍ଥାନୀୟ ଗ୍ରୀନଫିଲ୍ଡ ଇଣ୍ଟରନ୍ୟାସନାଲ ଷ୍ଟାଡିୟମରେ ଖେଳାଯାଇଥିବା ଏଲିଟ୍ ଗ୍ରୁପ୍-ବି'ର ଏକ ମ୍ୟାଚରେ ଘରୋଇ କେରଳ ବିପକ୍ଷରେ ପ୍ରଥମେ ବ୍ୟାଟିଂ କରିଥିବା ମହାରାଷ୍ଟ୍ର ସାଂଘାତିକ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ମହାରାଷ୍ଟ୍ର ଟପ୍ ଅର୍ଡରର ୫ଜଣ ବ୍ୟାଟରଙ୍କ ମଧ୍ୟରୁ ୪ଜଣ ଖାତା ଖୋଲିପାରି ନ ଥିଲେ। ଦଳ ଖାତା ଖୋଲିବା ପୂର୍ବରୁ ୩ ୱିକେଟ୍ ଏବଂ ୫ ରନରେ ୪ର୍ଥ ୱିକେଟ୍ ହରାଇଥିଲା। ଚଳିତ ସିଜନରେ ମୁମ୍ବାଇ ଛାଡ଼ି ମହାରାଷ୍ଟ୍ର ପାଇଁ ଖେଳୁଥିବା ପୃଥ୍ୱୀ ଶ' ଇନିଂସର ୪ର୍ଥ ବଲରେ, ୫ମ ବଲରେ ସିଦ୍ଧେଶ ବୀର ଏବଂ ଦ୍ୱିତୀୟ ଓଭରର ପ୍ରଥମ ବଲରେ ଅର୍ଶୀନ କୁଲକର୍ଣ୍ଣୀ ଖାତା ଖୋଲିବା ପୂର୍ବରୁ ଆଉଟ୍ ହୋଇଥିଲେ। ଏହାପରେ ତୃତୀୟ ଓଭରର ୨ୟ ବଲରେ ଅଧିନାୟକ ଅଙ୍କିତ ବାୱନେ ମଧ୍ୟ ଖାତା ଖୋଲି ନ ପାରି ପ୍ୟାଭିଲିୟନ ଫେରିଥିଲେ। ତେବେ ଦୁଇ ଅଭିଜ୍ଞ ଖେଳାଳି ଋତୁରାଜ ଗାଏକ୍ୱାଡ (୯୧ରନ) ଓ ଜଲାଜ ସକ୍ସେନା (୪୯ ରନ) ଉପଯୋଗୀ ପାଳି ଖେଳିବାରୁ ପ୍ରଥମ ଦିବସ ଷ୍ଟମ୍ପ ସୁଦ୍ଧା ମହାରାଷ୍ଟ୍ର ୭ ୱିକେଟ୍‌ରେ ୧୭୯ ରନ ସଂଗ୍ରହ କରିଛି।

### ■ ମହିଳା ବିଶ୍ୱକପ୍ କ୍ରିକେଟ
## ଇଂଲଣ୍ଡ-ପାକିସ୍ତାନ ମ୍ୟାଚ୍‌ରେ ବର୍ଷା ବାଧକ

କଲମ୍ବୋ,୧୫।୧୦ (ଏଜେନ୍ସି): କ୍ରମାଗତ ବର୍ଷା ଯୋଗୁଁ ଏଠାରେ ଆଜି ଇଂଲଣ୍ଡ ଓ ପାକିସ୍ତାନ ମଧ୍ୟରେ ଖେଳାଯାଉଥିବା ମହିଳା ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତାର ୧୬ତମ ଲିଗ୍ ମ୍ୟାଚ୍ ବାଧାପ୍ରାପ୍ତ ହୋଇଛି। ଏଠାରେ ପ୍ରଥମେ ବ୍ୟାଟିଂ କରିଥିବା ଇଂଲଣ୍ଡ ୨୫ ଓଭର ଖେଳ ଶେଷସୁଦ୍ଧା ଇଂଲଣ୍ଡ ୭୯ ରନ୍‌ରେ ୭ ୱିକେଟ ହରାଇଥିଲାବେଳେ ବର୍ଷା ଯୋଗୁ ଖେଳ ଆଉ ସମ୍ଭବ ହୋଇପାରି ନ ଥିଲା। କିନ୍ତୁ ଦୀର୍ଘ ଅଢ଼େଇ ଘଣ୍ଟାର ପରେ ବର୍ଷା ଛାଡ଼ିବାରୁ ମ୍ୟାଚ ପୁନର୍ବାର ଆରମ୍ଭ ହୋଇଛି। ଏହି ମ୍ୟାଚ୍‌କୁ ୩୧ ଓଭର ବିଶିଷ୍ଟ କରାଯାଇଛି। ଇଂଲଣ୍ଡ ଇନିଂସରେ ହିଥର ନାଇଟ୍ ୧୮, ଆଲିସ୍ କାପ୍‌ସୀ ୧୬ ଓ ସୋଫିଆ ଡଙ୍କଲୀ ୧୧ ରନ୍ କରିଥିଲେ। ପାକିସ୍ତାନ ପକ୍ଷରୁ ଅଧିନାୟିକା ଫାତିମା ସାନା ୩ଟି, ସାଦିଆ ଇକବାଲ ୨ଟି ୱିକେଟ ପାଇଛନ୍ତି। ଇଂଲଣ୍ଡ ୩ ମ୍ୟାଚ୍‌ରୁ ୩ଟି ବିଜୟ ସହ ପୂରା ୬ ପଏଣ୍ଟ ସଂଗ୍ରହ କରିଛି।

## ମନ୍ଥର ବୋଲିଂ ଲାଗି ଭାରତ ଦଣ୍ଡିତ

ବିଶାଖାପାଟଣା,୧୫।୧୦(ଏଜେନ୍ସି): ଏଠାରେ ରବିବାର ଅନୁଷ୍ଠିତ ଅଷ୍ଟ୍ରେଲିଆ ବିପକ୍ଷ ମହିଳା ବିଶ୍ୱକପ୍ ମ୍ୟାଚ୍‌ରେ ଭାରତ ନିର୍ଦ୍ଧାରିତ ସମୟରେ ବୋଲିଂ କୋଟା ପୂରଣ କରି ନ ପାରି ଆଇସିସି ଦ୍ୱାରା ଦଣ୍ଡିତ ହୋଇଛି। ଏହି ମ୍ୟାଚ୍‌ରେ ଅଷ୍ଟ୍ରେଲିଆ ୩୩୦ ରନ୍ ଚେଜ୍ କରି ରେକର୍ଡ ବିଜୟ ହାସଲ କରିଥିଲା। କିନ୍ତୁ ନିର୍ଦ୍ଧାରିତ ସମୟରେ ଭାରତ ଗୋଟିଏ ଓଭର କମ୍ ବୋଲିଂ କରିବାରୁ ଆଇସିସି ଆଚରଣ ସଂହିତା ଧାରା ୨.୨୨ ଅନୁଯାୟୀ ସମସ୍ତ ଖେଳାଳିଙ୍କ ୫ ଶତକଡ଼ା ମ୍ୟାଚ୍ ଫି ମ୍ୟାଚ୍ ରେଫରି ମିଚେଲି ପରେରା କାଟିନେଇଥିଲେ। ଦୁଇ ଫିଲ୍ଡ ଅମ୍ପାୟାର ଏହି ଅଭିଯୋଗ ଆଣିଥିଲାବେଳେ ଭାରତୀୟ ଦଳର ଅଧିନାୟିକା ହରମନପ୍ରୀତ୍ କୌର ଦୋଷ ସ୍ୱୀକାର କରିଥିଲେ। ବିଶ୍ୱକପ୍‌ରେ ଭାରତ ୪ଟି ମ୍ୟାଚ୍ ଜିତି ୨ଟି ବିଜୟୀ ଓ ୨ଟିରେ ପରାଜିତ ହୋଇଛି। ଭାରତ ରବିବାର ଇଂଲଣ୍ଡ ସହ ଖେଳିବ।

## ସୁଲତାନ ଜୋହର କପ୍‌ରେ ଭାରତର ପ୍ରଥମ ପରାଜୟ

ଜୋହର ବହରୁ, ୧୫।୧୦ (ଏଜେନ୍ସି): ମାଲେସିଆରେ ଚାଲିଥିବା ସୁଲତାନ ଅଫ୍ ଜୋହର କପ୍ ଜୁନିଅର (୨୧ ବର୍ଷରୁ କମ୍) ହକି ଟୁର୍ଣ୍ଣାମେଣ୍ଟରେ ଭାରତ ପ୍ରଥମ ପରାଜୟବରଣ କରିଛି। ବୁଧବାର ଭାରତ ଏହାର ୪ର୍ଥ ମ୍ୟାଚରେ ୪-୨ ଗୋଲ୍‌ରେ ଅଷ୍ଟ୍ରେଲିଆ ନିକଟରୁ ପରାସ୍ତ ହୋଇଥିଲା। ବିଜୟୀ ଅଷ୍ଟ୍ରେଲିଆ ପକ୍ଷରୁ ଓସ୍କାର ସପ୍ରୋଉଲି ସର୍ବାଧିକ ୨ଟି ଗୋଲ୍ ଦେଇଥିଲେ। ଭାରତ ଏଥିସହ ୪ର୍ଥ ମ୍ୟାଚରୁ ୨ ବିଜୟ ଏବଂ ଗୋଟିଏ ଲେଖାଏ ଡ୍ର ଓ ପରାଜୟ ସହ ୭ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନରେ ରହିଛି। ଅଷ୍ଟ୍ରେଲିଆ ୪ର୍ଥ ମ୍ୟାଚରୁ ୩ ବିଜୟ ଏବଂ ଗୋଟିଏ ଡ୍ର ସହ ୧୦ ପଏଣ୍ଟ ପାଇ ପ୍ରଥମ ଦଳ ଭାବେ ଫାଇନାଲରେ ସ୍ଥାନ ପକ୍କା କରିଛି। ଶୁକ୍ରବାର ଶେଷ ମୁକାବିଲାରେ ଭାରତ ଆୟୋଜକ ମାଲେସିଆକୁ ଭେଟିବ।

## ପ୍ରଥମ ଟେଷ୍ଟରେ ପାକିସ୍ତାନର ଜିତ୍

ଲାହୋର,୧୫।୧୦(ଏଜେନ୍ସି): ବାମହାତୀ ସ୍ପିନର ନୋମାନ ଅଲିଙ୍କ ଯାଦୁକରୀ ବୋଲିଂ ବଳରେ ଏଠାରେ ଅନୁଷ୍ଠିତ ପ୍ରଥମ ଟେଷ୍ଟରେ ପାକିସ୍ତାନ ୯୩ ରନ୍‌ରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରିଛି। ଫଳରେ ଘରୋଇ ଦଳ ସିରିଜ୍‌ରେ ୧-୦ରେ ଆଗୁଆ ରହିଛି। ସିରିଜ୍‌ର ଦ୍ୱିତୀୟ ତଥା ଶେଷ ଟେଷ୍ଟ ରାୱଲପିଣ୍ଡିରେ ଅକ୍ଟୋବର ୨୦ରୁ ଆରମ୍ଭ ହେବ। ଏହି ଟେଷ୍ଟରେ ୧୦ଟି ୱିକେଟ ନେଇଥିବା ନୋମାନଙ୍କୁ ଶ୍ରେଷ୍ଠ ଖେଳାଳି ହୋଇଥିଲା। ୨୭୭ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଦକ୍ଷିଣ ଆଫ୍ରିକା ବୁଧବାର ଦ୍ୱିତୀୟ ଇନିଂସରେ ୧୮୩ ରନ୍‌ରେ ଅଲଆଉଟ ହୋଇଯାଇଥିଲା। ଡିୱାଲ୍ଡ ବ୍ରେଭିସ୍ (୫୪) ଓ ରିୟାନ ରିକେଲଟନ (୪୫)ଙ୍କୁ ବାଦ୍ ଦେଲେ ଅନ୍ୟ କେହି ଖେଳି ପାରି ନ ଥିଲେ। ପାକିସ୍ତାନର ନୋମାନ ଓ ସାହିନ୍ ଆଫ୍ରିଦୀ ୪ଟି ଲେଖାଏଁ ୱିକେଟ୍ ନେଇ ଦଳକୁ ବିଜୟୀ କରାଇଥିଲେ। ପୂର୍ବରୁ ପ୍ରଥମ ଇନିଂସରେ ପାକିସ୍ତାନ ୩୭୮ ଓ ଦକ୍ଷିଣ ଆଫ୍ରିକା ୨୬୯ ରନ୍ କରିଥିଲା। ୧୦୯ ରନ୍‌ରେ ଆଗୁଆ ଥିବା ପାକିସ୍ତାନ ଦ୍ୱିତୀୟ ଇନିଂସରେ ୧୬୭ରେ ସୀମିତ ଥିଲା।

# ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍: ଚୀନ୍‌କୁ ଦ୍ୱିମୁକୁଟ

ଭୁବନେଶ୍ୱର,୧୫।୧୦(ସମିସ):





ବିଶ୍ୱର ସବୁଠାରୁ ଶକ୍ତିଶାଳୀ ଟେବୁଲ ଟେନିସ (ଟିଟି) ଖେଳୁଥିବା ଦେଶ ଚୀନ୍ ୨୮ତମ ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍‌ର ଉଭୟ ମହିଳା ଓ ପୁରୁଷ ବିଭାଗରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛି। ଭାରତୀୟ ଟିଟି ମହାସଂଘ, ଓଡ଼ିଶା ଟିଟି ସଂଘ ଏବଂ ଓଡ଼ିଶା କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟର ମିଳିତ ସହଯୋଗରେ ଏହି ଟୁର୍ଣ୍ଣାମେଣ୍ଟ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍‌ରେ ଅକ୍ଟୋବର ୮ରୁ ୧୫ ଯାଏ ଅନୁଷ୍ଠିତ ହୋଇଥିଲା। ଏଥିରେ ଏସିଆ ମହାଦେଶର ୨୧ଟି ଦେଶ ଅଂଶଗ୍ରହଣ କରିଥିଲେ। ଏହି ଟୁର୍ଣ୍ଣାମେଣ୍ଟର ଉଭୟ ବିଭାଗରେ ଚୀନ୍ ଚାମ୍ପିଅନ ହୋଇ ଏସୀୟ ଟିଟିରେ ଆଧିପତ୍ୟ ବିସ୍ତାର କରିଥିଲାବେଳେ ମହିଳା ବିଭାଗରେ ଟପ୍ ସିଡ୍ ଜାପାନ ଓ ପୁରୁଷ ବିଭାଗରେ ହଂକଂ ରନର୍ସ ଅପ୍ ହୋଇଛନ୍ତି। ମହିଳା ବିଭାରେ ସିଙ୍ଗାପୁର ଓ ଉତ୍ତର କୋରିଆ, ପୁରୁଷ ବିଭାଗରେ ଜାପାନ ଓ ଚାଇନିଜ୍ ତାଇପେଇ ସେମିଫାଇନାଲରେ ପରାଜିତ ହେବା ସହ କାଂସ୍ୟ ପଦକରେ ସନ୍ତୁଷ୍ଟ ହୋଇଛନ୍ତି। ଆୟୋଜକ ଭାରତ ଗତ ଦୁଇଟି ସଂସ୍କରଣରେ ମେଡାଲ ଜିତିବାରେ ସମର୍ଥ ହୋଇଥିଲାବେଳେ ଏଠାରେ କ୍ୱାର୍ଟର ଫାଇନାଲରୁ ଉଭୟ ଦଳ ବିଦାୟ ନେଇଛନ୍ତି। ପୁରୁଷ ଦଳ ୬ଷ୍ଠ ଓ ମହିଳା ଦଳ ୮ମ ସ୍ଥାନରେ ରହି ସନ୍ତୁଷ୍ଟ ହୋଇଛନ୍ତି।

ବୁଧବାର ଚୀନ୍ ଓ ଜାପାନ ମଧ୍ୟରେ ମହିଳା ବିଭାଗ ଫାଇନାଲ ମ୍ୟାଚ୍ ଖେଳାଯାଇଥିଲା। ଜାପାନ ଟପ୍ ସିଡ୍ ଥିଲାବେଳେ ଚୀନ୍ ଲଢ଼େଇ କରିବ ବୋଲି ଆଶା କରାଯାଉଥିଲା। କିନ୍ତୁ ଚୀନ୍ ପ୍ରଥମ ୩ଟି ମୁକାବିଲାରେ ଖେଳ ଶେଷ କରିଦେଇଥିଲା। ଫଳରେ ଚୀନ୍ ୩-୦ରେ ଏହି ମ୍ୟାଚ୍‌କୁ ଜିତି ଏସିଆ ଚାମ୍ପିଅନ ହୋଇଥିଲା। ପୂର୍ବରୁ ମଙ୍ଗଳବାର ଖେଳାଯାଇଥିବା ସେମିଫାଇନାଲରେ ଜାପାନ ୩-୦ରେ ସିଙ୍ଗାପୁରକୁ ଓ ଚୀନ୍ ୩-୦ରେ ଉତ୍ତରକୋରିଆକୁ ଏକତରଫା ଭାବେ ହରାଇ ଫାଇନାଲରେ ପ୍ରବେଶ କରିଥିଲେ। ସେହିପରି ପୁରୁଷ ବିଭାଗ ଫାଇନାଲ ଏକତରଫା ହୋଇଥିଲା। ଏଥିରେ ଚୀନ୍ ୩-୦ ସେଟ୍‌ରେ ହଂକଂକୁ ପରାସ୍ତ କରି ଚୀନ୍ ଚାମ୍ପିଅନ ହୋଇଥିଲା। ପୂର୍ବରୁ ଗତକାଲି ଖେଳାଯାଇଥିବା ସେମିଫାଇନାଲରେ ଚୀନ୍ ୩-୨ରେ ଜାପାନକୁ ଓ ହଂକଂ ମଧ୍ୟ ୩-୨ରେ ଚାଇନିଜ୍ ତାଇପେଇକୁ ପରାସ୍ତ କରି ଫାଇନାଲରେ ପ୍ରବେଶ କରିଥିଲେ।

ଭାରତକୁ ବିଶ୍ୱକପ୍ ଯୋଗ୍ୟତା: ଏହି ଟୁର୍ଣ୍ଣାମେଣ୍ଟର ପ୍ରଥମ ୬ଟି ସ୍ଥାନ ଅଧିକାର କରିଥିବା ବିଶ୍ୱ ଟିଟି ଟିମ୍ ଚାମ୍ପିଅନସିପ୍‌କୁ ଯୋଗ୍ୟତା ଅର୍ଜନ କରିବେ। ଏଠାରେ ଭାରତୀୟ ପୁରୁଷ ଦଳ ଷଷ୍ଠ ସ୍ଥାନ ଅଧିକାର କରିଥିବାରୁ ଲଣ୍ଡନରେ ୨୦୨୬ରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟ ଲାଗି ଯୋଗ୍ୟତା ଅର୍ଜନ କରିଛି। ଏହାଛଡ଼ା ଆୟୋଜକ ଦେଶକୁ ଏହି ଟୁର୍ଣ୍ଣାମେଣ୍ଟରୁ କିଛି ଫାଇଦା ମିଳିନାହିଁ।

ଖେଳ ଶେଷରେ ରାଜ୍ୟପାଳ ହରିବାବୁ କମ୍ଭମ୍‌ପାଟି ମୁଖ୍ୟ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS